

'କଳ୍କୀ ୨'ରୁ ଦୀପିକା ବାଦ୍

▶ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-89 ◆MONDAY ◆22 SEPTEMBER 2025 ◆PAGE-12 ◆₹ 6.00 | SAMBALPUR | ◆ବର୍ଷ-୪୩ ◆ସଂଖ୍ୟା-୮୯ ◆ସୋମବାର ◆୨୨ ସେପ୍ଟେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


## ପୁରୁଣା ଭିସାଧାରୀଙ୍କୁ ଆଶ୍ୱସ୍ତି

# ଏଚ୍-୧ବି ଭିସା ଲାଗି 'ୱାନ୍ ଟାଇମ୍' ଦେୟ

■ ୱାଶିଂଟନ, ୨୧।୯ (ଏଜେନ୍ସି): ଆମେରିକାର ଏଚ୍-୧ବି ଭିସା ଫି' ବୃଦ୍ଧିକୁ ନେଇ ଆତଙ୍କଜନିତ ପରିସ୍ଥିତି ସୃଷ୍ଟି ହୋଇଥିବା ବେଳେ ଟ୍ରମ୍ପ ପ୍ରଶାସନ ପକ୍ଷରୁ ସ୍ୱଷ୍ଟୀକରଣ ଦିଆଯାଇଛି। ହ୍ୱାଇଟ ହାଉସ୍‌ର ପ୍ରେସ୍ ସଚିବ କ୍ୟାରୋଲିନ ଲେଭିଟ ରବିବାର ଟ୍ୱିଟ କରି କହିଛନ୍ତି ଯେ ଏହି ଭିସା ପାଇଁ ପ୍ରତି ବର୍ଷ ୮୮ ଲକ୍ଷ ଟଙ୍କା ଦେବାକୁ ପଡ଼ିବ ନାହିଁ। ଆବେଦନ କରିବା ସମୟରେ ଥରଟେ ପାଇଁ 'ୱାନ ଟାଇମ୍' ଏହି ଦେୟ ଦେବାକୁ ହେବ। ଲଟେରିରେ ଦିଆଯାଉଥିବା ଭିସା ଉପରେ ଏହି ନୂଆ ବ୍ୟବସ୍ଥା ଲାଗୁ ହେବ। ପୁରୁଣା ଭିସା ଧାରକ, ନବୀକରଣ ଏବଂ ଆଜି ପୂର୍ବରୁ ଭିସା ଆବେଦନ କରିଥିବା ଲୋକଙ୍କ ପାଇଁ ନିୟମରେ କୌଣସି ପରିବର୍ତ୍ତନ ହେବ ନାହିଁ। ଏଚ୍-୧ବି ଭିସା ଧାରକ ଦେଶରୁ ନିର୍ଦ୍ୱନ୍ଦ୍ୱରେ ଦେଶ ବାହାରକୁ ଯାଇ ଫେରିପାରିବେ।




ଗତକାଲି ଆମରିକା ରାଷ୍ଟ୍ରପତି ଏଚ-୧ବି ଭିସା ଆବେଦନ ଦେୟକୁ ବଢ଼ାଇ ୮୮ ଲକ୍ଷ ଟଙ୍କା କରିଦେଇଥିଲେ। ଏହାପରେ ମେଟା, ମାଇକ୍ରୋସଫ୍ଟ, ଆମାଜନ ଭଳି ବହୁରାଷ୍ଟ୍ରୀୟ ଟେକ୍ କମ୍ପାନୀ ନିଜ କର୍ମଚାରୀଙ୍କୁ ତୁରନ୍ତ ଆମେରିକା ଫେରିବାକୁ ନିର୍ଦ୍ଦେଶ ଦେଇଥିଲେ। ନୂଆ ଦେୟ କାର୍ଯ୍ୟକାରୀ ହେବା ଯୋଗୁଁ ଇମିଗ୍ରେସନ ଆଟର୍ଣ୍ଣି ଏବଂ କମ୍ପାନୀଗୁଡିକ ଏଚ-୧ବି ଭିସା ଧାରକ ଏବଂ ତାଙ୍କ ପରିବାରକୁ ୨୪ ଘଣ୍ଟା ଭିତରେ ଆମେରିକା ଫେରିବାକୁ କହିଥିଲେ। ଏହି ସମୟ ଭିତରେ ନ ଫେରିଲେ ଫସିଯିବାର ଆଶଙ୍କା ରହିଥିଲା। କିନ୍ତୁ ଏବେ ଆମେରିକା ପକ୍ଷରୁ ଏହି ଭିସାକୁ ନେଇ ଆଭିମୁଖ୍ୟ ସ୍ୱଷ୍ଟ କରିଦିଆଯାଉଛି। ପୂର୍ବରୁ ଏଚ୍-୧ବି ଭିସା ପାଇଁ ପ୍ରତି ବର୍ଷ ୮୮ ଲକ୍ଷ ଟଙ୍କା ଦେବାକୁ ପଡ଼ିବ ବୋଲି ରିପୋର୍ଟ ପ୍ରକାଶ ପାଇଥିଲା। ଏଥିପାଇଁ କମ୍ପାନୀଗୁଡିକ ଭୟଭୀତ ହୋଇଯାଇଥିଲେ। ଏଚ୍-୧ବି ଧାରକଙ୍କୁ ଏବେ ନ ଡାକି ପରେ ଆମେରିକା ଆସିବାକୁ କହିଲେ ଲକ୍ଷେ ଡଲାର ଦେବାକୁ ପଡ଼ିବ ବୋଲି କମ୍ପାନୀଗୁଡିକ ଭାବି ନେଇଥିଲେ। ଏଭଳି ନିର୍ଦ୍ଦେଶକୁ ଦେଖି ଦୀପାବଳି ଏବଂ ପୂଜା ପାଇଁ ଭାରତ ଆସିବାକୁ ଚାହୁଁଥିବା ଲୋକେ ନିଜ ଟିକଟ ବାତିଲ କରିଦେଇଥିଲେ। ୱାସିଂଟନ, ନ୍ୟୁୟର୍କ ଭଳି ପ୍ରମୁଖ ବିମାନବନ୍ଦର ଅନେକ ଲୋକ ଟିକଟ ବାତିଲ କରୁଥିବା ଦେଖାଯାଇଥିଲା। ଅନ୍ୟପକ୍ଷରେ ଆମେରିକା ଫେରିବା ଲାଗି ଦିଲ୍ଲୀ ବିମାନବନ୍ଦରରେ ମଧ୍ୟ ପ୍ରବଳ ଭିଡ଼ ଲାଗିଥିଲା। ଏହାର ସୁଯୋଗ ନେଇ ଅନେକ ଏୟାରଲାଇନ୍ସ ବିମାନ ଭଡ଼ା ବଢ଼ାଇଦେଇଥିଲେ।

# ଆଜିଠାରୁ ନୂଆ ଜିଏସ୍‌ଟି ହାର

## କମିବ ଗାଡ଼ି, ଏସି, ଘିଅ, ଚିନି, ପନୀର, ପାସ୍ତା ମୂଲ୍ୟ


■ ନୂଆଦିଲ୍ଲୀ, ୨୧।୯ (ଏଜେନ୍ସି): ସୋମବାରଠାରୁ ସାରାଦେଶରେ ଲାଗୁ ହେବାକୁ ଯାଉଛି ନୂଆ ଦ୍ରବ୍ୟ ଏବଂ ସେବା ଟିକସ (ଜିଏସ୍‌ଟି) ହାର। ୪ଟି ସ୍ଲାବ୍ ବଦଳରେ ସଂଶୋଧିତ ଜିଏସ୍‌ଟି ବ୍ୟବସ୍ଥାକୁ କେବଳ ଦୁଇଟି ସ୍ଲାବ୍ ୫% ଏବଂ ୧୮% ରେ ସୀମିତ ରଖାଯାଇଛି। ଏହା ଅଧୀନରେ ଅତ୍ୟାବଶ୍ୟକ ସାମଗ୍ରୀଗୁଡ଼ିକ ରଖାଯାଇଛି। ଫଳରେ ଆସନ୍ତାକାଲି ଠାରୁ ପନିର, ଘିଅ, ସାବୁନ, ସାମ୍ପୁ ଠାରୁ ଆରମ୍ଭ କରି ସିମେଣ୍ଟ, ଏସି ଏବଂ ଛୋଟ କାର ଶସ୍ତା ହେବ। ଜୀବନ ଓ ସ୍ୱାସ୍ଥ୍ୟ ବୀମା ଉପରେ ୧୮% ଟିକସ ଉଚ୍ଛେଦ କରାଯାଇଛି। ଅର୍ଥାତ ଏଭଳି ବୀମା ପାଇଁ ଆଉ ଜିଏସ୍‌ଟି ଦେବାକୁ ପଡ଼ିବ ନାହିଁ। ଅପରପକ୍ଷରେ

### ବଢ଼ିବ ପାନମସଲା, ସିଗାରେଟ୍, ଦାମୀ ମଦ, କୋଇଲା

ସିଗାରେଟ୍, ପାନମସଲା, ତମାଖୁ, କାର୍ବୋନେଟେଡ ପାନୀୟ, ବଡ଼ ଏସ୍‌ୟୁଭି, ଜାହାଜ ଓ ବ୍ୟକ୍ତିଗତ ବ୍ୟବହାର ପାଇଁ ବିମାନ କ୍ରୟ ଉପରେ ୪୦% ଟିକସ ଲାଗିବ।

ଏହାସହିତ ୩୩ଟି ଜୀବନ ରକ୍ଷାକାକରୀ ଔଷଧ ଉପରେ କୌଣସି ଟିକସ ଲାଗିବ ନାହିଁ। ବିଶେଷକରି କର୍କଟ ଏବଂ ମାରାତ୍ମକ ରୋଗ ପାଇଁ ଉଦ୍ଦିଷ୍ଟ ଔଷଧ ଏଥିରେ ସାମିଲ ରହିଛି। ଛୋଟ ଓ ମଧ୍ୟମ ଆକାରର କାର, ମୋଟରସାଇକେଲ ଉପରେ ଏବେ ୨୮% ବଦଳରେ ୧୮% ଟିକସ ଲାଗୁ ହେବ। ଅଟୋ ଯନ୍ତ୍ରାଂଶ ଏବଂ ତିନି ଚକିଆ ଯାନ ଉପରେ ଟିକସ ମଧ୍ୟ ୨୮% ରୁ ୧୮% କୁ ହ୍ରାସ କରାଯାଇଛି। ପୁରୁଣା ଏମ୍‌ଆର୍‌ପି ଉଲ୍ଲେଖ ଥିଲେ ବି ଏହି ବର୍ଗର ସାମଗ୍ରୀ ନୂତନ ମୂଲ୍ୟରେ ଉପଲବ୍ଧ ହେବ। ଔଷଧ ଉତ୍ପାଦନ ଏବଂ ▶ପୃଷ୍ଠା-୭

## ଜିଏସ୍‌ଟି ବଚତ୍ ଉତ୍ସବ: ମୋଦୀ



■ ନୂଆଦିଲ୍ଲୀ, ୨୧।୯ (ଏଜେନ୍ସି): ଆସନ୍ତାକାଲି ଠାରୁ ଜିଏସ୍‌ଟିର ସଂଶୋଧିତ ହାର ଲାଗୁ ହେବାକୁ ଯାଉଥିବାବେଳେ ଏହାକୁ 'ଜିଏସ୍‌ଟି ବଚତ' ଉତ୍ସବ ବୋଲି ବର୍ଣ୍ଣନା କରିଛନ୍ତି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ। ଆଜି ଦେଶବାସୀଙ୍କୁ ସମ୍ବୋଧିତ କରି ପ୍ରଧାନମନ୍ତ୍ରୀ କହିଛନ୍ତି ଯେ ଆସନ୍ତାକାଲି ଠାରୁ ନବରାତ୍ରୀ ଆରମ୍ଭ ହେଉଥିବା ବେଳେ ଜିଏସ୍‌ଟିର ନୂଆ ହାର ମଧ୍ୟ କାଲି ଠାରୁ ଲାଗୁ ହେବାକୁ ଯାଉଛି। ଏହା ଦେଶବାସୀଙ୍କ ପାଇଁ ଦୋହରା ଉତ୍ସବ। ନୂଆ ଜିଏସ୍‌ଟି ହାର ଯୋଗୁଁ ୯୯ ପ୍ରତିଶତ ସାମଗ୍ରୀ ଶସ୍ତା ହେବ ଏବଂ ଏହା ଗରିବ ଏବଂ ନିମ୍ନ ମଧ୍ୟବିତ୍ତ ବର୍ଗ ପାଇଁ ଆଶ୍ୱସ୍ତି ଆଣିବ। ଚଳିତ ଆର୍ଥିକ ବର୍ଷ ଠାରୁ ▶ପୃଷ୍ଠା-୭

## ଭିସା ପରେ ଆଉ ଏକ ବଡ଼ ଝଟ୍‌କା ଦେବେ ଟ୍ରମ୍ପ୍

# ଭାରତରୁ ଚିଙ୍ଗୁଡ଼ି ଆମଦାନୀ ବନ୍ଦ କରିବ ଆମେରିକା

■ ୱାଶିଂଟନ୍, ୨୧।୯ (ଏଜେନ୍ସି): ଏଚ୍-୧ବି ଭିସା ପରେ ଭାରତକୁ ଆଉ ଏକ ବଡ଼ ଧକ୍କା ଦେବାକୁ ପ୍ରସ୍ତୁତ ହେଉଛି ଆମେରିକା। ଲୁଇସିଆନାର ଚିଙ୍ଗୁଡ଼ି ଏବଂ କ୍ୟାଟ୍‌ଫିସ୍ ଶିଳ୍ପକୁ ସୁରକ୍ଷା ଦେବାକୁ ଯାଇ ଟ୍ରମ୍ପ୍ ପ୍ରଶାସନ ଭାରତରୁ ଚିଙ୍ଗୁଡ଼ି ଆମଦାନୀ ଉପରେ କଟକଣା ଲଗାଇବେ ବୋଲି ସୂଚନା ମିଳିଛି। ଫଳରେ ଚିଙ୍ଗୁଡ଼ି ଶିଳ୍ପ ସହ ଜଡ଼ିତ ଦେଶର ପ୍ରାୟ ୧୫ ଲକ୍ଷ ଲୋକ ପ୍ରଭାବିତ ହେବେ । ଅନୁରୂପ ଭାବରେ ଆମେରିକାର ଏହି ନିଷ୍ପତ୍ତି ଯୋଗୁଁ ଓଡ଼ିଶା ପ୍ରତ୍ୟକ୍ଷ ଭାବରେ କ୍ଷତିଗ୍ରସ୍ତ ହେବ ଓ ଓଡ଼ିଶାରୁ ଆମେରିକାକୁ ବାର୍ଷିକ ରପ୍ତାନୀ ହେଉଥିବା ୧୬୦୦ କୋଟିର ଚିଙ୍ଗୁଡ଼ି କାରବାର ବନ୍ଦ ହେବା ଆଶଙ୍କା ସୃଷ୍ଟି ହୋଇଛି ।

ଟ୍ରମ୍ପଙ୍କ ଦ୍ୱାରା ଭାରତ ଉପରେ ୫୦ ପ୍ରତିଶତ ଶୁଳ୍କ ଲାଗୁ ପରେ ଦେଶର ଚିଙ୍ଗୁଡ଼ି (ସମୁଦ୍ରିକ ଖାଦ୍ୟ) ରପ୍ତାନି ଶିଳ୍ପ ସଙ୍କଟରେ ପଡ଼ିଛି । ଏହି ଶିଳ୍ପ ସହିତ ଜଡିତ ପ୍ରାୟ ୧୫ ଲକ୍ଷ ଲୋକଙ୍କ ଜୀବିକା ଏବେ ବିପଦରେ ପଡ଼ିଛି । ଏହି ସମସ୍ୟା ଦ୍ୱାରା ଓଡ଼ିଶା ଭଳି ରାଜ୍ୟ ମଧ୍ୟ ଗୁରୁତର ଭାବରେ ପ୍ରଭାବିତ ହୋଇଛି । ୨୦୨୪-୨୫ ମସିହାରେ ଓଡ଼ିଶା ୪,୭୦୦ କୋଟି ▶ପୃଷ୍ଠା-୭



### ୧୬୦୦ କୋଟିର କ୍ଷତି ସହିବ ଓଡ଼ିଶା

### ପ୍ରଭାବିତ ହେବେ ୧୫ ଲକ୍ଷ ଲୋକ

# ୨୪ ଘଣ୍ଟାରେ ଲଘୁଚାପ

■ ଭୁବନେଶ୍ୱର, ୨୧।୯ (ସମିସ): ଉତ୍ତର ଆଣ୍ଡାମାନ ସାଗର ଓ ସଂଲଗ୍ନ ମିଆଁମାର ଉପକୂଳ ଉପରେ ସମୁଦ୍ର ପତ୍ତନଠାରୁ ୩.୧ କିଲୋମିଟର ଉଚ୍ଚତା ପର୍ଯ୍ୟନ୍ତ ଏକ ଘୂର୍ଣ୍ଣିବଳୟ ସକ୍ରିୟ ରହିଛି। ଏହା ଉତ୍ତର-ଉତ୍ତରପଶ୍ଚିମ ଦିଗକୁ ଗତି କରି ଆସନ୍ତାକାଲି ଉତ୍ତର ବଙ୍ଗୋପସାଗରରେ ପହଞ୍ଚିବାର ସମ୍ଭାବନା ରହିଛି। ଏହା ପ୍ରଭାବରେ ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଏକ ଲଘୁଚାପ ସୃଷ୍ଟି ହୋଇପାରେ। ଏଥିପାଇଁ ରାଜ୍ୟର ବିଭିନ୍ନ ସ୍ଥାନରେ ରବିବାରଠାରୁ ବର୍ଷା ଆରମ୍ଭ ହୋଇଛି। ସମ୍ଭାବ୍ୟ ଲଘୁଚାପ ଯୋଗୁଁ ଆସନ୍ତା ୨-୩ ଦିନ ମଧ୍ୟରେ ରାଜ୍ୟର ଅନେକ ସ୍ଥାନରେ ସ୍ୱଳ୍ପରୁ ମଧ୍ୟମ ବର୍ଷା ଆଶଙ୍କା ରହିଥିବା ବେଳେ କିଛି କିଛି ସ୍ଥାନରେ ଭାରି ବର୍ଷା ହୋଇପାରେ ବୋଲି ପାଣିପାଗ ବିଭାଗ ଆକଳନ କରିଛି।

### ମାସ ଶେଷ ଯାଏ ବର୍ଷା ସମ୍ଭାବନା

ଲଘୁଚାପ ପ୍ରଭାବରେ ସମୁଦ୍ର ମଧ୍ୟରେ ପବନର ବେଗ ୪୦-୫୦ କିମି ଓ ଝଟକା ପବନ ୬୦ କିମି ପର୍ଯ୍ୟନ୍ତ ପହଞ୍ଚିବା ଆଶଙ୍କା ରହିଛି। ଏହା ପ୍ରଭାବରେ ସମୁଦ୍ର ଅଶାନ୍ତ ରହିବ। ▶ପୃଷ୍ଠା-୭

# ବିଷ ବି ଭେଜାଲ !

■ ଭୁବନେଶ୍ୱର, ୨୧।୯ (ସମିସ): ଚଳିତ ବର୍ଷ ଭଲ ମୌସୁମୀ ବର୍ଷା ହେଉଛି। ଚାଷ କାର୍ଯ୍ୟ ପାଇଁ ପାଗ ଅନୁକୂଳ ରହିଛି। ମାତ୍ର ଚାଷ ଆରମ୍ଭରୁ ଚାଷୀଙ୍କୁ ବିଭିନ୍ନ ଅସୁବିଧାର ସମ୍ମୁଖୀନ ହେବାକୁ ପଡୁଛି। ପ୍ରଥମେ ଧାନ ବିକ୍ରି ନେଇ ପଞ୍ଜୀକରଣରେ ଚାଷୀଙ୍କୁ ନାକେଦମ୍ ହେବାକୁ ପଡ଼ିଲା। ପରବର୍ତ୍ତୀ ସମୟରେ ସାର ଅଭାବ ଚାଷୀଙ୍କ ନିଦ ହଜାଇ ଦେଇଛି। ଏବେ ବଢ଼ି ଆସୁଥିବା ଧାନ ଗଛରେ ପତ୍ରପୋଡ଼ା ଓ ପତ୍ରମୋଡ଼ା ରୋଗ ଚାଷୀକୂଳର ମୁଣ୍ଡ ବିନ୍ଧା ବଢ଼ାଇ ଦେଇଛି। ଏହି ରୋଗ ଧାନ ଗଛକୁ ସଂପୂର୍ଣ୍ଣ ମାରି ଦେଉଛି। ଗୋଟିଏ ଗୋଟିଏ ସିଆର୍‌ରେ ଏକାଧିକ ଗଛ ନଷ୍ଟ ହେଉଥିବାରୁ ବିଲର ୭୦ ପ୍ରତିଶତ ଗଛ ନଷ୍ଟ ହୋଇଯାଉଛି। ଏଥିପାଇଁ କୀଟନାଶକ ସିଞ୍ଚନ କଲେ ମଧ୍ୟ କାମ କରୁ ନ ଥିବା ଓ କୀଟନାଶକ ବିଷଗୁଡ଼ିକ ଭେଜାଲ ହେଉଥିବାରୁ ଏହା କାମ କରୁ ନ ଥିବା ଚାଷୀ ଅଭିଯୋଗ କରିଛନ୍ତି। ପୂର୍ବରୁ ଦୂଷିତ ପାଣି ଓ ଅପମିଶ୍ରିତ କ୍ଷୀର ନଜରକୁ ଆସିଥିଲା, ମାତ୍ର ଏବେ ବିଷ ବି ଭେଜାଲ୍ ▶ପୃଷ୍ଠା-୭



### କୀଟକୁ କାଟୁ କରୁନି କୀଟନାଶକ

# ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ଚର୍ଚ୍ଚାରେ ପୂର୍ଣ୍ଣଚ୍ଛେଦ !

■ ଭୁବନେଶ୍ୱର/ସମ୍ବଲପୁର, ୨୧।୯ (ସମିସ): ଏବେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହେବ ନାହିଁ। ପ୍ରଥମେ ନିଗମ ଓ ବୋର୍ଡ ନିଯୁକ୍ତି ହେବ; ପରବର୍ତ୍ତୀ ସମୟରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସମ୍ପର୍କରେ ବିଚାର କରାଯିବ। ସମ୍ବଲପୁରରେ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ ଗଣମାଧ୍ୟମକୁ ଦେଇଛନ୍ତି ଏପରି ସୂଚନା। ଶ୍ରୀ ସାମଲଙ୍କ ଏହି ଘୋଷଣା ମନ୍ତ୍ରୀ ଆଶାୟୀଙ୍କୁ ନିରାଶ କରିଥିବା ବେଳେ ନିର୍ବାଚନରେ ପରାଜିତ ହୋଇଥିବା ଓ ଟିକଟରୁ ବଞ୍ଚିତ ହୋଇଥିବା ନେତାଙ୍କ ମନରେ ଆଶାର କିରଣ ସଞ୍ଚାର କରିଛି। ପୂଜା ଭେଟି ସ୍ୱରୂପ ନିଗମ ଓ ବୋର୍ଡରେ କିଛି ଦଳୀୟ ନେତାଙ୍କୁ ଖୁବ୍ ଶୀଘ୍ର ଥଇଥାନ କରାଯାଇପାରେ ବୋଲି ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି ।

### ପ୍ରଥମେ ନିଗମ ଓ ବୋର୍ଡ ନିଯୁକ୍ତି: ମନମୋହନ

ରାଜ୍ୟରେ ବିଜେପି ସରକାର ଗଠନ କରିବାର ୧୫ ମାସ ପୂରି ଏବେ ୧୬ ମାସ ଚାଲିଛି। ମାତ୍ର ସରକାରରେ ଖାଲିଥିବା ୬ଟି ମନ୍ତ୍ରୀପଦ ସହ ବିଭିନ୍ନ ନିଗମ, ବୋର୍ଡ, ଅକାଦେମୀରେ ଖାଲି ପଦଗୁଡ଼ିକ ପୂରଣ ହୋଇପାରିନାହିଁ। ଫଳରେ ନିର୍ବାଚନ ସମୟରେ ଦଳୀୟ ଟିକଟରୁ ବଞ୍ଚିତ ହୋଇଥିବା ଓ ନିର୍ବାଚନରେ ପରାଜିତ ହୋଇଥିବା ଅନେକ ନେତା ଥଇଥାନ ଅପେକ୍ଷାରେ ରହିଛନ୍ତି । ରାଜ୍ୟ ଯୋଜନା ବୋର୍ଡର ଉପାଧ୍ୟକ୍ଷ, ପଶ୍ଚିମ ଓଡ଼ିଶା ବିକାଶ ପରିଷଦ ଅଧ୍ୟକ୍ଷ ପରି ଗୁରୁତ୍ୱପୂର୍ଣ୍ଣ ପଦଗୁଡ଼ିକରେ ▶ପୃଷ୍ଠା-୭

## ଏମ୍‌ଇଡି ଯୋଗ୍ୟତା ନଥାଇ ଅଧ୍ୟାପକ ନିଯୁକ୍ତି

# ବନ୍ଦ ହେବ ରାଜ୍ୟର ସବୁ ବିଇଡି କଲେଜ!

■ ଭୁବନେଶ୍ୱର, ୨୧।୯ (ସମିସ): ରାଜ୍ୟରେ ମାତ୍ର ୧୬ଟି ଶିକ୍ଷକ ଶିକ୍ଷା ମହାବିଦ୍ୟାଳୟ (ବିଇଡି କଲେଜ) ରହିଛି। ଛାତ୍ରଛାତ୍ରୀଙ୍କ ଆବଶ୍ୟକତା ପୂରଣ କରିବାରେ ଏହା ସମର୍ଥ ହେଉନାହିଁ। ପ୍ରତିବର୍ଷ ରାଜ୍ୟରୁ ହଜାର ହଜାର ପିଲା ବାହାର ରାଜ୍ୟରେ ବିଇଡି ପଢୁଛନ୍ତି। ଓଡ଼ିଶାରେ ଥିବା ହାତଗଣତି କଲେଜରେ ମଧ୍ୟ ଯୋଗ୍ୟ ଅଧ୍ୟାପକ ନାହାନ୍ତି। ଜାତୀୟ ଶିକ୍ଷକ ଶିକ୍ଷା ପରିଷଦ (ଏନ୍‌ସିଟିଇ) ପକ୍ଷରୁ ଧାର୍ଯ୍ୟ କରାଯାଇଥିବା ଶିକ୍ଷାଗତ ଯୋଗ୍ୟତା



ନ ଥାଇ ମଧ୍ୟ ନିଯୁକ୍ତି ପାଇଛନ୍ତି। ଅଧ୍ୟାପକ ପାଇଁ ଦୁଇଟି ସ୍ନାତକୋତ୍ତର ଡିଗ୍ରୀ ଅର୍ଥାତ୍ ଗୋଟିଏ ସ୍ନାତକୋତ୍ତର ଡିଗ୍ରୀ ସହିତ ଏମ୍‌ଇଡି ବାଧ୍ୟତାମୂଳକ ହୋଇଥିବା ବେଳେ ସ୍ନାତକତ୍ତୋର

### କୋରାପୁଟ ଡିଏଭି ବିଇଡି କଲେଜର ସ୍ୱୀକୃତି ପ୍ରତ୍ୟାହାର

### ଏନ୍‌ସିଟିଇ ସ୍କାନର୍‌ରେ ପ୍ରାୟ ୨୧୪ରୁ ଅଧିକ ଅଯୋଗ୍ୟ

ସହିତ ଏମ୍‌ଇଡି ବଦଳରେ ବିଇଡି କରିଥିବା ପ୍ରାର୍ଥୀଙ୍କୁ ଅଧ୍ୟାପକ ଭାବେ ନିଯୁକ୍ତି ତଥ୍ୟକତାକୁ ଧରିଛି ଏସ୍‌ସିଟିଇ। ରାଜ୍ୟର ୮ଟି କଲେଜକୁ କାରଣ ଦର୍ଶାଅ ନୋଟିସ୍ କରିବା ସହ କୋରାପୁଟସ୍ଥିତ ଡିଏଭି ଶିକ୍ଷକ ଶିକ୍ଷା ମହାବିଦ୍ୟାଳୟର ସ୍ୱୀକୃତି ପ୍ରତ୍ୟାହାର କରିବାକୁ ସୁପାରିସ କରିଛି। ଅନ୍ୟପକ୍ଷରେ ଅଯୋଗ୍ୟ ଅଧ୍ୟାପକଙ୍କୁ ନିଯୁକ୍ତି ଦେଇ ଥିବାରୁ ଏହି କାର୍ଯ୍ୟାନୁଷ୍ଠାନ ହୋଇଥିବାରୁ ଆଗାମୀ ଦିନରେ ରାଜ୍ୟର ସମସ୍ତ ବିଇଡି କଲେଜର ମାନ୍ୟତା ରଦ୍ଦ ହେବାର ଆଶଙ୍କା ସୃଷ୍ଟି ▶ପୃଷ୍ଠା-୭




# ଦେଶ ବିଦେଶ

ସକାଳ
THE SAKALA
www.sakalaepaper.com

## ବିପର୍ଯ୍ୟୟ ପ୍ରବଣ ଦେବଭୂମି: ୧୦ ବର୍ଷରେ ନେଲାଣି ୩୮୦୦ ଜୀବନ

ଡେରାଡୁନ, ୨୧।୯ (ଏଜେନ୍ସି): ଦେବଭୂମି ଉତ୍ତରାଖଣ୍ଡ ଏବେ ଦୈବୀ ଦୁର୍ବିପାକ ପ୍ରବଣ ରାଜ୍ୟ ପାଲଟି ଯାଇଛି । ଏହି ରାଜ୍ୟରେ ପ୍ରାକୃତିକ ବିପର୍ଯ୍ୟୟ ଦିନକୁ ଦିନ ବଢ଼ିବାରେ ଲାଗିଛି । ଗତ ୧୦ ବର୍ଷ ହେଲା ଏହା ରାଜ୍ୟବାସୀଙ୍କ ପାଇଁ ଅଭିଶାପ ପାଲଟିଛି । ରାଜ୍ୟ ବିପର୍ଯ୍ୟୟ ପରିଚାଳନା ବିଭାଗର ତଥ୍ୟ ଅନୁଯାୟୀ ୨୦୧୫ରୁ ୨୦୨୫ ସେପ୍ଟେମ୍ବର ୨୦ ପର୍ଯ୍ୟନ୍ତ ପ୍ରାକୃତିକ ବିପର୍ଯ୍ୟୟ ସମ୍ବନ୍ଧିତ ୨୭,୧୯୭ ଘଟଣା ଘଟିଛି । ଏହା ୩ ଜହାର ୮୩୯ ଲୋକଙ୍କ ଜୀବନ ନେଲାଣି । ଏଥି।ରେ ୬ ହଜାର ୨୦୭ରୁ ଅଧିକ ଲୋକ ଆହତ ହୋଇଛନ୍ତି । ୩୧୨ ଜଣ ଏବେ ବି ନିଖୋଜ ରହିଛନ୍ତି ।

ରିପୋର୍ଟ ଅନୁଯାୟୀ ବାଦଲ ଫଟା ବର୍ଷା ଏବଂ ଅଚାନକ ବନ୍ୟାର ସର୍ବାଧିକ ୧୪,୨୩୭ଟି ମାମଲା ସାମ୍ନାକୁ ଆସିଥିଲା । ୫,୮୩୦ଟି ଭୂସ୍ଖଳନ ମଧ୍ୟ ହୋଇଥିଲା । ପାହାଡି ରାଜ୍ୟର ଭୌଗୋଳିକ ପରିସ୍ଥିତି ଏବଂ ପରିବର୍ତ୍ତିତ ଜଳବାୟୁ ଏହି ବିପର୍ଯ୍ୟୟକୁ ଅଧିକ ଗମ୍ଭୀର କରିଦେଇଛି । ୨୦୧୫ରେ ୨୨୪ ପ୍ରାକୃତି ବିପର୍ଯ୍ୟୟ ଜନିତ ଘଟଣା ସାମ୍ନାକୁ ଆସିଥିବା ବେଳେ ୨୦୧୮ରେ ଏହା ୫,୦୫୬ରେ ପହଞ୍ଚି ଯାଇଥିଲା । ଚଳିତ ବର୍ଷ ବାଦଲ ଫଟା ବର୍ଷା ଏବଂ ବନ୍ୟା ୩,୭୦୬ ଘଟଣା ରେକର୍ଡ କରାଯାଇଛି । ଏଥିରେ ଶତାଧିକ ଲୋକ ପ୍ରାଣ ହରାଇଛନ୍ତି । ହଜାର ହଜାର ଲୋକ ପ୍ରଭାବିତ ହୋଇଛନ୍ତି । ଚଳିତ ବର୍ଷ ଏପର୍ଯ୍ୟନ୍ତ ୧୧୯୯ଟି ପ୍ରାକୃତିକ ବିପର୍ଯ୍ୟୟ ଜନିତ ଘଟଣାରେ ୨୬୦ ଜଣଙ୍କ ଜୀବନ ଗଲାଣି । ୫୬୬ ଜଣ ମଧ୍ୟ ଆହତ ହୋଇଥିବା ବେଳେ ୯୬ ଜଣ ନିଖୋଜ ଅଛନ୍ତି ।

## କରୋନା ଭାଇରସ ସମ୍ପର୍କରେ ସୂଚନା ଦେଇଥିବା ଚୀନ୍ ସାମ୍ବାଦିକାଙ୍କୁ ଆଉ ୪ ବର୍ଷ ଜେଲ୍

ନୂଆଦିଲ୍ଲୀ,୨୧।୯ (ଏଜେନ୍ସି): ଚୀନ୍‌ରୁ ଯେଉଁ କରୋନା ଭାଇରସ ସାରା ବିଶ୍ୱର ପରିବ୍ୟାପ୍ତ ହୋଇ ଲକ୍ଷ ଲକ୍ଷ ଲୋକଙ୍କ ଜୀବନ ନେଇଥିଲା, ସେହି ଚୀନ୍‌ରେ ପ୍ରଥମଥର ପାଇଁ ଏହି ଭାଇରସ ନେଇ ସୂଚନା ଦେଇଥିବା ସାମ୍ବାଦିକା ଝାଙ୍ଗ୍ ଜେନ୍‌ଙ୍କୁ ପୁଣିଥରେ ଆଉ ୪ ବର୍ଷ ପାଇଁ ଜେଲ ଦଣ୍ଡାଦେଶ ହୋଇଛି । କରୋନା ଭାଇରସ ସଂକ୍ରମଣ କରାଇବାର ଅଭିଯୋଗକୁ ଚୀନ୍ ନିଜ ମୁଣ୍ଡକୁ ନେବାକୁ ଚାହୁଁ ନଥିଲା । ଖାସ୍ ଏହି କାରଣ ପାଇଁ ଚୀନ ସାରା ବିଶ୍ୱକୁ ମିଛ କହି ବିଭ୍ରାନ୍ତ କରୁଥିଲା । କିନ୍ତୁ ୪୨ ବର୍ଷୀୟା ଝାଙ୍ଗ ସାରା ବିଶ୍ୱକୁ ଚୀନରେ ସଂକ୍ରମିତ ହୋଇଥିବା ଏହି ଭାଇରସ ସମ୍ପର୍କରେ ଅବଗତ କରାଇଥିଲେ । କେବଳ ସେତିକି ନୁହଁ ଫଟୋ ଓ ଭିଡିଓ ସେୟାର କରି ଚୀନ୍‌ର ମୁଖା ଖୋଲି ଦେଇଥିଲେ । ଏଥିରେ କ୍ଷୁବ୍ଧ ହୋଇ ଚୀନ୍ ତାଙ୍କୁ ପ୍ରଥମେ ୪ ବର୍ଷ ଜେଲ ଦଣ୍ଡାଦେଶ ଦେଇଥିଲା । ଏବେ ପୁଣି ତାଙ୍କୁ ଆଉ ୪ ବର୍ଷ ଅର୍ଥାତ ମୋଟ୍ ଉପରେ ଝାଙ୍ଗଙ୍କୁ ୮ ବର୍ଷର ଜେଲ ଦଣ୍ଡାଦେଶ ହୋଇଛି । ତାଙ୍କୁ ପ୍ରଥମେ ୨୦୨୦ ଡିସେମ୍ବର ୪ ବର୍ଷ ଜେଲ୍ ହୋଇଥିଲା । ସେ ଅନଶନ ଆରମ୍ଭ କରିଥିଲେ ଓ ତାଙ୍କୁ ଜବରଦସ୍ତି ଖାଦ୍ୟ ଖୁଆଯିବା ସହ ଅଶୋଭନୀୟ ବ୍ୟବହାର ପ୍ରଦର୍ଶନ କରାଯାଇଥିଲା । ତେବେ ତାଙ୍କୁ ୨୦୨୪ରେ ଛାଡି ଦିଆଯାଇଥିଲା । କିନ୍ତୁ ୩ ମାସ ପରେ ତାଙ୍କୁ ପୁଣି ଗିରଫ କରାଯାଇ ସାଙ୍ଘାଇର ଡିଟେନସନ ସେଣ୍ଟରରେ ରଖାଯାଇଥିଲା । ଚୀନ୍‌ରେ କମ୍ୟୁନିଷ୍ଟ ଶାସନରେ ଗଣମାଧ୍ୟମର ସ୍ୱାଧୀନତା ପ୍ରାୟ ନାହିଁ କହିଲେ ଚଳେ । ପ୍ରେସ୍ ଫ୍ରିଡମ ଇଣ୍ଡେକ୍ସରେ ୨୦୨୫ରେ ଚୀନ୍ ୧୮୦ ଦେଶ ମଧ୍ୟରୁ ୧୭୮ ତମ ସ୍ଥାନରେ ରହିଛି । ଚୀନ୍‌ରେ ଏବେ ୧୨୪ ଜଣ ସାମ୍ବାଦିକ ଜେଲ୍‌ରେ ଅଛନ୍ତି ।

## ଓଲିଙ୍କ ଗିରଫ ଦାବି କଲେ ଜେନ-ଜେଡ୍ ଗ୍ରୁପ୍

କାଠମାଣ୍ଡୁ,୨୧।୯ (ଏଜେନ୍ସି): ନେପାଳର ବିତାଡିତ ପ୍ରଧାନମନ୍ତ୍ରୀ କେପି ଶର୍ମା ଓଲିଙ୍କୁ ଗିରଫ କରିବାକୁ ପାଇଁ ଦାବି ହୋଇଛି । ଦେଶରେ ହିଂସାତ୍ମକ ଆନ୍ଦୋଳନ ମାଧ୍ୟମରେ ସରକାର ପରିବର୍ତ୍ତନ କରିଥିବା ଜେନ୍ -ଜେଡ୍ ଗ୍ରୁପ୍ ନୂଆ କରି ଏହି ଦାବି କରିଛି । ସେପ୍ଟେମ୍ବର ୮ରେ ଅନୁଷ୍ଠିତ ସରକାର ବିରୋଧୀ ଆନ୍ଦୋଳନ ଅବସରରେ ସୁଟ୍ ଆଉଟ ନିର୍ଦ୍ଦେଶ ଦେବା କାରଣରୁ ୧୯ ଜଣ ବିକ୍ଷୋଭକାରୀ ମୃତ୍ୟୁବରଣ କରିଥିଲେ । ଏଥିପାଇଁ ଓଲିଙ୍କ ସମେତ ସ୍ୱରାଷ୍ଟ୍ର ମନ୍ତ୍ରୀ ରମେଶ ଲେଖକଙ୍କୁ ଗିରଫ୍ କରାଯାଉ ବୋଲି ଜେନ୍- ଜେଡ୍ ଗ୍ରୁପ୍‌ର ଅନ୍ୟତମ ଉପଦେଷ୍ଟା ଡ. ନିକୋଲାସ ବୁଶାଲ ଦାବି କରିଛନ୍ତି । ନୟା ବାଣେଶ୍ୱରରେ ହୋଇଥିବା ଗୁଳିକାଣ୍ଡ ପାଇଁ ଓଲି, ଲେଖକ ଓ କାଠମାଣ୍ଡୁ ମୁଖ୍ୟ ଜିଲ୍ଲା ଅଧିକାରୀ ଛବି ରିଜାଲ ହିଁ ଦାୟୀ । ତେଣୁ ଏମାନଙ୍କୁ ତୁରନ୍ତ ଗିରଫ କରିବାକୁ ବୁଶାଲ ଦାବି କରିଛନ୍ତି । ପୁଣି ୧୯୯୦ ପରେ ସବୁ ହାଇପ୍ରୋଫାଇଲ ନେତା ଓ ଅଧିକାରୀମାନେ ଅର୍ଜନ କରିଥିବା ସମ୍ପତ୍ତି ନେଇ ତଦନ୍ତ କରିବା ନେଇ ଏକ ଉଚ୍ଚସ୍ତରୀୟ କମିଟି ଗଠନ କରିବାକୁ ସେ ଦାବି କରିଛନ୍ତି ।

## ଫିଲିପାଇନ୍ସରେ ଦୁର୍ନୀତି ବିରୋଧୀ ବିକ୍ଷୋଭ

ମାନିଲା, ୨୧।୯ (ଏଜେନ୍ସି): ନେପାଳ ପରେ ଫିଲିପାଇନ୍ସରେ ଦୁର୍ନୀତି ବିରୋଧୀ ବିକ୍ଷୋଭ ପ୍ରଦର୍ଶନ ଆରମ୍ଭ ହୋଇଛି । ରାଜନେତା, ଅମଲା ଏବଂ ବ୍ୟବସାୟୀଙ୍କ ବିରୋଧରେ ହଜାର ହଜାର ଲୋକ ରବିବାର ରାଜଧାନୀ ରାସ୍ତାକୁ ଓହ୍ଲାଇଛନ୍ତି । ଦୁର୍ନୀତିରେ ସମ୍ପୃକ୍ତ ଥିବା ନେତାଙ୍କଠାରୁ ଅଧିକାରୀଙ୍କ ବିରୋଧରେ ଆକ୍ରୋଶ ପ୍ରକାଶ କରିଛନ୍ତି । ବନ୍ୟା ଏବଂ ଝଡ଼ ତୋଫାନ ପ୍ରବଣ ଏହି ଗରିବ ରାଷ୍ଟ୍ରରେ ବନ୍ୟା ନିୟନ୍ତ୍ରଣ ପାଇଁ ଆରମ୍ଭ କରାଯାଇଥିବା ପ୍ରକଳ୍ପରେ କୋଟି କୋଟି ଟଙ୍କାର ଦୁର୍ନୀତି ହୋଇଥିବା ଅଭିଯୋଗ କରିଛନ୍ତି । ତେବେ ହିଂସାକୁ ରୋକିବା ପାଇଁ ପୁଲିସ ଫୋର୍ସ ଏବଂ ସୈନ୍ୟବାହିନୀକୁ ସଜାଗ ରଖାଯାଇଛି । ଐତିହାସିକ ମାନିଲା ପାର୍କରେ ଏବଂ ମୁଖ୍ୟ ଇଡିଏସଏ ରାଜପଥ ପାର୍ଶ୍ୱରେ ଏହି ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା । ଏହାର ସୁରକ୍ଷାରେ ହଜାର ହଜାର ପୁଲିସ ଅଧିକାରୀଙ୍କୁ ନିୟୋଜିତ କରାଯାଇଥିଲା । ସୁରକ୍ଷା ଦୃଷ୍ଟିରୁ ଆମେରିକା ଏବଂ ଅଷ୍ଟ୍ରେଲିଆ ଦୂତାବାସ ନିଜ ନାଗରିକମାନଙ୍କ ପାଇଁ ଯାତ୍ରା ମାର୍ଗଦର୍ଶିକା ଜାରି କରିଛନ୍ତି ପ୍ରତିବାଦରୁ ଦୂରେଇ ରହିବାକୁ ସେମାନଙ୍କୁ ପରାମର୍ଶ ଦିଆଯାଇଛି । ଆଜି ଆନ୍ଦୋଳନକାରୀ ମାନିଲାରୁ ପ୍ରତିବାଦ ଶୋଭାଯାତ୍ରା ଆରମ୍ଭ କରିଥିଲେ । ଦୁର୍ନୀତିରେ ସମ୍ପୃକ୍ତ ସମସ୍ତ ଲୋକଙ୍କ ବିରୋଧରେ ତୁରନ୍ତ କାର୍ଯ୍ୟାନୁଷ୍ଠାନ ନେବାକୁ ଦାବି କରିଥିଲେ । ବହୁତ ହେଇଗଲା ଦୁର୍ନୀତିଗ୍ରସ୍ତଙ୍କୁ ଜେଲ୍‌ରେ ଭର୍ତ୍ତି କର ବୋଲି କହିଥିଲେ ।

## ପ୍ରେମିକଙ୍କୁ ହତ୍ୟା ପରେ ଆତ୍ମହତ୍ୟା କଲେ ମହିଳା

ସାହାରନପୁର, ୨୧।୯ (ଏଜେନ୍ସି): ଉତ୍ତରପ୍ରଦେଶର ସାହାରନପୁରରେ ଏକ ବିଚଳିତ କଲା ଭଳି ଘଟଣା ସାମ୍ନାକୁ ଆସିଛି । ପ୍ରେମିକଙ୍କ ହତ୍ୟାର ଗୋଟିଏ ଦିନ ପରେ ୧୮ ବର୍ଷୀୟା ମହିଳା ଅଙ୍କିତା ବିଷପାନ କରି ଆତ୍ମହତ୍ୟା କରିଛନ୍ତି ବୋଲି ପୁଲିସ ସୂଚନା ଦେଇଛି । ଚିଲିକାନା ଅଞ୍ଚଳରେ ରହୁଥିବା ଅଙ୍କିତା ଶନିବାର ତାଙ୍କ ଘରେ ମୃତ ଅବସ୍ଥାରେ ମିଳିଥିଲେ । ପାଖରେ ଏକ କୀଟନାଶକ ପ୍ୟାକେଟକୁ ଠାବ କରାଯାଇଛି ବୋଲି ଏଏସ୍‌ପି ସାଗର ଜୈନ କହିଛନ୍ତି । ଶୁକ୍ରବାର ତାଙ୍କ ୨୨ ବର୍ଷୀୟ ପ୍ରେମିକ ମାହିଲଙ୍କୁ ହତ୍ୟା କରାଯାଇଥିଲା । ମୃତକଙ୍କ ପରିବାର ଅଙ୍କିତାଙ୍କ ପରିବାର ଲୋକଙ୍କ ବିରୋଧରେ ହତ୍ୟା ଅଭିଯୋଗ ଆଣିଛନ୍ତି । ପୁଲିସ ଅଙ୍କିତାଙ୍କ ଦୁଇ ନାବାଳକ ଭାଇଙ୍କୁ ଅଟକ ରଖିଛି । ଅଙ୍କିତାଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପୁଲିସ ପଠାଇଛି ।

# ଆଫଗାନିସ୍ତାନକୁ ଧମକ ଦେଲେ ଟ୍ରମ୍ପ

## ବଗରାମ୍ ଏୟାରବେସ୍ ଫେରାଅ; ନଚେତ ଭୟଙ୍କର ପରିଣତି

ୱାସିଂଟନ, ୨୧।୯ (ଏଜେନ୍ସି):

ନୋବେଲ ଶାନ୍ତି ପୁରସ୍କାର ପାଇଁ ଦାବି କରୁଥିବା ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଆଉ ଏକ କ୍ଷୁଦ୍ର ଦେଶକୁ ନିଶାଣ କରିଛନ୍ତି । ନିଜର ଦ୍ୱିତୀୟ କାର୍ଯ୍ୟକାଳ ମଧ୍ୟରେ ବିଶ୍ୱକୁ ଅଶାନ୍ତ ରଖିଥିବା ଟ୍ରମ୍ପ ଆଫଗାନିସ୍ତାନର ତାଲିବାନ ସରକାରକୁ ଧମକ ଦେଇଛନ୍ତି । ବଗରାମ ଏୟାରବେସ ବା ବାୟୁସେନା ଘାଟି ଆମେରିକାକୁ ନ ଫେରାଇଲେ ଭୟଙ୍କର ପରିଣତି ଭୋଗିବ ବୋଲି କହିଛନ୍ତି । ଚୀନ୍‌କୁ କାଉଣ୍ଟର କରିବାକୁ ଯାଇ ଟ୍ରମ୍ପ ଆଫଗାନିସ୍ତାନକୁ ଏଭଳି ଧମକ ଦେଇଛନ୍ତି । ଏହି ଏୟାରବେସ୍ କବ୍‌ଜା ପାଇଁ ସେନା ପଠାଇବେ କି ବୋଲି ପଚରାଯିବାରୁ ଟ୍ରମ୍ପ ସିଧାସଳଖ ଭାବେ ଏହାର ଉତ୍ତର ଦେଇ ନ ଥିଲେ । ଏ ବିଷୟରେ ଆଲୋଚନା କରିହେବନି । ଏୟାରବେସ ଶୀଘ୍ର ମିଳୁ ବୋଲି ଆମେ ଚାହୁଁଛୁ । ଯଦି ଆଫଗାନିସ୍ତାନ ଭଲ ଭାବେ ଫେରାଇବ ନାହିଁ ତେବେ ମୁଁ କ'ଣ କରିବି ତାହା ଦେଖିବେ ।

ଏହାପୂର୍ବରୁ ଟ୍ରମ୍ପ ଗୁରୁବାର ବ୍ରିଟେନ ପ୍ରଧାନମନ୍ତ୍ରୀ କିର ଷ୍ଟାର୍ମରଙ୍କ ସହ ସାମ୍ବାଦିକ ସମ୍ମିଳନୀ କରିଥିଲେ । ସେ କହିଥିଲେ ଯେ ଆମେ ବଗରାମ ଏୟାରବେସ୍‌କୁ ପୁନଃ ଦଖଲ ପାଇଁ ପ୍ରୟାସ କରୁଛୁ । କାରଣ ସେହି ସ୍ଥାନରୁ ଘଣ୍ଟାଏ ଦୂରରେ ଚୀନ୍ ପରମାଣୁ ଅସ୍ତ୍ରଶସ୍ତ୍ର ପ୍ରସ୍ତୁତ କରୁଛି । ଅନ୍ୟପକ୍ଷରେ ତାଲିବାନ ସରକାର ଟ୍ରମ୍ପଙ୍କ ଏହି ଦାବିକୁ ଖାରଜ କରିଦେଇଛି । ନିଜ ଅଞ୍ଚଳରେ କେବେ ବି ଆମେରିକା ସୈନିକଙ୍କ ଉପସ୍ଥିତିକୁ ବରଦାସ୍ତ କରାଯିବନି ବୋଲି କୁହାଯାଇଛି । ଆଫଗାନ ସରକାରଙ୍କ ପ୍ରବକ୍ତା କହିଛନ୍ତି ଯେ ଦୁଇ ଦେଶ ପରସ୍ପର ସହ ଭଲ ସମ୍ପର୍କ ରଖିବା ଉଚିତ । ଦୋହା ଆଲୋଚନା ଏବଂ ଚୁକ୍ତିରେ ସାମରିକ ଉପସ୍ଥିତିକୁ ଖାରଜ କରିଦିଆଯାଇଥିଲା । କିନ୍ତୁ ବାଣିଜ୍ୟ ଏବଂ ଅନ୍ୟ କାର୍ଯ୍ୟକଳାପ ପାଇଁ ଦ୍ୱାର ଖୋଲା ରହିଛି ।

ସେହିପରି ଚୀନ୍ ମଧ୍ୟ ଟ୍ରମ୍ପଙ୍କ ଧମକକୁ ବିରୋଧ କରି ବୈଦେଶିକ ମନ୍ତ୍ରଣାଳୟର ମୁଖପାତ୍ର ଲିନ୍ ଜିଆନ୍ କହିଛନ୍ତି ଯେ ଏହି ଅଞ୍ଚଳରେ ଉତ୍ତେଜନାକୁ ଉସୁକାଉଥିବା ଯେକୌଣସି କାର୍ଯ୍ୟକୁ ସମର୍ଥନ କରାଯିବନି । ଆଫଗାନିସ୍ତାନର ସ୍ୱାଧୀନତା, ସାର୍ବଭୌମତ୍ୱ ଏବଂ ଆଞ୍ଚଳିକ ଅଖଣ୍ଡତାକୁ ଚୀନ୍ ସମ୍ମାନ ଦେଉଛି । ଆଫଗାନିସ୍ତାନର ଭବିଷ୍ୟତ ଆଫଗାନ ଲୋକଙ୍କ ହାତରେ ରହିବା ଉଚିତ । ସୂଚନା ଅନୁଯାୟୀ ସରକାର ପ୍ରତିଷ୍ଠା ପରେ ତାଲିବାନ ଚୀନ୍ ସରକାରଙ୍କ ସହିତ କୂଟନୈତିକ ସମ୍ପର୍କ ସ୍ଥାପନ କରିଥିଲା । ତମ୍ବା ଖଣି ଏବଂ ତୈଳ ଭଣ୍ଡାର ପୁଣି ଆରମ୍ଭ କରିବା ପାଇଁ ଚୀନ୍ ଆଫଗାନିସ୍ତାନରେ ବିପୁଳ ନିବେଶ କରିଛି ।

ସୂଚନାଯୋଗ୍ୟ ଯେ ୨୦୨୧ରେ ଆଫଗାନିସ୍ତାନରୁ ସେନା ପ୍ରତ୍ୟାହାର ପରେ ଆମେରିକା ଠିକଣାକୁ ତାଲିବାନ କବ୍‌ଜା କରି ନେଇଥିଲା । କାବୁଲରେ ଆମେରିକା ସମର୍ଥିତ ସରକାରର ପତନ ଘଟାଇଥିଲା । ୧୯୫୦ରେ ସୋଭିଏତ ସଂଘ ଏବଂ ଆମେରିକା ସହାୟତାରେ ବଗରାମ ଏୟାରବେସ୍ ନିର୍ମାଣ କରାଯାଇଥିଲା । ରାଜଧାନୀ କାବୁଲରୁ ୪୦ କିମି ଉତ୍ତରରେ ଅବରାମ ଏୟାରବେସ ଅବସ୍ଥିତ । ଏହା ଆମରିକାର ସବୁଠାରୁ ବଡ଼ ସାମରିକ ଘାଟି ଥିଲା । ୨୦୦୧ ରେ ହୋଇଥିବା ୯/୧୧ ଆକ୍ରମଣ ପରେ ଆମେରିକା ଏହାକୁ ବ୍ୟବହାର କରିବା ଆରମ୍ଭ କରିଥିଲା । ଏହି ବାୟୁସେନା ଘାଟିରେ ବର୍ଗର କିଙ୍ଗ ଏବଂ ପିଜା ହଟ୍ ଭଳି ରେସ୍ତୁରାଁ, ଇଲେକ୍ଟ୍ରୋନିକ୍ସ ଏବଂ ଆଫଗାନ କାର୍ପେଟ ବିକ୍ରୟ କରୁଥିବା ଦୋକାନ ଏବଂ ଏକ ବଡ଼ ଜେଲ୍ ବି ଥିଲା ।



**ବଗରାମରେ ଚୀନ୍ ନିର୍ମାଣ କରୁଛି ପରମାଣୁ ଅସ୍ତ୍ର**

**ଆମେରିକା ସେନାଙ୍କ ଉପସ୍ଥିତିକୁ ବରଦାସ୍ତ କରାଯିବନି: କାବୁଲ**

୨୦୨୧ରେ ବାଇଡେନ ପ୍ରଶାସନ ଆଫଗାନିସ୍ତାନରୁ ଆମେରିକା ସେନା ପ୍ରତ୍ୟାହାର କରିଥିଲେ । ପରେ ତାଲିବାନ ବଗରାମ ବାୟୁସେନା ଘାଟି ଏବଂ ସରକାରଙ୍କୁ ବିତାଡ଼ିତ କରି ନିଜେ ଶାସନ କରିଥିଲା । ଟ୍ରମ୍ପ୍ କ୍ରମାଗତ ଭାବେ ପୂର୍ବତନ ରାଷ୍ଟ୍ରପତି ଜୋ ବାଇଡେନଙ୍କ ନିଷ୍ପତ୍ତିକୁ ସମାଲୋଚନା କରି ଚାଲିଛନ୍ତି । ସେ କେବେ ବି ବଗରାମ ଛାଡିବେ ନାହିଁ ବୋଲି କହିଛନ୍ତି । ଗତ ମାର୍ଚ୍ଚରେ ଏହି ସେନା ଘାଟିକୁ ରଖିବାକୁ ଚାହାନ୍ତି ବୋଲି ଟ୍ରମ୍ପ କହିଥିଲେ । ଚୀନ୍ ଉପରେ ନଜର ରଖିବା ଏବଂ ଆଫଗାନିସ୍ତାନର ଖଣିଜ ସମ୍ପଦ ପର୍ଯ୍ୟନ୍ତ ପହଞ୍ଚିବା ଏହାର ଉଦ୍ଦେଶ୍ୟ । ଏହା ପୂର୍ବରୁ ଟ୍ରମ୍ପ ପାନାମା କେନାଲ ଏବଂ ଗ୍ରୀନଲାଣ୍ଡ ଭଳି କ୍ଷେତ୍ରକୁ କବ୍‌ଜା କରିବାକୁ କହିଥିଲେ । କାନାଡ଼ାକୁ ମଧ୍ୟ ଆମେରିକୀୟ ରାଜ୍ୟ କରିବାର ଇଚ୍ଛା ପ୍ରକଟ କରିଥିଲେ । ଏବେ ବଗରାମ ଉପକ।ରେ ସେ ଆଖି ପକାଇଛନ୍ତି ।

## ସୁରକ୍ଷା ଲାଗି କରତାରପୁର କରିଡର ଏବେ ଖୋଲିବ ନାହିଁ

ଅମୃତସର, ୨୧।୯ (ଏଜେନ୍ସି): ପାକିସ୍ତାନର ନାରେୱାଲ ଜିଲ୍ଲାରେ ଥିବା କରତାରପୁର ସାହିବ ଗୁରୁଦ୍ୱାରକୁ ଶ୍ରଦ୍ଧାଳୁଙ୍କ ପାଇଁ ଖୋଲି ଦିଆଯାଇଛି । କିନ୍ତୁ ଭାରତ ସରକାର ଏହି କରିଡର ଖୋଲିବା ନେଇ କୌଣସି ନିଷ୍ପତ୍ତି ନେଇନାହାନ୍ତି । ଫଳରେ ପଞ୍ଜାବ କଂଗ୍ରେସ, ଆମ ଆଦମୀ ପାର୍ଟି ଓ ଶିରୋମଣି ଗୁରୁଦ୍ୱାର ପ୍ରବନ୍ଧକ କମିଟି (ଏସ୍‌ଜିପିସି) ସରକାରଙ୍କ ଏଭଳି ନିଷ୍ପତ୍ତିକୁ କଡ଼ା ବିରୋଧ କରିଛନ୍ତି । ସୁରକ୍ଷା ତଥା ନିରାପତ୍ତା କାରଣରୁ ଏହି କରିଡରକୁ ଖୋଲାଯିବ ନାହିଁ ବୋଲି କୁହାଯାଇଛି ।

ପାକିସ୍ତାନ ପଞ୍ଜାବରେ ନିକଟରେ ହୋଇଥିବା ଭୟଙ୍କର ବନ୍ୟା ଯୋଗୁ କରତାପୁର ଗୁରୁଦ୍ୱାର ପରିସରରେ ୧୧ ଫୁଟ ପର୍ଯ୍ୟନ୍ତ ପାଣି ଭରି ଯାଇଥିଲା ଓ ଏଥିପାଇଁ ଗୁରୁଦ୍ୱାରକୁ ବନ୍ଦ କରିବାକୁ ପଡିଥିଲା । ଏବେ ବନ୍ୟା ଚାଲିଯିବା ପରେ ମରାମତି ଓ ସଫେଇ କାର୍ଯ୍ୟ ସମ୍ପୂର୍ଣ୍ଣ ହେବା ପରେ ଦର୍ଶନ ପାଇଁ ଶ୍ରଦ୍ଧାଳୁଙ୍କୁ ଅନୁମତି ଦିଆଯାଉଛି । କିନ୍ତୁ ଭାରତୀୟ ଶ୍ରଦ୍ଧାଳୁ ସେଠାକୁ ଯାଇପାରୁ ନାହାନ୍ତି । କାରଣ ଅପରେସନ ସିନ୍ଦୂର ସମୟରୁ କରତାରପୁର କରିଡରକୁ ବନ୍ଦ କରିବାକୁ ପଡିଛି । କିନ୍ତୁ ଯଦି ପାକିସ୍ତାନ ସହିତ ଭାରତ କ୍ରିକେଟ ମ୍ୟାଚ୍ ଖେଳିପାରୁଛି, ତେବେ କରିଡର କାହିଁକି ଖୋଲାଯାଇପାରିବ ନାହିଁ ବୋଲି ଏସ୍‌ଜିପିସି ପ୍ରଶ୍ନ କରିଛି ।

## ପୁଣି ଟ୍ରମ୍ପଙ୍କ ଦାବି; ଭାରତ-ପାକ୍ ଯୁଦ୍ଧ ଅଟକାଇଛି

ନ୍ୟୁୟର୍କ, ୨୧।୯ (ଏଜେନ୍ସି): ନୋବେଲ ଶାନ୍ତି ପୁରସ୍କାର ପାଇବାର ମୋହକୁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଛାଡ଼ି ପାରୁନାହାନ୍ତି । ଏହି ପୁରସ୍କାରକୁ ହାତେଇବା ପାଇଁ ସେ ପୁଣି ଭାରତ-ପାକିସ୍ତାନ ଯୁଦ୍ଧ ବନ୍ଦ କରିଥିବାର ଦାବିକୁ ଦୋହରାଇଛନ୍ତି । ବାଣିଜ୍ୟ କାରବାର ଆଳରେ ଏ ପର୍ଯ୍ୟନ୍ତ ୭ଟି ଯୁଦ୍ଧ ଅଟକାଇଲିଣି । ତେଣୁ ମୁଁ ନୋବେଲ ପୁରସ୍କାର ପାଇବାକୁ ହକ୍‌ଦାର ବୋଲି ଟ୍ରମ୍ପ କହିଛନ୍ତି । 'ଆମେରିକାନ କର୍ଣ୍ଣରଷ୍ଟୋନ ଇନଷ୍ଟିଚ୍ୟୁଟ ଫାଉଣ୍ଡର୍ସ ଡିନର'ରେ ସାମିଲ ହୋଇ ଟ୍ରମ୍ପ ଶନିବାର ଏହି ଟିପ୍ପଣୀ ଦେଇଥିଲେ ।

**ମୁଁ ନୋବେଲ ପାଇବାକୁ ହକ୍‌ଦାର**

ଟ୍ରମ୍ପ କହିଥିଲେ ଯେ ବିଶ୍ୱସ୍ତରରେ ଆମେ ପୁଣି ଥରେ ଏପରି କାମ କରୁଛୁ, ଯେଉଁଥି ପାଇଁ ଆମେରିକାକୁ ସମ୍ମାନ ଦିଆଯାଉଛି । ପୂର୍ବରୁ କେବେ ଆମକୁ ଏପରି ସମ୍ମାନ ଦିଆଯାଇ ନାହିଁ । ଆମେ ଶାନ୍ତି ଚୁକ୍ତି କରି ଯୁଦ୍ଧ ବନ୍ଦ କରାଉଛୁ । ଭାରତ-ପାକିସ୍ତାନ, ଥାଇଲାଣ୍ଡ-କାମ୍ବୋଡିଆ, ଆର୍ମେନିଆ-ଆଜରବୈଜାନ, କୋସୋଭୋ-ସର୍ବିଆ, ଇସ୍ରାଏଲ-ଇରାନ, ଇଜିପ୍ଟ-ଇଥିଓପିଆ, ରାୱାଣ୍ଡା-କଙ୍ଗୋ ଆଦି ଯୁଦ୍ଧ ବନ୍ଦ କରିଛୁ । ଭାରତ ଏବଂ ପାକିସ୍ତାନର ନେତାଙ୍କୁ ସମ୍ମାନ କରୁଛି । ଉଭୟ ଦେଶ ଆମ ସହ ବାଣିଜ୍ୟ କାରବାର କରିବାକୁ ଚାହୁଁଥିଲେ । ତେଣୁ ଏହାକୁ ପାଥେୟ କରି ଆମେ ଯୁଦ୍ଧ ବନ୍ଦ କରିଥିଲୁ । ଏ ପର୍ଯ୍ୟନ୍ତ ଟ୍ରମ୍ପ ୪୦ ଥର ଏହି ଯୁଦ୍ଧ ବନ୍ଦ ଦାବି କଲେଣି । ୬୦ ପ୍ରତିଶତ ଯୁଦ୍ଧ କେବଳ ବାଣିଜ୍ୟ ପାଇଁ ବନ୍ଦ ହୋଇଛି ବୋଲି ସେ କହିଥିଲେ ।

ରୁଷିଆ ଏବଂ ୟୁକ୍ରେନ ଯୁଦ୍ଧ ବନ୍ଦ କରିଦେଲେ ନୋବେଲ ଶାନ୍ତି ପୁରସ୍କାର ପାଇବାକୁ ଯୋଗ୍ୟ ହେବେ ବୋଲି ଟ୍ରମ୍ପଙ୍କୁ କୁହାଯାଇଥିଲା । ଏହାର ଉତ୍ତରରେ ଟ୍ରମ୍ପ କହିଥିଲେ ଯେ ବାକି ସାତୋଟି ଯୁଦ୍ଧ ବନ୍ଦ କରିବାକୁ ନେଇ କ'ଣ ମିଳିବ । ମୋତେ ପ୍ରତ୍ୟେକ ଯୁଦ୍ଧ ବନ୍ଦ ପାଇଁ ନୋବେଲ ପୁରସ୍କାର ମିଳିବା ଉଚିତ । କିନ୍ତୁ ରୁଷ-ୟୁକ୍ରେନ ଯୁଦ୍ଧ ବନ୍ଦ କଲେ ନୋବେଲ ପାଇବାକୁ ଯୋଗ୍ୟ ହେବେ ବୋଲି ସେମାନେ କହିଥିଲେ । କାରଣ ଏହା ହେଉଛି ସବୁଠୁ ବଡ଼ ଯୁଦ୍ଧ ।

## ଏଲ୍‌ଓସିରେ ଭାରତ-ପାକ୍ ଗୁଳି ବିନିମୟ

ନୂଆଦିଲ୍ଲୀ,୨୧।୯ (ଏଜେନ୍ସି): ଜମ୍ମୁ-କଶ୍ମୀରର ନିୟନ୍ତ୍ରଣ ରେଖା (ଏଲ୍‌ଓସି)ରେ ପୁଣି ଥରେ ଉତ୍ତେଜନା ସୃଷ୍ଟି ହୋଇଛି । କୁପୱାଡା ଜିଲ୍ଲାର ନାଉଗାଁ ସେକ୍ଟରରେ ପାକିସ୍ତାନ ପୋଷ୍ଟରୁ ୪ ରାଉଣ୍ଡ ଗୁଳିବର୍ଷା କରାଯାଇଥିଲା । ଭାରତୀୟ ଯବାନମାନେ ମଧ୍ୟ ଏହାର କଡ଼ା ଜବାବ ଦେଇଛନ୍ତି । ଏଥିରେ କେହି ମୃତାହତ ହୋଇଥିବାର ଖବର ମିଳିନାହିଁ । ଏବେ ସୀମା ଶାନ୍ତ ରହିଛି । ଏହି ଘଟଣାକୁ ଔପଚାରିକ ଭାବେ ଅସ୍ତ୍ର ବିରତିର ଉଲ୍ଲଂଘନ ବୋଲି କୁହାଯିବ ନାହିଁ ବୋଲି ଭାରତୀୟ ସେନା ସୂତ୍ରରୁ ଜଣାଯାଇଛି । ସେନା ତରଫରୁ ଏ ନେଇ ଆନୁଷ୍ଠାନିକ ଭାବେ କୌଣସି ମନ୍ତବ୍ୟ ଦିଆଯାଇନାହିଁ । ଉଲ୍ଲେଖଥାଉ କି, ଶୀତଋତୁ ଆସିବା ପୂର୍ବରୁ ପାକିସ୍ତାନ ସେନା ଗୁଳିବର୍ଷଣ କରି ଆତଙ୍କବାଦୀମାନଙ୍କୁ ଅନୁପ୍ରବେଶ କରିବା ପାଇଁ କ୍ଷେତ୍ର ପ୍ରସ୍ତୁତ କରିଥାଏ । ଅବଶ୍ୟ ଏ ନେଇ ଭାରତୀୟ ସେନା ଭଲଭାବେ ଅବଗତ ରହିଛି ।

## କେନ୍ଦ୍ରର ଭିଡ଼ ନିୟନ୍ତ୍ରଣ ଚିନ୍ତା

ନୂଆଦିଲ୍ଲୀ, ୨୧।୯ (ଏଜେନ୍ସି): ଭିଡ଼ ନିୟନ୍ତ୍ରଣକୁ ନେଇ କେନ୍ଦ୍ର ସରକାରଙ୍କ ଚିନ୍ତା ବୃଦ୍ଧି ପାଇଛି । ଏହାକୁ ନେଇ ସରକାର ମାର୍ଗଦର୍ଶିକା ପ୍ରସ୍ତୁତ କରିଛନ୍ତି । ବିକ୍ଷୋଭ ପ୍ରଦର୍ଶନ ଏବଂ ବଡ଼ ଆୟୋଜନଗୁଡିକ ପାଇଁ ଏଥିରେ ଧ୍ୟାନ ଦିଆଯାଇଛି । କୁମ୍ଭ ଭଳି ମେଳା, ଖେଳ ଷ୍ଟାଡିୟମ, ଧାର୍ମିକ କାର୍ଯ୍ୟକ୍ରମ ଏବଂ ବାବାମାନଙ୍କ ପ୍ରବଚନ ଆଦି ମଧ୍ୟ ସାମିଲ ରହିଛି । ସାମ୍ପ୍ରଦାୟିକ ଦଙ୍ଗା, ଛାତ୍ରଛାତ୍ରୀଙ୍କ ଆନ୍ଦୋଳନ ଏବଂ ସାମାଜିକ ଗଣମାଧ୍ୟମରେ ଚାଲିଥିବା ଜନଆକ୍ରୋଶ ମଧ୍ୟ ଏହାର ପରିସରରେ ରହିଛି । ନୂଆ ପରିସ୍ଥିତିକୁ ଦେଖି ସ୍ୱରାଷ୍ଟ୍ର ମନ୍ତ୍ରାଳୟ ମାର୍ଗଦର୍ଶିକା ପ୍ରସ୍ତୁତ କରିଛି । ସାମାଜିକ ଗଣମାଧ୍ୟମ ଯୁଗରେ ଖୁବଶୀଘ୍ର ଅପପ୍ରଚାର ବ୍ୟାପିଯାଉଛି । ଭିଡ଼ର ନୂଆ ମାନସିକତା ଉପରେ ଗବେଷଣା କରାଯାଇଛି । ଏହାକୁ ଆଧାର କରି 'କ୍ରାଉଡ କଣ୍ଟ୍ରୋଲ ଆଣ୍ଡ ମାସ୍ ଗ୍ୟାଦରିଂ ମ୍ୟାନେଜମେଣ୍ଟ' ମାର୍ଗଦର୍ଶିକା ପ୍ରସ୍ତୁତ କରାଯାଇଛି । ଗତ କିଛି ବର୍ଷ ହେଲା ସାମାଜିକ ଗଣମାଧ୍ୟମରୁ ସୃଷ୍ଟି ହୋଇଥିବା ଆକ୍ରୋଶ ଅଚାନକ ବିକ୍ଷୋଭରେ ବଦଳି ଯାଉଥିବା ଦେଖାଯାଉଛି । ଏଥିଯୋଗୁଁ ଭାରତର ତିନୋଟି ପଡୋଶୀ ଦେଶ ନେପାଳ, ବାଂଲାଦେଶ ଏବଂ ଶ୍ରୀଲଙ୍କାର ସରକାର ଭୁଶୁଡି ଯାଇଛି । ଏହାକୁ ଦେଖି ଭାରତ ସରକାର ମାର୍ଗଦର୍ଶିକା ଆଣିଥିବା କୁହାଯାଉଛି । 'ବ୍ୟୁରୋ ଅଫ୍ ପୁଲିସ ରିସର୍ଚ୍ଚ ଆଣ୍ଡ ଡେଭଲପମେଣ୍ଟ' ଏହି ଏସଓପି ପ୍ରସ୍ତୁତ କରିଛି । ଏଥିରେ ଅରାଜକତା ସୃଷ୍ଟି କରୁଥିବା ସଭା ପରିଚାଳନାର ଉପାୟ ଦିଆଯାଇଛି । ସାମାଜିକ ଗଣମାଧ୍ୟମ ପରିଚାଳନା ଏବଂ ଏହାର ଜବାବୀ ଉପାୟ ବିଷୟକୁ ମଧ୍ୟ ଯୋଡ଼ା ଯାଇଛି । ଭିଡ଼ ନିୟନ୍ତ୍ରଣ ମଡ୍ୟୁଲାର ମନୋବିଜ୍ଞାନ, ସାମାଜିକ ଏବଂ ଲଜିଷ୍ଟିକ ଦିଗ ସାମିଲ ରହିଛି । ବେଆଇନ ଭାବେ ଗୋଟିଏ ସ୍ଥାନରେ ଏକାଠି ହେବା ଏବଂ ଆକ୍ରମକ ବିକ୍ଷୋଭ ପ୍ରଦର୍ଶନ ପାଇଁ ସୁରକ୍ଷାବାହିନୀ ମୁତୟନର ମଡେଲ ଦିଆଯାଇଛି । ଚାଷୀ ଏବଂ ଶ୍ରମିକଙ୍କ ରାଲି ନିମନ୍ତେ ଅଲଗା ବ୍ୟବସ୍ଥାର ପ୍ରସ୍ତାବ ରହିଛି ।

**ଗାଇଡଲାଇନ୍ସ ଜାରି**

# ନେତାଙ୍କୁ ବାସ୍ତୁ ଭୟ: ସଚିବାଳୟ ଛାଡ଼ିଲେ ତେଲଙ୍ଗାନା ମୁଖ୍ୟମନ୍ତ୍ରୀ

ନୂଆଦିଲ୍ଲୀ, ୨୧।୯ (ଏଜେନ୍ସି):

ଏବେ ରାଜନୀତିରେ ବାସ୍ତୁକୁ ନେଇ ଜୋରସୋର୍‌ରେ ଚର୍ଚ୍ଚା ଚାଲିଛି । ତେଲଙ୍ଗାନାର ସବୁଠାରୁ ଯୁବ ମୁଖ୍ୟମନ୍ତ୍ରୀ ଏ. ରେଭନ୍ତ ରେଡ୍ଡୀ (୫୫)ଙ୍କୁ ବାସ୍ତୁଦୋଷ ଭୟ ଘାରିଛି । ସେ ଏତେ ଭୟଭୀତ ହୋଇଯାଇଛନ୍ତି ଯେ ରାଜ୍ୟ ସଚିବାଳୟରେ ଆଉ ବସୁ ନାହାନ୍ତି । ସେ ସଚିବାଳୟର ନୂଆ କୋଠା ଛାଡ଼ି ପଳାଇଛନ୍ତି । ବଞ୍ଜାରା ହିଲ୍ସ ସ୍ଥିତ ହାଇ ସିକ୍ୟୁରିଟି ବ୍ୟବସ୍ଥା ଥିବା ତେଲଙ୍ଗାନା ପୁଲିସର କମାଣ୍ଡ ଆଣ୍ଡ କଣ୍ଟ୍ରୋଲ ସେଣ୍ଟରରୁ କାମ କରୁଛନ୍ତି । ସଚିବାଳୟର ନୂଆ କୋଠାରେ ବାସ୍ତୁଦୋଷ ରହିଛି ବୋଲି ସେ କହୁଛନ୍ତି । ରେଭନ୍ତଙ୍କ ସମ୍ବନ୍ଧିତ ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି ଯେ ୬୫୦ କୋଟି ଟଙ୍କାରେ ପ୍ରସ୍ତୁତ ଏହି ୭ ମହଲା ବିଶିଷ୍ଟ ସଚିବାଳୟରେ ମୁଖ୍ୟମନ୍ତ୍ରୀଙ୍କ ଭବ୍ୟ କାର୍ଯ୍ୟାଳୟ ରହିଛି । ମନ୍ତ୍ରୀ, ମୁଖ୍ୟ ସଚିବଙ୍କ ସମେତ ପ୍ରମୁଖ ଅମଲାତାନ୍ତ୍ରିକ ଅଧିକାରୀଙ୍କ କାର୍ଯ୍ୟାଳୟ ମଧ୍ୟ ଏଠାରେ ରହିଛି । ପୂର୍ବତନ ମୁଖ୍ୟମନ୍ତ୍ରୀ ତଥା ବିଆରଏସ ମୁଖ୍ୟ କେ.ଚନ୍ଦ୍ରଶେଖର ରାଓଙ୍କ ସମୟରେ ଏହି କୋଠା ନିର୍ମାଣ ହୋଇଥିଲା । ସେ ୨୦୨୩ ଏପ୍ରିଲ ୩୦ରେ ଏହାକୁ ଉଦ୍‌ଘାଟନ କରିଥିଲେ । କିନ୍ତୁ ଡିସେମ୍ବରରେ ଅନୁଷ୍ଠିତ ବିଧାନସଭା ନିର୍ବାଚନରେ ସେ ହାରି ଯାଇଥିଲେ । ପରେ କଂ।ଗ୍ରେସ ନେତା ମୁଖ୍ୟମନ୍ତ୍ରୀ ଭାବେ ଶପଥ ।ନେଇଥିଲେ ।

ପୁରୁଣା ସଚିବାଳୟ କୋଠାରେ ବାସ୍ତୁଦୋଷ ଥିବା ଭାବି କେସିଆର ନୂତନ ସଚିବାଳୟ ନିର୍ମାଣ କରିଥିଲେ । ଏଥିପାଇଁ ବାସ୍ତୁ ନୀତି ଅନୁସରଣ କରି କାର୍ଯ୍ୟାରମ୍ଭ କରିଥିଲେ । ମୁଖ୍ୟମନ୍ତ୍ରୀ ଭାବେ ଦୁଇ ଥରର କାର୍ଯ୍ୟକାଳ ମଧ୍ୟରେ ସେ ପ୍ରାୟ ୨୪ ଥର ପୁରୁଣା ସଚିବାଳୟ ବୁଲିବାକୁ ଯାଇଥିଲେ । ସେ ତାଙ୍କର ଅଧିକାଂଶ କାର୍ଯ୍ୟ କ୍ୟାମ୍ପ ଅଫିସ ତଥା ବାସଭବନ ପ୍ରଗତି ଭବନରୁ କରୁଥିଲେ ।

**ପୁଲିସ କମାଣ୍ଡ ସେଣ୍ଟରରୁ କରୁଛନ୍ତି କାମ**

**୬୫୦ କୋଟିରେ ପ୍ରସ୍ତୁତ ହୋଇଥିଲା ନୂଆ କୋଠା**

କଂଗ୍ରେସ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, କୋଠାର ମୁଖ୍ୟ ପ୍ରବେଶ ଦ୍ୱାର ପ୍ରଥମେ ପୂର୍ବ ଦିଗକୁ ମୁହଁ କରି ରହିଥିଲା । ପରେ ଏହାକୁ ବନ୍ଦ କରି ଦକ୍ଷିଣ-ପୂର୍ବକୁ ସ୍ଥାନାନ୍ତରିତ କରାଯାଇଥିଲା । କେସିଆର ପ୍ରଥମେ ପୂର୍ବ ଦିଗରୁ ପ୍ରବେଶ କରିଥିଲେ । କିନ୍ତୁ ଗତ ବିଧାନସଭା ନିର୍ବାଚନ ପୂର୍ବରୁ ସେ ପୂର୍ବ ପ୍ରବେଶ ଦ୍ୱାରକୁ ବନ୍ଦ କରିଦେଇଥିଲେ ।


ରେଭନ୍ତଙ୍କ ଘନିଷ୍ଠଙ୍କ ଅନୁଯାୟୀ, ମୁଖ୍ୟମନ୍ତ୍ରୀ ହେବା ପରଠାରୁ ସେ ନୂତନ କୋଠାରେ ବାରମ୍ବାର ଅଣ-ନିଶ୍ୱାସୀ ଅନୁଭବ କରିଥିଲେ । ପରେ ଯାଞ୍ଚରୁ ବାସ୍ତୁଦୋଷ ଥିବା ଜଣାପଡ଼ିଥିଲା । ଏହାକୁ ସୁଧାରିବା ପରିବର୍ତ୍ତେ ମୁଖ୍ୟମନ୍ତ୍ରୀ ପୁଲିସ ନିୟନ୍ତ୍ରଣ କକ୍ଷରେ ରହିବାକୁ ପସନ୍ଦ କରିଥିଲେ । ସେ କେବଳ ସ୍ୱତନ୍ତ୍ର ପ୍ରତିନିଧି କିମ୍ବା ଅତିଥିଙ୍କୁ ଭେଟିବା ସମୟରେ ନୂତନ ସଚିବାଳୟକୁ ଯାଇଥାନ୍ତି । ମୁଖ୍ୟମନ୍ତ୍ରୀଙ୍କ ଅନ୍ୟ ଘନିଷ୍ଠଙ୍କ ଅନୁଯାୟୀ କେସିଆରଙ୍କ ଅନେକ ବିଶ୍ୱସ୍ତ କର୍ମଚାରୀ ସଚିବାଳୟରେ ରହିଛନ୍ତି । ପ୍ରାରମ୍ଭରେ ମୁଖ୍ୟମନ୍ତ୍ରୀ ରେଭନ୍ତ ନୂତନ କୋଠାକୁ ଯିବା ପରେ ଅନେକ ବୈଠକ କରିଥିଲେ । କିନ୍ତୁ ଏହାର ସବୁ ସୂଚନା ବାହାରକୁ ବାହାରି ଯାଇଥିଲା । ବର୍ଷ ଆରମ୍ଭରେ ଫୋନ୍ ଟ୍ୟାପିଂ ଦୁର୍ନୀତି ରେଭନ୍ତଙ୍କ ସନ୍ଦେହକୁ ଆହୁରି ମଜବୁତ କରିଥିଲା । ଏହା ପରେ ରେଭନ୍ତ ଧୀରେ ଧୀରେ ପୋଲିସ କମାଣ୍ଡ ସେଣ୍ଟରକୁ ସ୍ଥାନାନ୍ତରିତ ହେବା ଆରମ୍ଭ କରିଥିଲେ ।



ନାମ ଗୋପନ ରଖି ଜଣେ ବିଆରଏସ ନେତା କହିଛନ୍ତି ଯେ କେସିଆର ନିଜର ରାଜନୈତିକ ଉତ୍ତରାଧିକାରୀ ତଥା ପୁଅ କେ.ଟି. ରାମା ରାଓଙ୍କ ପାଇଁ ନୂତନ କୋଠା ନିର୍ମାଣ କରିଥିଲେ । ଅଗ୍ନି ସୁରକ୍ଷା ମାନ ଖରାପ ଥିବା ଦର୍ଶାଇ ସେ ପ୍ରାୟ ୭୦ କୋଟି ଟଙ୍କା ବ୍ୟୟ କରି ପୁରୁଣା ସଚିବାଳୟକୁ ଭାଙ୍ଗି ଦେଇଥିଲେ ।

କରୋନା ସମୟରେ ଏପରି କରାଯାଇଥିଲା । ସେତେବେଳେ ରାଜ୍ୟ ଭୟଙ୍କର ଆର୍ଥିକ ସଙ୍କଟରେ ଥିଲା । ତେଣୁ କଂଗ୍ରେସ ସମେତ ଅନ୍ୟ ବିରୋଧୀ ଦଳଗୁଡ଼ିକ ଏହି ପଦକ୍ଷେପକୁ ବିରୋଧ କରିଥିଲେ । ମୁଖ୍ୟମନ୍ତ୍ରୀ ଅଯଥାରେ ଅର୍ଥ ବ୍ୟୟ କରୁଥିବା କହିଥିଲେ । ଅପବ୍ୟୟ ଖର୍ଚ୍ଚ ବୋଲି କହିଥିଲେ । ଏହା ସତ୍ତ୍ୱେ କେସିଆର ବିଆରଏସକୁ ଏକ ଜାତୀୟ ଶକ୍ତି ଭାବରେ ପୁନର୍ଗଠିତ କରିବାକୁ ଚାହିଁଥିଲେ ।

୨୦୨୩ ବିଧାନସଭା ନିର୍ବାଚନରେ ପରାଜୟ ପରେ କେସିଆର ବଞ୍ଜାରା ହିଲ୍ସରେ ଥିବା ଦଳୀୟ ମୁଖ୍ୟାଳୟ 'ତେଲଙ୍ଗାନା ଭବନ'ର ମୁଖ୍ୟ ପ୍ରବେଶ ଦ୍ୱାରର ଦିଗ ପରିବର୍ତ୍ତନ କରିଥିଲେ । ପୂର୍ବରୁ ତେଲଙ୍ଗାନା ଭବନର ମୁଖ୍ୟ ଦ୍ୱାର ଉତ୍ତର-ପଶ୍ଚିମ ଦିଗକୁ ଥିଲା । ମାତ୍ର ପରେ ଉତ୍ତର-ପୂର୍ବ ଦିଗରେ ଆଉ ଏକ ଦ୍ୱାର ଖୋଲାଯାଇଥିଲା । ଜଣେ ଦଳୀୟ ନେତା କହିଥିଲେ ଯେ କୋଠା ସାମ୍ନାରେ ଏକ ବିଧି ପୋଟୁ ତଥା ଟି-ଜଙ୍କସନ୍ ଅଛି । ଯେଉଁଠାରେ ତିନୋଟି ରାସ୍ତା ଗୋଟିଏ ସ୍ଥାନରେ ମିଶୁଛି । ବାସ୍ତୁ ଅନୁସାରେ ଏହା ନକାରାତ୍ମକ ଶକ୍ତିକୁ ଆକର୍ଷିତ କରିଥାଏ । ଏହାକୁ ଦୂର କରିବା ପାଇଁ ମୁଖ୍ୟ ଦ୍ୱାରର ଦିଗ ପରିବର୍ତ୍ତନ କରାଯାଇଥିଲା ।



ମହାଳୟାରେ ମା' ସମଲେଶ୍ୱରୀଙ୍କ ଧବଳମୁଖୀ ବେଶ

# ବାଣ ଗୋଦାମରେ ବିସ୍ଫୋରଣ:୨ ମୃତ,୧୨ ଆହତ

ହରଭଙ୍ଗା,୨୧।୯(ସମିସ): ବୌଦ୍ଧ ଜିଲ୍ଲା ହରଭଙ୍ଗା ବ୍ଲକ୍ ପୁରୁଣାକଟକ ଥାନା ଜିଆଁକଟା ଗ୍ରାମରେ ରବିବାର ସକାଳେ ଭୟଙ୍କର ବାଣ ବିସ୍ଫୋରଣ ଘଟି ୨ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ୧୨ଜଣ ଗୁରୁତର ଅବସ୍ଥାରେ ମେଡିକାଲରେ ଭର୍ତ୍ତି ହୋଇଛନ୍ତି। ଅନ୍ୟପଟେ ଭୟଙ୍କର ବିସ୍ଫୋରଣରେ ବିଦ୍ୟୁତ୍ ଖୁଣ୍ଟ ଠାରୁ ଆରମ୍ଭ କରି ଘର,ଅଟୋ,ବାଇକ୍ ଏପରିକି ବାଣଥିବା ଘର ସମ୍ପୂର୍ଣ୍ଣ ମାଟିରେ ମିଶିଯାଇଛି। ଭୟଙ୍କର ବିସ୍ଫୋରଣ ଶବ୍ଦରେ ଲୋକଙ୍କ ଛାତିଥରି ଉଠିଥିଲା। ଖବରପାଇ ଘଟଣାସ୍ଥଳରେ ବୌଦ୍ଧ ଏସ୍‌ପି ରାହୁଲ ଗୋୟେଲ,ବୌଦ୍ଧ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପ୍ରଧାନ,ବୌଦ୍ଧ ଉପଜିଲ୍ଲାପାଳ ବିନୟ କୁମାର ଭୋଇ,ହରଭଙ୍ଗା ତହସିଲଦାର ବଳଦେବ ବେହେରା,ଅତିରିକ୍ତ ତହସିଲଦାର ସନ୍ଦିପ ଶୁଭଦର୍ଶନ ଧଳ,ସ୍ଥାନୀୟ ସରପଞ୍ଚ ଅଶୋକ କୁମାର ସେଠୀ,ହରଭଙ୍ଗା ଅଗ୍ନିଶମ ବାହିନୀ,ବୌଦ୍ଧ ଆଇଆଇସି ନଳିନୀକାନ୍ତ ଦାସ,ପୁରୁଣାକଟକ ଆଇଆଇସି ଅରୁଣ କୁମାର ସିଂ,ହରଭଙ୍ଗା ଆଇଆଇସି ବାଲ୍ମିକୀ ପ୍ରଧାନଙ୍କ ସମେତ ଓଡ୍ରାଫ୍ ଟିମ୍, ଅଗ୍ନିଶମ ,ସାଇଣ୍ଟିଫିକ୍ ଟିମ୍,ଡଗ୍ ସ୍କ୍ୱାର୍ଡ,ବମ୍ ଡିଟେକ୍ସନ ଏବଂ ପୁଲିସ ଟିମ୍ ପ୍ରମୁଖ ଘଟଣାସ୍ଥଳରେ ପହଁଞ୍ଚି ଘଟଣାର ତଦନ୍ତ କରିବା ସହ ଉଦ୍ଧାର କାର୍ଯ୍ୟ କରିଥିଲେ। ଲକ୍ଷ୍ମୀଧର ବେହେରା(୫୦)ଙ୍କ ସହ



ଆଉ ଜଣଙ୍କ ମୃତ୍ୟୁ ଘଟିଥିବା ଜଣାପଡିଛି। ଏହା ସହିତ ଭଗବାନ ବେହେରା, ଅନନ୍ତ ବେହେରା, ଶାନ୍ତି ବାଘ,ଶ୍ରୀମନ୍ତ ବାଘ,ଅମର ବେହେରା, ମୋହନ ବେହେରା, କୁମୁଦିନୀ ବେହେରା, ଖଗେଶ୍ୱର ବେହେରା, ପ୍ରବାସୀ ବେହେରା, ଚନ୍ଦ୍ରିକା ବେହେରା,ରେଖା ବେହେରାଙ୍କ ସମେତ ୧୨ଜଣ ଗୁରୁତର ଆହାତ ହୋଇଥିବା ଜଣାପଡିଛି। ଅନ୍ୟପଟେ ରମା ଭୋକ୍ତା ନାମକ ଜଣେ ମହିଳା ନିଖୋଜ ଥିବା କୁହାଯାଉଛି। ସେହିପରି ଗ୍ରାମରେ ସତ୍ୟନାରାୟଣ ନାୟକ ସମେତ ପାଖ ଆଖରେ ଥିବା ଅନେକ ଲୋକଙ୍କ ପକ୍କାଘର ,ଆଜବେଷ୍ଟସ୍ ଘର ଭାଙ୍ଗିଥିବା ଜଣାପଡିଛି। ସୂଚନା ଅନୁସାରେ ଜିଆଁକଟା ଗ୍ରାମର ମାଗିସାହୁ ନାମକ ବ୍ୟକ୍ତି ଏକ ସିଲଭର ଫ୍ୟାକ୍ଟ୍ରି କରି କଂସାବାସନ କରି ବହୁଦିନ ହେଲା ସେଠାରେ ବ୍ୟବସାୟ କରୁଥିଲେ। ସେ ୧୦/୧୨ଟି ଛୋଟ ଛୋଟ ଆଜବେଷ୍ଟସ ଛପର ଘରକୁ ଭଡ଼ା ରେ ଦେଇଥିଲେ। ସେହି ଘରେ ପ୍ଲାଷ୍ଟିକ୍ ବ୍ୟବସାୟ ଠାରୁ ଆରମ୍ଭ କରି ମୁଢ଼ି ବ୍ୟବସାୟ କରୁଥିବା ଲୋକଙ୍କ ସହିତ କିଛି ଶ୍ରମିକ ଶ୍ରେଣୀର ଲୋକେ ସେଠାରେ ଭଡ଼ାରେ ରହୁଥିଲେ। ରବିବାର ସକାଳେ ପ୍ରାୟତଃ ସମସ୍ତେ କାମଧନ୍ଦାରେ ବାହାରି ଯାଇଥିଲେ। ସକାଳ ପ୍ରାୟ୧୦.୩୦ ସମୟରେ ଉକ୍ତ ଘରୁ ଭୟଙ୍କର ବାଣ ବିସ୍ଫୋରଣ ଘଟିଥିଲା।ଏଥିରେ ଚାରିଆଡ ଧୂଆଁମୟ ହୋଇଯାଇଥିଲା। ବିସ୍ଫୋରଣର ପ୍ରକୋପ ଏତେ ଭୟଙ୍କର ରହିଥିଲା ଯେ ଏକ କିଲୋମିଟର ଦୂରରେ ଥିବା ପୁରୁଣାକଟକ ଏବଂ ଚାରିଛକ ବଜାରରେ ଏକ ଭୂମିକମ୍ପ ଭଳି କମ୍ପନ ସୃଷ୍ଟି ହେବା ସହିତ ଲୋକଙ୍କ ଦୋକାନ ଘର କାଚ ଭାଙ୍ଗିଯାଇଥିଲା। ଏପରିକି ଅନେକ ଲୋକଙ୍କ ଘରଦ୍ୱାର ଭାଙ୍ଗିବା ସହିତ ଗୁରୁତର ଅବସ୍ଥାରେ ଅନେକ ଚିକିତ୍ସାଧିନ ଥିବା ଜଣାପଡିଛି। ଘଟଣାସ୍ଥଳରେ ବିଭିନ୍ନ ପ୍ରକାର ବାଣର ଖୋଳପା ପଡିଥିବା ଦେଖିବା ପରେ ବେଆଇନ ଭାବେ ଘରେ ଗଛିତ ଥିବା ବାଣରୁ ବିସ୍ଫୋରଣ ଘଟିଥିବା କୁହାଯାଉଛି। ଅନ୍ୟପଟେ କ୍ଷତିପୂରଣ ଦାବିରେ ଲୋକେ ଖୋର୍ଦ୍ଧା-ବଲାଙ୍ଗିର ୫୭ ନମ୍ବର ଜାତୀୟ ରାଜପଥ ଅବରୋଧ କରିଥିଲେ। ଘଟଣାସ୍ଥଳରେ ପୁଲିସ ପ୍ରଶାସନିକ ଟିମ୍ ସହିତ ସ୍ଥାନୀୟ ବିଜେପି ନେତା ଶୁଶାନ୍ତ ପ୍ରଧାନ, ଅଶୋକ କୁମାର ଅଗ୍ରୱାଲା ପହଞ୍ଚି ଉତ୍ୟକ୍ତ ଲୋକଙ୍କୁ ବୁଝାସୁଝା କରିବା ସହିତ କ୍ଷତିପୂରଣ ପ୍ରତିଶ୍ରୁତି ଦେବାପରେ ଦୀର୍ଘ ୪ଘଣ୍ଟା ପରେ ରାସ୍ତାରୋକ ହଟିଥିଲା। ଅନ୍ୟପଟେ ସନ୍ଧ୍ୟା ୫.୩୦ପର୍ଯ୍ୟନ୍ତ ଘଟଣାସ୍ଥଳରେ ୩ଟି ଜେସିବି ସାହାଯ୍ୟରେ ମାଟିରେ ମିଶିଥିବା ଘରର ସଫା କରାଯାଇ ମୃତାହତଙ୍କ ଅନୁସନ୍ଧାନ କରାଯାଇଥିଲା।ଏଭଳି ଏକ ସମ୍ବେଦନଶୀଳ ପ୍ରସଙ୍ଗ ଉପରେ ଉଚ୍ଚସ୍ତରୀୟ ତଦନ୍ତ କରାଯାଇ ନୀରିହ ଗାଁ ଲୋକଙ୍କୁ କ୍ଷତିପୂରଣ ଯୋଗାଇଦେବାକୁ ଗ୍ରାମବାସୀ ଦାବି କରିଛନ୍ତି।

# ହୀରାକୁଦ ପୂର୍ଣ୍ଣଗର୍ଭା, ୨ଗେଟ୍ ଖୋଲା

ସମ୍ବଲପୁର, ୨୧।୯ (ସମିସ):ହୀରାକୁଦ ଜଳଭଣ୍ଡାରର ସର୍ବୋଚ୍ଚ ଜଳଧାରଣ କ୍ଷମତା ୬୩୦ ଫୁଟ୍ ହୋଇଥିବାବେଳେ ରବିବାର ସକାଳ ପ୍ରାୟ ୮ଟା ସମୟରେ ଜଳଭଣ୍ଡାରର ଜଳସ୍ତର ଏହି ସ୍ତରକୁ ପହଞ୍ଚିଥିଲା। ଏହାପରେ ଜଳସ୍ତର ବଜାୟ ରଖାଯାଉଥିବାବେଳେ ସକାଳ ୮ଟା ୪୫ ମିନିଟ ଏବଂ ୯ଟା ୧୦ ମିନିଟ ସମୟରେ ଦୁଇଟି ସ୍ଲୁଇସ ଗେଟ୍ ଖୋଲାଯାଇଛି।ରବିବାର ସନ୍ଧ୍ୟା ୬ଟା ସମୟରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୩୦ ଫୁଟ୍ ରହିଛି। ନଦୀବନ୍ଧର ବାମ ଓ ଡାହାଣପାର୍ଶ୍ୱର ଗୋଟିଏ ଲେଖାଏ ସ୍ଲୁଇସ୍ ଗେଟ୍ ଦେଇ ବନ୍ୟାଜଳ ନିଷ୍କାସିତ ହେଉଛି। ଜଳଭଣ୍ଡାରକୁ ସେକେଣ୍ଡ ପ୍ରତି ୬୯,୨୭୦ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ସ୍ପିଲୱେ, ପାୱାର ଚେନାଲ, ଶିଳ୍ପାନୁଷ୍ଠାନ, କେନାଲ ଆଦି ଦେଇ ସମାନ ପରିମାଣର ଜଳ ନିଷ୍କାସିତ ହେଉଛି। ସ୍ପିଲୱେ ଦେଇ ୩୨,୮୮୦ ଘନଫୁଟ ଜଳପ୍ରବାହିତ ହେଉଥିବାବେଳେ ପାୱାର ଚେନାଲ ଦେଇ ୩୧,୬୩୮ ଘନଫୁଟ, ଶିଳ୍ପାନୁଷ୍ଠାନ ସକାଶେ ୨୪୩ ଘନଫୁଟ, କେନାଲ ଦେଇ ୪,୫୦୯ ଘନଫୁଟ ଜଳ ନିଷ୍କାସିତ ହେଉଛି। ହୀରାକୁଦ ନଦୀବନ୍ଧର ଉପରମୁଣ୍ଡରେ ୩.୪୮ ମିମି ବର୍ଷା ହୋଇଥିବାବେଳେ ତଳମୁଣ୍ଡରେ ୧.୮୪ ମିମି ବର୍ଷା ହୋଇଥିବା ସୂଚନା ମିଳିଛି। ଗତବର୍ଷ ଆଜିର ଦିନରେ ହୀରାକୁଦ ଜଳଭଣ୍ଡାରର ଜଳସ୍ତର ୬୨୯.୯୭ ଫୁଟ୍ ରହିଥିବା ନଦୀବନ୍ଧ ସୂତ୍ରରୁ ପ୍ରକାଶ।

# ସ୍ୱାମୀର ଠେଙ୍ଗାମାଡ଼ରେ ସ୍ତ୍ରୀ ମୃତ

ବେତନଟୀ,୨୧।୯(ସମିସ): ସ୍ୱାମୀର ଠେଙ୍ଗାମାଡ଼ରେ ସ୍ତ୍ରୀର ମୃତ୍ୟୁ ଘଟିଛି। ମୟୂରଭଞ୍ଜ ଜିଲ୍ଲା ବେତନଟୀ ଥାନା ଅଧୀନ ପୁରିନ୍ଦା ପଞ୍ଚାୟତର ଫଂସା ଗାଁରେ ପାରିବାରିକ କଳହରୁ ଏଭଳି କରୁଣ ପରିସ୍ଥିତି ଘଟିଛି। ମୃତକ ହେଲେ ସତ୍ୟଭାମା ମହାନ୍ତ। ରବିବାର ଦ୍ୱିପହରରେ ସ୍ୱାମୀ ଗଣେଶ ମହାନ୍ତ ସାମାନ୍ୟ କଥାରୁ ଉତ୍କ୍ଷିପ୍ତ ହୋଇ ପତ୍ନୀ ସତ୍ୟଭାମାଙ୍କୁ ମାଡ଼ ମାରିଥିଲେ। ମନଦୁଃଖରେ ଖଟିଆରେ ସତ୍ୟଭାମା ଶୋଇଥିବାବେଳେ ଗଣେଶ ପୁଣି ଏକ ଠେଙ୍ଗାରେ ତାଙ୍କ ମୁଣ୍ଡକୁ ଶକ୍ତ ପ୍ରହାର କରିଥିଲେ। ଫଳରେ ଘଟଣାସ୍ଥଳରେ ସତ୍ୟଭାମାଙ୍କର ମୃତ୍ୟୁ ଘଟିଛି। ସତ୍ୟଭାମାଙ୍କ ଝିଅ ପଡ଼ୋଶୀ ଲୋକଙ୍କ ସହ ଜଙ୍ଗଲକୁ କାଠ ଗୋଟେଇବାକୁ ଯାଇଥିବାବେଳେ ଗଣେଶ ଏକାକୀ ପାଇ ଏଭଳି ତୁମୁଳକାଣ୍ଡ ଭିଆଇଥିବା କୁହାଯାଉଛି। ଗ୍ରାମବାସୀ ବେତନଟୀ ପୁଲିସକୁ ଖବର ଦେବାରୁ ପୁଲିସ ଏବଂ ସାଇଣ୍ଟିଫିକ୍ ଟିମ୍ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି।ଅଭିଯୁକ୍ତ ସ୍ୱାମୀ ଗଣେଶ ମହାନ୍ତଙ୍କୁ ପୁଲିସ ଅଟକ ରଖିଥିବା ଜଣାପଡ଼ିଛି।

# ମଝି ସମୁଦ୍ରରେ ଡଙ୍ଗା ଉପରେ ବଜ୍ରପାତ

## ବାପା ମୃତ, ପୁଅ ନିଖୋଜ

ମହାକାଳପଡ଼ା,୨୧।୯(ସମିସ): ମାଛ ଧରିବା କାଳ ହୋଇଛି। ମଝି ସମୁଦ୍ରରେ ବଜ୍ରପାତ ଯୋଗୁଁ ମତ୍ସ୍ୟଜୀବୀଙ୍କ ମୃତ୍ୟୁ ହୋଇଥିବାବେଳେ ପୁଅ ନିଖୋଜ ହୋଇଯାଇଛି। ମହାକାଳପଡ଼ା ବ୍ଲକ୍‌ରେ ଏଭଳି ଦୁଃଖଦ ଘଟଣା ଘଟିଛି। ତନ୍ତିଆପାଳ ସାମୁଦ୍ରିକ ଥାନା ଅଧୀନ ଗ୍ରାମର ମତ୍ସ୍ୟଜୀବୀ ବିଜୟ ପରିଡ଼ା ଓ ତାଙ୍କ ପୁଅ ଗୁଲିଆ ପରିଡ଼ା ମାଛ ଧରିବାକୁ ଡଙ୍ଗାରେ ସମୁଦ୍ରକୁ ଯାଇଥିଲେ। ଶନିବାର ଅପରାହ୍ଣରେ ଘଡ଼ଘଡ଼ି ସହ ପ୍ରବଳ ବର୍ଷା ହୋଇଥିବାବେଳେ ଡଙ୍ଗା ଉପରେ ବଜ୍ରପାତ ହୋଇଥିଲା। ବଜ୍ରପାତରେ ବିଜୟ ପରିଡ଼ା ସେହି ଜାଲ ଡଙ୍ଗା ଉପରେ ଟଳି ପଡ଼ିଥିଲେ। ରବିବାର ସକାଳେ ଅନ୍ୟ ମତ୍ସ୍ୟଜୀବୀ ସମୁଦ୍ରକୁ ମାଛ ଧରିବାକୁ ଯାଇଥିବାବେଳେ ଡଙ୍ଗା ଭାସୁଥିଲା ଓ ବିଜୟଙ୍କ ମୃତଦେହ ପଡ଼ିଥିବା ଦେଖି ବନ ବିଭାଗକୁ ଖବର ଦେବା ସହିତ ଉଦ୍ଧାର କରିଥିଲେ। ବାପା ସାଙ୍ଗରେ ଯାଇଥିବା ପୁଅ ଗୁଲୁଆ ପରିଡ଼ା ନିଖୋଜଥିବା ଜଣାପଡ଼ିବା ପରେ ବନ ବିଭାଗ, ପୁଲିସ ଟିମ୍ ବୋଟ୍ ସାହାଯ୍ୟରେ ଖୋଜାଖୋଜି ଜାରି ରଖିଥିବା ପୂର୍ବତନ ସରପଞ୍ଚ ମନୋଜ କୁମାର ପାତ୍ର କହିଛନ୍ତି।

# ପୁଲିସ ହେପାଜତରୁ ଅପହର୍ତ୍ତା ଫେରାର

# ଏଏସ୍‌ଆଇ, ୨ କନେଷ୍ଟବଳ ନିଲମ୍ବିତ

ବାଲେଶ୍ୱର/ବାହାନଗା,୨୧।୯(ସମିସ): ଏକ ନାବାଳିକା ଅପହରଣ ମାମଲାରେ ପୁଲିସ ହେପାଜତରୁ ଅପହର୍ତ୍ତା ଫେରାର ହେବା ଘଟଣାରେ ବାଲେଶ୍ୱର ଏସ୍‌ପି ପ୍ରତ୍ୟୁଷ ଦିବାକର ଗୋପାଳପୁର ଥାନାର ଜଣେ ଏଏସ୍‌ଆଇଙ୍କ ସହ ୨ କନେଷ୍ଟବଳଙ୍କୁ ନିଲମ୍ବନ କରିଛନ୍ତି। ଗୋପାଳପୁର ଥାନା ଦୋଳପୁର ଅଞ୍ଚଳର ଏକ ନାବାଳିକାକୁ ଆରୁହାବାଡ଼ ଅଞ୍ଚଳର ଜଣେ ଯୁବକ ଅପହରଣ କରିଥିବା ନେଇ ନାବାଳିକାଙ୍କ ମା' ଜୁନ ୩୦ରେ ଗୋପାଳପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପରବର୍ତ୍ତୀ ସମୟରେ ବାଲେଶ୍ୱର ଏସ୍‌ପି ଗୋପାଳପୁର ଥାନାର ଏଏସଆଇ ଦୀପକ କୁମାର ଭୋଇ, କନେଷ୍ଟବଳ ବିକାଶ କୁମାର ମହାପାତ୍ରଙ୍କ ସହ ବାଲେଶ୍ୱର ରିଜର୍ଭ କନେଷ୍ଟବଳ ସୁଚିତ୍ରା ମାଝୀଙ୍କୁ ନେଇ ଏକ ଟିମ୍ ଗଠନ କରିଥିଲେ। ପରେ ଏହି ଟିମ ସେପ୍ଟେମ୍ବର ୧୦ରେ ଟ୍ରାକ କରି ଆନ୍ଧ୍ରପ୍ରଦେଶରେ ସମ୍ପୃକ୍ତ ଯୁବକ ଜଣକ ନାବାଳିକାକୁ ଅପହରଣ କରି ରଖିଥିବାର ସନ୍ଧାନ ପାଇଥିଲେ। ପରେ ଏହି ଟିମ୍ ଆନ୍ଧ୍ର ପ୍ରଦେଶ ଯାଇ ନାବାଳିକାକୁ ଉଦ୍ଧାର କରିବା ସହ ଅଭିଯୁକ୍ତ ଯୁବକ ସଞ୍ଜୟ ରଥକୁ ଧରିବାରେ ସଫଳ ହୋଇ ଟ୍ରେନ ଯୋଗେ ଓଡ଼ିଶା ଆସୁଥିଲେ। ବିଳମ୍ବିତ ରାତିରେ ଅଭିଯୁକ୍ତ ସଞ୍ଜୟ ରଥ ଟ୍ରେନରୁ ଫେରାର ହୋଇ ଯାଇଥିଲା। ଉକ୍ତ ଟିମ ବିଭିନ୍ନ ସ୍ଥାନରେ ଖୋଜାଖୋଜି କରି ବିଫଳ ହୋଇ କେବଳ ନାବାଳିକାକୁ ଧରି ଓଡ଼ିଶା ଫେରିଥିଲେ। କାର୍ଯ୍ୟରେ ଅବହେଳା ପାଇଁ ଏସ୍‌ପି କାର୍ଯ୍ୟାନୁଷ୍ଠାନ ଗ୍ରହଣ ସ୍ୱରୂପ ଗୋପାଳପୁର ଥାନା ଏଏସଆଇ ଦୀପକ କୁମାର ଭୋଇ, କନେଷ୍ଟବଳ ବିକାଶ କୁମାର ମହାପାତ୍ରଙ୍କ ସହ ବାଲେଶ୍ୱର ରିଜର୍ଭ କନେଷ୍ଟବଳ ସୁଚିତ୍ରା ମାଝୀଙ୍କୁ ନିଲମ୍ବନ କରିଛନ୍ତି।



## ବଲାଙ୍ଗିରରେ ବିଭିନ୍ନ ପୀଠରେ ମା'ଙ୍କ ଚନ୍ଦ୍ରଘଣ୍ଟା ବେଶ


ବଲାଙ୍ଗିରର ମା' ସମଲେଶ୍ୱରୀ


କୁଶଙ୍ଗର ମା' କୁଶୁଙ୍ଗାଇ


ବଲାଙ୍ଗିରର ମା' ଦୁର୍ଗା

# ବିଶ୍ୱଶାନ୍ତି ଦିବସରେ ସ୍କାଉଟ୍ ଟ୍ରୁପ କଲେ ରାସ୍ତା ମରାମତି

**ମୁରିବାହାଲ, ୨୧।୯(ସମିସ):** ବଲାଙ୍ଗିର ଜିଲ୍ଲା ମୁରିବାହାଲ ବ୍ଲକ ଚଣାବାହାଲ ପଞ୍ଚାୟତର କୁର୍ଲୁବାହାଲ ମଧୁସୂଦନ ହୃଷିକେଶ ମେହେର ଉଚ୍ଚ ବିଦ୍ୟାଳୟ ଠାରେ ଭାରତ ସ୍କାଉଟ ଏବଂ ଗାଇଡ୍ ପକ୍ଷରୁ ବିଶ୍ୱ ଶାନ୍ତି ଦିବସ ପାଳନ କରାଯାଇଥିଲା। ସ୍କାଉଟ୍ ମାଷ୍ଟର ବିନୋଦ ମହାପାତ୍ରଙ୍କ ନେତୃତ୍ୱରେ ଏବଂ ପ୍ରଧାନଶିକ୍ଷକ ରଘୁନାଥ ଗିରିଙ୍କ ଉପସ୍ଥିତିରେ ସ୍କୁଲର ମଧୁସୂଦନ ସ୍କାଉଟ ଟ୍ରୁପ କୁର୍ଲୁବାହାଲରୁ ହାଇସ୍କୁଲକୁ ଆସିଥିବା ରାସ୍ତା ଖାଲଖମାରେ ଭର୍ତ୍ତି ଥିବାରୁ ବଡ଼ ଅଘଟଣ ଏଡାଇବା ପାଇଁ ସ୍କୁଲର ସ୍କାଉଟ୍‌ମାନେ ରାସ୍ତା ମରାମତି କରିଥିଲେ। ପେଟ୍ରୋଲ ଲିଡର ବସନ୍ତ ମାଝୀ, ପ୍ରେମରାଜବେହେରା, ପପୁନ ପଧାନଗୌରବ ମହାନନ୍ଦ, ରୋନକ ମାଝୀ, ଝସକେତନ ପୁଟେଲ, ଗିରିଶ ବନଛୋର, ପରମେଶ୍ୱର ମାଝୀ, ଲଳିତ ତାଣ୍ଡି, ସତ୍ୟ ନାଗ, ଅଚ୍ୟୁତ ମାଝୀ, ଇଶ୍ୱର ବେହେରା, କୁଳମଣି ମାଝୀ ଟ୍ରୁପରେ ରହିଥିଲେ।



## ୟା ଦେବୀ ସର୍ବଭୁତେଷୁ....

# ମା'ସାଉନ୍ତେଶ୍ୱରୀଙ୍କ ପୀଠରେ ଚାଲିଛି ଷୋଡ଼ସ ଉପଚାର

**ବଲାଙ୍ଗିର, ୨୧।୯ (ସମିସ)**

ଆଶ୍ୱିନ ମାସର ଆଗମନରେ ଧରାପୃଷ୍ଠକୁ ଓହ୍ଲାଇବେ ମାଁ ଦୁର୍ଗା। ମା'ଙ୍କ ଆଗମନରେ ଧରାପୃଷ୍ଠ ସଜାଇ ହୋଇଥିବା ବେଳେ ପୁରୁଣା ଶକ୍ତିପୀଠମାନଙ୍କରେ ଆରମ୍ଭ ହୋଇଯାଇଛି ଷୋଡଷ ପୂଜା। ପୁରାତନ ପାଟଣା ରାଜ୍ୟ ତଥା ଅଧୁନା ବଲାଙ୍ଗିର ଜିଲ୍ଲାରେ ଅନେକ ପୁରୁଣା ଶକ୍ତିପୀଠ ରହିଛି ଯେଉଁଠି ଆରମ୍ଭ ହୋଇଯାଇଛି ମା'ଙ୍କ ଷୋଡସ ପୂଜା।ଏହି ଶକ୍ତିପୀଠକୁ ନେଇ ସ୍ୱତନ୍ତ୍ର ଉପସ୍ଥାପନା ୟା ଦେବୀ ସର୍ବଭୁତେଷୁ....

ବଲାଙ୍ଗିର ଜିଲ୍ଲାରେ ରହିଛି ଅନେକ ଶକ୍ତିପୀଠ। ବଲାଙ୍ଗିର ଜିଲ୍ଲା ବା ପୁରାତନ ପାଟଣା ରାଜ୍ୟର ଶାସକ ମାନେ ଶିବ ଓ ଶକ୍ତିର ଉପାସକ ରହିଥିଲେ। ତାଙ୍କର ତନ୍ତ୍ର, ମନ୍ତ୍ର, ଯନ୍ତ୍ର ବିଦ୍ୟା ଉପରେ ଅଗାଢ ବିଶ୍ୱାସ ରହିଥିଲା। ଫଳରେ ସେମାନେ ରାଜ୍ୟର ବିଭିନ୍ନ ସ୍ଥାନରେ ଶକ୍ତିପୀଠ ଗୁଡିକ ନିର୍ମାଣ କରାଇଥିଲେ। ଯେଉଁ ଶକ୍ତିପୀଠ ଗୁଡିକ ଆଜି ମଧ୍ୟ ପାଟଣା ଇତିହାସ ବଖାଣିଥାଏ। ଜିଲ୍ଲାରେ ଥିବା ବିଭିନ୍ନ ଶକ୍ତିପୀଠ ମଧ୍ୟରୁ ସାଉନ୍ତପୁରରେ ଥିବା ସାଉନ୍ତେଶ୍ୱରୀ ବା ସାଉନ୍ତେଇଙ୍କ ପୀଠରେ ବେଶ ଆଡମ୍ବରରେ ଚାଲିଛି ମା'ଙ୍କ ଷୋଡସ ପୂଜା।

ବଲାଙ୍ଗିର ସଦର ମହକୁମା ଠାରୁ ପ୍ରାୟ ୯ କିମି ଦୂରରେ ଅବସ୍ଥିତ ସାଉନ୍ତପୁରରେ କାହିଁ କେଉଁ କାଳରୁ ମା' ସାଉନ୍ତଶ୍ୱରୀ ଦେବୀ ପୂଜା ପାଉଛନ୍ତି। ଦେବୀଙ୍କ ନାମ ଅନୁସାରେ ଏହି ଗ୍ରାମର ନାମ ସାଉନ୍ତପୁର ରଖାଯାଇଥିଲା।



୭୨୩ ଖ୍ରୀଷ୍ଟାବ୍ଦ ପୂର୍ବରୁ ରହିଥିବା ଏହି ମନ୍ଦିରରେ ବିଭିନ୍ନ ପର୍ବପର୍ବାଣୀ ବେଶ ଧୁମଧାମରେ ପାଳନ କରାଯାଏ। ସେଥିମଧ୍ୟରୁ ଦଶହରା ସମୟରେ ହେଉଥିବା ଷୋହଳ ପୂଜା ପ୍ରସିଦ୍ଧ ଅଟେ। ଆଶ୍ୱୀନ ମାସରେ ଏହି ମନ୍ଦିରରେ ସାଉନ୍ତେଶ୍ୱରୀ ଦେବୀଙ୍କ ଷୋହଳ ପୂଜା ଅନୁଷ୍ଠିତ ହୁଏ। ମୂଳାଷ୍ଟମି ବା ପୁଅଜିଉଁତିଆ ଠାରୁ ପୂଜା ଆରମ୍ଭ ହୋଇ ଭାଇ ଜିଉଁତିଆ ପର୍ଯ୍ୟନ୍ତ ଚାଲିଥାଏ। ଷୋହଳ ପୂଜାର ପ୍ରଥମ ଦିନରେ ଦେବୀଙ୍କ ଖଣ୍ଡା ଧୋଇ ଖଣ୍ଡାବସା ନିତୀ କରାଯାଏ। ଅଷ୍ଟମୀ ତିଥିରେ ଦେବୀଙ୍କର ଛତର ଯାତ୍ରା ଅନୁଷ୍ଠିତ ହୁଏ। କିମ୍ବଦନ୍ତୀ ଓ ଗ୍ରାମର ବୟୋଜ୍ୟେଷ୍ଠଙ୍କ କହିବା ଅନୁସାରେ ସାଉନ୍ତପୁର ଗ୍ରାମରେ ପ୍ରଥମେ ବୁଢାରଜା ପୂଜା ପାଉଥିଲେ। ତେବେ ନିକଟସ୍ଥ ଟେଭାଡୁଙ୍ଗୁରୀ ଗ୍ରାମରୁ ସାଉନ୍ତେଶ୍ୱରୀ ଦେବୀ ବୁଢାରଜା ସ୍ଥାପିତ ଥିବା ସ୍ଥାନକୁ ଆସିଲେ ଓ ତାଙ୍କ ବସିର୍‌ଠଥିବା ସ୍ଥାନକୁ ସଫା କରିଦେବା ପାଇଁ ନିବେଦନ କରିଥିଲେ। ହିନ୍ଦୁ ଧର୍ମ ମାନ୍ୟତା ଅନୁସାରେ ବୁଢାରଜା ଓ ସାଉନ୍ତେଶ୍ୱରୀ ଦେବୀ ସର୍ମ୍ପକରେ ଦେଢଶୁର ଭାରିଜା ହୋଇଥିବାରୁ ବୁଢାରଜା ତାଙ୍କୁ ସଫା କରିବା ପାଇଁ ମନା କଲେ। କିନ୍ତୁ ଦେବୀ ବୁଢାରଜାଙ୍କୁ ବାରମ୍ବାର ଅନୁରୋଧ କରିବା ପରେ ତାଙ୍କ କଥା ରକ୍ଷା କରି ବସିଥିବା ସ୍ଥାନରୁ ଉଠିଦେଲେ। ବୁଢାରଜା ଉଠିବା କ୍ଷଣି ସାଉନ୍ତେଶ୍ୱରୀ ଦେବୀ ସେ ସ୍ଥାନରେ ଅବସ୍ଥାନ କରି ଦେବୀ ରୁପେ ଆର୍ବିଭାବ ହେଲେ। ସେହି ଦିନ ଠାରୁ ସାଉନ୍ତପୁର ଗ୍ରାମରେ ଥିବା ଉକ୍ତ ପୀଠରେ ସାଉନ୍ତେଶ୍ୱରୀ ଦେବୀ ପୂଜା ପାଆନ୍ତି ଓ ବୁଢାରଜା ଅନ୍ୟତ୍ର ପୂଜା ପାଆନ୍ତି। ତେବେ ସାଉନ୍ତପୁର ଗ୍ରାମରେ ସାଉନ୍ତେଶ୍ୱରୀ ଦେବୀଙ୍କ ପୀଠ ଥିଲେ ହେଁ ସାଉନ୍ତପୁର ଗ୍ରାମବାସୀ ପ୍ରଥମେ ବୁଢାରଜାକୁ ପୂଜା କରନ୍ତି ବୋଲି ମନ୍ଦିରର

**ବଲାଙ୍ଗିର ଜିଲ୍ଲାର ଅନ୍ୟତମ ଶକ୍ତିପୀଠ ସାଉନ୍ତେଶ୍ୱରୀଙ୍କ ପୀଠ**

ମୁଖ୍ୟ ପୂଜାରୀ କହିଛନ୍ତି।ବିଶେଷ କରି ଦଶହରା ମାସରେ ଉକ୍ତ ପୀଠରେ ହେଉଥିବା ଷୋହଳ ପୂଜା ସମୟରେ ପ୍ରଥମେ ବୁଢାରଜାଙ୍କ ପୂଜା କରାଯାଏ। ପରେ ମା'ସାଉନ୍ତେଶ୍ୱରୀଙ୍କ ପୂଜା ସରିବା ପରେ ସାଉନ୍ତପୁର ଓ ନିକଟସ୍ଥ ଗାଁ ପରିକ୍ରମା କରନ୍ତି। ଚଳିତ ଦଶହରାରେ ମଧ୍ୟ ଷୋହଳ ପୂଜା ଆଡମ୍ବର ସହ କରାଯାଉଥିବା ବେଳେ ଷୋହଳ ପୂଜା ପରେ ମହାନବମୀ ପୂଜା ଅନୁଷ୍ଠିତ ହେବ। ନବମୀ ଅବସରରେ ମା'ଙ୍କ ବଏଲ ଯାତ୍ରା ଅନୁଷ୍ଠିତ ହେବ। ଏହି ଯାତ୍ରାରେ ଲୋକଙ୍କ ଭିଡ ଲାଗିଥାଏ।

## ଘୁନେଶ ପଞ୍ଚାୟତରେ ଦିଗହରା ମନରେଗା

# ଜମି ମରାମତି ନାଁରେ ସରକାରୀ ଟଙ୍କା ଆତ୍ମସାତ ଅଭିଯୋଗ

**ତୁରେକେଲା, ୨୧।୯(ସମିସ):** ବଲାଙ୍ଗିର ଜିଲ୍ଲାର ଉପାନ୍ତ ମାଓବାଦୀ ଅଧ୍ୟୁଷିତ ଅଞ୍ଚଳରେ ଅବସ୍ଥିତି ତୁରେକେଲା ବ୍ଲକର ଘୁନେଶ ପଞ୍ଚାୟତ। ଏହି ଅଞ୍ଚଳରେ ଅନେକ ଗରିବ ଶ୍ରେଣୀର ପରିବାର ବସବାସ କରନ୍ତି। ଗାଁରେ କାମ ଧନ୍ଧା ନ ପାଇ ରାଜ୍ୟବାହାରକୁ ଦାଦନ ଖଟିବାକୁ ଯାଇଥାନ୍ତି; ହେଲେ ଗାଁରେ ଲୋକଙ୍କୁ ରୋଜଗାର ଦେବାକୁ ସରକାର ମନରେଗା ଯୋଜନା କରିଛନ୍ତି। ସେହି ଯୋଜନାରେ କିନ୍ତୁ ଶ୍ରମିକ କାମ କରିବା ବଦଳରେ ମେସିନ ଜରିଆରେ କାମ କରାଯାଉଛି। କାଗଜପତ୍ରରେ କିନ୍ତୁ ଶ୍ରମିକ କାମ କରାଯାଇଥିବା ଦର୍ଶାଯାଉଛି। ନକଲି ଶ୍ରମିକଙ୍କ ନାଁରେ ରାଜକୋଷରୁ ଲକ୍ଷ ଲକ୍ଷ ଟଙ୍କା ଲୁଟ୍ କରାଯାଇଥିବା ଅଭିଯୋଗ ହେଉଛି। ଘୁନେଶ ପଞ୍ଚାୟତ ଫାଇଲରୁ ମନରେଗା ଯୋଜନାରେ ପଞ୍ଚାୟତର ବର୍ଲା ଗାଁରେ ୫୬, ଗଡ଼ଗଡ଼ବାହାଲ ଗାଁରେ ୩୦ ଘୁନେଶ ଗାଁରେ ୨୪, ବାନ୍ଧନପାଳି ଗାଁରେ ୩୦, କାଦୋବେଡା ଗାଁରେ ୧୮, ମୋଟ ଘୁନେଶ ପଞ୍ଚାୟତରେ ୧୫୬ ଜମି ମରାମତି କାମ କରାଯାଇଛି। ଗୋଟିଏ ଜମି ମରାମତି ବାବଦକୁ ମନରେଗା ଯୋଜନାରୁ ୪୫ ହଜାର ଟଙ୍କା ଖର୍ଚ୍ଚ ହୋଇଛି। ଏହି ପଞ୍ଚାୟତର ୧୫୬ଟି ଜମି ମରାମତିରେ ସରକାରୀ ରାଜକୋଷରୁ ୭ଲକ୍ଷରୁ ଅଧିକ ଟଙ୍କା ଖର୍ଚ୍ଚ ହୋଇଛି; ହେଲେ ଏହି ଜମି ମରାମତି କାମରେ ପ୍ରତ୍ୟେକ ଦିନ ଶ୍ରମିକ ନିଯୋଜିତ ହୋଇ କାମ କରିବା କଥା। ବାସ୍ତବରେ ମେସିନ ଲଗାଇ କାମ କରାଯାଇଛି। ଏହାବଦଳରେ ନକଲି ଶ୍ରମିକଙ୍କୁ ଛିଡା କରି ଜିଓଟ୍ୟାଗ କରି କାମ କରୁଥିବା ଦର୍ଶାଯାଇଛି। ଏ ବାବଦକୁ ବିଭିନ୍ନ ବ୍ୟକ୍ତିଙ୍କ ବ୍ୟାଙ୍କ ଆକାଉଣ୍ଟରେ ଟଙ୍କା ଜମା କରି ସରକାରୀ ଅନୁଦାନ ଆତ୍ମସାତ କରାଯାଇଥିବା ଅଭିଯୋଗ ହୋଇଛି। ତେବେ ଘୁନେଶ ପଞ୍ଚାୟତରେ ମନରେଗା ଯୋଜନାରରେ ଅନ୍ୟମିତତା କିଛି ନୂଆ ଘଟଣା ନୁହେଁ। ପୂର୍ବରୁ ମଧ୍ୟ ଘୁନେଶ ପଞ୍ଚାୟତରେ ମନରେଗା ଯୋଜନାରେ ବ୍ୟାପକ ଲୁଟ ହୋଇଥିବା ଅଭିଯୋଗ ହୋଇଆସିଛି; ହେଲେ ତୁରେକେଲା ବ୍ଲକ ପ୍ରଶାସନ ତଦନ୍ତ ନାଁରେ ଦିନ ଗଡ଼ାଇ ଘଟଣା ଚାପି ଦେଇଛି। ଘୁନେଶ ପଞ୍ଚାୟତ ମନରେଗା ଦାୟିତ୍ୱ ଥିବା ଏଡିଓ ବୁଲୁ ପ୍ରଧାନିଙ୍କ ପ୍ରତିକ୍ରିୟା ନେବାକୁ ଯୋଗାଯୋଗ କରିଥିଲେ ମଧ୍ୟ ତାଙ୍କ ପ୍ରତିକ୍ରିୟା ମିଳି ପାରିନାହିଁ। ଦାୟିତ୍ୱରେ ଏଡିଓ ଓ କନିଷ୍ଠଯନ୍ତ୍ରୀଙ୍କ ଭୂମିକାକୁ ନେଇ ସନ୍ଦେହ ଘେରରେ ରହିଛି। ତେବେ ଘୁନେଶ ପଞ୍ଚାୟତରେ ଯେଉଁ ଜମି ମରାମତି ନାଁରେ ସରକାରୀ ରାଜକୋଷରୁ ଲକ୍ଷ ଲକ୍ଷ ଆତ୍ମସାତ କରାଯାଇଛି ସେ ଉପରେ ବଲାଙ୍ଗୀର ଜିଲ୍ଲା ପ୍ରଶାସନ ତଦନ୍ତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ ନା କାହା ଚାପରେ ଫାଇଲ ଚାପି ଦେଇ ତଦନ୍ତ ଲାଗି ଦିନ ଗଡ଼ାଇବ ତାହା ଦେଖିବାକୁ ରହିଲା।

**ସନ୍ଦେହରେ ଦାୟିତ୍ୱଥିବା କର୍ମଚାରୀ, ଯନ୍ତ୍ରୀଙ୍କ ଭୂମିକା**

## ଶରତପାଳ କଲେଜ ଅଧକ୍ଷଙ୍କ ଡକ୍ଟରେଟ ଲାଭ



ଶରତପାଳ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ପାଲବିହାର, ମହୁଲବରାଇ, ସାରସକଣା ଅଧକ୍ଷ ଭାବେକାର୍ଯ୍ୟରତ ଶ୍ରୀ ପୂର୍ଣ୍ଣଚନ୍ଦ୍ର ସାହୁ ରେଭେନ୍ସା ବିଶ୍ୱବିଦ୍ୟାଳୟ,କଟକ ରୁ ଶିକ୍ଷା ବିଭାଗରେ Doctor of Philosophy (Ph. D) ଉପାଧି ପାଇବା ନିମିଈ ଯୋଗ୍ୟ ବିବେଚିତ ହୋଇଛନ୍ତି । ସେ ରେଭେନ୍ସା ବିଶ୍ୱ ବିଦ୍ୟାଳୟ ଶିକ୍ଷା ବିଭାଗର ବିଭାଗୀୟ ମୁଖ୍ୟ ପ୍ରଫେସର ଡ଼.ସୁଦର୍ଶନ ମିଶ୍ର ଙ୍କ ତତ୍ୱାବଧାନରେ ଗବେଷଣା କରୁଥିଲେ । ଶ୍ରୀ ସାହୁଙ୍କ ସନ୍ଦର୍ଭଟି "KNOWLEDGE BELIEF AND ATTITUDE OF STAKEHOLDERS TOWARDS MOTHER TONGUE BASED MULTILINGUAL EDUCATION : A REGIONAL STUDY FROM ODISHA". ହରିୟାଣା ସ୍ଥିତ ଚୌଧୁରୀ ରଣବୀର ସିଂ ବିଶ୍ୱ ବିଦ୍ୟାଳୟ ର ଶିକ୍ଷା ବିଭାଗର Profesor Sandeep Berwal ଏବଂ ମଣିପୁର ବିଶ୍ୱ ବିଦ୍ୟାଳୟର Profesor Keisham Shitaljit Singh (Head Dept . Education)ଙ୍କ ଦ୍ୱାରା ପରୀକ୍ଷିତ ଏବଂ ଉଚ୍ଚ ପ୍ରଶଂସିତ ହୋଇଅଛି । ଡ଼.ପୂର୍ଣ୍ଣଚନ୍ଦ୍ର ସାହୁ ମୟୂରଭଞ୍ଜ ଜିଲ୍ଲା ଖେର୍ଣ୍ଣା ଗ୍ରାମର ସ୍ୱର୍ଗତ ବଳରାମ ସାହୁ ଏବଂ ରୁକମଣି ସାହୁଙ୍କ ଜ୍ୟେଷ୍ଠ ପୁତ୍ର ଅଟନ୍ତି । ସେ ତାଙ୍କ ଏହି ସମ୍ମାନ ଏବଂ ସଫଳତାର ଶ୍ରେୟ ବାରିପଦାର ଆରାଧ୍ୟ ଦେବୀ ମା' ଅମ୍ବିକା ଏବଂ ମହାପ୍ରଭୁ ଜଗନ୍ନାଥଙ୍କୁ ଅର୍ପଣ କରିବା ସହିତ ପ୍ରଫେସର ଡ଼.ଚଣ୍ଡିପ୍ରସାଦ ନନ୍ଦ (Director Odisha Research Centre, BBSR) ରେଭେନ୍ସା ବିଶ୍ୱବିଦ୍ୟାଳୟର ପ୍ରଫେସର ଡ଼.ଶରତ କୁମାର ରାଉତ ନିଜ ପିତାମାତା, ଧର୍ମପତ୍ନୀ ମିନାରାଣୀ ସାହୁ, କନ୍ୟା ଶ୍ମୃତିରେଖା ସାହୁ, ପୁତ୍ର ପ୍ରିତମ କୁମାର ସାହୁ, ସମସ୍ତ ପରିବାର ବର୍ଗ, ସମସ୍ତ ସହକର୍ମୀ ଏବଂ ବନ୍ଧୁ ମାନଙ୍କୁ ଆନ୍ତରିକ କୃତଜ୍ଞତା ଜ୍ଞାପନ କରୁଛନ୍ତି ।

# ସଇଁନ୍ତଳା ନବରାତ୍ର ଦୁର୍ଗାପୂଜା ପାଇଁ କଳସ ଶୋଭାଯାତ୍ରା



**ସଇଁତଳା, ୨୧।୯(ସମିସ):** ବଲାଙ୍ଗିର ଜିଲ୍ଲା ସଇଁତଳା ସହରରେ ପ୍ରତି ବର୍ଷ ପରି ଚଳିତ ବର୍ଷ ନବରାତ୍ର ଦୁର୍ଗାପୂଜା ଉପଲକ୍ଷେ କଳସ ଶୋଭାଯାତ୍ରା ଆୟୋଜିତ ହୋଇଯାଇଛି। ପ୍ରଥମେ ସ୍ଥାନୀୟ ମଣ୍ଡପ ପରିସରରେ ସହରର ମହିଳା ଓ ପୁରୁଷମାନେ ଏକତ୍ରିତ ହୋଇ ଶୋଭାଯାତ୍ରା ବାହାରି ନୂଆଁବନ୍ଧକୁ ପହଞ୍ଚିଥିଲେ। ସେଠାରେ ମୁଖ୍ୟ ପଣ୍ଡିତ କିରଣ ମିଶ୍ରଙ୍କ ତତ୍ୱାବଧାନରେ ପଣ୍ଡିତ ବିକ୍ରମ ମିଶ୍ର, ନବଘନ ଷଡ଼ଙ୍ଗୀ, ମାନସ ମିଶ୍ର, ସୁରେନ୍ଦ୍ର ମିଶ୍ର ଓ ସାଧୁଚରଣ ଦାସ ପ୍ରମୁଖ ଉପସ୍ଥିତ ରହି ପୂଜା କାର୍ଯ୍ୟରେ ସହଯୋଗ କରିଥିଲେ। ଏଥିରେ ତୁଳସୀ ରାମ ଅଗ୍ରୱାଲ ଓ ତାଙ୍କ ପତ୍ନୀ ମଣି ଦେବୀ ଅଗ୍ରୱାଲ ଦାୟିତ୍ୱ ତୁଲାଇଥିଲେ।ଏହି ବର୍ଷ ସାର୍ବଜନୀନ ନବରାତ୍ର ଦୁର୍ଗାପୂଜା ୨୭ ବର୍ଷ ପୂରଣ କରୁଥିବାରୁ ସହର ଚଳଚଞ୍ଚଳ ହୋଇପଡ଼ିଛି। ଉକ୍ତ ସମୟରେ ରାବଣ ଦରବାର, ବୈଠକି କୀର୍ତ୍ତନ, ଭଜନ ସମାରୋହ, ଦଣ୍ଡ ନୃତ୍ୟ, ମିନବଜାର, ଡାନ୍ସ ପ୍ରତିଯୋଗିତା ସାଙ୍ଗକୁ ଅନ୍ୟାନ୍ୟ ସାଂସ୍କୃତିକ କାର୍ଯ୍ୟକ୍ରମ ଗୁଡିକ ଅନୁଷ୍ଠିତ ହେବ ବୋଲି ଆୟୋଜକ କମିଟିତରଫରୁ ଜଣାପଡ଼ିଛି। ଉକ୍ତ କଳସ ଯାତ୍ରାରେ ପୂର୍ବତନ ମନ୍ତ୍ରୀ ସୁରେନ୍ଦ୍ର ସିଂ ଭୋଇ, ମୋନିକା ସିଂଭୋଇ, ସମ୍ପାଦକ ସୁବୋଧ ମିଶ୍ର, ଝସକେତନ ମନହିରା, ସଞ୍ଜୟ ଅଗ୍ରୱାଲ, ସିମରନ ସିଂଭୋଇ, ଦେବେନ୍ଦ୍ର ଭୋଇ, ଦିଲୀପ ବଗର୍ତି, ଟଙ୍କଧର ସାହୁ, ଦେବେନ୍ଦ୍ର ଯୋଶୀ, ଅସୀମ ବେହେରା, ସ୍ୱାଗତ ବେହେରା, ବିଶାଳ ଅଗ୍ରୱାଲ, ଅଙ୍କିତ ଅଗ୍ରୱାଲ, ବିନୟ ଭୋଇ, କୃଷ୍ଣଗୋପାଳ ଦାସ, ସରପଞ୍ଚ ସୁବ୍ରତ ନାଗ, ରାଜେଶ ସାହୁ, ବିଷ୍ଣୁ ରଣା, ଶ୍ରୀରାମ ଅଗ୍ରୱାଲଙ୍କ ସମେତ ସହରର ଶହ ଶହ ମହିଳା, ପୁରୁଷଙ୍କ ସହ କମିଟିର ସମସ୍ତ କର୍ମକର୍ତ୍ତାମାନେ ସାମିଲ ହୋଇଥିଲେ।

# ବଜ୍ରପାତରେ ଯୁବକ ଗୁରୁତର

**ଖପ୍ରାଖୋଲ, ୨୧।୯(ସମିସ)** ବଲାଙ୍ଗିର ଜିଲ୍ଲା ଖପ୍ରାଖୋଲ ବ୍ଲକ ଅନ୍ତର୍ଗତ ମହରାପଦର ପଞ୍ଚାୟତର ଡମନିମାଲ ଗ୍ରାମର ଜଣେ ଯୁବକଙ୍କୁ ଅପରାହ୍ନରେ ବଜ୍ରପାତ ହେବାରୁ ଗୁରୁତର ଅବସ୍ଥାରେ ଖପ୍ରାଖୋଲ ସ୍ୱାସ୍ଥ୍ୟ କେନ୍ଦ୍ରକୁ ଅଣା ଯାଇଥିବା ଜଣାପଡ଼ିଛି। ମିଳିଥିବା ସୂଚନା ଅନୁଯାୟୀ ଡମନିମାଲ ଗ୍ରାମର ତିନିଜଣ ଯୁବକ ଗାଧୋଇଯିବା ସମୟରେ ବଜ୍ରାଘାତହୋଇଥିଲା।ଏଥିରେ ଗିରିଧାରି ଭୋଇ ଗୁରୁତର ହୋଇଥିବା ବେଳେ ଅନ୍ୟ ଦୁଇଜଣ ଛିଟିକି ପଡ଼ିଥିଲେ।ତେବେ ଗିରିଧାରୀ ଭୋଇ ଖପ୍ରାଖୋଲ ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସିତ ହେଉଥିବା ବେଳେ ଗୁରୁତର ହେବାରୁ ପାଟଣାଗଡ଼ ଉପଖଣ୍ଡ ଚିକିତ୍ସାଳୟ କୁ ସ୍ଥାନାନ୍ତର କରା ଯାଇଥିବା ଜଣାପଡ଼ିଛି।



# ହାତୀ ଆକ୍ରମଣରେ ଜଣେ ମୃତ

**ମୁରିବାହାଲ, ୨୧।୯(ସମିସ):**ବଲାଙ୍ଗିର ଜିଲ୍ଲା ମୁରିବାହାଲ ବନାଞ୍ଚଳ ଅଧିନସ୍ଥ ଇଛାପଡ଼ା ପଞ୍ଚାୟତର ଚିନ୍ତାପଡ଼ା ଗ୍ରାମରେ ରବିବାର ଦିନ ହାତୀ ଆକ୍ରମଣରେ ଜଣେ ମଜୁରିଆଙ୍କ ମୃତ୍ୟୁ ହୋଇଥିବା ଜଣାଯାଇଛି। ରବିବାର ସକାଳେ ପ୍ରାୟ ୯ ଘଣ୍ଟା ସମୟରେ ବଡସାଇମରା ପଞ୍ଚୟତର ଖଲିଆପାଲି ଗ୍ରାମର ୩ ଜଣ ମଜୁରିଆ ଭଗବାନ ପଧାନଙ୍କ କପାଚାଷକୁ ଔଷଧ ଚିଛନ କରିବା ପାଇଁ ଯାଇଥିଲେ। ସେହି ସମୟରେ ୧୩ ଟିକିଆ ହାତୀପଲ ହଠାତ ଆସିଯିବାରୁ ୨ ଜଣ ଶ୍ରମିକ ଦୌଡ଼ି ପଳାଇ ଯାଇଥିବା ବେଳେ ସତ୍ୟଦେଓ(୫୩)ଯାଇ ପରିନଥିଲେ।

ଫଳରେ ଘଟଣାସ୍ଥଳରେ ହାତୀପଲ ଦଳିଦେବା ଯୋଗୁଁ ତାଙ୍କର ମୃତ୍ୟୁ ହୋଇଥିଲା। ପରେ ୧୩ ଟିକିଆ ହାତୀପଲ ସତ୍ୟ ଦେଓ ଶବକୁ ପ୍ରାୟ ୫ ଘଣ୍ଟା ପର୍ଯ୍ୟନ୍ତ ଘେରି ରଖିଥିଲେ। ମୁରିବାହାଲ ବନାଞ୍ଚଳ ଅଧିକାରୀ ଶିବ ପ୍ରସାଦ ନାଏକଙ୍କ ନେତୃତ୍ୱରେ ୧୦ ଜଣିଆ ଦଳ ଡ୍ରୋନ ସହ ଅନେକ ଚେଷ୍ଟା କଳାପରେ ହାତୀପଲ ଭଣ୍ଡାରବାଞ୍ଜି ଗ୍ରାମ ପାଟକୁ ଯିବାଦ୍ୱାରା, ବନବିଭାଗ ଟିମ୍ ମୁରିବାହାଲ ପୁଲିସକୁ ଜଣାଇବାପରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି, କଣ୍ଟାବାଞ୍ଜି ଗୋଷ୍ଠିସ୍ୱାସ୍ଥ୍ୟ କେନ୍ଦ୍ରକୁ ବ୍ୟବଛେଦ ପାଇଁ ପଠାଯାଇଛି। ଅନ୍ୟପକ୍ଷରେ ଜଙ୍ଗଲ ବିଭାଗ ତରଫରୁ ମୃତକ ପରିବାରକୁ ଅନୁକମ୍ପା ସହାୟତା ରାଶି ୧୦ ଲକ୍ଷ ଟଙ୍କା ସହିତ ସରକାରୀ ସୁବିଧା ଦେବା ପାଇଁ ତାହାର ପ୍ରସ୍ତୁତି ଆରମ୍ଭ କରାଯାଇଛି ବୋଲି ବନବିଭାଗ ତରଫରୁ ଜଣାଇଛନ୍ତି।

## ରାଜ୍ ହତ୍ୟା ମାମଲାରେ ୨ ଗିରଫ

# ତ୍ରିକୋଣୀୟ ପ୍ରେମରୁ ହତ୍ୟା

**ବଲାଙ୍ଗିର, ୨୧।୯(ସମିସ):** ତ୍ରିକୋଣୀୟପ୍ରେମରୁ ଗଣ୍ଡଗୋଳ, ଗଣ୍ଡଗୋଳରୁ ହତ୍ୟାକାଣ୍ଡ। ବଲାଙ୍ଗିର ଖଦାଳପଡ଼ା ରାଜ୍ ହତ୍ୟା ମାମଲାର ପର୍ଦ୍ଦାଫାଶ କରିଛି ବଲାଙ୍ଗିର ଟାଉନ ପୁଲିସ। ଶନିବାର ଦିନ ଦ୍ୱିପହରରେ ଘଟିଥିବା ଏହି ହତ୍ୟା ମାମଲାରେ ଦୁଇ ଜଣ ଅଭିଯୁକ୍ତକୁ ଗିରଫ କରି କୋର୍ଟ ଚାଲାଣ କରିଛି ପୁଲିସ। ଏନେଇ ସାମ୍ବାଦିକ ସମ୍ମିଳନୀ ରେ ହତ୍ୟା ପଛର ଶତ୍ରୁତା ବିସ୍ତୃତ ସୂଚନା ରଖିଥିଲେ ପୁଲିସ ଅଧିକାରୀ। ବଲାଙ୍ଗିର ଖଦାଳପଡ଼ା ରାଜ୍ ବେହେରା ହତ୍ୟା ମାମଲାରେ ଦୁଇ ଜଣ ଅଭିଯୁକ୍ତକୁ ଗିରଫ କରିଛି ପୁଲିସ। ସୂଚନା ଅନୁସାରେ ଗିରଫ ହୋଇଥିବା ଦୁଇ ଅଭିଯୁକ୍ତ ହେଲେ ବଲାଙ୍ଗିର ବିଭୂତିପଡ଼ାର ବିନିତ୍ ସେନ(୨୦) ଓ ଗେଟ୍ ସରୋବରପଡ଼ାର ମଣ୍ଟୁ କରନ (୨୪)। ହତ୍ୟାର ଶିକାର ହୋଇଥିବା ରାଜ୍ ଓ



ବିନିତ ଗୋଟିଏ ଝିଅକୁ ପ୍ରେମ କରୁଥିଲେ। ଯାହାକୁ ନେଇ ଉଭୟଙ୍କ ମଧ୍ୟରେ ଶତ୍ରୁତା ରହିଥିଲା। ଉଭୟ ଙ୍କ ଭିତରେ ରହିଥିବା ଉକ୍ତ ଶତ୍ରୁତା ଯୋଗୁଁ ବିନୀତ ଓ ଜଣେ ସାଙ୍ଗ ମଣ୍ଟୁ ମିଶି ରାଜ୍ କୁ ହତ୍ୟା କରିବା ପାଇଁ ଷଡ଼ଯନ୍ତ୍ର କରିଥିଲେ। ଶନିବାର ରାଜ୍‌ଙ୍କ ଘର ପାଖକୁ ଯାଇ ସେଠାରେ ହିଁ ତାଙ୍କୁ ଖଣ୍ଡାରେ ହାଣି ହତ୍ୟା କରିଥିଲେ।ରାଜ୍‌ଙ୍କ ମା'ବାସନ୍ତୀ ବେହେରାଙ୍କ ସାମ୍ନାରେ ହତ୍ୟାକାଣ୍ଡ ହୋଇଥିବା ବେଳେ ଏନେଇ ବାସନ୍ତୀ ଥାନାରେ ଲିଖିତ ଅଭିଯୋଗ କରିବା ପରେ ପୁଲିସ କେସ ନଂ ୬୦୭/୨୦୨୫ରେ ମାମଲା ରୁଜୁ କରି ତଦନ୍ତ ଚାଲିଥିଲା। ହତ୍ୟା ପରେ ଅଭିଯୁକ୍ତମାନେ ଫେରାର ହୋଇଯାଇଥିବା ବେଳେ ଦୁଇଜଣ ଅଭିଯୁକ୍ତକୁ ଗିରଫ କରିବାରେ ସଫଳ ହୋଇଥିବା ଏସପି ଅଭିଲାଷ ଜି.ସାମ୍ବାଦିକ ସମ୍ମିଳନୀ ରେ ସୂଚନା ଦେଇଛନ୍ତି।

## କଣ୍ଟାବାଞ୍ଜିରେ 'ଆମ ପୁଲିସ ସମିତି'ର ବୈଠକ

# ଅପରାଧ, ବେଆଇନ କାର୍ଯ୍ୟକଳାପ ନିୟନ୍ତ୍ରଣ ପାଇଁ ପ୍ରସ୍ତୁତି

**କଣ୍ଟାବାଞ୍ଜି, ୨୧।୯(ସମିସ)**

ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ଥାନା ଅଞ୍ଚଳରେ ଦିନକୁ ଦିନ ବେଆଇନ କାର୍ଯ୍ୟକଳାପ ବୃଦ୍ଧି ପାଇବାରେ ଲାଗିଛି। ଏହି ସବୁ ବେଆଇନ କାର୍ଯ୍ୟକଳାପ ନିୟନ୍ତ୍ରଣ କରିବାକୁ ବଲାଙ୍ଗିର ଜିଲ୍ଲା କଣ୍ଟାବାଞ୍ଜି ପୁଲିସ ପ୍ରସ୍ତୁତି ଆରମ୍ଭ କରିଛି। କଣ୍ଟାବାଞ୍ଜି ଥାନା ଅଧିକାରୀ ଗୋପାଳ ଚନ୍ଦ୍ର କର୍ଣ୍ଣଙ୍କ ନେତୃତ୍ୱରେ କଣ୍ଟାବାଞ୍ଜି ଥାନା ପରିସରରେ ଆମ ପୁଲିସ ସମିତିର ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ କଣ୍ଟାବାଞ୍ଜି ଏସଡିପିଓ ଲକ୍ଷ୍ମୀ ନାରାୟଣ ମାରାଣ୍ଡି, ବଲାଙ୍ଗୀର ଜିଲ୍ଲା ଆରଟିଓ ବିଭାଗ ଅଧିକାରୀଙ୍କ ସହ ସହର ବିଭିନ୍ନ ଅନୁଷ୍ଠାନ ଓ ସଂଘର ସଦସ୍ୟ ଉପସ୍ଥିତ ଥିଲେ। ସମସ୍ତେ କଣ୍ଟାବାଞ୍ଜି ଅଞ୍ଚଳରେ ଚାଲିଥିବା ବେଆଇନ କାର୍ଯ୍ୟକଳାପ ଉପରେ ପୁଲିସର ଦୃଷ୍ଟି ଆକର୍ଷଣ କରିଥିଲେ। ବିଶେଷକରି କଣ୍ଟାବାଞ୍ଜି ସହରରେ ପ୍ରତ୍ୟେକ ଦିନ ଟ୍ରାଫିକ ସମସ୍ୟା ଦେଖା ଦେଉଛି। ଅନେକ ବ୍ୟବସାୟୀ ଓ ବ୍ୟକ୍ତି ମନଇଚ୍ଛା ଯାନବାହାନ ପାର୍କିଂ କରୁଛନ୍ତି। ଏଥିଯୋଗୁଁ ଟ୍ରାଫିକ ସମସ୍ୟାର ମୁଖ୍ୟ କାରଣ ହୋଇଛି। ବେଆଇନ ଯାନବାହାନ ପାର୍କିଂ କରୁଥିବା



- ହୋଇପାରିବନି ମନଇଚ୍ଛା ଯାନବାହାନ ପାର୍କିଂ
- ସବାଡ଼ ହେବେ ନିଶା କାରବାରରେ ସମ୍ପୃକ୍ତ ବ୍ୟକ୍ତି
- କଡାକଡି ହେବ ପାଟ୍ରୋଲିଂ

ବ୍ୟକ୍ତିଙ୍କ ବିରୋଧରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବ ବୋଲି ପୁଲିସ ପ୍ରକାଶ କରିଛି। ସେହିପରି କଣ୍ଟାବାଞ୍ଜି ଅଞ୍ଚଳରେ ବେଆଇନ ଗଞ୍ଜେଇ, ଦେଶୀ ଓ ବିଦେଶୀ ମଦ, କୋରେକ୍ସ ଭଳି ଅନେକ ନିଶା କାରବାର ଖୋଲାମେଲା ବିକ୍ରି ହେଉଛି। ଏଠାରୁ ବିଭିନ୍ନ ଅଞ୍ଚଳକୁ ଟ୍ରେନ ସହ ବିଭିନ୍ନ ମାଧ୍ୟମରେ ଚାଲାଣ ହେଉଛି। ଏହାଫଳରେ ଲୋକେ ଏହିଭଳି ନିଶା ଶେବନ କରି ଅପରାଧିକ କାର୍ଯ୍ୟକଳାପ କରୁଛନ୍ତି। ତେଣୁ କଣ୍ଟାବାଞ୍ଜି ଅଞ୍ଚଳରେ ବେଧଡ଼କ ବେଆଇନ ଗଞ୍ଜେଇ, ଦେଶୀ ଓ ବିଦେଶୀ ମଦ, କୋରେକ୍ସ ସହ ଅନ୍ୟ ନିଶା କାରବାର ବିକ୍ରି କରିବାରେ ସମ୍ପୃକ୍ତି ଥିବା ବ୍ୟକ୍ତିଙ୍କ ବିରୋଧରେ କଡା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ। ପାଟ୍ରୋଲିଂ ବ୍ୟବସ୍ଥା କଡାକଡି କରାଯିବ। ବୁଲା ଗାଈଗୋରୁଙ୍କୁ ଥଇଥାନ ପାଇଁ କଣ୍ଟାବାଞ୍ଜି ଏନଏସି କର୍ତ୍ତୃପକ୍ଷଙ୍କ ସହ ଆଲୋଚନା କରାଯିବ। କଣ୍ଟାବାଞ୍ଜି ଥାନା ଅଞ୍ଚଳରେ କୌଣସି ପ୍ରକାର ବେଆଇନ କାର୍ଯ୍ୟ ହେଉଥିବା ଖବର ପାଇଲେ ଖବର ଦେବାକୁ ପୁଲିସ କହିଛି। ଦୀର୍ଘ ବର୍ଷ ବ୍ୟବଧାନ ପରେ ପୁଲିସ ଓ ଜନସାଧାରଣ ମଧ୍ୟରେ ସୁସମ୍ପର୍କ ସ୍ଥାପନ କରିବାକୁ କଣ୍ଟାବାଞ୍ଜି ପୁଲିସ ଆମ ପୁଲିସ ସମିତିର ବୈଠକ କରି ଅଞ୍ଚଳରେ ବେଆଇନ କାର୍ଯ୍ୟକଳାପ ନିୟନ୍ତ୍ରଣ କରିବାକୁ ପଦକ୍ଷେପ ନେଇଛି। ତେବେ କେବଳ ବୈଠକ କରି ଆଲୋଚନା କରିଦେଲେ ହେବନାହିଁ। କଣ୍ଟାବାଞ୍ଜି ପୁଲିସ ପୂର୍ବରୁ ମଧ୍ୟ ଏହିଭଳି ଅନେକ ବୈଠକ କରିଛି; ହେଲେ ବାସ୍ତବରେ ବେଆଇନ ନିଶା କାରବାର ସହ ଅନ୍ୟ ଅପରାଧ ନିୟନ୍ତ୍ରଣ କରିବାରେ ସଫଳ ହୋଇନାହିଁ ବୋଲି ସହରରେ ଆଲୋଚନା ଜୋର୍ ଧରିଛି।

ଲୁହରେ ଭିଜିଲା ଝୁନମୁର ଗାଁ

# ଗାର୍ଡ ଅଫ୍ ଅନର୍ ପରେ ଜର୍ଜ ଦାଦାଙ୍କ ଶେଷକୃତ୍ୟ



**ରାଉରକେଲା, ୨୧।୯ (ସମିସ)**

ସୁନ୍ଦରଗଡ଼ ଜିଲ୍ଲାର ଆଦିବାସୀ ଆନ୍ଦୋଳନର ମୁଖ୍ୟ ପୁରୋଧା ତଥା ଭୀଷ୍ମ ପିତାମହ ଭାବେ ପରିଚିତ ଜିଲ୍ଲାର ବରିଷ୍ଠ ଟାଣୁଆ ଅପ୍ରତିଦ୍ୱନ୍ଦୀ ଆଦିବାସୀ ନେତା, ସୁନ୍ଦରଗଡ଼ ମାଟିର ସ୍ୱାଭିମାନ, ଗାଙ୍ଗପୁର ମଜଦୂର ମଞ୍ଚର ସଭାପତି, ନିର୍ଭୀକ ଜନନାୟକ, ଚାରି ଥରର ପୂର୍ବତନ ବିଧାୟକ ଜର୍ଜ ତିର୍କୀଙ୍କ ଶୋକାକୁଳ ପରିବେଶ ମଧ୍ୟରେ ତାଙ୍କ ଜନ୍ମସ୍ଥାନ ରାଏବୋଗା ଅନ୍ତର୍ଗତ ଝୁନମୁର ଗାଁ ମାଟିରେ ଅନ୍ତ୍ୟେଷ୍ଟି କ୍ରିୟା ସମ୍ପନ୍ନ ହୋଇଛି। ଖ୍ରୀଷ୍ଟିୟାନ ଧର୍ମର ରୀତିନୀତି ଅନୁଯାୟୀ ଝୁନମୁର ଚର୍ଚ୍ଚରେ ଆବଶ୍ୟକ ସମବେତ ପ୍ରାର୍ଥନା ପରେ ସୁନ୍ଦରଗଡ଼ ଏସ୍‌ପି ଅମ୍ରିତପାଲ କୌରଙ୍କ ଉପସ୍ଥିତିରେ ସମ୍ମାନର ସହ ଗାର୍ଡ ଅଫ୍ ଅନର୍ ଦିଆଯାଇଥିଲା। ଏହାପରେ ତାଙ୍କର ପାର୍ଥିବ ଶରୀରକୁ ସେହି ଗାଁର କବର ସ୍ଥାନରେ କବର ଦିଆଯାଇଥିଲା। ଏହି ଅବସରରେ ହଜାର ହଜାର ସଂଖ୍ୟାରେ ବନ୍ଧୁ ପରିଜନ, ସାଧାରଣ ଜନତା, ରାଜନୈତିକ ନେତୃବୃନ୍ଦ ଉପସ୍ଥିତ ରହି ସ୍ୱର୍ଗତ ଜର୍ଜ ଦାଦାଙ୍କ ଶେଷ ଦର୍ଶନ କରିଥିଲେ। ଏହି ଅବସରରେ ବୀରମିତ୍ରପୁର ବିଧାୟକ ତଥା ତାଙ୍କ ପୁତ୍ର ରୋହିତ ଯୋଶେଫ ତିର୍କୀ, ରାଜଗାଙ୍ଗପୁର ବିଧାୟକ ଡକ୍ଟର ରାଜନ ଏକ୍କା, ରାଜଗାଙ୍ଗପୁରର ପୂର୍ବତନ ବିଧାୟକ, ପୂର୍ବତନ ମନ୍ତ୍ରୀ ମଙ୍ଗଲା କିଷାନ, ସିମଡେଗା ବିଧାୟକ ଭୁଷଣ ବାଡା, କୋଲାବିରା ବିଧାୟକ ବିକ୍ସଲ କାଙ୍ଗାଡିଙ୍କ ସମେତ ବହୁ ରାଜନେତା ଉପସ୍ଥିତ ଥିଲେ। ସୁନ୍ଦରଗଡ଼ ଅତିରିକ୍ତ ଏସପି ଶାନ୍ତା ନୂତନ ସାମଦ, ରାଜଗାଙ୍ଗପୁରର ଏସଡିପିଓ ବିଭୁତି ଭୂଷଣ ଭୋଇ ଉପସ୍ଥିତ ରହିବା ସହ ସୁରକ୍ଷା ଦୃଷ୍ଟିରୁ ୩ ପ୍ଲାଟୁନ ପୁଲିସ ଫୋର୍ସ ମୁତୟନ କରାଯାଇଥିଲା। ସୂଚନାଯୋଗ୍ୟ ଯେ ଆଜି ଏକ ସୁସଜ୍ଜିତ ବାହନରେ ସ୍ୱର୍ଗତ ଜର୍ଜ ତିର୍କୀଙ୍କ ପାର୍ଥିବ ଶରୀରକୁ ସେକ୍ଟର - ୮ ସ୍ଥିତ ଗାଙ୍ଗପୁର ମଜଦୁର ମଞ୍ଚର କାର୍ଯ୍ୟାଳୟରୁ ବେଦବ୍ୟାସ ଓ କୁଆଁରମୁଣ୍ଡା ସ୍ଥିତ ତାଙ୍କ ବାସଭବନକୁ ନିଆଯାଇଥିଲା। ସେଠାରେ ତାଙ୍କ ସମ୍ପର୍କୀୟ, ବନ୍ଧୁ ପରିଜନ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। କାନ୍ଦବୋବାଳିରେ ଫାଟି ପଡ଼ିଥିଲା କୁଆଁରମୁଣ୍ଡା ସହର। ଏହାପରେ ବୀରମିତ୍ରପୁର ବିଜେଡି ପାର୍ଟି କାର୍ଯ୍ୟାଳୟକୁ ନିଆଯାଇ ସେଠାରେ ସର୍ବସାଧାରଣଙ୍କ ଅନ୍ତିମ ଦର୍ଶନ ନିମନ୍ତେ ତାଙ୍କ ମରଶରୀରକୁ ରଖାଯାଇଥିଲା। ଏହାପରେ ରାଏବୋଗା ହୋଇ ଝୁନମୁର ସ୍ଥିତ ତାଙ୍କ ଜନ୍ମ ମାଟିକୁ ନିଆଯାଇ କବର ଦିଆଯାଇଥିଲା।

# ସିପିସି ନାଇଟ୍ ଓ ପୁରସ୍କାର ବିତରଣ ଉତ୍ସବ



**ରାଉରକେଲା, ୨୧।୯ (ସମିସ):** ରାଉରକେଲା କେନ୍ଦ୍ରୀୟ ପୂଜା କମିଟି ପକ୍ଷରୁ ୨୦୨୪-୨୫ ପାଇଁ ପୁରସ୍କାର ବିତରଣ ଓ ସିପିସି ନାଇଟ୍ ରବିବାର ସନ୍ଧ୍ୟାରେ ସ୍ଥାନୀୟ ସେକ୍ଟର - ୧୭ ସ୍ଥିତ ସମଲେଶ୍ୱରୀ ପଡ଼ିଆ ଠାରେ ଅନୁଷ୍ଠିତ ହୋଇଯାଇଛି। ରାଉରକେଲା କେନ୍ଦ୍ରୀୟ ପୂଜା କମିଟିର ସାଧାରଣ ସମ୍ପାଦକ ମୁକ୍ତିକାନ୍ତ ବେହେରାଙ୍କ ଅଧ୍ୟକ୍ଷତାରେ ରାଉରକେଲା ବିଧାୟକ ସାରଦା ପ୍ରସାଦ ନାୟକ ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ରଘୁନାଥପାଲୀ ବିଧାୟକ ଦୁର୍ଗାଚରଣ ତନ୍ତି, ପାନପୋଷ ଉପଜିଲ୍ଲାପାଳ ବିଜୟ କୁମାର ନାୟକ, ପୂର୍ବତନ ବିଧାୟକ ସୁବ୍ରତ ତରାଇ, ରାଉରକେଲା ଶ୍ରମିକ ସଂଘର ସାଧାରଣ ସମ୍ପାଦକ ପ୍ରଶାନ୍ତ କୁମାର ବେହେରା ପ୍ରମୁଖ ଯୋଗ ଦେଇଥିଲେ। ଚଳିତବର୍ଷ କ୍ଲାସିକାଲ, ଓରିଏଣ୍ଟାଲ ଓ ଟ୍ରାଡିସନାଲ ଦୁର୍ଗାପୂଜା ମୂର୍ତ୍ତି ଓ କାଳିପୂଜା ଓ ଲକ୍ଷ୍ମୀ ପୂଜା ଆଦି ବିଭାଗରେ ୪୨ଟି ପେଣ୍ଡାଲକୁ ପୁରସ୍କୃତ କରାଯାଇଥିଲା। ଏହି ଅବସରରେ କାର୍ତ୍ତିକ ଚନ୍ଦ୍ର ଖଣ୍ଡୁଆଳ ଓ ରବୀନ୍ଦ୍ର ରାଉତଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। କାର୍ଯ୍ୟକ୍ରମ ଶେଷରେ 'ଗୀତ ସାଗର' ମେଲୋଡି ତରଫରୁ ୬ ଜଣ ସଙ୍ଗୀତ ଶିଳ୍ପୀ ଓ ୪ ଜଣ ନୃତ୍ୟ ଶିଳ୍ପୀ ଯୋଗଦେଇ ଆକର୍ଷଣୀୟ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ସେମାନଙ୍କ ମଧ୍ୟରେ ଅର୍ପିତା ଚୌଧୁରୀ, ଦେବଜାନୀ, ଶଙ୍କର ଦାନଙ୍କ ସଙ୍ଗୀତ ପରିବେଷଣ ଦର୍ଶକଙ୍କୁ ବିଭୋର କରିଥିଲା। କୋଷାଧ୍ୟକ୍ଷ ପ୍ରଣୟ ନାୟକ, ସିଭିଲ ଟାଉନସିପ ଅଞ୍ଚଳର ସହ ସମ୍ପାଦକ ରାକେଶ ଶର୍ମା ଓ କାର୍ଯ୍ୟକାରୀ ସଦସ୍ୟ ରାହୁଲ ରାୟ ଓ ଆବାହକ କାର୍ତ୍ତିକ ଚନ୍ଦ୍ର ଖଣ୍ଡୁଆଳ ପ୍ରମୁଖ ସହଯୋଗ କରିଥିଲେ।

# ବୁଢ଼ାକଟା ଆଦର୍ଶ ବିଦ୍ୟାଳୟର ପ୍ରତିଷ୍ଠା ଦିବସ




**କୁତ୍ରା, ୨୧।୯ (ସମିସ):** ସୁନ୍ଦରଗଡ଼ ଜିଲ୍ଲା କୁତ୍ରା ବ୍ଲକ ବୁଢ଼ାକଟାଠାରେ ଥିବା ଆଦର୍ଶ ବିଦ୍ୟାଳୟରେ ରବିବାର ଓଡ଼ିଶା ଆଦର୍ଶ ବିଦ୍ୟାଳୟର ୧୦ତମ ପ୍ରତିଷ୍ଠା ଦିବସ ପାଳିତ ହୋଇଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ କୁତ୍ରା ଗୋଷ୍ଠୀ ଶିକ୍ଷା ବିଭାଗର ପୂର୍ବତନ ଗୋଷ୍ଠୀ ଶିକ୍ଷା ଅଧିକାରୀ ଗୁରୁଚରଣ ସାହୁ ଯୋଗଦେଇ ଥିବା ବେଳେ ମୁଖ୍ୟ ବକ୍ତା ଭାବରେ କେନ୍ଦ୍ରୀୟ ବିଦ୍ୟାଳୟର ଅଧ୍ୟକ୍ଷ ହେମାନନ୍ଦ ବାରିକ ଯୋଗଦେଇ ଥିଲେ। ସମ୍ମାନିତ ଅତିଥି ଭାବରେ ବିରିଙ୍ଗାଟୋଲି ପ୍ରଧାନଶିକ୍ଷୟିତ୍ରୀ ସୁନୀତା ସରୋନିଆ, ଶାର୍ଗୁକିଶାନ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ଡ. ଅମରେଶ ସାହୁ, ବିରିଙ୍ଗାଟୋଲି ସେବାଶ୍ରମର ପ୍ରଧାନଶିକ୍ଷୟିତ୍ରୀ ପ୍ରଣତି ପଣ୍ଡା, ବୀରତୋଲା ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ବାସନ୍ତୀ କାଲୋ, ସିଏଆର୍ ଜେଏସ୍‌ଡବ୍ଲ୍ୟୁର ସୁନୀଲ କୁମାର ନାଥ ଓ ଅଲେଖ ଦଲାଇ ଯୋଗଦେଇ ଥିଲେ। ଏହି ଅବସରରେ ଏକ ସଭାର ଆୟୋଜନ କରାଯାଇଥିଲା। ଛାତ୍ରଛାତ୍ରୀ ସ୍ୱାଗତ ସଙ୍ଗୀତ ଗାନ କରି ଅତିଥିଙ୍କୁ ସ୍ୱାଗତ ଜଣାଇଥିଲେ। ବିଦ୍ୟାଳୟର ଅଧ୍ୟକ୍ଷ ରୋଡେସ୍କ ଏକ୍କାଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ସମସ୍ତ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ଏହି କାର୍ଯ୍ୟକ୍ରମ ଉପଲକ୍ଷେ ବିଦ୍ୟାଳୟରେ ବିଭିନ୍ନ ପ୍ରକାରର ପ୍ରତିଯୋଗିତାର ଆୟୋଜନ କରାଯାଇ କୃତୀ ଛାତ୍ରଛାତ୍ରୀଙ୍କୁ ପୁରସ୍କୃତ କରାଯାଇଥିଲା। ଏହି ସଭାଟିକୁ ବିଦ୍ୟାଳୟର ଶିକ୍ଷକ ନିରଞ୍ଜନ ପାତ୍ର ପରିଚାଳନା କରିଥିଲେ। ପରିଶେଷରେ ବିଦ୍ୟାଳୟର କମ୍ପ୍ୟୁଟର ଶିକ୍ଷକ ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ। ଶିକ୍ଷକ ଜଗତ ବରୁଆ, ଅମରଦୀପ କୁଜୁର, ଦୀପ୍ତିଶ୍ରୀ ବିଶ୍ୱାଳ, ଗେଦାଚନ୍ଦ୍ର ପୂର୍ତ୍ତୀ, ସୁମିତ ପୁରୋହିତ, ସ୍ୱାଗତିକା ନାଏକ, ସୁଚିସ୍ମିତା ଦାସ, ନମିତା ସିଂ ଓ ପବିତ୍ର ଲାକ୍ରା ପ୍ରମୁଖ ସହଯୋଗ କରିଥିଲେ।

# 'କ୍ରୀଷ୍ଣମ୍' ଅନୁଷ୍ଠାନର ଅଷ୍ଟମ ଚକ୍ରଧାରୀ ମହୋତ୍ସବ




**ରାଉରକେଲା, ୨୦।୯ (ସମିସ):** ସ୍ଥାନୀୟ ସେକ୍ଟର -୧୯ ସ୍ଥିତ ସିଭିକ୍ ସେଣ୍ଟରଠାରେ ରାଉରକେଲାର ଅଗ୍ରଣୀ ନୃତ୍ୟ ଅନୁଷ୍ଠାନ 'କ୍ରୀଷ୍ଣମ୍' ଦ୍ୱାରା ଅଷ୍ଟମ ଚକ୍ରଧାରୀ ନୃତ୍ୟ ମହୋତ୍ସବ - ୨୦୨୫ ଆୟୋଜିତ ହୋଇଯାଇଛି। କେନ୍ଦ୍ର ସାହିତ୍ୟ ଏକାଡେମୀ, ଓଡ଼ିଶା ସାହିତ୍ୟ ଏକାଡେମୀ ଏବଂ ରାଉରକେଲା ଇସ୍ପାତ କାରଖାନାର ମିଳିତ ସହଯୋଗରେ ଅନୁଷ୍ଠିତ ଏହି ସମାରୋହରେ ମୁଖ୍ୟ ଅତିଥି ଭାବେ ଭୁବନେଶ୍ୱରର ଉଭୟ କେନ୍ଦ୍ର ଏବଂ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାର ବିଜେତା ନୃତ୍ୟ ଗୁରୁ ନିରଞ୍ଜନ ରାଉତ, ସମ୍ମାନିତ ଅତିଥି ଭାବେ ପ୍ରଫେସର ଡ. ସମର ମୁଦାଲି, ଏକାଡେମୀ ପୁରସ୍କାର ବିଜେତା ଗୁରୁ ନଳିନୀ ନିହାର ନାୟକ, ସଙ୍ଗୀତ ଶିଳ୍ପୀ ଗୁରୁ ଶରତ ଧଳ, ବିଶିଷ୍ଟ ସମାଜସେବୀ ଲକ୍ଷ୍ମଣ ନାଥ ଦାସ, ବିଶିଷ୍ଟ ଲେଖକ ପ୍ରଭାକର ପାତ୍ର, ରାଉରକେଲା ଇସ୍ପାତ କାରଖାନାର ପରିଚାଳକ ଜୟନ୍ତ ମହାପାତ୍ର, ଜେଏମଡି ଗ୍ରୁପ୍ କମ୍ପାନୀର ପ୍ରତିଷ୍ଠାତା ବାସୁଦେବ ସ୍ୱାଇଁ ପ୍ରମୁଖ ପ୍ରଦୀପ ପ୍ରଜ୍ୱଳନ ପୂର୍ବକ କାର୍ଯ୍ୟକ୍ରମର ଶୁଭାରମ୍ଭ କରିଥିଲେ। ନୃତ୍ୟ ଗୁରୁ ଶ୍ୱେତାଂଶୁ ଶେଖର ଷଡ଼ଙ୍ଗୀ ଏବଂ ପତ୍ନୀ ଜ୍ୟୋତିଶ୍ରୀ ମହାପାତ୍ରଙ୍କ ଦ୍ୱାରା ପ୍ରତିଷ୍ଠିତ ଏହି ଅନୁଷ୍ଠାନ ଦୀର୍ଘ ଆଠ ବର୍ଷ ଧରି ରାଉରକେଲାର ସାଂସ୍କୃତିକ ପରିମଣ୍ଡଳରେ ନିଜର ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟି କରି ପାରିଥିବାରୁ ଭୂୟସୀ ପ୍ରଶଂସା କରିଥିଲେ। ଭାରତୀୟ ସଂସ୍କୃତିରେ ନୃତ୍ୟ ଓ ସଙ୍ଗୀତକୁ ଗାନ୍ଧର୍ବ ବିଦ୍ୟାର ଆଖ୍ୟା ଦିଆଯାଇଛି। ଶାସ୍ତ୍ରୀୟ ସଙ୍ଗୀତ ଓ ନୃତ୍ୟର ବାସ୍ତବ ଏବଂ ସଠିକ୍ ରୂପାୟନ ଦର୍ଶକ ମାନଙ୍କ ମନ ଓ ପ୍ରାଣ ଓ ଶରୀରରେ ଅତିନ୍ଦ୍ରିୟ ଜଗତର ଅନୁଭୂତି ସଞ୍ଚାର କରିଥାଏ ବୋଲି ଅତିଥିମାନେ ବକ୍ତବ୍ୟରେ କହିଥିଲେ। ଜ୍ୟୋତିଶ୍ରୀ ମହାପାତ୍ର ସମ୍ପାଦକୀୟ ବିବରଣୀ ପାଠ ସହ ସ୍ୱାଗତ ଅଭିଭାଷଣ ପ୍ରଦାନ କରିବାପରେ ବିଶିଷ୍ଟ ଓଡ଼ିଶୀ ନୃତ୍ୟଗୁରୁ ଏବଂ ଗବେଷକ ଗୁରୁ ଶ୍ରୀ ନିରଞ୍ଜନ ରାଉତଙ୍କୁ ଅଷ୍ଟମ ଚକ୍ରଧାରୀ ସମ୍ମାନ - ୨୦୨୫ରେ ସମ୍ମାନିତ କରାଯାଇଥିଲା। ଅନ୍ୟାନ୍ୟ ଅତିଥି ମାନଙ୍କୁ ଅନୁଷ୍ଠାନର କର୍ମକର୍ତ୍ତା ମାନଙ୍କ ସହ ମୁଖ୍ୟ ଅତିଥି ସମ୍ବର୍ଦ୍ଧିତ କରିଥିଲେ। ସାଂସ୍କୃତିକ କାର୍ଯ୍ୟକ୍ରମରେ ରାଜ ଆର୍ୟନ୍ ପଣ୍ଡାଙ୍କ ସହ ଏସ୍.ସମୃଦ୍ଧି ହରିହର ମଙ୍ଗଳା ଚରଣ, ଭୁବନେଶ୍ୱର ନୃତ୍ୟମ୍ ଡ଼୍ୟାନ୍ସ ଏକାଡେମୀର ଅନିକେତ ପଲ୍ଲବ ନାୟକ ଓ ବିଶ୍ୱ ରୂପା ଦୀକ୍ଷିତ, ରାଉରକେଲାର ଗୁରୁ ସୁବ୍ରତ କୁମାର ଭୂୟାଁ ଓ ଗୁରୁ ମୃତ୍ୟୁଞ୍ଜୟ ବାସା, ଭୁବନେଶ୍ୱର ନୃତ୍ୟ ସୁଧା ଏକାଡେମୀର ଗୁରୁ ଶଚିକାନ୍ତ ପ୍ରଧାନ ଓ ସ୍ୱାଗତିକା ପ୍ରଧାନ, ରାଉରକେଲାର ମ୍ୟୁଜିକ୍ ସର୍କଲ, କ୍ରୀଷ୍ଣମ୍, ଲିଖିତା ସେଠୀ ଓ ଗ୍ରୁପ୍, କଳା ଭୂମି ଏବଂ ଚିନ୍ମୟୀ ତ୍ରିପାଠୀ ପ୍ରମୁଖ ନିଜ ନିଜର ନିପୁଣ ନୃତ୍ୟ କଳା ପ୍ରଦର୍ଶନ କରି ଦର୍ଶକ ମାନଙ୍କୁ ବିମୋହିତ କରିଥିଲେ। ଶେଷରେ ସମ୍ପାଦିକା ଜ୍ୟୋତିଶ୍ରୀ ମହାପାତ୍ର ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

# ବଚସାରୁ ବନ୍ଧୁକୁ ହତ୍ୟା; ଅଭିଯୁକ୍ତ ଗିରଫ

**ରାଉରକେଲା, ୨୧।୯ (ସମିସ):** ସାମାନ୍ୟ ବଚସାରୁ ବନ୍ଧୁକୁ ହତ୍ୟା କରିବା ଅଭିଯୋଗରେ ବ୍ରାହ୍ମଣୀ ତରଙ୍ଗ ଥାନା ପୁଲିସ ବେଲଡିହି ବସ୍ତିର ଗୋରଚନ୍ଦ ଭୂମିଜ (୨୨)କୁ ଗିରଫ କରି କୋର୍ଟ ଚାଲାଣ କରିଛି। ତାଠାରୁ ୮.୫ ସିଏମ ଲମ୍ବର ଗୋଟିଏ କଣ୍ଟା ଜବତ କରାଯାଇଛି। ପୁଲିସ ସୂଚନା ମୁତାବକ, କଲୁଙ୍ଗା ଅଞ୍ଚଳର ଏମଡି ଅରବାଜ୍ ଖାନ ଗତ ୧୩ ତାରିଖ ରାତି ପ୍ରାୟ ୧୧ଟା ବେଳେ ବନ୍ଧୁ ଗୋରାଚାନ୍ଦ ଘରକୁ ଯାଇଥିଲା। ସେଠାରେ କୌଣସି କଥାକୁ ନେଇ ଦୁହିଁଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ଗୋରାଚାନ୍ଦ ଉତ୍ୟକ୍ତ ହୋଇ ଏକ ଲୁହା କଣ୍ଟା ସାହାଯ୍ୟରେ ଅରବାଜ ପେଟକୁ ଆକ୍ରମଣ କରିଥିଲା। ଫଳରେ ଅରବାଜ ଆହତ ହୋଇଥିଲେ। ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଡାକ୍ତରଖାନାକୁ ପଠାଇ ଥିଲେ। ହେଲେ ୧୮ ତାରିଖରେ ଅରବାଜ ପେଟରେ ଯନ୍ତ୍ରଣା ହୋଇଥିଲା। ପରିବାରଲୋକେ ତାଙ୍କୁ ଡାକ୍ତରଖାନାକୁ ନେଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ଏନେଇ ମୃତକଙ୍କ ବାପା ମହମ୍ମଦ ହଲିମ୍ ୧୯ ତାରିଖରେ ଥାନାରେ ଅଭିଯୋଗ କରିଥିଲେ। ପାନପୋଷ ଏସଡିପି ରଶ୍ମିରଞ୍ଜନ ମହାପାତ୍ରଙ୍କ ପ୍ରତକ୍ଷ୍ୟ ତତ୍ତ୍ୱାବଧାନରେ ବ୍ରାହ୍ମଣୀ ତରଙ୍ଗ ଥାନା ପୁଲିସ ଘଟଣାର ତଦନ୍ତ କରିବା ସହ ଏହି ହତ୍ୟାକାଣ୍ଡ ଅଭିଯୋଗରେ ଆଜି ଅଭିଯୁକ୍ତ ଗୋରାଚାନ୍ଦକୁ ଗିରଫ କରି କୋର୍ଟ ଚାଲାଣ କରିଥିବା ଜଣାପଡ଼ିଛି।



# ବଣାଇଁ ସହରରେ ଚୋରି

**ବଣାଇଁ, ୨୧।୯ (ସମିସ):** ବଣାଇଁ ସହରସ୍ଥିତ ବ୍ଲକ ଛକ ନିକଟ ରାସ୍ତା କଡ଼ରେ ଥିବା ଫଳ ଦୋକାନରୁ ତାଲା ଭାଙ୍ଗି ଟିଣ ଚାଦର କାଟି ଭିତରେ ଥିବା ବିଭିନ୍ନ ପ୍ରକାର ଫଳ ଚୋରି ହୋଇଥିବା ବେଳେ ନରେନ୍ଦ୍ର ଓ ଜୀବିକା ଗ୍ରାମରୁ ମଧ୍ୟ ଚୋରି ହୋଇଥିବା ନେଇ ଅଭିଯୋଗ ହୋଇଛି। ଗତକାଲି ରାତିରେ ବ୍ଲକ ଛକ ରାସ୍ତା କଡ଼ରେ ଥିବା ଫଳ ଦୋକାନରୁ ତାଲା ଭାଙ୍ଗିବା ସହ କେବିନର ଟିଣି ଚାଦର କାଟି ଭିତରେ ଥିବା ସେଓ, ଡାଲିମ୍ବ, ଖଜୁରୀ ଭଳି ଅନେକ ଫଳ ଓ ଚକୋଲେଟ୍ ଚୋରି ହୋଇଥିବା ନେଇ ଦୋକାନ ମାଲିକାଣି ଆରତୀ ସାହୁ ଥାନାରେ ଅଭିଯୋଗ କରିଥିବା ଜଣାପଡ଼ିଛି। ସେହିପରି ନରେନ୍ଦ୍ର ଗ୍ରାମର ଡିଲେଶ୍ୱର ସାହୁଙ୍କର ଅଟୋରୁ ବ୍ୟାଟେରି ଚୋରି, ଦୁଇଟି ହାଇୱା ଗାଡ଼ିର କାଚ ଭାଙ୍ଗିବା ସହିତ ୨ଶହ ଲିଟର୍ ଡିଜେଲ ଚୋରି ହୋଇଥିବା ଗାଡ଼ି ମାଲିକ କହିଛନ୍ତି। ସେହିପରି ଜୀବିକା ଗ୍ରାମରେ ମଧ୍ୟ ଗୋଟିଏ ହାଇୱା ଏବଂ ଆଉ ଏକ ଜେସିବିରୁ ଡିଜେଲ ଚୋରି ହୋଇଥିବା ସୂଚନା ମିଳିଛି। ତେବେ ବଣାଇଁ ଅଞ୍ଚଳରେ ଚୋରି ହୋଇଥିବାରୁ ସ୍ଥାନୀୟ ଜନସାଧାରଣଙ୍କ କହିବା ଅନୁସାରେ ରାତି ୧୦ଟା ସମୟରେ ସମସ୍ତ ଦୋକାନ ବଜାର ବନ୍ଦ ରହୁଥିବାରୁ ଚୋର ଆଉ ଡର ଭୟ ନକରି ଚୋରି କରିବାରେ ସେମାନେ ସୁବିଧା ପାଉଛନ୍ତି ବୋଲି ସାଧାରଣରେ ଚର୍ଚ୍ଚା ହେଉଛି। ଏ ନେଇ ପୁଲିସ ପକ୍ଷରୁ ରାତିରେ କଡ଼ାକଡ଼ି ପାଟ୍ରୋଲିଂ କରିବାକୁ ଦାବି ହେଉଛି।



# ସନ୍ତରଣରେ ଆର୍‌ଏସ୍‌ପି କର୍ମଚାରୀଙ୍କ ଉତ୍ତମ ପ୍ରଦର୍ଶନ

**ରାଉରକେଲା, ୨୧।୯ (ସମିସ):** ସେଲ୍, ରାଉରକେଲା ଇସ୍ପାତ କାରଖାନା (ଆର୍‌ଏସ୍‌ପି)ର ଦୁଇଜଣ କର୍ମଚାରୀ ଗତ ୧୧ରୁ ୧୫ ତାରିଖ ପର୍ଯ୍ୟନ୍ତ ସମ୍ବଲପୁରରେ ଅନୁଷ୍ଠିତ ୧୩ତମ ଖଟେଶ୍ୱର ପାଣ୍ଡେ ସ୍ମାରକୀ ଅଲ୍ ଓଡ଼ିଶା ମୁକ୍ତ ସନ୍ତରଣ ପ୍ରତିଯୋଗିତାରେ ଉତ୍ତମ ପ୍ରଦର୍ଶନ କରିବା ସହ ଇସ୍ପାତ ସହର ପାଇଁ ଗୌରବ ଆଣି ଦେଇଛନ୍ତି। ରୋଲ୍ ସପ୍ ବିଭାଗର ଜୁନିଅର ଇଞ୍ଜିନିୟରିଂ ଆସୋସିଏଟ୍ ପ୍ରଦୀପ କୁମାର ବାରିକ ୫୦ ମିଟର ଫ୍ରିଷ୍ଟାଇଲ୍ ଏବଂ ୫୦ ମିଟର ବ୍ରେଷ୍ଟଷ୍ଟ୍ରୋକ୍ ଇଭେଣ୍ଟରେ ୨ଟି ସ୍ୱର୍ଣ୍ଣ ପଦକ ହାସଲ କରିଥିବା ବେଳେ ରୋଲ୍ ସପ୍ ଇଲେକ୍ଟ୍ରିକାଲ୍ (ସିଇଏମ୍) ବିଭାଗର ଜୁନିଅର ଆସିଷ୍ଟାଣ୍ଟ ଟେକ୍ନିସିଆନ୍ ରୁଦ୍ର ନାରାୟଣ ସାହୁ ୫୦ ମିଟର ଫ୍ରି ଷ୍ଟାଇଲ୍ ଏବଂ ୫୦ ମିଟର ବ୍ୟାକ୍ ଷ୍ଟ୍ରୋକ୍ ଇଭେଣ୍ଟରେ ସ୍ୱର୍ଣ୍ଣ ପଦକ ହାସଲ କରିଛନ୍ତି।




# ଟିପିଡବ୍ଲୁଓଡିଏଲ୍ ପକ୍ଷରୁ 'ତାନଭି- ଦି ଗ୍ରେଟ୍' ପ୍ରଦର୍ଶିତ



**ରାଉରକେଲା, ୨୧।୯ (ସମିସ):** ଆଜି ଟାଟା ପାୱାର୍ କମ୍ୟୁନିଟି ଡେଭଲମେଣ୍ଟ ଟ୍ରଷ୍ଟଙ୍କ ଅନୁକୂଲ୍ୟରେ ଏବଂ ଅନୁପମ ଖେର୍ ଷ୍ଟୁଡିଓଙ୍କ ସହ ଭାଗିତାରେ ଟିପିଡବ୍ଲୁଓଡିଏଲ୍, ଯାହା ଟାଟା ପାୱାର ଏବଂ ଓଡ଼ିଶା ସରକାରଙ୍କ ଯୌଥ ଉଦ୍ୟୋଗ ଏବଂ ପଶ୍ଚିମ ଓଡ଼ିଶାର ବିଦ୍ୟୁତ୍ ବିତରଣର ଦାୟିତ୍ୱରେ ଥିବା କମ୍ପାନୀ ଦ୍ୱାରା ଏକ ହିନ୍ଦୀ ଚଳଚ୍ଚିତ୍ର 'ତାନ୍‌ଭି-ଦି ଗ୍ରେଟ୍'ର ଏକ ସୋ ରାଉରକେଲା ସହରର ସିଭିଲ ଟାଉନ୍‌ସିପ୍‌ସ୍ଥିତ ଫୋରମ୍ ଗ୍ୟାଲେରିଆ ମଲ୍‌ର ପିଭିଆର ହଲରେ ପ୍ରଦର୍ଶିତ ହୋଇଥିଲା। ଏହି ଅବସରରେ ଆଖପାଖ ଅଞ୍ଚଳର ପ୍ରାୟ ୧୫୯ରୁ ଅଧିକ ଅଟିଜମ୍ ଦ୍ୱାରା ସଂକ୍ରମିତ ପିଲା ଏବଂ ତାଙ୍କ ଅଭିଭାବକ ଫିଲ୍ମ ଦେଖିଥିଲେ।

ଏହି କାର୍ଯ୍ୟକ୍ରମରେ ରାଉରକେଲା ବିଧାୟକ ସାରଦା ପ୍ରସାଦ ନାୟକ, ରଘୁନାଥପାଲୀ ବିଧାୟକ ଦୁର୍ଗାଚରଣ ତନ୍ତୀ, ପାନପୋଷ ଉପଜିଲ୍ଲାପାଳ ବିଜୟ କୁମାର ନାୟକ, ଡିଏଫ୍‌ଓ ଯଶୋବନ୍ତ ସେଠୀ ପ୍ରମୁଖ ଯୋଗଦେଇ ଶୁଭାରମ୍ଭ କରିଥିଲେ। ଅଟିଜିମ୍ ଶିଶୁମାନଙ୍କ ବିକାଶ ପାଇଁ ତଥା ସେମାନଙ୍କୁ ସମାଜର ମୁଖ୍ୟସ୍ରୋତରେ ସାମିଲ କରିବା ପାଇଁ ଟିପିଡବ୍ଲୁଓଡିଏଲର ଏପରି ପଦକ୍ଷେପ ପ୍ରଶଂସନୀୟ ବୋଲି ବିଧାୟକ ସାରଦା ପ୍ରସାଦ ନାୟକ କହିଥିଲେ।

ଟିପିଡବ୍ଲୁଓଡିଏଲର ସାମାଜିକ ଦାୟିତ୍ୱବୋଧ ବିଭାଗ ଦ୍ୱାରା ଆୟୋଜିତ ଏହି କାର୍ଯ୍ୟକ୍ରମରେ ଟିପିଡବ୍ଲୁଓଡିଏଲର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ପ୍ରବୀଣ ବର୍ମା ସ୍ୱାଗତ ଭାଷଣ ଦେଇଥିଲେ।

# ରେଳ ଧାରଣାରୁ ଯୁବକଙ୍କ ଶବ ଉଦ୍ଧାର

**ରାଉରକେଲା, ୨୧।୯ (ସମିସ):** ରେଳ ଧାରଣାରୁ ଜିଆର୍‌ପି ଥାନା ପୁଲିସ ଜଣେ ଯୁବକଙ୍କ ଶବକୁ ଉଦ୍ଧାର କରିଛି। ମୃତକ ସିଭିଲ ଟାଉନସିପ ଅଞ୍ଚଳର ସତ୍ୟଜିତ ମିଶ୍ର (୩୧) ବୋଲି ଜଣାପଡ଼ିଛି। ରବିବାର ଏସଟିଆଇ ରେଳ ଫାଟକ ନିକଟ ରେଳ ଧାରଣାରେ ଶବ ପଡ଼ିଥିବା ଦେଖି ସ୍ଥାନୀୟ ଲୋକେ ସୂଚନା ଦେଇଥିଲେ। ପୁଲିସ ଏକ ଅପମୃତ୍ୟୁ ମାମଲା ରୁଜୁକରି ଘଟଣାର ତଦନ୍ତ ଚଳାଇଛି। ତେବେ ସତ୍ୟଜିତଙ୍କ ମୃତ୍ୟୁ କିପରି ହେଲା ତାହା ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ସ୍ପଷ୍ଟ ହେବ ବୋଲି ଇନ୍ସପେକ୍ଟର ରେଶମା ଏକ୍କା କହିଛନ୍ତି।

# ଆମ ପୁଲିସ ସମିତି ବୈଠକ

**ବଣାଇଁ, ୨୧।୯ (ସମିସ):** ସାମ୍ପ୍ରତିକ ପରିସ୍ଥିତିରେ ବିଭିନ୍ନ ସମୟରେ ଶିକ୍ଷିତ ଓ ଅଶିକ୍ଷିତ ଜନସାଧାରଣ ଠକେଇ, ଗୁଣିଗାରେଡି, ସାମାଜିକ ବାସନ୍ଦ, ବାଲ୍ୟବିବାହ ଆଦି କୁସଂସ୍କାରର ସମ୍ମୁଖୀନ ହେଉଛନ୍ତି। ଫଳରେ ଭାଇଚାରା, ସାମାଜିକ ଚଳଣି, ଆର୍ଥିକ ସମସ୍ୟା ଓ ଧନଜୀବନ ପ୍ରଭାବିତ ହେବା ନିତିଦିନିଆ ଘଟଣା ପାଲଟିଛି। ଏହି କୁସଂସ୍କାର, ଅନ୍ଧବିଶ୍ୱାସକୁ ପ୍ରତିହତ କରି ସମାଜରେ ଏକ ସୁସ୍ଥ ବାତାବରଣ ବଜାୟ ରଖିବା ସକାଶେ ପୋଲିସ ପ୍ରଶାସନ ପକ୍ଷରୁ ପଦକ୍ଷେପ ଆରମ୍ଭ କରାଯାଇଛି। ଗଣ ସଚେତନତା ମାଧ୍ୟମରେ ଲୋକଙ୍କ ନିକଟତର ହୋଇ ପୁଲିସ ଲୋକଙ୍କୁ ସୁରକ୍ଷା ଦେବା ସହ ପୁଲିସ ପବ୍ଲିକର ସେତୁ ରୂପେ କାର୍ଯ୍ୟ ପାଇଁ ଅଣ୍ଟା ଭିଡିଛି। ଏହି ପରିପ୍ରେକ୍ଷୀରେ ରାଉରକେଲା ଆରକ୍ଷୀ ଅଧୀକ୍ଷକ ନିତେଶ ୱାଧୱାନୀଙ୍କ ନିର୍ଦ୍ଦେଶରେ ବଣାଇଁ ଥାନା ଦେଓଗାଁ ବାବା ବାଣେଶ୍ୱର କଲ୍ୟାଣ ମଣ୍ଡପ ପରିସରରେ ରବିବାର ଆମ ପୁଲିସ ସମିତି ବୈଠକ ଅନୁଷ୍ଠିତ ହୋଇଥିଲା। ଥାନା ଭାରପ୍ରାପ୍ତ ଅଧିକାରୀ ଜ୍ଞାନେନ୍ଦ୍ର କୁମାର ସାହୁଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ଗ୍ରାମରେ ବାଲ୍ୟ ବିବାହ, ସାମାଜିକ ବାସନ୍ଦ, ଗୁଣିଗାରେଡ଼ି ଆଦି ଅନ୍ଧ ବିଶ୍ୱାସ ଏବଂ କୁସଂସ୍କାର ଆଦି କାର୍ଯ୍ୟକଳାପରୁ ନିବୃତ୍ତ ରହିବା ପାଇଁ ପରାମର୍ଶ ଦେଇଥିଲେ। ବ୍ୟାଙ୍କ, ଇନ୍‌ସୁରାନ୍ସ ଓ ସାମାଜିକ ଗଣମାଧ୍ୟମରେ ଆସୁଥିବା ଅଜଣା ଲିଙ୍କ୍ ଓ ଲୋଭନୀୟ ଅଫର ପ୍ରତି ବିଶ୍ୱାସ ନକରି ସତର୍କତା ଅବଲମ୍ବନ କରିବା ପାଇଁ ଥାନା ଅଧିକାରୀ ଶ୍ରୀ ସାହୁ ବୁଝାଇଥିଲେ। ବିଭିନ୍ନ ସମୟରେ ପିଏମ୍ କିଷାନ ଯୋଜନା, ଶ୍ରମିକ କାର୍ଡ କିମ୍ବା ବ୍ୟାଙ୍କ୍, ବିଦ୍ୟୁତ୍ କର୍ମଚାରୀ ପରିଚୟ ଦେଇ ଟଙ୍କା ଠକେଇ କରିବା ପାଇଁ ବହୁ ଦଲାଲ୍ ଘୂରି ବୁଲୁଛନ୍ତି। ଏପରି ସ୍ଥଳେ ପ୍ରକୃତ ଅନୁସନ୍ଧାନ କରିବା ସହ ସନ୍ଦେହ ହେଲେ ପୁଲିସ୍ ସହାୟତା ପାଇଁ ପରାମର୍ଶ ଦେଇଥିଲେ। ଏଥିରେ ବଣାଇଁ ଥାନା ଏସ୍‌ଆଇ ହରିହର ନାଏକ, ଏଏସ୍‌ଆଇ ପର୍ଶୁରାମ ମାହାନ୍ତ, ଅମୂଲ୍ୟ ସାମଲ ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ବୈଠକରେ ବଣାଇଁର ବହୁ ନେତା, ବୁଦ୍ଧିଜୀବୀ, ଗଣମାଧ୍ୟମର ପ୍ରତିନିଧି ଓ ଜନସାଧାରଣ ଉପସ୍ଥିତ ରହିଥିଲେ।



# ସୁନ୍ଦରଗଡ଼ ଜିଲ୍ଲା କିସାନ ସମାଜର ନୂଆଁଖାଇ ଭେଟ୍‌ଘାଟ୍

**କୁତ୍ରା, ୨୧।୯ (ସମିସ)**



ସୁନ୍ଦରଗଡ଼ ଜିଲ୍ଲା କୁତ୍ରା ବ୍ଲକର ସଦରମହକୁମା କୁତ୍ରା ଗ୍ରାମପଞ୍ଚାୟତଠାରେ ଥିବା କଲ୍ୟାଣ ମଣ୍ଡପଠାରେ ରବିବାର ସୁନ୍ଦରଗଡ଼ ଜିଲ୍ଲା କିସାନ ସମାଜର ନୂଆଁଖାଇ ଭେଟ୍‌ଘାଟ୍ ଉତ୍ସବ ପାଳିତ ହୋଇଯାଇଛି। ଏହି ପରିପ୍ରେକ୍ଷୀରେ ଏକ ସଭାର ଆୟୋଜନ କରାଯାଇଥିଲା।ଉକ୍ତ ଉତ୍ସବରେ ମୁଖ୍ୟ ଅତିଥି ଭାବରେ ରାଜ୍ୟ ସଭାପତି ସୁନାସୀର କିସାନ ଯୋଗଦେଇ ଥିବା ବେଳେ ସମ୍ମାନିତ ଅତିଥି ଭାବରେ ଜିଲ୍ଲା ସଭାପତି ଦେବେନ୍ଦ୍ର ମାଝୀ, ସମ୍ପାଦକ କୃଷ୍ଣା ଲାକ୍ରା, କୋଷାଧ୍ୟକ୍ଷ ବିତନା ମାଝୀ, ତୁନମୁରା ଗଙ୍ଗାଘାଟି ସଭାପତି କପିଳେଶ୍ୱର ଟପ୍ପୋ, ସମ୍ପାଦକ ପ୍ରେମଚାନ୍ଦ ଲାକ୍ରା, ଉପସଭାପତି ନରସିଂହ ମିଞ୍ଜ, ଉପେନ୍ଦ୍ର ପ୍ରଧାନ, ମୁନ୍ନା ପ୍ରଧାନ, ହିରନ କୁଜୁର, ସୁରେନ୍ଦ୍ର କିସାନ, ରାମଚନ୍ଦ୍ର ମାଝୀ, ବାହାଦୁର କିଣ୍ଡୋ, ନବୀନ ପତ୍ରି, ଚନ୍ଦ୍ର କିସାନ, ଝିରଗା ଏକ୍କା ଓ ଆସାମରୁ ଆସିଥିବା ତନୁ ପନ୍ନା ଯୋଗଦେଇ ଥିଲେ। ଉକ୍ତ ଉତ୍ସବଟିକୁ କିସାନ ସମାଜର ସମାଜସେବୀ ପାନୁ ମାଝୀ ଓ ଜେଙ୍ଗା କିସାନଙ୍କ ଫଟୋଚିତ୍ରରେ ପୁଷ୍ପମାଲ୍ୟ ଅର୍ପଣ କରି ଆରମ୍ଭ କରାଯାଇଥିଲା। ଉତ୍ସବରେ ଉପସ୍ଥିତ ଥିବା ଅତିଥିମାନଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ମାନିତ କରାଯାଇଥିଲା। ସଭା କାର୍ଯ୍ୟଟି ବଇଲୋ କିସାନଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ଏହି ଉତ୍ସବଟିକୁ ଗାଙ୍ଗାଘାଟି ତୁନମୁରା ପକ୍ଷରୁ ଆୟୋଜିତ କରାଯାଇଥିଲା। ଉପସ୍ଥିତ ଅତିଥିମାନେ କିସାନ ସମାଜର ଭାଷା, ଚାଲିଚଲଣ ଓ ସଂସ୍କୃତି ବିଷୟରେ ବର୍ଣ୍ଣନା କରିଥିଲେ। ଏହି କାର୍ଯ୍ୟକ୍ରମରେ ଦଶମ ଶ୍ରେଣୀରେ ପ୍ରଥମ, ଯୁକ୍ତ ଦୁଇରେ ପ୍ରଥମ ଓ ଯୁକ୍ତ ତିନିରେ ପ୍ରଥମ ଶ୍ରେଣୀରେ ଉତ୍ତୀର୍ଣ୍ଣ ହୋଇଥିବା ତିନି ତିନି ଜଣଙ୍କୁ ଉତ୍ତରୀୟ ଓ ପୁଷ୍ପଗୁଚ୍ଛ ଦେଇ ସମ୍ମାନିତ କରାଯାଇଥିଲା। କାର୍ଯ୍ୟକ୍ରମରେ ଜିଲ୍ଲାର ବିଭିନ୍ନ ସ୍ଥାନରୁ ଆସିଥିବା କିସାନ ସମାଜର ନୃତ୍ୟ ଦଳମାନେ ନିଜର ନୃତ୍ୟ ପରିବେଷଣ କରିଥିଲେ। ଏହି କାର୍ଯ୍ୟକ୍ରମକୁ ସୁରୁଖୁରୁରେ ପରିଚାଳନା କରିବା ପାଇଁ କୁତ୍ରା ସରପଞ୍ଚ ଭୁବନ କୁଜୁର, ଆକାଶ କୁଜୁର, ପ୍ରଫୁଲ୍ଲ କୁଜୁର, ପୁଟନୁ କୁଜୁର, ଚେପ ଲାକ୍ରା, ମହେନ୍ଦ୍ର ଲାକ୍ରା, ବିଶ୍ୱନାଥ ଟପ୍ପୋ, ମୁଖୀ ମିଞ୍ଜ ପ୍ରମୁଖ ସହଯୋଗ କରିଥିଲେ।

ସକାଳ
THE SAKALA

# ସମ୍ପାଦକୀୟ



ମାନବାଧିକାର ସୁରକ୍ଷା ସଭ୍ୟତାର ସବୁଠାରୁ ବଡ଼ ଆହ୍ୱାନ।
-ନେଲ୍‌ସନ୍ ମାଣ୍ଡେଲା।

## ଖେଳାଳିଙ୍କ ଦେଶପ୍ରେମ !

ଭାରତ ଓ ପାକିସ୍ତାନ କ୍ରିକେଟ୍ ଦଳର କପ୍ତାନଙ୍କ ମଧ୍ୟରେ କରମର୍ଦ୍ଦନ ପ୍ରସଙ୍ଗକୁ ନେଇ ବିବାଦୀୟ ହୋଇପଡ଼ିଥିବା ଚଳିତ ଏସିଆ କପ୍ କ୍ରିକେଟ୍ ପୁଣି ଏକ ବିତର୍କ ସହିତ ଯୋଡ଼ି ହୋଇଯାଇଛି। ପାକିସ୍ତାନ ବିପକ୍ଷରେ ମ୍ୟାଚ୍ ବିଜୟକୁ ପହେଲ୍‌ଗାମ୍ ଆତଙ୍କବାଦୀ ଆକ୍ରମଣରେ ମୃତକଙ୍କ ପରିବାର ପ୍ରତି ଉତ୍ସର୍ଗ କରିଥିବା ଭାରତୀୟ ଦଳ ଘୋଷଣା କରିବା ପରେ ଆମ୍ ଆଦ୍‌ମି ପାର୍ଟି ନେତା ସୌରଭ ଭରଦ୍ୱାଜ୍ ଏହାକୁ ଛଳନା ବୋଲି ପରୋକ୍ଷରେ ଆକ୍ଷେପ କରିଛନ୍ତି। ତାଙ୍କ ମତରେ ଯଦି ଭାରତୀୟ କ୍ରିକେଟ୍ କଣ୍ଟ୍ରୋଲ୍ ବୋର୍ଡ ଓ ଭାରତୀୟ କ୍ରିକେଟ୍ ଖେଳାଳିଙ୍କ ବାସ୍ତବରେ ଦେଶପ୍ରୀତି ଓ ପହଲ୍‌ଗାମ୍ ପୀଡ଼ିତଙ୍କ ପ୍ରତି ସମବେଦନା ଅଛି ତେବେ ମ୍ୟାଚ୍‌ଲବ୍ଧ ସମ୍ପୂର୍ଣ୍ଣ ଆର୍ଥିକ ରୋଜଗାରକୁ ପୀଡ଼ିତଙ୍କ ପରିବାରକୁ ଉତ୍ସର୍ଗ କରନ୍ତୁ। ଶ୍ରୀଭରଦ୍ୱାଜ୍‌ଙ୍କ ଯୁକ୍ତି କିଛି ମନ୍ଦ ନୁହେଁ। କାରଣ ବିଶ୍ୱରେ ସବୁଠାରୁ ବିତ୍ତଶାଳୀ କ୍ରୀଡ଼ା ସଂଗଠନ ଭାବେ ମାନ୍ୟତାପ୍ରାପ୍ତ ଭାରତୀୟ କ୍ରିକେଟ୍ କଣ୍ଟ୍ରୋଲ୍ ବୋର୍ଡ ଓ ତାହାର ଧନାଢ଼୍ୟ ସଦସ୍ୟମାନେ ଯଦି ଏସିଆ କପ୍ ବାବଦ ସେମାନଙ୍କ ମ୍ୟାଚ୍ ଫି ଦାନ କରିଦିଅନ୍ତେ ତେବେ ସମୁଦ୍ରରୁ ମାତ୍ର ଆଞ୍ଜୁଳାଏ ପାଣି କାଢ଼ି ନେବା ପରି ହୁଅନ୍ତା। ଆପ୍ ନେତାଙ୍କ ମତକୁ ଭାରତୀୟ କ୍ରିକେଟ୍ ଖେଳାଳିମାନେ କେତେ ସକାରାତ୍ମକ ଭାବେ ଗ୍ରହଣ କରିଛନ୍ତି ଓ କରିବେ ତାହା ଭିନ୍ନ କଥା; କିନ୍ତୁ ସ୍ୱାଭାବିକ ଭାବେ କ୍ରିକେଟ୍‌ର ଅନ୍ଧଭକ୍ତମାନେ ପ୍ରତିକ୍ରିୟାଶୀଳ ହୋଇଉଠିଛନ୍ତି ଏବଂ ଶ୍ରୀଭରଦ୍ୱାଜ୍‌ଙ୍କୁ ସମାଲୋଚନା କରିବା ଆରମ୍ଭ କରିଛନ୍ତି।

ଆମ ଭାରତୀୟ କ୍ରିକେଟ୍‌ରମାନଙ୍କ ଦେଶଭକ୍ତି ଓ ରାଷ୍ଟ୍ରୀୟ ଭାବନା କେତେ ତାହା ୨୦୦୨ ଆଇସିସି ଚମ୍ପିଆନ୍ ଟ୍ରଫି ବେଳେ ଜଣାପଡ଼ିଯାଇଥିଲା; ଅଥଚ କ୍ରିକେଟ ରଙ୍କୁଣା ଭାରତୀୟମାନେ ଖେଳାଳିମାନଙ୍କର ସେହି ସ୍ୱାର୍ଥପର ମାନସିକତାକୁ ହଜମ୍ କରିଦେଇଥିଲେ। ପ୍ରାୟ ସମସ୍ତ ନିର୍ଣ୍ଣାୟକ ମ୍ୟାଚ୍‌ରେ ବିଫଳ ହେଉଥିବାର ବିରଳ ରେକର୍ଡଧାରୀ ତଥାକଥିତ କ୍ରିକେଟ୍‌ର ଭଗବାନ୍‌ଙ୍କୁ ଭାରତ ଓ ଭାରତବାସୀ ବିଭିନ୍ନ ରତ୍ନ-ଅଳଙ୍କାରରେ ସମ୍ମାନିତ କରିବାରେ କୌଣସି ହେଳା କରିନାହାନ୍ତି। ତାଙ୍କର ଅସୁମାରୀ ସମ୍ପଦ ପଛରେ ଈଶ୍ୱରଦତ୍ତ ପ୍ରତିଭା ତୁଳନାରେ ଭାରତୀୟଙ୍କ କ୍ରିକେଟ୍‌ପ୍ରେମ ଯେ ଅଧିକ ରହିଛି ତାହା ଅନସ୍ୱୀକାର୍ଯ୍ୟ। ଅଥଚ ତାଙ୍କୁ ପୁରସ୍କାରରେ ମିଳିଥିବା ଫେରାରି କାରକୁ ଭାରତ ଆଣିବା ପାଇଁ ସୀମାଶୁଳ୍କ ସମ୍ପୂର୍ଣ୍ଣ ଛାଡ଼ ପାଇଁ ସେ ଭାରତ ସରକାରଙ୍କ ଉପରେ ଏକପ୍ରକାର ଚାପ ପକାଇ ସଫଳ ହୋଇଥିଲେ। ତେଣୁ ଭାରତୀୟ କ୍ରିକେଟ୍ ଖେଳାଳିଙ୍କ ଠାରୁ ଦେଶସ୍ୱାର୍ଥ ଓ ରାଷ୍ଟ୍ରୀୟ ଭାବନାରେ ଆନ୍ତରିକତା ଓ ବାସ୍ତବତା ଆଶା କରିବା ବୃଥା, ଏହା ଏକ ଅପ୍ରିୟ ସତ୍ୟ। କ୍ରିକେଟ୍ ସହିତ ଦେଶପ୍ରେମ ଓ ରାଷ୍ଟ୍ରୀୟ ଭାବନା କେବଳ ବଞ୍ଚି ରହିଛି ଦେଶର ଅଗଣିତ କ୍ରିକେଟ୍‌ପ୍ରେମୀଙ୍କ ପାଖରେ ଏବଂ ସେମାନେ ଭାବି ନେଇଛନ୍ତି ସେମାନଙ୍କର ପୂଜ୍ୟ କ୍ରିକେଟ୍-ଦେବତାମାନେ ମଧ୍ୟ ସମଭାବାପନ୍ନ ହୋଇଥିବେ। କିନ୍ତୁ ସେମାନେ ଯେ କୁହେଳିପୂର୍ଣ୍ଣ ଏକ ଭ୍ରାନ୍ତ ଓ ଅନ୍ଧବିଶ୍ୱାସର କ୍ରିକେଟ୍-ଆକର୍ଷଣର ମୋହାଚ୍ଛନ୍ନ ଦୁନିଆରେ ବୁଡ଼ି ରହିଛନ୍ତି ତାହା ହୃଦୟଙ୍ଗମ କରିବାକୁ ଆହୁରି ବହୁବର୍ଷ ଲାଗିଯିବ।

ବିଡ଼ମ୍ବନା ଏହା ଯେ ଯେଉଁ ହକି ଖେଳାଳି ଜଣକ ଭାରତୀୟତାର ଗୌରବ ବଜାୟ ରଖିବା ପାଇଁ ତାଙ୍କ କ୍ରୀଡ଼ାଜୀବନ କାଳରେ ଜାଣତରେ କିମ୍ବା ଅଜାଣତରେ ସାମାନ୍ୟତମ ସାଲିସ୍ କରି ନଥିଲେ ଆମେ ତାଙ୍କୁ ଏ ପର୍ଯ୍ୟନ୍ତ ଭାରତ ରତ୍ନ ଭଳି ରାଷ୍ଟ୍ରୀୟ ସମ୍ମାନରେ ସମ୍ମାନିତ କରିବାକୁ ଆନ୍ତରିକତା ପ୍ରଦର୍ଶନ କରିନାହୁଁ। ପ୍ରବଳ ଜ୍ୱରାକ୍ରାନ୍ତ ହୋଇ ମଧ୍ୟ ନିର୍ଣ୍ଣାୟକ ମ୍ୟାଚ୍‌ରେ ଭାରତକୁ ଜିତାଇବା ପାଇଁ ପଡ଼ିଆକୁ ଓହ୍ଲାଇଥିବା ଏହି ମହାନ୍ କ୍ରୀଡ଼ା ବ୍ୟକ୍ତିତ୍ୱ ଜର୍ମାନୀ ତରଫରୁ ଖେଳିବା ଲାଗି ହିଟ୍‌ଲର ଯାଚି ଦେଇଥିବା ବିପୁଳ ଅର୍ଥ, ପଦବୀ ଓ ପ୍ରତିପତ୍ତିକୁ ପ୍ରତ୍ୟାଖ୍ୟାନ କରିଦେଇଥିଲେ। ଅଥଚ ଆମେ ତାଙ୍କ ଜନ୍ମଦିନକୁ କେବଳ ଜାତୀୟ କ୍ରୀଡ଼ା ଦିବସ ଭାବେ ଘୋଷଣା କରି ଆମ କର୍ତ୍ତବ୍ୟ ସାରି ଦେଇଛୁ। ବୋଧହୁଏ କ୍ରିକେଟ୍‌କୁ ଛାଡ଼ି ଆଉ କୌଣସି ଖେଳ କିମ୍ବା ଖେଳାଳିଙ୍କ ସହିତ ଦେଶପ୍ରେମ ଓ ରାଷ୍ଟ୍ରଭକ୍ତି ଜଡ଼ିତ ନାହିଁ; ଯଦିବା କିଏ କେଉଁଠି କେତେବେଳେ ଦେଶଭକ୍ତିର ଉଦାହରଣଟିଏ ସୃଷ୍ଟି କରିଛନ୍ତି ତାହା ମଧ୍ୟ ବୋଧହୁଏ କ୍ରିକେଟ୍ ବିନା ନିରର୍ଥକ!

## ଟ୍ରମ୍ପ ଦାଉ

ଭାରତ ଓ ଭାରତୀୟଙ୍କୁ ସବୁମତେ ହଇରାଣ ହରକତ କରିବା ପାଇଁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ସତେଯେମିତି ଖୋଜି ଖୋଜି ଉପାୟମାନ ବାହାର କରୁଛନ୍ତି। ଭାରତୀୟ ଉତ୍ପାଦ ଉପରେ ବର୍ଦ୍ଧିତ ହାରରେ ଶୁଳ୍କ ଲାଗୁ କରି ଭାରତ ସରକାରଙ୍କ ଉପରେ ତାଙ୍କର ରାଗ ବୋଧହୁଏ ଶାନ୍ତ ହୋଇ ନାହିଁ। ଇତିମଧ୍ୟରେ ୟୁରୋପୀୟ ସଂଘ ସହିତ ଭାରତର ବାଣିଜ୍ୟ ରାଜିନାମାକୁ ଭଣ୍ଡୁର କରିବାକୁ ସବୁମତେ ଉଦ୍ୟମ କରୁଛନ୍ତି ଏବଂ ୟୁକ୍ରେନ୍‌କୁ ମତାଇ ଭାରତୀୟ ଉତ୍ପାଦ ଆମଦାନୀ ନ କରିବାକୁ ମସୁଧା କରିଛନ୍ତି। ପୁଣି ଏବେ ସେ ଆମେରିକାରେ ରହୁଥିବା ପ୍ରବାସୀ ଭାରତୀୟଙ୍କ ଉପରେ ଦାଉ ସାଧିବାର ଉପାୟଟିଏ ପାଇଯାଇଛନ୍ତି।

ଟ୍ରମ୍ପଙ୍କ ସଦ୍ୟତମ ଘୋଷଣା ଅନୁଯାୟୀ, ଏଣିକି ବିଦେଶୀ ପେସାଦାରମାନଙ୍କୁ ନିଯୁକ୍ତି ଦେଉଥିବା ଆମେରିକୀୟ ସଂସ୍ଥାମାନେ ପ୍ରତି ବିଦେଶୀ କର୍ମଚାରୀ ପିଛା ଏଚ୍୧-ବି ଭିସା ବାବଦକୁ ବାର୍ଷିକ ୧ ଲକ୍ଷ ଡଲାର(ଭାରତୀୟ ମୁଦ୍ରାରେ ପ୍ରାୟ ୯୦ ଲକ୍ଷ ଟଙ୍କା) ପୈଠ କରିବାକୁ ପଡ଼ିବ(ଏବେ ତାହା ମାତ୍ର ୧୫୦୦ ଡଲାର ଅଛି)। ସେପ୍ଟେମ୍ବର ୨୧ରୁ ତତ୍କାଳ ଲାଗୁ ହେବାକୁ ଥିବା ଟ୍ରମ୍ପଙ୍କ ଏହି ନିର୍ଦ୍ଦେଶ ପରେ ହୁଏତ ଆମେରିକୀୟ ସଂସ୍ଥାମାନେ ବିଦେଶୀ କର୍ମଚାରୀ ନିଯୁକ୍ତିକୁ କାଣ୍ଟଛାଣ୍ଟ କରିବେ କିମ୍ବା ଭିସା ବାବଦ ଅର୍ଥ ପ୍ରବାସୀ କର୍ମଚାରୀଙ୍କ ଦରମାରୁ କାଟି ରଖିବେ। ଆମେରିକାର ବିଭିନ୍ନ ସଂସ୍ଥାମାନଙ୍କରେ ସର୍ବାଧିକ ପ୍ରବାସୀ ଭାରତୀୟ କାମ କରୁଥିବାରୁ ଉଭୟ ପଦକ୍ଷେପରେ ସେମାନେ ହିଁ ସର୍ବାଧିକ ପ୍ରଭାବିତ ହେବେ। ଆମେରିକୀୟ କମ୍ପାନୀମାନେ ବିଦେଶରୁ ଶସ୍ତାରେ କର୍ମଚାରୀମାନଙ୍କୁ ନିଯୁକ୍ତି ଦେଉଥିବାରୁ ଆମେରିକୀୟ ପେସାଦାରମାନେ କର୍ମସଂସ୍ଥାନ ହରାଉଛନ୍ତି ବୋଲି ଆଭ୍ୟନ୍ତରୀଣ ଅଭିଯୋଗ ହୋଇଆସୁଥିଲା। ତେଣୁ 'ମାଗା' ଯୋଜନାରେ ଆମେରିକୀୟଙ୍କୁ ସନ୍ତୁଷ୍ଟ କରିବାକୁ ଟ୍ରମ୍ପ ଉପରୋକ୍ତ ଘୋଷଣା କରିଥିବା କୁହାଯାଉଥିଲେ ହେଁ ବାସ୍ତବରେ ତାଙ୍କର ଭାରତ ବିରୋଧୀ ଅସୂୟା ହିଁ ସ୍ପଷ୍ଟ ହେଉଛି। କାରଣ ଏଚ୍୧-ବି ଭିସାଧାରୀଙ୍କ ମଧ୍ୟରୁ ୭୦% ବା ପ୍ରାୟ ୪ ଲକ୍ଷ ଭାରତୀୟ। ଏଥିରେ କିନ୍ତୁ ଆମେରିକୀୟ ସଂସ୍ଥା ଓ ଅର୍ଥନୀତି ହିଁ ଅଧିକ ପ୍ରଭାବିତ ହେବ। କ୍ରୋଧାନ୍ଧ ଓ ପଦମତ୍ତ ଟ୍ରମ୍ପ ଏହି ହିତାହିତ ଜ୍ଞାନଶୂନ୍ୟ ହୋଇଥିବା ସ୍ୱାଭାବିକ।

# ଜିଏସ୍‌ଟି ସଂସ୍କାର କେତେ ସଂପୂର୍ଣ୍ଣ

**ନଳିନୀ କାନ୍ତ ଧର**

ଜୁଲାଇ, ୧ ୨୦୧୭ରୁ ପ୍ରଣୟନ କରାଯାଇଥିବା ସାମଗ୍ରୀ ଓ ସେବା କର(ଜିଏସ୍‌ଟି) ସ୍ୱାଧୀନତା ପରେ କର ବ୍ୟବସ୍ଥାରେ ସବୁଠାରୁ ବଡ଼ ସଂସ୍କାର ଥିଲା। ନିକଟରେ ଏଥିରେ କେତେକ ସଂଶୋଧନ କରାଯାଇଛି, ଯାହାକୁ ଜିଏସ୍‌ଟି-୨ ଆଖ୍ୟା ଦିଆଯାଇଛି। ପୂର୍ବରୁ କେନ୍ଦ୍ର ଓ ରାଜ୍ୟସ୍ତରରେ ବିଭିନ୍ନ ପ୍ରକାର ଅଲଗା ଅଲଗା ହାରରେ ସାମଗ୍ରୀ ଓ ସେବା ଉପରେ ପ୍ରାୟ ୧୭ ପ୍ରକାର କର ଲାଗୁଥିଲା। ଜିଏସ୍‌ଟି ଲାଗୁ ହେବା ପରେ ଦେଶରେ ଉତ୍ପାଦିତ ସାମଗ୍ରୀ ଓ ସେବା ଉପରେ ଗୋଟିଏ କର ଲାଗୁ ହେଲା। ଭାରତଭଳି ଏକ ବିଶାଳ ଦେଶରେ, ଯେଉଁଠି ଜନସାଧାରଣଙ୍କର ଅର୍ଥନୈତିକ ତାରତମ୍ୟ ଖୁବ୍ ଅଧିକ, ସେଠାରେ 'ଗୋଟିଏ ଦେଶ ଗୋଟିଏ କର' ବ୍ୟବସ୍ଥା ଆଶାନୁରୂପ ସଫଳ ହୋଇପାରି ନ ଥିଲା। ଜିଏସ୍‌ଟି-୧ରେ ୦, ୫, ୧୨, ୧୮ ଓ ୨୮ ପ୍ରତିଶତ ହାରରେ ୫ଟି ସ୍ଲାବ୍ ନିର୍ଦ୍ଧାରିତ ହୋଇଥିବା ବେଳେ ସୁନା ଉପରେ ସ୍ୱତନ୍ତ୍ର ଭାବରେ ୩ ପ୍ରତିଶତ ଜିଏସ୍‌ଟି ଲାଗୁ ହୋଇଥିଲା। ଏତେଗୁଡ଼ିକଏ ସ୍ଲାବ୍ ରହିଥିବାରୁ ଅନେକ ସମୟରେ ନିର୍ଦ୍ଦିଷ୍ଟ ସାମଗ୍ରୀର ଟିକସ ହାର ନେଇ ବିଭ୍ରାଟ, ଟିକସ ଫାଙ୍କି ଏବଂ କିଛି ସାମଗ୍ରୀ ଉପରେ ମାତ୍ରାଧିକ ଟିକସ ଆଦି ପାଇଁ ସରକାର ସମାଲୋଚନାର ଶରବ୍ୟ ହେଉଥିଲେ। ତେଣୁ ପରିବର୍ତ୍ତିତ ସ୍ଥିତିକୁ ଅନୁଧ୍ୟାନ କରି ସରକାର ୨୮ ପ୍ରତିଶତ ଓ ୧୨ ପ୍ରତିଶତ ସ୍ଲାବ୍‌କୁ ଉଚ୍ଛେଦ କରି ବର୍ତ୍ତମାନ ମେରିଟ୍ ଗୁଡ୍ସ ଉପରେ ୫ ପ୍ରତିଶତ ଓ ଷ୍ଟାଣ୍ଡାର୍ଡ ଗୁଡ୍ସ ଉପରେ ୧୮ ପ୍ରତିଶତ - ଏହିଭଳି ମାତ୍ର ଦୁଇଟି ସ୍ଲାବ୍ ସ୍ଥିର କରିଛନ୍ତି। ଏହାବ୍ୟତୀତ ସିଗାରେଟ୍, ଗୁଟ୍‌ଖା, ମଦ, ବିଳାସ ସାମଗ୍ରୀ, ବଡ଼ କାର ଇତ୍ୟାଦି ଉପରେ ସିନ୍ ଗୁଡ୍ସ ଟିକସ ଭାବରେ ୪୦ ପ୍ରତିଶତ ଟିକସ ନିର୍ଦ୍ଧାରିତ କରିଛନ୍ତି। ପ୍ରଚଳିତ ସମସ୍ତ ସେସ୍‌କୁ ବି ସମାପ୍ତ କରାଯାଇଛି। ଜିଏସ୍‌ଟି ଟିକସ କମ୍ ହେବା ଫଳରେ ଦରଦାମ ହ୍ରାସ ପାଇବା ସହ ମୁଦ୍ରାସ୍ଫୀତି ମଧ୍ୟ ହ୍ରାସ ପାଇବ ବୋଲି ଆଶା କରାଯାଉଛି। ଅପରପକ୍ଷରେ ସରକାର ଚଳିତ ବର୍ଷ ଏଥିଯୋଗୁଁ ୪୮, ୦୦୦କୋଟି ଟଙ୍କା ଏବଂ ଆସନ୍ତା ବର୍ଷ ୧, ୫୦, ୦୦୦ କୋଟି ଟଙ୍କାର ରାଜସ୍ୱ ହରାଇବେ ବୋଲି ଆକଳନ କରାଯାଇଛି।

ଜିଏସ୍‌ଟି କାର୍ଯ୍ୟକାରୀ ହେବା ପରେ ପ୍ରାଥମିକ ପର୍ଯ୍ୟାୟରେ ୬୬.୫ ଲକ୍ଷ ବ୍ୟବସାୟିକ ପ୍ରତିଷ୍ଠାନ ଅନ୍ତର୍ଭୁକ୍ତ ହୋଇଥିଲେ, ଯାହା ଗତ ଆର୍ଥିକ ବର୍ଷ ଶେଷ ସୁଦ୍ଧା ୧.୫୧ କୋଟିରେ ପହଞ୍ଚିଛି। ରାଜସ୍ୱ ମଧ୍ୟ ଆଶାନୁରୂପକ ବୃଦ୍ଧି ପାଇ ୨୨.୦୪ ଲକ୍ଷ କୋଟି ଟଙ୍କା ହୋଇଛି। କ୍ଷୁଦ୍ର ବ୍ୟବସାୟୀ, ଅଣୁ, କ୍ଷୁଦ୍ର ଓ ମଧ୍ୟମ ଶିଳ୍ପ ଇତ୍ୟାଦିଙ୍କ ପାଇଁ ଜିଏସ୍‌ଟିର ଜଟିଳ ପ୍ରକ୍ରିୟା ସବୁକୁ ପାଳନ କରିବା ବ୍ୟୟସାପେକ୍ଷ ଓ କଷ୍ଟସାଧ୍ୟ ହେଉଥିଲା। ତେଣୁ ଏହାକୁ ସରଳ କରାଯାଇଛି। ଯେଉଁମାନଙ୍କର ମାସିକ କାରବାର ୨.୫ଲକ୍ଷ ଟଙ୍କାରୁ କମ୍ ହେବ ସେମାନଙ୍କୁ ସ୍ୱୟଂଚାଳିତ ପ୍ରକ୍ରିୟାରେ ମାତ୍ର ୩ ଦିନ ଭିତରେ ପଞ୍ଜିକରଣ କରାଯିବ। ଆବଶ୍ୟକତା ଅନୁଯାୟୀ, ଏଥିରୁ କୌଣସି ସମୟରେ ସେମାନେ ଓହରି ପାରିବେ ଓ ପ୍ରତ୍ୟାବର୍ତ୍ତନ ମଧ୍ୟ କରି ପାରିବେ। ଏହାଦ୍ୱାରା ହାରାହାରି ୯୬ ପ୍ରତିଶତ ପ୍ରତିଷ୍ଠାନ ଉପକୃତ ହେବେ। ବିଦେଶକୁ ରପ୍ତାନୀ କରୁଥିବା ସାମଗ୍ରୀ ଓ ଏସ୍‌ଇଜେଡ୍‌ରୁ ବିକ୍ରି ହେଉଥିବା ସାମଗ୍ରୀ ଉପରେ ୯୦ ପ୍ରତିଶତ କର ସ୍ୱୟଂଚାଳିତ ଯାନ୍ତ୍ରିକ ପ୍ରକ୍ରିୟାରେ ଏହାର ମୂଲ୍ୟାୟନ କରି ତୁରନ୍ତ କର ପ୍ରାପ୍ୟ ଫେରସ୍ତ ହୋଇଯିବ, ଯାହାକି ରପ୍ତାନି କ୍ଷେତ୍ରରେ ୩୮ ପ୍ରତିଶତ ଯୋଗଦାନ କରୁଥିବା କ୍ଷୁଦ୍ର ଓ ମଧ୍ୟମ ଧରଣର ଶିଳ୍ପ ଗୋଷ୍ଠୀ ବିଶେଷ ଲାଭବାନ ହେବେ।

ଜିଏସ୍‌ଟି ପ୍ରଚଳନ ହେବା ପରଠାରୁ ଟିକସ ହାରରେ ସଂଶୋଧନ ହୋଇଚାଲିଛି ଏବଂ ପୂର୍ବର ହାରାହାରି ୧୫.୫ ପ୍ରତିଶତ ସାମଗ୍ରିକ ଟିକସରୁ ନୂତନ ହାର ଭିତ୍ତିରେ ମାତ୍ର ୧୦.୫ ପ୍ରତିଶତ ହୋଇଯିବ। ସେହିପରି ଭାବରେ ପୂର୍ବରୁ ମୋଟ ଘରୋଇ ଉତ୍ପାଦନର ୬.୫ ପ୍ରତିଶତ ରାଜସ୍ୱ ଆୟ ବର୍ତ୍ତମାନ ୫.୪ ପ୍ରତିଶତକୁ ଖସିଯିବ। ଆଗାମୀ ଆର୍ଥିକ ବର୍ଷ ୨୦୨୬-୨୭ରେ ୧.୫ଲକ୍ଷ କୋଟି ଟଙ୍କାର ଜିଏସ୍‌ଟି ରାଜସ୍ୱ ସଂକୁଚିତ ହେବ। ତେଣୁ ରାଜସ୍ୱ ବୃଦ୍ଧି ପାଇଁ କେତେକ ସୁନା, ରୁପା ପରି ମୂଲ୍ୟବାନ ଧାତୁ ଉପରେ ୩ ପ୍ରତିଶତରୁ ୫ ପ୍ରତିଶତ ଏବଂ ଆୟର କେତେକ ଆବଶ୍ୟକୀୟ ସାମଗ୍ରୀ ଉପରେ ଲାଗୁଥିବା ୫ ପ୍ରତିଶତ ଟିକସକୁ ୮ ପ୍ରତିଶତକୁ ବୃଦ୍ଧି କରିବା ପାଇଁ ମଧ୍ୟ ମତ ପ୍ରକାଶ ପାଇଛି। ଅନେକ ରାଜ୍ୟରେ ଆର୍ଥିକ ସ୍ଥିତି ଭଲ ନ ଥିବାରୁ ରାଜସ୍ୱ ହ୍ରାସ ଫଳରେ ସେମାନଙ୍କର ବିତ୍ତୀୟ ନିଅଣ୍ଟ ବୃଦ୍ଧି ପାଇବ ଏବଂ ଦେଶରେ ଏକକ କର ବ୍ୟବସ୍ଥା ଲାଗୁ ହେଲା ପରେ ତାଙ୍କର କୌଣସି ନୂତନ ଟିକସ ଆଦାୟ କରିବା ସାର୍ବଭୌମିକ କ୍ଷମତା ନାହିଁ। ସବୁ ରାଜ୍ୟର ଅର୍ଥମନ୍ତ୍ରୀଙ୍କୁ ନେଇ ଜିଏସ୍‌ଟି ପରିଷଦ ଗଠିତ। ସମସ୍ତ ନିଷ୍ପତ୍ତି ଏହି ପରିଷଦ ନିର୍ଦ୍ଧାରଣ କରିଥାଏ। କିନ୍ତୁ ଚଳିତ ଟିକସ ହ୍ରାସର ଘୋଷଣା ବା ପ୍ରତିଶ୍ରୁତି ପ୍ରଧାନମନ୍ତ୍ରୀ ଲାଲ୍ କିଲ୍ଲାରୁ ସ୍ୱାଧୀନତା ଦିବସ ଉଦ୍‌ବୋଧନୀ ଭାଷଣରେ ଦେଲେ, ଯାହାକି ଏକ ସଂଘୀୟ ଗଣତାନ୍ତ୍ରିକ ବ୍ୟବସ୍ଥାରେ ସାମାନ୍ୟ ବ୍ୟତିକ୍ରମ ହୋଲି ଅନୁଭୂତ ହୁଏ।

ଟିକସ ହାରରେ ହ୍ରାସ ଫଳରେ ଜନସାଧାରଣ ଅଧିକ କ୍ରୟ କଲେ ବ୍ୟବସାୟିକ ପ୍ରତିଷ୍ଠାନମାନଙ୍କର ଲାଭ ବୃଦ୍ଧି ପାଇବ ଏବଂ ସରକାର ପ୍ରତ୍ୟକ୍ଷ ଓ ପରୋକ୍ଷ ଟିକସ ଭାବରେ କିଛିମାତ୍ରାରେ ଭରଣା କରିବେ। ଟିକସ ହାର ହ୍ରାସ ପାଇବା ପରେ ପୂର୍ଣ୍ଣମାତ୍ରାରେ ଜନସାଧାରଣ ଯେପରି ଏହାର ଲାଭ ପାଇବାରିବେ ସରକାର ଏଥିପ୍ରତି ବିଶେଷ ଧ୍ୟାନ ଦେବା ଆବଶ୍ୟକ। କାରଣ ବିଗତ ଦିନରେ ଏହାର ବ୍ୟତିକ୍ରମ ଅନେକ ଦୃଷ୍ଟାନ୍ତ ଅଛି। ଯଦିଓ ଭାରତର ସମସ୍ତ ଉତ୍ପାଦିତ ସାମଗ୍ରୀ ଓ ସେବା ଜିଏସ୍‌ଟି ଅନ୍ତର୍ଭୁକ୍ତ ହୋଇଛି; କିନ୍ତୁ ପେଟ୍ରୋଲିୟମ୍ ସାମଗ୍ରୀ, ବିଦ୍ୟୁତ ଓ ଜମିକିଣା ବିକା ଇତ୍ୟାଦି ଏହି ବ୍ୟବସ୍ଥା ଅଧୀନକୁ ଆସିପାରିନାହିଁ। ଆଗାମୀ ଦିନରେ ଅନ୍ତତଃ ପେଟ୍ରୋଲିୟମ୍ ସାମଗ୍ରୀକୁ ଜିଏସ୍‌ଟି ଅଧୀନକୁ ଆଣିବା ପାଇଁ ଦାବି ହେଉଛି। କିନ୍ତୁ ପେଟ୍ରୋଲିୟମ ସାମଗ୍ରୀ ଉପରେ ବର୍ତ୍ତମାନ ହାରାହାରି ୫୮ ପ୍ରତିଶତ ଟିକସ ଆଦାୟ ହେଉଥିବାରୁ ଏବଂ ରାଜ୍ୟମାନେ ମଧ୍ୟ ଅଧିକ ରାଜସ୍ୱ ପାଉଥିବାରୁ ଏହାକୁ ଅନ୍ତତଃ ୪୦ ପ୍ରତିଶତ ସ୍ଲାବ୍‌ରେ ସାମିଲ କରି ଅତିରିକ୍ତ ସେସ୍ ମାଧ୍ୟମରେ ଭରଣା କଲେ କେସକେଡିଂ ପ୍ରଭାବ ଦୂର ହେବା ସହ ବ୍ୟବସାୟିକ ଗୋଷ୍ଠୀ ଇନ୍‌ପୁଟ୍ କ୍ରେଡିଟ୍ ପାଇପାରନ୍ତେ। ସମସ୍ତ ବ୍ୟବସାୟିକ ପ୍ରକ୍ରିୟା ସରଳ ହୋଇପାରନ୍ତା।

ଅନୁରୂପ ଭାବରେ ଜିଏସ୍‌ଟିକୁ ମଧ୍ୟ ଫେସ୍‌ଲେସ୍ କରାଯାଉ। ଅବଶ୍ୟ ସରକାର ସବୁ ରାଜ୍ୟରେ ଏକ ଟ୍ରିବ୍ୟୁନାଲ ସ୍ଥାପନ କରିବେ ବୋଲି ନିଷ୍ପତ୍ତି ନେଇଛନ୍ତି, ଯାହା ବିବାଦ ସମାଧାନରେ ସମସ୍ତଙ୍କ ପାଇଁ ସହାୟକ ହେବ। ଜିଏସ୍‌ଟି ପ୍ରଣୟନ ହେବା ସମୟରୁ ମ୍ୟାନୁଫେକ୍‌ଚରିଂ ପାଇଁ ୪୦ ଲକ୍ଷ ଏବଂ ସେବା ପ୍ରଦାନକାରୀଙ୍କ ପାଇଁ ୨୦ ଲକ୍ଷ ବାର୍ଷିକ କାରବାର ଉପରେ ଜିଏସ୍‌ଟି ବହିର୍ଭୂତ ଥିଲା, ଯାହାକି ମୁଦ୍ରାସ୍ଫୀତି ହିସାବକୁ ନେଲେ ଅନ୍ତତଃ ଏହାକୁ ଦୁଇଗୁଣ କରିବାର ଆବଶ୍ୟକତା ଅଛି। ଯାହା ଫଳରେ ଛୋଟ ଛୋଟ ବ୍ୟବସାୟୀ ବିଶେଷଭାବେ ଉପକୃତ ହେବେ। କାରଣ ଜିଏସ୍‌ଟି ଲାଗୁ ପରଠାରୁ ଅତିକ୍ଷୁଦ୍ର ବ୍ୟବସାୟୀ ନିୟମକାନୁନ ପାଳନର ଅସମର୍ଥତା ଯୋଗୁଁ ବହୁମାତ୍ରାରେ ସେମାନଙ୍କ କାରବାର ବନ୍ଦ କରିଦେବା ଅନେକ ଦୃଷ୍ଟାନ୍ତ ଅଛି।

ଗରିବ ଜନସାଧାରଣ ସେମାନଙ୍କର ଆୟର ସିଂହଭାଗ ସାମଗ୍ରୀ କିଣାକିଣିରେ ଖର୍ଚ୍ଚ ହେଉଥିବାରୁ ପରୋକ୍ଷ କର ବାବଦରେ ସେମାନେ ଅଧିକ ଖର୍ଚ୍ଚାନ୍ତ ହୋଇଥା'ନ୍ତି। ଅପରପକ୍ଷେ ଧନିକ ଗୋଷ୍ଠୀ ସେମାନଙ୍କର ଆୟର ଅପେକ୍ଷାକୃତ ଖୁବ୍ କମ୍ ସାମଗ୍ରୀ କିଣାରେ ଖର୍ଚ୍ଚ କରନ୍ତି ଏବଂ ବଳକା ରାଶି ପୁଞ୍ଜିବଜାରରେ ଇତ୍ୟାଦି ବିନିଯୋଗ କରି ଅଧିକ ଲାଭବାନ ହୋଇଥା'ନ୍ତି। ତେଣୁ ପରୋକ୍ଷ କର ଗରିବ ବର୍ଗର ଜନସାଧାରଣଙ୍କୁ ବେଶି ମାତ୍ରାରେ ପ୍ରଭାବିତ କରିଥାଏ। ବିକ୍ରି ହେଉଥିବା ସାମଗ୍ରୀ ବା ସେବାର ମୂଲ୍ୟବୃଦ୍ଧି ମୁଦ୍ରାସ୍ଫୀତି ବୃଦ୍ଧି ଅର୍ଥନୀତିରେ ପ୍ରତିକୂଳ ପ୍ରଭାବ ପକାଇଥାଏ। ସାମଗ୍ରିକ ଭାବରେ ଦୀର୍ଘ ୮ ବର୍ଷର ଜିଏସ୍‌ଟିର ଯାତ୍ରା ସଂପୂର୍ଣ୍ଣ ତ୍ରୁଟିମୁକ୍ତ ନ ହେଲେ ମଧ୍ୟ ଭାରତରେ ପରୋକ୍ଷ କର ବ୍ୟବସ୍ଥାରେ ସ୍ଥିରତା ଓ ରାଜସ୍ୱ ବୃଦ୍ଧିରେ ଏକ ବୈପ୍ଳବିକ ପରିବର୍ତ୍ତନ ଆଣି ପାରିଛି। ପ୍ରଯୁକ୍ତି ବିଦ୍ୟାର ବହୁଳ ବ୍ୟବହାର ଫଳରେ ଜିଏସ୍‌ଟି ଆଗାମୀ ଦିନରେ ଆହୁରି ସହଜ ଓ ସରଳ ହେବ ବୋଲି ଆଶା କରାଯାଏ। ଆଗାମୀ ଦିନରେ ବିକଶିତ ଦେଶମାନଙ୍କର ଅଭିଜ୍ଞତାକୁ ନେଇ ସଂସ୍କାର ପ୍ରକ୍ରିୟାକୁ ନିରବିଚ୍ଛିନ୍ନ ଭାବେ ଚାଲୁରଖିବା ଏକାନ୍ତ ବାଞ୍ଛନୀୟ।


ରାଉରକେଲା, ମୋ: ୯୪୩୭୩୪୪୬୫୪।

# ମହାଜାଗତିକ ବିକିରଣ ଓ ଦୃଷ୍ଟିଶକ୍ତିର ସମ୍ଭାବନା

**ଭୁବନାନନ୍ଦ ସାହୁ**

ଆମେରିକାର ଏରୋନେଟିକ୍ ସ୍ପେସ୍ ଏଜେନ୍ସି (ନାସା) ପ୍ରଥମ ଥର ପାଇଁ ବ୍ରହ୍ମାଣ୍ଡର ଉତ୍ପତ୍ତିକୁ ଜାଣିବା ପାଇଁ ମହାକାଶକୁ କୋବେ ନାମକ ଏକ ସାଟେଲାଇଟ ପଠାଇଥିଲା। ଏହି ସାଟେଲାଇଟ ଅବଲୋହିତ ଓ ମାଇକ୍ରୋୱେଭ୍ ବିକିରଣକୁ ମାପି ୧୩.୭ ବିଲିୟନ(୧ବିଲିୟନ=୧୦୦କୋଟି) ବର୍ଷ ପୂର୍ବେ ବ୍ରହ୍ମାଣ୍ଡର ଉତ୍ପତ୍ତି ହୋଇଛି ବୋଲି ଦର୍ଶାଇଥିଲା। ଏହି ବିକିରଣର ତାପମାତ୍ରା ବ୍ରହ୍ମାଣ୍ଡର ଉତ୍ପତ୍ତି ସମୟରେ ୧.୦ ଗୁଣନ ୧୦କୁ ୨୭ଥର ଗୁଣନ କରିବା ପରେ ଯେଉଁ ସଂଖ୍ୟା ଆସିବ ସେତିକି ଡିଗ୍ରୀ ସେଣ୍ଟିଗ୍ରେଡ୍ ଥିଲା। ଏହି ବିକିରଣ ବ୍ରହ୍ମାଣ୍ଡର ପ୍ରସାରଣ ସହିତ କମି କମି ଆସି ଏବେ ୩ ଡିଗ୍ରୀ କେଲଭିନରେ ଅଛି ବୋଲି କୋବେ ନିଷ୍କର୍ଷରେ ପହଞ୍ଚିଛି। ଏହି ସାଟେଲାଇଟ ଦୂର ବ୍ରହ୍ମାଣ୍ଡରୁ ଆସୁଥିବା ଅବଲୋହିତ ଓ ମାଇକ୍ରୋୱେଭ୍ ଆଲୋକର ଉଷ୍ମତାକୁ କ୍ୟାମେରାରେ ଦେଖି ତା'ର ସଠିକ ମାନଚିତ୍ରକୁ ତିଆରି କଲା।

ଆଜିର ଆମ ବ୍ରହ୍ମାଣ୍ଡଟି ୧୩.୭ ବିଲିୟନ ବର୍ଷ ପୂର୍ବରୁ ଏକ ବହୁତ ଛୋଟ ଓ ଘନ ପଦାର୍ଥରୁ ବିସ୍ଫୋରଣ ପରେ ସୃଷ୍ଟି ହୋଇଛି। ଏହା ହେଉଛି ବଡ଼ ଧରଣର ପ୍ରଥମ ପ୍ରମାଣ ଏବଂ ୨୦୦୬ରେ ଏହି ଆବିଷ୍କାର ପାଇଁ ଦୁଇ ଜଣ ବୈଜ୍ଞୟାନିକଙ୍କୁ ନୋବେଲ ପୁରସ୍କାର ମିଳିଲା। ଆମେ ସମୁଦାୟ ଆଲୋକର କେବଳ ୦.୦୦୩୫% କୁ ଦେଖିପାରୁ। ଏହି ଦୃଶ୍ୟମାନ ଆଲୋକଟି ଇନ୍ଦ୍ରଧନୁର ସାତଟି ରଙ୍ଗ। ସେହି ସାତଟି



ରଙ୍ଗ ହେଲା ବାଇଗଣୀ, ଘନନୀଳ, ନୀଳ, ସବୁଜ, ହଳଦିଆ, ନାରଙ୍ଗୀ ଓ ଲୋହିତ। ଆମ ଆଖିରେ ନୀଳ, ସବୁଜ ଓ ଲୋହିତ ରଙ୍ଗର କୋଷ ଅଛି। ଏହି କୋଷ ଆମକୁ ଇନ୍ଦ୍ରଧନୁର ସାତଟି ରଙ୍ଗ ଦେଖେଇପାରୁଛି। ଆମର ଆଖି ଅତିବାଇଗଣୀ ଓ ଅବଲୋହିତ ଆଲୋକକୁ ଦେଖି ପାରେନାହିଁ। ସୂର୍ଯ୍ୟାଲୋକରୁ ଆସୁଥିବା କିରଣର ୯୯.୯୯%କୁ ଆମେ ଦେଖିପାରି ନ ଥାଉ। ସେହି ଦେଖିପାରୁ ନଥିବା କିରଣଗୁଡ଼ିକ ହେଲା ଗାମାରେ, ଏକ୍ସରେ, ଅତିବାଇଗଣୀ, ଅବଲୋହିତ, ମାଇକ୍ରୋୱେଭ୍ ଓ ରେଡିଓ ୱେଭ୍। ଆମେ ଯଦି ସୂର୍ଯ୍ୟାଲୋକର ସବୁକିରଣ ଦେଖିପାରନ୍ତେ ପୃଥିବୀଟି ଆମକୁ ପରିରାଇଜ ପରି ଆହୁରି ସୁନ୍ଦର ଦେଖାଯା'ନ୍ତା। ବିଜ୍ଞାନର ଅଭିବୃଦ୍ଧି ବ୍ରହ୍ମାଣ୍ଡରେ ଆମ ପୃଥିବୀ ପରି ଆଉ ଅନେକ ଗ୍ରହର ଆବିଷ୍କାର କରିଛି, ଯେଉଁଠି ଜୀବ ସମାଜ ଥାଇପାରନ୍ତି। ବୋଧେ ସେହି ଜୀବ ସମାଜ ଆମଠୁ ଅଧିକ ସୂର୍ଯ୍ୟାଲୋକ କିରଣ ଦେଖିପାରୁଥିବେ।

କେତେକ ପ୍ରାଣୀ ଅବଲୋହିତ ଓ ଅତିବାଇଗଣୀ ଆଲୋକକୁ ଦେଖିବାର ଅସାଧାରଣ କ୍ଷମତା ରଖନ୍ତି। ଅନ୍ଧାରରେ ଶିକାର ଓ ଶିକାରୀକୁ ସଠିକ୍ ଭାବରେ ଦେଖିବା ପାଇଁ ସାପର ଅବଲୋହିତ ଦର୍ଶନ କ୍ଷମତା ଅଛି। ଏକ ଉଦାହରଣରେ ନିଆଁ ହେଉଛି ଦୃଶ୍ୟମାନ୍ ଆଲୋକ ଏବଂ ଏହାର ଉଷ୍ମତା ହେଉଛି ଅବଲୋହିତ ଆଲୋକ। ଆଖି ଓ ନାକ ମଧ୍ୟରେ ସାପର ଏକ ବିଶେଷ ଅଙ୍ଗ ଅଛି, ଯାହାକୁ ପିଟ୍ କିମ୍ବା ଗର୍ତ୍ତ କୁହାଯାଏ। ଏହି ଗର୍ତ୍ତ ସାହାଯ୍ୟରେ ସାପ ପ୍ରାଣୀର ଉଷ୍ମତାକୁ ମାପି ତା'ର ଚିତ୍ରପଟ ତିଆରି କରେ। ଏହି ଗର୍ତ୍ତ ଅଙ୍ଗରେ ଥିବା ସ୍ନାୟୁରେ ଟିଆରପିଏ ୧ନାମକ ଏକ ଶ୍ୱେତସାର ଥାଏ। ଏହି ଟିଆରପିଏ ୧ ହେଉଛି ଏକ ଉତ୍ତାପ ସକ୍ରିୟ ଶ୍ୱେତସାର। ଉଷ୍ମ ରକ୍ତ ପ୍ରାଣୀର ଶରୀରରୁ ଆସୁଥିବା ଅବଲୋହିତ ଉତ୍ତାପ ଦ୍ୱାରା ଟିଆରପିଏ୧ ସକ୍ରିୟ ହୋଇଯାଏ। ଉତ୍ତାପ ଗ୍ରହଣ ପରେ ମସ୍ତିଷ୍କରେ ଟିଆରପିଏ ୧ ଦ୍ୱାରା ଏକ ତାପଜ ଚିତ୍ର ତିଆରି ହୁଏ।

ଅନ୍ୟ ପ୍ରାଣୀମାନଙ୍କରେ ଅବଲୋହିତ କିରଣକୁ ଦେଖିପାରିବା ଏପର୍ଯ୍ୟନ୍ତ ଅସମ୍ଭବ ଥିଲା। ନାନୋଟେକ୍ନୋଲୋଜି ଜରିଆରେ ଏବେ ଏହି ଅସମ୍ଭବକୁ ସମ୍ଭବ କରା ହୋଇପାରିଛି। ଅନ୍ଧ ମୂଷାମାନଙ୍କ ଉପରେ ଦୀର୍ଘ ଗବେଷଣା ପରେ ତାଙ୍କୁ ପୁନର୍ବାର ଦେଖିବାର କ୍ଷମତା ଦିଆଯାଇ ପାରିଛି। ସାପର ଟିଆରପିଏ ୧ କୁ ଅନ୍ଧ ମୂଷାଙ୍କ ଆଖିରେ ପ୍ରତିରୋପଣ କରି ଉଷ୍ମତାକୁ ଦେଖିବାର ଶକ୍ତିକୁ ଅଣାଯାଇ ପାରିଛି। ଏହି ଆବିଷ୍କାର ଦିନେ ଅନ୍ଧ ଲୋକଙ୍କର ପୁନର୍ବାର ଦୃଷ୍ଟି ଶକ୍ତି ଫେରାଇ ଆଣିପାରିବ - ଏହା ବୈଜ୍ଞାନିକମାନଙ୍କର ବିଶ୍ୱାସ।

(ବୈଜ୍ଞାନିକ-ମାସାଚୁସେଟ, ଆମେରିକା)
ଜାମସେଠ(ପାଇକମାଳ, ବରଗଡ଼)

# ଆମ ବୃକ୍ଷଲତା ଆମ ଜୀବନ

ପ୍ରକୃତି-ପରିବେଶ

## ପଦ୍ମ

**ସୌଭାଗ୍ୟସୁନ୍ଦର**

ପଦ୍ମ ବା କମଳ ହେଉଛି ଏକ ଦେଶୀୟ ଜଳଜ ଉଦ୍ଭିଦ, ଯାହା ଦକ୍ଷିଣ ଭାରତରୁ ଆରମ୍ଭ କରି ଉତ୍ତର ଭାରତ, ହିମାଳୟର ୧, ୪୦୦ ମିଟର ଉଚ୍ଚତା ପର୍ଯ୍ୟନ୍ତ ସର୍ବତ୍ର ବିଦ୍ୟମାନ। ବର୍ତ୍ତମାନ ଶ୍ରୀଲଙ୍କା, ଦକ୍ଷିଣପୂର୍ବ ଏସିଆ, ନ୍ୟୁ ଗିନି ଏବଂ ଉତ୍ତର ଓ ପୂର୍ବ ଅଷ୍ଟ୍ରେଲିଆରେ ଏହାର ଉପସ୍ଥିତି ରହିଛି। ହିନ୍ଦୁ, ବୌଦ୍ଧ, ଜୈନ, ଇସମାଇଲିବାଦ ଓ ଚୀନ୍ ସଂସ୍କୃତିରେ ଏହା ଗଭୀର ସାଂସ୍କୃତିକ, ଆଧ୍ୟାତ୍ମିକ ଓ ଧାର୍ମିକ ଗୁରୁତ୍ୱ ବହନ କରେ। ପବିତ୍ରତା, ପ୍ରଜ୍ଞା, ଆଧ୍ୟାତ୍ମିକ ଜାଗରଣ ଏବଂ ଦିବ୍ୟସୌନ୍ଦର୍ଯ୍ୟର ପ୍ରତୀକ, ଯାହା କଳା, ସ୍ଥାପତ୍ୟ ଓ ସାହିତ୍ୟ କ୍ଷେତ୍ରରେ ବ୍ୟାପକ ଭାବରେ ଚିତ୍ରିତ ଓ ପ୍ରସ୍ଫୁଟିତ ହୋଇଛି। ପଦ୍ମ ଖାଦ୍ୟ ଉପଯୋଗୀ ବିହନ ଭାବେ ଚାଷ ହେବାର ପ୍ରାୟ ୩, ୦୦୦ ବର୍ଷର ଏକ ଦୀର୍ଘ ଇତିହାସ ରହିଛି। ଏହାର ପ୍ରାୟ ୧୦୦ ପ୍ରକାର ଉପଜାତି ରହିଥିବା କୁହାଯାଏ। ପବିତ୍ର ପଦ୍ମ ଭାରତର ଜାତୀୟ ଫୁଲ ଏବଂ ଅନୌପଚାରିକ ଭାବରେ ଭିଏତନାମର ମଧ୍ୟ ଜାତୀୟ ଫୁଲ। ଚୀନ୍ ଦେଶର ଲୋକମାନେ ଏହି ତୃଣକୁ ଦୀର୍ଘାୟୁର ପ୍ରତୀକ ଭାବରେ ବିଶ୍ୱାସ କରନ୍ତି।

ପଦ୍ମର ଲମ୍ବା କାଣ୍ଡକୁ ରାଇଜୋମ ବା କନ୍ଦ କୁହାଯାଏ, ଯେଉଁଥିରେ ଅନେକ ବାୟୁ ରନ୍ଧ୍ର ଥାଏ। ରାଇଜୋମର ଗଣ୍ଠିରୁ ସୂକ୍ଷ୍ମ ତନ୍ତୁ ପରି ମୂଳ ବାହାରିଥାଏ। ପଦ୍ମ ଗଛର ରାଇଜୋମ ପୋଖରୀ କିମ୍ବା ନଦୀ ତଳ ମାଟିରେ ପାଣି ତଳେ ଅନୁଭୂମିକ ଭାବରେ ସ୍ଥାୟୀ ଭାବରେ ସ୍ଥାନିତ ଥିବା ବେଳେ ପତ୍ର ଓ ଫୁଲଗୁଡ଼ିକ ଜଳପୃଷ୍ଠରେ ଭାସମାନ ଅବସ୍ଥାରେ ଥା'ନ୍ତି। ଏହାର ପତ୍ରଟି ଆକାରରେ ବଡ଼, ଗୋଲାକାର। ପତ୍ର ନାଡ଼ ପ୍ରାୟ ୨୦୦ ସେମି ପର୍ଯ୍ୟନ୍ତ ଲମ୍ବା ହୋଇପାରେ, ଫୁଲଗୁଡ଼ିକ ୩୫ ସେମି ବ୍ୟାସ ପର୍ଯ୍ୟନ୍ତ ବଢ଼ିଥାଏ। ଫୁଲର କ୍ୟାଲିକ୍ସ ବା ବୃତି ମଣ୍ଡଳରେ ୫ ବୃତି, କରୋଲା ବା ଦଳ ମଣ୍ଡଳରେ ୧୦ ରୁ ୩୦ଟି କିମ୍ବା ତା'ଠାରୁ ଅଧିକ ପାଖୁଡ଼ା ଥାଏ, ଯାହା ହଳଦିଆ ଫୁଂକେଶର ଚକ୍ରକୁ ଘେରି ରହିଥାଏ। ଫୁଂକେଶର ଚକ୍ର ମଧ୍ୟରେ ଗାଇନୋସିୟମ୍ ବା ଫଳିକା ଚକ୍ର ଅବସ୍ଥିତ। କାର୍ପେଲ ବା ଫଳିକା ଚକ୍ରରେ ଏକ ଡିମ୍ବାଶୟ ଥାଏ, ଯାହା ଡିମ୍ବାଣୁକୁ ଧାରଣ କରେ। ସଫଳ ପରାଗ ସଙ୍ଗମ ପରେ, କାରପେଲ୍ ଏକ ବୀଜପଡ୍ କିମ୍ବା ଫଳକୁ ବିକଶିତ କରେ। ବୀଜପଡ୍ ସାଧାରଣତଃ ସବୁଜ ରଙ୍ଗର ଅନନ୍ୟ ତ୍ରିକୋଣୀୟ ଥାଳି ଆକୃତିର ହୋଇ ଥାଏ। ପରିପକ୍ୱ ହେବା ସହିତ ଏହା ରଙ୍ଗ ପରିବର୍ତ୍ତନ କରେ ଏବଂ କଠିନ ହୁଏ। ଭିତରେ ବିକାଶଶୀଳ ବିହନକୁ ସୁରକ୍ଷା ଦିଏ।

ବୀଜପଡ୍ ପ୍ରାୟ ୧୦ ରୁ ୩୦ ବୀଜ ଧାରଣ କରିପାରେ। ବୀଜଗୁଡ଼ିକ ଗୋଲାକାର, ଛୋଟ ଓ ଗାଢ଼ ରଙ୍ଗର। ୧୯୯୪ ମସିହାରେ, ପ୍ରାୟ ୧, ୩୦୦ ବର୍ଷ ପୁରୁଣା ଏକ ପବିତ୍ର ପଦ୍ମରୁ ଏକ ବୀଜ, ଉତ୍ତର-ପୂର୍ବ ଚୀନ୍‌ର ଏକ ଶୁଷ୍କ ହ୍ରଦପଡ଼ିଆରୁ ସଫଳତାର ସହ ଅଙ୍କୁରିତ ହୋଇଥିଲା।

ପଦ୍ମ ଡାଳ, ବିହନ, ପତ୍ର ଓ ଫୁଲ ଦୀର୍ଘବର୍ଷ ଧରି ପାରମ୍ପରିକ ଔଷଧ ପ୍ରସ୍ତୁତିରେ ବ୍ୟବହୃତ ହୋଇଆସୁଛି। ପତଳା ଝାଡ଼ା, ସଂକ୍ରମଣ, କାଶ, ଉଚ୍ଚ ରକ୍ତଚାପ, ଜ୍ୱର, କର୍କଟ, ସ୍ମରଣ ଶକ୍ତି ହ୍ରାସ, ମାଢ଼ି ରୋଗ, ....ଚିକିତ୍ସା ପାଇଁ ପଦ୍ମର ବିଭିନ୍ନ ଅଂଶ ବ୍ୟବହାର କରାଯାଏ। ଏହାର ଆଣ୍ଟିଅକ୍ସିଡାଣ୍ଟ କାର୍ଯ୍ୟକଳାପ ବିହନ ଓ ପତ୍ରରେ ସବୁଠାରୁ ଅଧିକ କେନ୍ଦ୍ରିତ ଦେଖାଯାଏ, ଯେଉଁଥିରେ କ୍ୟାମ୍ପଫେରୋଲ୍, କ୍ୟାଟେଚିନ୍, କ୍ଲୋରୋଜେନିକ୍ ଏସିଡ୍ ଓ କ୍ୱେର୍ସେଟିନ୍ ସମେତ ଆଣ୍ଟିଅକ୍ସିଡାଣ୍ଟ ଯୌଗିକ ଜୈବ ରସାୟନ ଥାଏ। ଟୁଥପେଷ୍ଟ ଓ ଅନ୍ୟାନ୍ୟ ମୁଖ ପରିଷ୍କାର ଉତ୍ପାଦରେ ଏକ ଉପାଦାନ ଭାବରେ ଏହାର ଉପଯୋଗ ହୁଏ। ପଦ୍ମ ଶୁଖିଲା ମୂଳ, ଚା, ପାଉଡର, କ୍ୟାପସୁଲ୍ ଓ ନିଶ୍ୱାସନ ସମେତ ଅନେକ ପ୍ରସ୍ତୁତିରେ ଉପଲବ୍ଧ। ପତ୍ରଗୁଡ଼ିକରେ ଫ୍ଲାଭୋନୋଲ୍ ମିକ୍ରେଲିଆନିନ୍ ଏବଂ ଆଲକାଲଏଡ୍ ଯେପରିକି କୋକ୍ଲାଓରିନ୍ ଓ ନରକୋକ୍ଲାଓରିନ୍ ଥାଏ। ସମଗ୍ର ଉଦ୍ଭିଦରେ ନ୍ୟୁସିଫେରିନ୍ ଓ ନେଫେରିନ୍ ସମେତ ଜୈବିକ ସକ୍ରିୟ ଯୌଗିକ ଉପାଦାନ ଥାଏ।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

## ଶୋଇଥିବା ବେଳେ ସ୍ତ୍ରୀ ଆଗରେ ସ୍ୱାମୀଙ୍କୁ ହତ୍ୟା

ଆନନ୍ଦପୁର,୨୧।୯(ସମିସ): ସ୍ୱାମୀ-ସ୍ତ୍ରୀ ଘରେ ଶୋଇଥିବାବେଳେ ଶନିବାର ବିଳମ୍ବିତ ରାତିରେ ହଠାତ୍ କେହି ଦୁର୍ବୃତ୍ତ ଘରେ ପଶି ସ୍ୱାମୀଙ୍କୁ ହାଣି ଦେଇଛି। ରବିବାର ସକାଳେ ଏଭଳି ଅଭାବନୀୟ ଘଟଣା ଆନନ୍ଦପୁର ଥାନା ସିନ୍ଧୁରିଆ ଗାଁରେ ଚହଳ ପକାଇଛି। ମୃତକ ଜଣକ ହେଲେ ଜଗବନ୍ଧୁ ଦେଓଗାମ। ଖବରପାଇ ପୁଲିସ୍ ଘଟଣାର ତଦନ୍ତ କରିବା ସହ ଶବ ବ୍ୟବଚ୍ଛେଦ କରି ପରିବାର ଲୋକଙ୍କୁ ହସ୍ତାନ୍ତର କରିବା ପରେ ଅଭିଯୁକ୍ତକୁ ଧରିବା ପାଇଁ ତନାଘନା ଚଳାଇଛି। ପ୍ରକାଶ ଯେ, ଶନିବାର ରାତିରେ ଜଗବନ୍ଧୁ ଓ ତାଙ୍କ ସ୍ତ୍ରୀ ଘରେ ଶୋଇଥିଲେ। ରାତି ସାଢ଼େ ୧୨ଟା ସମୟରେ କେହି ଦୁର୍ବୃତ୍ତ ଘରେ ପଶି ଜଗବନ୍ଧୁଙ୍କ ଜଙ୍ଘକୁ ଏକ ଧାରୁଆ ଅସ୍ତ୍ରରେ ହାଣି ଫେରାର୍ ହୋଇଯାଇଥିଲା। ଅନ୍ଧାରର ସୁଯୋଗ ନେଇ ଆକ୍ରମଣକାରୀ ଜଣକ ସେଠାରୁ ଫେରାର୍ ହୋଇଯିବାରେ ସକ୍ଷମ ହୋଇଥିଲା। ସଙ୍ଗେ ସଙ୍ଗେ ଜଗବନ୍ଧୁଙ୍କୁ ମେଡିକାଲରେ ଭର୍ତ୍ତି କରିଥିଲେ ପରିବାର ଲୋକେ। ଜଙ୍ଘରେ ଶକ୍ତ ଆଘାତ ଏବଂ ପ୍ରବଳ ରକ୍ତସ୍ରାବ ଯୋଗୁଁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଛନ୍ତି। ତେବେ ପୂର୍ବରୁ କୌଣସି କାରଣକୁ ନେଇ ଜଗବନ୍ଧୁଙ୍କ ସହ ତାଙ୍କର ଜଣେ ପୁତୁରାର ଝଗଡ଼ା ହୋଇଥିବାରୁ ହତ୍ୟାକାଣ୍ଡରେ ତା'ର ହାତ ଥାଇପାରେ ବୋଲି ସନ୍ଦେହ କରିଛନ୍ତି ଝିଅ ପୂଜାରାଣୀ। ପୁଲିସ ଏକ ହତ୍ୟା ମାମଲା ରୁଜୁ କରି ଅଭିଯୁକ୍ତକୁ ଧରିବା ପାଇଁ ତଦନ୍ତ ଜାରି ରଖିଛି।

## ଟ୍ରେଲର-ଟ୍ରକ୍ ମୁହାଁମୁହିଁ ଧକ୍କା; ଜଣେ ମୃତ

ଝାରସୁଗୁଡ଼ା,୨୧।୯(ସମିସ): ରବିବାର ଝାରସୁଗୁଡ଼ା ଜିଲ୍ଲା ରେଙ୍ଗାଲି ଥାନା ଅଧୀନ କନକତୋରା ଛକ ନିକଟରେ ଏକ ଦୁର୍ଘଟଣାରେ ଜଣଙ୍କର ମୃତ୍ୟୁ ଘଟିଛି। ଅପରାହ୍ଣରେ ଝାରସୁଗୁଡ଼ାରୁ ଛତିଶଗଡ଼ ପଟକୁ ଯାଉଥିବା ଏକ ଟ୍ରେଲର ଏବଂ ଛତିଶଗଡ଼ ପଟୁ ଝାରସୁଗୁଡ଼ାକୁ ଆସୁଥିବା ଏକ ଟ୍ରକ୍ ମୁହାଁମୁହିଁ ଧକ୍କା ହୋଇଛି। ଏଥିରେ ଟ୍ରେଲର ଚାଳକଙ୍କ ଘଟଣାସ୍ଥଳରେ ମୃତ୍ୟୁ ହୋଇଥିବାବେଳେ ଖବର ଲେଖାହେବା ସୁଦ୍ଧା ତାଙ୍କ ପରିଚୟ ମିଳିପାରିନାହିଁ। ତେବେ ଦୁର୍ଘଟଣା ପରେ ଘଟଣାସ୍ଥଳରେ ଚାପା ଉତ୍ତେଜନା ଦେଖାଦେଇଛି। ଜନସାଧାରଣ ରାସ୍ତାରୋକ କରିଥିବାବେଳେ ପୁଲିସ ସେମାନଙ୍କୁ ବୁଝାସୁଝା କରିଛି। ଅନ୍ୟପଟେ ଏହି ଦୁର୍ଘଟଣାରେ ଦୁଇଟି କାର୍ ମଧ୍ୟ ସାମାନ୍ୟ କ୍ଷତିଗ୍ରସ୍ତ ହୋଇଥିବା ଜଣାପଡ଼ିଛି।

### ଯୁବକଙ୍କୁ ଅବହେଳା ପ୍ରସଙ୍ଗରେ ବର୍ଷିଲା ଯୁବ ବିଜେଡି

## ସରକାର ବାଣ୍ଟୁଛନ୍ତି ନବୀନ ସରକାରଙ୍କ 'ନିଯୁକ୍ତିପତ୍ର'

ଭୁବନେଶ୍ୱର,୨୧।୯(ସମିସ): ରାଜ୍ୟରେ ବିଜେପି କ୍ଷମତାକୁ ଆସିବାର ୧୫ ମାସ ବିତି ଯାଇଥିଲେ ମଧ୍ୟ ଯୁବ ବର୍ଗର ବିକାଶ ପାଇଁ ସରକାରଙ୍କ ପାଖରେ କୌଣସି ରୋଡ୍‌ମ୍ୟାପ୍ ନାହିଁ। ଏଥିପାଇଁ ଯୁବବର୍ଗ ସଂପୂର୍ଣ୍ଣ ଅବହେଳିତ ଓ ହତାଶ

- ନିଶାମୁକ୍ତ ନାରା ଦେଇ ସରକାର ଖୋଲୁଛନ୍ତି ନୂଆ ମଦ ଦୋକାନ
- ରାଜଧାନୀରେ ବେକାର ଯୁବକଙ୍କ ସମ୍ମିଳନୀ କରିବ ଯୁବ ବିଜେଡି

ହୋଇପଡିଛନ୍ତି ବୋଲି କହିଛନ୍ତି ବିଜୁ ଯୁବ ଜନତା ଦଳର ସଭାପତି ଚିନ୍ମୟ ସାହୁ। ରାଜ୍ୟ ସରକାର ଯୁବକଙ୍କ ପ୍ରତି କରୁଥିବା ଛଳନା ସମ୍ପର୍କରେ ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀ ସାହୁ କହିଛନ୍ତି ଯେ ରାଜ୍ୟରେ ବେକାରୀ ଆଜି ଚରମ ସୀମାରେ ପହଞ୍ଚିଛି। ରାଜ୍ୟ ସରକାରଙ୍କ କୌଣସି ଯୁବ ନୀତି ନାହିଁ କି ଯୁବବର୍ଗର ବିକାଶ ପାଇଁ ରାଜ୍ୟ ସରକାରଙ୍କ ପାଖରେ କୌଣସି ରୋଡ୍‌ମ୍ୟାପ ନାହିଁ। ଗୋଟିଏ ପଟେ ରାଜ୍ୟ ସରକାର ନିଶାମୁକ୍ତ ଭାରତ ନାରା ଦେଇ ଗଣଦୌଡ ଆୟୋଜନ କରୁଛନ୍ତି; ଅପରପକ୍ଷରେ ସରକାର ଗତକାଲି ରାଜ୍ୟରେ ବନ୍ଦ ହୋଇଥିବା ପ୍ରାୟ ୭୦ଟି ମଦ ଦୋକାନ ଖୋଲିବ ବୋଲି ସୂଚନା ଦେଇଛନ୍ତି। ଏ ଗୁଡିକ ଶିକ୍ଷାନୁଷ୍ଠାନ ଓ ଧାର୍ମିକ ଅନୁଷ୍ଠାନ ନିକଟରେ ଥିବାରୁ ବିଜେଡି ସରକାର ଏଗୁଡିକୁ ବନ୍ଦ କରିବାକୁ ନିଷ୍ପତ୍ତି ନେଇଥିଲେ। ବର୍ତ୍ତମାନର ବିଜେପି ସରକାର ଏହାକୁ ପୁଣିଥରେ ଖୋଲିବା ପାଇଁ ନିଷ୍ପତ୍ତି ନେଇଛନ୍ତି। ଏହା ସରକାରଙ୍କ ଦୋମୁହାଁ ଚରିତ୍ରକୁ ପଦାରେ ପକାଇବା ସହିତ ନିଶାମୁକ୍ତ ଭାରତ ଗଠନର ନାରା କେବଳ ଏକ ପ୍ରହସନ ବୋଲି ଶ୍ରୀ ସାହୁ କହିଛନ୍ତି।



ସେ ଆହୁରି କହିଛନ୍ତି ଯେ ରାଜ୍ୟ ବିଜେପି ସରକାରଙ୍କ ପ୍ରତିଶ୍ରୁତି ଆଜି ପ୍ରତାରଣାରେ ପରିଣତ ହୋଇଛି। ବିଜେପି ତାର ନିର୍ବାଚନୀ ଇସ୍ତାହାରରେ ଦେଢ ଲକ୍ଷ ଖାଲିଥିବା ସରକାରୀ ଚାକିରୀକୁ ଦୁଇ ବର୍ଷରେ ପୂରଣ କରିବ ବୋଲି ପ୍ରତିଶ୍ରୁତି ଦେଇଥିଲା। ଗତ ପନ୍ଦର ମାସରେ ରାଜ୍ୟ ସରକାର ୫୭,୦୦୦ ପଦବୀ ପୂରଣ କଲେଣି ବୋଲି ବାହାସ୍ଫୋଟ ମାରୁଛନ୍ତି। ବାସ୍ତବରେ ଏହି ନିଯୁକ୍ତି ଗୁଡିକର ନିଯୁକ୍ତି ପ୍ରକ୍ରିୟା ନବୀନ ସରକାରଙ୍କ ସମୟରେ ହୋଇଥିଲା। କେବଳ ନିଯୁକ୍ତି ପତ୍ର ବିତରଣ କରି ଏଥିରୁ ବାହାବା ନେବାକୁ ସରକାର ଅପଚେଷ୍ଟା କରୁଛନ୍ତି। ଗତ ପନ୍ଦର ମାସରେ ପନ୍ଦରଟି ପରୀକ୍ଷାରେ ମହାବିଭ୍ରାଟ ଦେଖିବାକୁ ମିଳିଛି। ରାଜ୍ୟ ସରକାର ୧୬ଲକ୍ଷ କୋଟି ଟଙ୍କାର ପୁଞ୍ଜିନିବେଶ ଆସିବ ବୋଲି ଦାବି କରିଥିଲେ। କିନ୍ତୁ ଗୋଟିଏ ବି ପ୍ରକଳ୍ପର ଗ୍ରାଉଣ୍ଡିଙ୍ଗ ହୋଇ ପାରି ନାହିଁ। ଓଲଟି ପୂର୍ବରୁ ଚୁକ୍ତିବଦ୍ଧ ଥିବା ଅନେକ କମ୍ପାନୀ ଓଡିଶା ଛାଡୁଛନ୍ତି। ନବୀନ ପଟ୍ଟନାୟକଙ୍କ ସମୟରେ ଓଡିଶା କ୍ରୀଡା କ୍ଷେତ୍ରରେ ଭିତ୍ତିଭୂମିର ବିକାଶ ସହିତ ଜାତୀୟ ଓ ଆନ୍ତର୍ଜାତୀୟ ସ୍ତରର କ୍ରୀଡା କାର୍ଯ୍ୟକ୍ରମ ଆୟୋଜନ କରି ଜାତୀୟ ଓ ଆନ୍ତର୍ଜାତୀୟସ୍ତରରେ ଖ୍ୟାତି ହାସଲ କରିଥିଲା। ଏବେ କ୍ରୀଡା କ୍ଷେତ୍ରରେ ଓଡିଶା ପଛକୁ ଚାଲି ଯାଇଛି। ପର୍ଯ୍ୟଟନ କ୍ଷେତ୍ରରେ ନବୀନଙ୍କ ନେତୃତ୍ୱରେ ଓଡିଶା ଆଗକୁ ଯାଇଥିଲା, କିନ୍ତୁ ଏବେ ଆଇନ ଶୃଙ୍ଖଳା ବିପର୍ଯ୍ୟସ୍ତ ହୋଇଥିବାକୁ ନେଇ ଆମେରିକା ତାଙ୍କ ଦେଶର ଲୋକଙ୍କୁ ଓଡିଶା ଆସିବାକୁ ବାରଣ କରିଛି। ରାଜ୍ୟ ସରକାର ନିଶାମୁକ୍ତ ନାରା ଦେଇ ମାରାଥନ ଆୟୋଜନ କରୁଛନ୍ତି କିନ୍ତୁ ଆଜି ରାଜ୍ୟରେ ନାରୀ ନିର୍ଯାତନା, ଗଣଦୁଷ୍କର୍ମ, ଆଇନ ଶୃଙ୍ଖଳା ସ୍ଥିତିରେ ଅବନତି ମାରାଥନ ଗତିରେ ହୋଇ ଚାଲିଛି। ଯୁବବର୍ଗର ସ୍ୱାର୍ଥକୁ ଏଭଳି ଅଣଦେଖା କଲେ ରାଜ୍ୟର ଯୁବବର୍ଗ ରାଜରାସ୍ତାକୁ ଓହ୍ଲାଇବେ। ଏହାଛଡ଼ା ବିଜୁ ଯୁବ ଜନତା ଦଳ ତରଫରୁ ଏକ ବେକାର ଯୁବକ ମାନଙ୍କ ସମ୍ମିଳନୀ ଅତିଶୀଘ୍ର ଆୟୋଜନ କରି ସେମାନଙ୍କ ସ୍ୱାର୍ଥ ହାସଲ ପାଇଁ ସ୍ୱର ଉତ୍ତୋଳନ କରାଯିବ ବୋଲି ରାଜ୍ୟ ସରକାରଙ୍କୁ ବିଜୁ ଯୁବ ଜନତା ଦଳ ଚେତାବନୀ ଦେଇଛି।

## ବଜ୍ରପାତରେ ମହିଳାଙ୍କ ସମେତ ୨ ମୃତ

ଖଲ୍ଲିକୋଟ,୨୧।୯(ସମିସ): ଖଲ୍ଲିକୋଟ ଓ ବେଗୁନିଆପଡ଼ା ଥାନା ଅଞ୍ଚଳରେ ବଜ୍ରପାତ ଘଟି ଜଣେ ମହିଳାଙ୍କ ସମେତ ୨ ଜଣଙ୍କ ମୃତ୍ୟୁ ଘଟିଥିବା ବେଳେ ଅନ୍ୟଜଣେ ମହିଳା ଗୁରୁତର ଆହତ ହୋଇଛନ୍ତି। ମୃତକ ହେଲେ ଖଲ୍ଲିକୋଟ ଥାନା ଭରସା ନୂଆପଲ୍ଲୀ ଗ୍ରାମର ଚନ୍ଦ୍ରମା ଗୌଡ଼ ଓ ବେଗୁନିଆପଡ଼ା ଥାନା ଅନ୍ତର୍ଗତ ଅଙ୍ଗାରଗାଁ ଶଙ୍ଖଭୂମି ଗ୍ରାମର ସୁବାସ ଦାସ। ପ୍ରକାଶ ଯେ, ଭରସା ନୂଆପଲ୍ଲୀର ଚନ୍ଦ୍ରମା ଗୌଡ଼ ଓ ଉର୍ମିଳା ଗୌଡ଼ ରବିବାର ବ୍ରଜରାଜପୁର ଗ୍ରାମ ନିକଟରେ ଥିବା ବିଲକୁ କାମ କରିବାକୁ ଯାଇଥିଲେ। ମଧ୍ୟାହ୍ନରେ କାମ କରୁଥିବାବେଳେ ହଠାତ୍ ବର୍ଷା ସହ ବଜ୍ରପାତ ହୋଇଥିଲା। ଫଳରେ ଚନ୍ଦ୍ରମା ଓ ଉର୍ମିଳା ଗୁରୁତର ଆହତ ହୋଇଥିଲେ। ଦୁହିଁଙ୍କୁ ଖଲ୍ଲିକୋଟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରାଯାଇଥିବାବେଳେ ଡାକ୍ତର ଚନ୍ଦ୍ରମାଙ୍କୁ ମୃତ ଘୋଷଣା କରିଥିଲେ। ଉର୍ମିଳାଙ୍କ ଗୁରୁତର ଅବସ୍ଥାରେ ଚିକିତ୍ସା ଚାଲିଛି। ଅପରପକ୍ଷେ ଶନିବାର ଅପରାହ୍ନରେ ଶଙ୍ଖଭୂମି ଗ୍ରାମର ସୁବାସ ଦାସ ଗାଈଗୋଠ ନେଇ ନିକଟସ୍ଥ ବିଲରେ ଚରାଉଥିବା ବେଳେ ବଜ୍ରପାତରେ ଗୁରୁତର ହୋଇଥିଲା। ତାଙ୍କୁ ଖଲ୍ଲିକୋଟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ନିଆଯାଇଥିବାବେଳେ ସେଠାରେ ଡାକ୍ତର ମୃତ ଘୋଷଣା କରିଥିଲେ। ପୁଲିସ ଶବ ଜବତ କରି ବ୍ୟବଚ୍ଛେଦ ନିମନ୍ତେ ପଠାଇଛି।

### ଜେଲ୍‌ରୁ ବିଚାରାଧୀନ କଏଦୀ ଫେରାର ଘଟଣା

## ଦୁର୍ଗାପୁର ପାହାଡ଼ରୁ ୪ ଦିନ ପରେ ମିଳିଲା ମୃତଦେହ

ରାଉରକେଲା,୨୧।୯(ସମିସ): ରାଉରକେଲା ସ୍ୱତନ୍ତ୍ର ଜେଲରୁ ଗତ ୪ ଦିନ ତଳେ ପାଚେରି ଡେଇଁ ଫେରାର ହୋଇଥିବା ବିଚାରାଧୀନ କଏଦୀ ସୁରେଶ ବାର୍ଲା (୩୨)ଙ୍କ କ୍ଷତବିକ୍ଷତ ଗଳିତ ମୃତଦେହକୁ ପୁଲିସ ନିକଟସ୍ଥ ଦୁର୍ଗାପୁର ପାହାଡ଼ ଉପରୁ ଜବତ କରିଛି। ରଘୁନାଥପାଲୀ ଥାନା ପୁଲିସ ଏ ନେଇ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଛି। ଆଜି ଏ ବିଷୟରେ ସୂଚନା ମିଳିବା ପରେ ଏସ୍‌ପି ନିତେଶ ୱାଧୱାନୀଙ୍କ ନିର୍ଦ୍ଦେଶକ୍ରମେ ପାନପୋଷ ଏସ୍‌ଡିପିଓ ରଶ୍ମୀରଞ୍ଜନ ମହାପାତ୍ର,

### ଜେଲ୍ କର୍ତ୍ତୃପକ୍ଷଙ୍କୁ ଦାୟୀ କଲେ ପରିବାର

ରଘୁନାଥପାଲୀ ଆଇଆଇସି ରାଜେନ୍ଦ୍ର କୁମାର ସ୍ୱାଇଁ ଏବଂ ସାଇଣ୍ଟିଫିକ ଟିମ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ମୃତକଙ୍କ ପରିବାର ଏବଂ ଜେଲ କର୍ତ୍ତୃପକ୍ଷ ଘଟଣାସ୍ଥଳରେ ପହଞ୍ଚି ଶବ ଚିହ୍ନଟ କରିବା ପରେ ତାହା ଜେଲରୁ ଫେରାର ହୋଇଥିବା ସୁରେଶ ବାର୍ଲାଙ୍କର ବୋଲି ସ୍ପଷ୍ଟ ହୋଇଥିଲା।

ମୃତ ସୁରେଶଙ୍କ ଶବ ପଚି ଯାଇଥିଲେ ହେଁ ଶରୀରରେ ଏକାଧିକ କ୍ଷତଚିହ୍ନ ରହିଥିବା ପରିଲକ୍ଷିତ ହୋଇଥିଲା। ସେପଟେ ମୃତ ସୁରେଶଙ୍କ ପରିବାରବର୍ଗ ଏହି ମୃତ୍ୟୁ ପାଇଁ ଜେଲ କର୍ତ୍ତୃପକ୍ଷଙ୍କ ସମେତ ଡ୍ୟୁଟିରେ ଥିବା ଅନ୍ୟ କର୍ମଚାରୀଙ୍କୁ ଦାୟୀ କରି ଉପଯୁକ୍ତ ତଦନ୍ତ ପାଇଁ ଦାବି କରିଛନ୍ତି। ମୃତ ସୁରେଶଙ୍କ ଶରୀରର ବିଭିନ୍ନ ସ୍ଥାନରେ କ୍ଷତ ଚିହ୍ନ ରହିଥିବା ବେଳେ ଅନେକ ପ୍ରଶ୍ନ ଉଠିଛି। ଜେଲ ପାଚେରିର ଉଚ୍ଚତା ପ୍ରାୟ ୩୫ରୁ ୪୦ ଫୁଟ ହୋଇଥିବା ବେଳେ ଏତେ ଉଚ୍ଚରୁ ସୁରେଶ ଡେଇଁ ଥିବାରୁ ଗୁରୁତର ଭାବେ ଆହତ ଅବସ୍ଥାରେ ନିକଟସ୍ଥ ଦୁର୍ଗାପୁର ପାହାଡ଼ ଉପରକୁ ଚାଲିଯିବା ଏବଂ ଚିକିତ୍ସା ଓ ଖାଦ୍ୟ ନ ପାଇ ମୃତ୍ୟୁବରଣ କରିଥିବା ସନ୍ଦେହ କରାଯାଉଛି। ଅନ୍ୟପକ୍ଷରେ ସୁରେଶଙ୍କ ମୃତ୍ୟୁ ପଛରେ କେବଳ ଏହି ଘଟଣା ନା ଅନ୍ୟ କିଛି ରହସ୍ୟ ଲୁଚି ରହିଛି ବୋଲି ମଧ୍ୟ ପ୍ରଶ୍ନ ଉଠିଛି। ସେପଟେ ପାନପୋଷ ଏସ୍‌ଡିପିଓ



ଶ୍ରୀ ମହାପାତ୍ର କହିଛନ୍ତି ଯେ ପୁଲିସ ଏବେ ଏହି ଘଟଣାରେ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ଶବ ବ୍ୟବଚ୍ଛେଦ ରିପୋର୍ଟ ଆସିବା ପରେ ମୃତ୍ୟୁର ପ୍ରକୃତ କାରଣ ଜଣାପଡ଼ିବ ବୋଲି କହିଛନ୍ତି।

ସୂଚନାଯୋଗ୍ୟ ଯେ, ବ୍ରାହ୍ମଣୀତରଙ୍ଗ ଥାନା ଅନ୍ତର୍ଗତ କଲୁଙ୍ଗାସ୍ଥିତ ମାରିଙ୍ଗିପିଢ଼ି ଗ୍ରାମରେ ସୋନିଆ ବାର୍ଲା(୬୦)ଙ୍କ ସହ ତାଙ୍କ ବଡ଼ ପୁଅ କିଶୋର ବାର୍ଲା ଏବଂ ସାନ ପୁଅ ସୁରେଶ ବାର୍ଲା ରହୁଥିଲେ। ସୁରେଶ ବିବାହ ହୋଇ ନଥିବା ବେଳେ ସେ ସବୁବେଳେ ମଦ୍ୟପାନ କରୁଥିଲା। ଗତ ଜୁନ ୨୪ ତାରିଖ ସକାଳେ ସୁରେଶ ମଦ ପିଇବାକୁ ମା' ସୋନିଆଙ୍କୁ ଟଙ୍କା ମାଗିଥିଲା। ସୋନିଆ ମଦ ପାଇଁ ଆଉ ଟଙ୍କା ଦେବାକୁ ମନା କରି ଦେବାରୁ ସେ ତାଙ୍କୁ ଏକ ଟାଙ୍ଗିଆରେ ଆକ୍ରମଣ କରିବା ପାଇଁ ଉଦ୍ୟତ ହେଉଥିବା ବେଳେ ବଡ଼ ପୁଅ କିଶୋର ମା'ଙ୍କୁ ଘର ଭିତରକୁ ଟାଣି ନେଇଥିଲା। ଫଳରେ ସୋନିଆ ଅଳ୍ପକେ ବର୍ତ୍ତି ଯାଇଥିଲେ। ହେଲେ ସୁରେଶ ପୂର୍ବରୁ ମାଡ଼ ମାରିଥିବାରୁ ସୋନିଆ ଆହତ ହୋଇଥିଲେ। ତାଙ୍କୁ ବଡ଼ ପୁଅ କିଶୋର ଡାକ୍ତରଖାନା ନେଇ ଚିକିତ୍ସା କରାଇବା ପରେ ବ୍ରାହ୍ମଣୀ ତରଙ୍ଗ ଥାନାରେ ଅଭିଯୋଗ କରିଥିଲେ। ପୁଲିସ ମାମଲା ରୁଜୁ କରି ଏହାର ତଦନ୍ତ କରିବା ସହ ଜୁନ୍ ୨୫ ତାରିଖରେ ଅଭିଯୁକ୍ତ ସାନ ପୁଅ ସୁରେଶ ବାର୍ଲାକୁ ଗିରଫ କରିବା ସହ ଟାଙ୍ଗିଆକୁ ଜବତ କରି କୋର୍ଟ ଚାଲାଣ କରାଯାଇଥିଲା। ଜାମିନ ନାମଞ୍ଜୁର ହେବାରୁ ବିଚାରାଧୀନ କଏଦୀ ଭାବେ ରହିଥିଲା। ତେବେ ସୁଯୋଗ ଦେଖି ସେପ୍ଟେମ୍ବର ୧୭ ସକାଳ ପ୍ରାୟ ସାଢେ ୧୦ଟାରୁ ୧୧ଟା ମଧ୍ୟରେ ଜେଲ ପରିସରରେ ଚାଲିଥିବା ବୃକ୍ଷରୋପଣ କାର୍ଯ୍ୟକ୍ରମରେ ସମସ୍ତେ ବ୍ୟସ୍ତ ଥିବା ବେଳେ ସୁରେଶ ଜେଲ ଭିତରେ ଥିବା ୱାଚ୍ ଟାୱାର ଉପରେ ଚଢ଼ି ପାଚେରିରୁ ଡେଇଁ ଫେରାର ହୋଇ ଯାଇଥିଲା। ପୁଲିସ ବିଭିନ୍ନ ସ୍ଥାନରେ ତାକୁ ଧରିବା ପାଇଁ ଚଢ଼ଉ ଜାରି ରଖିଥିଲା। ଗତକାଲି ରାତିରେ ଜେଲ ରୋଡ ତଥା ସରକାରୀ ଆଇଟିଆଇ ପଛ ପାଶ୍ୱର୍ରେ ଥିବା ପାହାଡ ଉପରେ ଯୁବକଙ୍କ ଶବ ପଡ଼ିଥିବା ଦେଖି ଲୋକେ ପୁଲିସକୁ ସୂଚନା ଦେଇଥିଲେ। ଆଜି ପରିବାର ଲୋକେ ପହଞ୍ଚି ଶବ ଚିହ୍ନଟ କରିଥିଲେ।

# ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ଆଜିଠାରୁ ନୂଆ...

ବିକ୍ରି କରୁଥିବା ସମସ୍ତ ଔଷଧ କମ୍ପାନୀଗୁଡ଼ିକୁ ଔଷଧ, ଫର୍ମୁଲେସନ ଏବଂ ଚିକିତ୍ସା ଉପକରଣର ଏମ୍‌ଆର୍‌ପି ଅପଡେଟ୍ ହେବ। ଏଥିରେ ବିଚ୍ୟୁତି ଘଟିଲେ ବ୍ୟବସାୟୀଙ୍କୁ ଜେଲ ଓ ଜୋରିମାନାରେ ଦଣ୍ଡିତ ହେବାକୁ ପଡ଼ିବ। ଜିଏସ୍‌ଟି ହ୍ରାସ ପରେ ଜୀବନ ଏବଂ ସ୍ୱାସ୍ଥ୍ୟ ବୀମା ପ୍ରିମିୟମ ଉପରେ ଲାଗୁ ହେବନାହିଁ। ସେପ୍‌ଟେମ୍ବର ୨୨ ପରେ ପୈଠ କରାଯାଇଥିବା ନବୀକରଣ ପ୍ରିମିୟମ ମଧ୍ୟ ଜିଏସ୍‌ଟି ମୁକ୍ତ ହେବ।

### ଜିଏସ୍‌ଟି ବଚତ୍...

ନୂଆ ଆୟକର ବ୍ୟବସ୍ଥା ଲାଗୁ କରାଯାଇଛି। ଏଥିରେ ବ୍ୟକ୍ତିଗତ ଆୟକର ଛାଡ଼ ସୀମାକୁ ୧୨ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ବୃଦ୍ଧି କରାଯାଇଛି। ଆୟକର ଛାଡ଼ ସହିତ ଜିଏସ୍‌ଟି ହ୍ରାସ ଦେଶବାସୀଙ୍କ ପାଇଁ ଉତ୍ସାହ ଆଣିବ ବୋଲି ସେ କହିଛନ୍ତି। ଏହି ଅବସରରେ ପ୍ରଧାନମନ୍ତ୍ରୀ ସ୍ୱଦେଶୀ ସାମଗ୍ରୀ ଉପରେ ଗୁରୁତ୍ୱ ଆରୋପ କରି କହିଛନ୍ତି ଯେ ଏହା ଜାତୀୟ ବିକାଶରେ ସହାୟକ ହେବ। ଜିଏସ୍‌ଟି ସଂସ୍କାର ସହିତ ସ୍ୱଦେଶୀ ସାମଗ୍ରୀ କାରବାର ଅଭିବୃଦ୍ଧିକୁ ଗତିଶୀଳ କରିବ ଏବଂ ଅଧିକରୁ ଅଧିକ ପୁଞ୍ଜି ଆଣିବା ଲାଗି ଅନୁକୂଳ ପରିବେଶ ସୃଷ୍ଟି କରିବ। ଆତ୍ମନିର୍ଭର ଭାରତ ଏବଂ ସ୍ୱଦେଶୀ ଅଭିଯାନରେ ସାମିଲ ହେବା ଲାଗି ପ୍ରଧାନମନ୍ତ୍ରୀ ସମସ୍ତ ରାଜ୍ୟଙ୍କୁ ଆହ୍ୱାନ ଜଣାଇଛନ୍ତି। ସେ କହିଛନ୍ତି ଯେ ଦେଶକୁ ଯାହା ଆବଶ୍ୟକ ଏବଂ ଭାରତରେ ଯାହା ତିଆରି କରାଯାଇପାରିବ ତାହା ଦେଶ ଭିତରେ ହିଁ ତିଆରି ହେବା ଉଚିତ। ଏହା ଭାରତର ସମୃଦ୍ଧି ସହ ଆତ୍ମନିର୍ଭରଶୀଳତାକୁ ଶକ୍ତି ଦେବ। ଏପରି ସାମଗ୍ରୀ କିଣିବା ଯାହା ଭାରତରେ ତିଆରି ହୋଇଛି।

### ଭାରତରୁ ଚିଙ୍ଗୁଡି...

ଟଙ୍କାର ଚିଙ୍ଗୁଡ଼ି ରପ୍ତାନି କରିଥିଲା। ଏହି ରପ୍ତାନିର ପ୍ରାୟ ଏକ ତୃତୀୟାଂଶ କେବଳ ଆମେରିକାକୁ ହୋଇଥିଲା। ଏହି ସମୟରେ ଆମେରିକା ପ୍ରଶାସନର ଚିଙ୍ଗୁଡ଼ି ଆମଦାନୀ କଟକଣା ରପ୍ତାନିକାରୀ, ମତ୍ସ୍ୟଜୀବୀ ଏବଂ ସରକାରଙ୍କୁ ଚିନ୍ତାରେ ପକାଇଛି। ଗତ ଦୁଇ ଦଶନ୍ଧି ମଧ୍ୟରେ ଓଡ଼ିଶାର ଚିଙ୍ଗୁଡ଼ି ରପ୍ତାନି ଦ୍ରୁତ ଗତିରେ ବୃଦ୍ଧି ପାଇଛି। ୨୦୦୪-୦୫ ରେ ରାଜ୍ୟର ଚିଙ୍ଗୁଡ଼ି ରପ୍ତାନି ୩୦୦-୪୦୦ କୋଟି ମଧ୍ୟରେ ରହିଥିଲା। ୨୦୨୪-୨୫ରେ ଏହା ୪,୭୦୦ କୋଟି ଟଙ୍କାକୁ ବୃଦ୍ଧି ପାଇଛି। ଭାରତରୁ ଚିଙ୍ଗୁଡ଼ି ଆମେରିକା, ୟୁରୋପ, ରୁଷ, ଜାପାନ ଏବଂ ଅନ୍ୟାନ୍ୟ ବିକଶିତ ଦେଶଗୁଡ଼ିକୁ କରାଯାଉଛି ଏବଂ ଏହାର ସିଂହଭାଗ କେବଳ ଆମେରିକାକୁ ପଠାଯାଉଛି। ଭାରତରୁ ବାର୍ଷିକ ୯ ଲକ୍ଷ ଟନ୍ ଚିଙ୍ଗୁଡ଼ି ଉତ୍ପାଦିତ ହୋଇଥାଏ, ଯାହା ସାରା ବିଶ୍ୱରୁ ଉତ୍ପାଦିତ ଚିଙ୍ଗୁଡ଼ିର ୪୦%।

ସମ୍ପ୍ରତି ଆମେରିକୀୟ ସେନେଟରମାନେ ଭାରତୀୟ ଚିଙ୍ଗୁଡ଼ି ରପ୍ତାନି ଉପରେ ଶୁଳ୍କ ଲଗାଇବାକୁ ପ୍ରସ୍ତାବ ଦେଇଛନ୍ତି। ରିପବ୍ଲିକାନ୍ ସେନେଟର ବିଲ୍ କାସିଡି ଏବଂ ସିଣ୍ଡି ହାଇଡ୍-ସ୍ମିଥ୍ ଆମେରିକୀୟ କଂଗ୍ରେସରେ 'ଇଣ୍ଡିଆ ଚିଙ୍ଗୁଡ଼ି ଟାରିଫ୍ ବିଲ୍' ଆଗତ କରିଛନ୍ତି। ଭାରତ ଅନୁଚିତ ବାଣିଜ୍ୟ ଅଭ୍ୟାସ ମାଧ୍ୟମରେ ଆମେରିକା ବଜାରରେ ଚିଙ୍ଗୁଡ଼ି ବିକ୍ରି କରୁଛି, ଯାହା ଦ୍ୱାରା ଲୁଇସିଆନାର ଚିଙ୍ଗୁଡ଼ି ଏବଂ କ୍ୟାଟ୍‌ଫିସ୍ ଶିଳ୍ପକୁ ଯଥେଷ୍ଟ କ୍ଷତି ପହଞ୍ଚୁଥିବା ଏଥିରେ ଉଲ୍ଲେଖ ରହିଛି। ଆମେରିକୀୟ ସେନେଟରମାନେ ଏହି ବିଲ୍ ସାମୁଦ୍ରିକ ଖାଦ୍ୟ ଶିଳ୍ପ ଏବଂ ହଜାର ହଜାର ନିଯୁକ୍ତିକୁ ସୁରକ୍ଷା ଦେବ ବୋଲି ଦାବି କରିଛନ୍ତି।

### ୨୪ ଘଣ୍ଟାରେ...

ତେଣୁ ଆସନ୍ତା ୨୫ ତାରିଖ ପର୍ଯ୍ୟନ୍ତ ମତ୍ସ୍ୟଜୀବୀମାନଙ୍କୁ ଉତ୍ତର ବଙ୍ଗୋପସାଗର ମଧ୍ୟକୁ ନ ଯିବା ପାଇଁ ପାଣିପାଗ କେନ୍ଦ୍ର ପରାମର୍ଶ ଦେଇଛି। ସୋମବାର କେନ୍ଦୁଝର ଓ ମୟୂରଭଞ୍ଜରେ ପ୍ରବଳରୁ ଅତି ପ୍ରବଳ ବର୍ଷା ଆଶଙ୍କା କରି ପାଣିପାଗ କେନ୍ଦ୍ର ଏହି ଜିଲ୍ଲାଗୁଡ଼ିକ ପାଇଁ ଅରେଞ୍ଜ ଆଲର୍ଟ ଜାରି କରିଥିବା ବେଳେ ରାଜ୍ୟର ବାକି ଜିଲ୍ଲାଗୁଡ଼ିକ ପାଇଁ ୟେଲୋ ଆଲର୍ଟ ଜାରି ହୋଇଛି। ଅନ୍ୟପଟେ ଏହି ଲଘୁଚାପ ପ୍ରଭାବ ଯାଉ ଯାଉ ଆସନ୍ତା ୨୫ ସେପ୍ଟେମ୍ବର ପାଖାପାଖି ମିଆଁମାର-ବାଂଲାଦେଶ ଉପକୂଳରେ ଥିବା ପୂର୍ବକେନ୍ଦ୍ରୀୟ ଏବଂ ସଂଲଗ୍ନ ଉତ୍ତର-ପୂର୍ବ ବଙ୍ଗୋପସାଗରରେ ଆଉ ଏକ ଲଘୁଚାପ ସୃଷ୍ଟି ହେବାର ସମ୍ଭାବନା ରହିଛି। ଏହି ଲଘୁଚାପଟି ଅଧିକ ଘନୀଭୂତ ହେବା ନେଇ ପ୍ରାଥମିକ ଆକଳନରୁ ଜଣାପଡ଼ିଛି। ତେଣୁ ଏହି ଲଘୁଚାପ ଯୋଗୁଁ ପାର୍ବଣ ସମୟରେ ରାଜ୍ୟର ଅନେକ ସ୍ଥାନରେ ବର୍ଷା ଆଶଙ୍କା ରହିଛି। ଆଞ୍ଚଳିକ ପାଣିପାଗ କେନ୍ଦ୍ର ନିର୍ଦ୍ଦେଶିକା ମନୋରମା ମହାନ୍ତିଙ୍କ ସୂଚନା ଅନୁସାରେ, ୨୫ ତାରିଖ ବେଳକୁ ବଙ୍ଗୋପସାଗରରେ ଏକ ନୂଆ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ଅଛି। ଏହା ପ୍ରଭାବରେ ୨୫ ତାରିଖରୁ ବର୍ଷା ବଢ଼ିବା ସହ ୨୮ ତାରିଖ ଯାଏଁ କିଛି କିଛି ସ୍ଥାନରେ ପ୍ରବଳ ବର୍ଷା ଓ ଆଉ କିଛି ସ୍ଥାନରେ ଅତି ପ୍ରବଳ ବର୍ଷା ହେବାର ସମ୍ଭାବନା ରହିଛି। ଏଥିପାଇଁ ରାଜ୍ୟର ବିଭିନ୍ନ ଜିଲ୍ଲାକୁ ଆଲର୍ଟ ଜାରି କରାଯାଇଛି। ଲଘୁଚାପ ଯୋଗୁଁ ବିଶେଷ କରି ଉତ୍ତର ଓଡ଼ିଶା ଓ ଦକ୍ଷିଣ ଓଡ଼ିଶାରେ ଜିଲ୍ଲାଗୁଡ଼ିକରେ ବର୍ଷା ଅଧିକ ହେବାର ସମ୍ଭାବନା ରହିଛି।

### ବନ୍ଦ ହେବ...

ହୋଇଛି। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଅଧୀନରେ ଥିବା ବିଇଡି କଲେଜରେ ଆବଶ୍ୟକ ଅଧ୍ୟାପକ ନ ଥିବାରୁ ବହୁ ବିଇଡି କଲେଜର ସ୍ୱୀକୃତି ପ୍ରତ୍ୟାହାର ହୋଇଥିଲା। ଏହାପରେ ବିଇଡି କଲେଜ ପରିଚାଳନା ଭାର ଉଚ୍ଚଶିକ୍ଷା ବିଭାଗ ନେଇଥିଲା। ଏହାପରେ ୩୮୫ଟି ଅଧ୍ୟାପକ ପଦରେ ନିଯୁକ୍ତି ପାଇଁ ଓଡ଼ିଶା ଲୋକସେବା ଆୟୋଗ (ଓପିଏସ୍‌ସି) ପ୍ରକ୍ରିୟା ଆରମ୍ଭ କରିଥିଲା। ତହିଁରେ ଗୋଟିଏ ବିଷୟରେ ସ୍ନାତକୋତ୍ତର କରିବା ସହ ବିଇଡି କରିଥିବା ଆବଶ୍ୟକ ବୋଲି ଶିକ୍ଷାଗତ ଯୋଗ୍ୟତା ଧାର୍ଯ୍ୟ କରାଗଲା। ହେଲେ ଏହା ଏନ୍‌ସିଟିଇ ଧାର୍ଯ୍ୟ କରିଥିବା ମାନଦଣ୍ଡକୁ ଉଲଙ୍ଘନ କରିଥିଲା। ଗୋଟିଏ ସ୍ନାତକୋତ୍ତର ଡିଗ୍ରୀ ସହିତ ଏମ୍‌ଇଡି ବାଧ୍ୟତାମୂଳକ ନିୟମକୁ ପାଳନ କରି ନ ଥିଲା। ଫଳରେ ମୋଟ୍ ୩୮୫ ଜଣଙ୍କ ମଧ୍ୟରୁ ଯୋଗ୍ୟତା ନ ଥାଇ ମଧ୍ୟ ପ୍ରାୟ ୨୧୪ ଜଣ ଅଧ୍ୟାପକ ଭାବେ ନିଯୁକ୍ତି ପାଇଛନ୍ତି। ଆବଶ୍ୟକ ଅଧ୍ୟାପକଙ୍କୁ ନିଯୁକ୍ତି ଦିଆଯାଇଥିବା ଦର୍ଶାଇ ସ୍ୱୀକୃତି ପ୍ରତ୍ୟାହାର ହୋଇଥିବା କଲେଜଗୁଡ଼ିକୁ ପୁନଃ ଖୋଲିବାକୁ ଉଚ୍ଚଶିକ୍ଷା ବିଭାଗ ଏନ୍‌ସିଟିଇକୁ ଅନୁରୋଧ କରାଯାଇଥିଲା। ହେଲେ ଏକାଧିକ ଅଭିଯୋଗ ସହ ଉଚ୍ଚ ନ୍ୟାୟାଳୟରେ ମାମଲା ପହଞ୍ଚିବା ପରେ ଏନ୍‌ସିଟିଇ ଖୋଳତାଡ଼ ଜାରି ରଖିଛି।

ଗତ ଅଗଷ୍ଟ ୨୫ ଓ ୨୬ ତାରିଖରେ ଏନ୍‌ସିଟିଇର ୩୭୪ତମ ବୈଠକରେ ଏନେଇ ବିସ୍ତୃତ ଭାବେ ଆଲୋଚନା ହୋଇଛି। ପୂର୍ବରୁ ଗୋଟିଏ ଥର କାରଣ ଦର୍ଶାଅ ନୋଟିସ୍ ଜାରି କରିଥିବା କଲେଜଗୁଡ଼ିକୁ ଦ୍ୱିତୀୟ ବା ଚୂଡ଼ାନ୍ତ ନୋଟିସ୍ କରିବାକୁ ନିଷ୍ପତି ହୋଇଛି। ଭୁବନେଶ୍ୱରସ୍ଥିତ ନଳିନୀ ଦେବୀ ବିଇଡି କଲେଜ, କଟକସ୍ଥିତ ରାଧାନାଥ କଲେଜ, ଅନୁଗୁଳସ୍ଥିତ ନବକୃଷ୍ଣ ଚୌଧୁରୀ ବିଇଡି କଲେଜ, ସମ୍ବଲପୁରସ୍ଥିତ ପର୍ଶୁରାମ ମିଶ୍ର ଅଗ୍ରଗାମୀ ବିଇଡି କଲେଜ, ଗଞ୍ଜାମ ଭଞ୍ଜନଗରସ୍ଥିତ କବି ସମ୍ରାଟ୍ ଉପେନ୍ଦ୍ର ଭଞ୍ଜ ବିଇଡି କଲେଜ, ବଲାଙ୍ଗିର ବିଇଡି କଲେଜ, ବାରିପଦାସ୍ଥିତ ଉତ୍କଳମଣି ଗୋପବନ୍ଧୁ ବିଇଡି କଲେଜ ଏବଂ ବ୍ରହ୍ମପୁରସ୍ଥିତ ଦିବାକର ପଟ୍ଟନାୟକ ବିଇଡି କଲେଜକୁ ନୋଟିସ୍ କରିବାକୁ ନିଷ୍ପତ୍ତି ହୋଇଛି। ଫଳରେ ଆସନ୍ତା ଶିକ୍ଷାବର୍ଷରୁ ଏହି କଲେଜରେ ନାମଲେଖା ବନ୍ଦ ହୋଇଯିବ। ଅଯୋଗ୍ୟ ଅଧ୍ୟାପକ ନିଯୁକ୍ତି ପାଇଁ ସ୍ୱୀକୃତି ପ୍ରତ୍ୟାହାର ପରି ଦୃଢ଼ କାର୍ଯ୍ୟାନୁଷ୍ଠାନ ରାଜ୍ୟରେ ହଇଚଇ ସୃଷ୍ଟି କରିଛି। ପୂର୍ବରୁ ଗୋଟିଏ ଲେଖାଏଁ ନୋଟିସ୍ ପାଇଥିବା ଏହି ୮ଟି ବିଇଡି କଲେଜ ଉପରେ କାର୍ଯ୍ୟାନୁଷ୍ଠାନ ଖଣ୍ଡା ଝୁଲି ରହିଛି। ଆଗାମୀ ଦିନରେ ଏଗୁଡ଼ିକର ସ୍ୱୀକୃତି ମଧ୍ୟ ପ୍ରତ୍ୟାହାର କରିବା ସୁନିଶ୍ଚିତ ବୋଲି ଶିକ୍ଷାବିତ୍‌ମାନେ ଆଶଙ୍କା କରୁଛନ୍ତି।

### ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ...

ମଧ୍ୟ କେହି ନିଯୁକ୍ତି ପାଇ ନାହାନ୍ତି । ଅନୁରୂପ ଭାବରେ ମୁଖିଆ ଅଭାବରୁ ବିଭିନ୍ନ ନିଗମଗୁଡ଼ିକ ଦିଶାହୀନ ଭାବରେ ଗତି କରୁଛି ।

୧୫ ମାସ ହେଲାଣି ବୋର୍ଡ, ନିଗମ ଏବଂ ଅକାଦେମୀ ସହ ବିଭିନ୍ନ କମିସନରେ ନିଯୁକ୍ତି ଦିଆଯାଉ ନ ଥିବାରୁ ବିକାଶମୂଳକ କାମ ଅଟକି ରହିଛି। ଜିଲ୍ଲା ଯୋଜନା ବୋର୍ଡ ଅଧ୍ୟକ୍ଷ ପରି ଗୁରୁତ୍ୱପୂର୍ଣ୍ଣ ପଦ ଖାଲି ପଡ଼ିଛି। ଏପଟେ ନୂଆ ମନ୍ତ୍ରୀ ହୋଇଥିବା ଏବଂ ଏନେଇ ଆଗରୁ ଆଦୌ ଅଭିଜ୍ଞତା ନ ଥିବା ମନ୍ତ୍ରୀଙ୍କ ଉପରେ ଏକାଧିକ ବିଭାଗ ନ୍ୟସ୍ତ କରାଯାଇଥିବାରୁ ସେମାନେ ଏକପ୍ରକାର ଅଣନିଶ୍ୱାସୀ । ଏହି ପରିପ୍ରେକ୍ଷୀରେ ପ୍ରତି ମାସେ ଦୁଇମାସ ବ୍ୟବଧାନରେ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହେବା ନେଇ ଚର୍ଚ୍ଚା ହେଉଛି । ବିଶେଷ ଭାବରେ ରାଜ୍ୟ ବିଜେପି ସଭାପତି ଓ ମୁଖ୍ୟମନ୍ତ୍ରୀଙ୍କ ଦିଲ୍ଲୀ ଗସ୍ତ ସମୟରେ ଏହି ଚର୍ଚ୍ଚା ବେଶି ଦାନା ବାନ୍ଧୁଥିଲେ ହେଁ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ନେଇ ସହମତି ହୋଇ ପାରୁ ନ ଥିବା କୁହାଯାଉଛି । ଦଳ ମଧ୍ୟରେ ଗୋଷ୍ଠୀ ବିବାଦ ଓ ପ୍ରବଳ ଲବି ଯୋଗୁଁ ମନ୍ତ୍ରୀ ପଦଗୁଡ଼ିକ ପୂରଣ ହୋଇ ପାରୁ ନ ଥିବା କୁହାଯାଉଛି। ଯାହାକୁ ନେଇ ଦଳୀୟ ଆଶାୟୀଙ୍କ ମଧ୍ୟରେ ଅସନ୍ତୋଷ କୁହୁଳୁଛି । ଏପରିକି ଖୋଦ ଦଳର କର୍ମୀ ଓ କର୍ମକର୍ତ୍ତା ସରକାର ଓ ସଙ୍ଗଠନର ନିଷ୍ପତ୍ତି ନେବାର କ୍ଷମତାକୁ ନେଇ ମଧ୍ୟ ପ୍ରଶ୍ନ ଉଠାଇଛନ୍ତି ।

ଗତ ସପ୍ତାହ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ପ୍ରସଙ୍ଗରେ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲ ଠିକ୍ ସମୟରେ ଠିକ୍ ନିଷ୍ପତ୍ତି ନିଆଯିବ ବୋଲି କହିଥିଲେ। ଏପରିକି ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ସଂକ୍ରାନ୍ତରେ ଦିଲ୍ଲୀରେ କୌଣସି ଆଲୋଚନା ହୋଇନାହିଁ ଓ ନିଗମ ନିଯୁକ୍ତି ସମ୍ପର୍କରେ କୌଣସି ନିଷ୍ପତ୍ତି ହୋଇ ନ ଥିବା ସୂଚନା ଦେଇଥିଲେ। ମନମୋହନଙ୍କ ଏହି ସଂକ୍ଷିପ୍ତ ମନ୍ତବ୍ୟ ମନ୍ତ୍ରୀ ଆଶାୟୀଙ୍କୁ ନିରାଶ କରିଥିବାବେଳେ ନିଗମ ଓ ବୋଡର୍‌ରେ ଥଇଥାନ ହେବାକୁ ଆଶା ବାନ୍ଧିଥିବା ଅନେକଙ୍କ ମନରେ ଅସନ୍ତୋଷ ସୃଷ୍ଟି କରିଛି । ଏହା ସତ୍ତ୍ୱେ ଚଳିତ ମାସ ଶେଷ ସପ୍ତାହରେ ଦୁର୍ଗାପୂଜା ଅବକାଶ ପୂର୍ବରୁ ରାଜ୍ୟରେ ନିଗମ ଓ ବୋଡର୍ ନିଯୁକ୍ତି ସହ ମନ୍ତ୍ରିମଣ୍ଡଳ ସମ୍ପ୍ରସାରଣ ହୋଇପାରେ ବୋଲି ଅନେକ ଆଶା କରୁଛନ୍ତି।

### ବିଷ ବି...

ହୋଇଥିବା ଜଣାପଡ଼ିଛି। ଚାଷ ଜମିକୁ ରୋଗ ଦାଉରୁ ରକ୍ଷା କରିବା ପାଇଁ ଚାଷୀ ଦିନରାତି ପରିଶ୍ରମ କରୁଛି। କୃଷି ବିଭାଗ ବ୍ଲକ୍‌ୱାରୀ ହ୍ୱାଟସ୍‌ଆପ୍ ଗ୍ରୁପ୍ କରିଛି। ଏଥିରେ ଚାଷୀଙ୍କୁ ବିଭିନ୍ନ ପ୍ରକାର ସଚେତନତାଠାରୁ ଆରମ୍ଭ କରି ରୋଗ ପୋକ ବିଷୟରେ ବି ସଚେତନ କରାଯାଉଛି। ମାତ୍ର ସବୁ ଚାଷୀଙ୍କ ପାଖରେ ଏହି ସୂଚନା ପହଞ୍ଚିପାରୁନି। ତେଣୁ ରୋଗ ଦାଉରୁ କେମିତି ରକ୍ଷା ପାଇବେ ଚାଷୀମାନେ ଜାଣିପାରୁନାହାନ୍ତି। କେଉଁ କୀଟନାଶକ ବ୍ୟବହାର କଲେ, ଏହାକୁ ପ୍ରତିହତ କରିହେବ ବୋଲି ଚାଷୀମାନେ ପ୍ରଶ୍ନ କରିଛନ୍ତି। ମାତ୍ର କୃଷି ବିଭାଗ ପକ୍ଷରୁ ଏନେଇ କୌଣସି ସୂଚନା ମିଳିନଥିବା ଅଭିଯୋଗ ହେଉଛି। ଏହି ରୋଗ ଏବେ ଉପକୂଳ ଓଡ଼ିଶା ସମେତ ନୟାଗଡ଼, ବୌଦ୍ଧ, କନ୍ଧମାଳ ଆଦି ଜିଲ୍ଲାରେ ଏହି ରୋଗ ଦେଖାଦେଇଥିବା ଅଭିଯୋଗ ହେଉଛି। ଚାଷ ଜମିରେ ଅଧିକ ପାଣି ଜମି ରହିବା ଓ ମାତ୍ରାଧିକ ସାରର ପ୍ରୟୋଗ ଯୋଗୁଁ ଏହି ରୋଗ ହେଉଛି। ଏହି ରୋଗର ଲକ୍ଷଣ ୩ ପ୍ରକାରର। ଧାନପତ୍ର ହଳଦିଆ ପଡ଼ିବ, ଧାନପତ୍ରରେ ଚିହ୍ନ ସୃଷ୍ଟି ହେବ ଓ ଧାନ ଉପରୁ ମୂଳ ପର୍ଯ୍ୟନ୍ତ ପୋଡ଼ି ପୋଡ଼ି ଆସିବା ହେଉଛି ଏହାର ମୂଳ ଲକ୍ଷଣ। ସେହିପରି ପତ୍ରମୋଡ଼ା ରୋଗ ମଧ୍ୟ ଧାନକୁ ସର୍ବନାଶ କରିଦେଉଛି। ଉପରୁ ଧାନ ଗଛକୁ ଗୋଟେ କରି ପୋକ ଖାଇଦେବ ଓ ଧାନ ବଢିବାକୁ ଦେଉନି।

କୃଷି ବିଶେଷଜ୍ଞ ସୁବ୍ରତ ପାଣିଗ୍ରାହୀଙ୍କ କହିବାନୁସାରେ, ଏହି ରୋଗ ପ୍ରତିହତ କରିବାକୁ ହେଲେ ଏବେ କୀଟନାଶକ ବ୍ୟବହାର କରିବା ପରିବର୍ତ୍ତେ ଜୈବିକ ଉପାୟ ଅବଲମ୍ବନ କରିବା ଜରୁରୀ। ରୋଗ ଲାଗିବା ପରେ ଚାଷୀ ୨ ଶହ ଲିଟର ପାଣିରେ ୨୦କେଜି କଞ୍ଚା ଗୋବର ମିଶାଇ ସିଞ୍ଚନ କଲେ ପୋକ ଦାଉରୁ ରକ୍ଷା ପାଇପାରିବ। ପ୍ରଥମେ ଚାଷୀ ଏହି ଉପାୟକୁ ଅବଲମ୍ବନ କରି ପୋକ ନାଶ କରିବାକୁ ଚେଷ୍ଟା କରିବା ଦରକାର ବୋଲି ସେ କହିଛନ୍ତି। ଜିଲ୍ଲା ଓ ବ୍ଲକ୍‌ସ୍ତରରେ ଥିବା କୃଷି ଅଧିକାରୀମାନେ ତୃଣମୂଳସ୍ତରକୁ ଯାଇ ଚାଷୀଙ୍କୁ ସଚେତନ କରାନ୍ତୁ। କୀଟନାଶକ ପରିବର୍ତ୍ତେ ଜୈବିକ ଉପାୟ ଅବଲମ୍ବନ କରିବା ପାଇଁ ପ୍ରୋତ୍ସାହନ କରନ୍ତୁ ବୋଲି ସେ କହିଛନ୍ତି। ଏନେଇ କୃଷି ବିଭାଗର ଜଣେ ଅଧିକାରୀ କହିଛନ୍ତି, କିଛି ବ୍ଲକ୍‌ରେ ପତ୍ରପୋଡ଼ା ରୋଗ ନେଇ ଅଭିଯୋଗ ଆସିଛି। ଆମେ ଏହା ଉପରେ ଯାଞ୍ଚ କରି ରୋଗ ଦାଉରୁ ରକ୍ଷା କରିବା ପାଇଁ ପଦକ୍ଷେପ ନେବୁ ବୋଲି ସେ କହିଛନ୍ତି।


**AFFIDAVIT**

By virtue of an affidavit sworn before Executive Magistrate, Banpur, vide no-3550, dated 17/09/2025 I, Saikh Firdosh, S/o- Saikh Taher, of At-Badahantuad, Po.- Badahantuad, Ps.-.Banpur, Dist.-Khordha, declare that in my Adhar card my name is wrongly mentioned as Sek Firdos instead of Saikh Firdosh. Henceforth, I shall be known as **Saikh Firdosh** for all purposes.

**AFFIDAVIT**

By virtue of an affidavit sworn before the Executuve Magistrate, Nabarangpur, dated. 20.09.2025, I BABLU BISSOI, S/o- Late Jagat Bissoi, Vill.- Sindhiguda, Po.- Sindhiguda, Ps.- Nabarangpur, Dist.- Nabarangpur, Odisha, Pin - 764063 declare that, I have changed my name from **BABULA BISUI to BABLU BISSOI**. Henceforth I shall be known as **BABLU BISSOI** for all purposes.

Sd/- **BABLU BISSOI**

**AFFIDAVIT**

By virtue of an affidavit No, 2459, dtd 20/9/2024 before the Executive Magistrate, Phulbani, I, Sanjiba Mallick, resident At-Dangarapada, Po-Ratanga, Ps-Phiringia, Dist-Kandhamal have changed my minor daughter's name from Sili Mallick to Snehalata Mallick. Henceforth, she shall be known as **Snehalata Mallick** for all purposes.

**Sd/-Sanjiba Mallick**

**AFFIDAVIT**

By virtue of an affidavit sworn before Excutive Magistrate, Soro on 16.09.2025, I Sarojini Mohanty, formerly called Sarojini Jena, W/o Debashish Jena, At- Brahmansahi, Po-Sarasankha, Ps-Soro Balasore, PIN-756045, declare that I have changed my name from Sarojini Jena to Sarojini Mohanty. Henceforth, I shall be known as **Sarojini Mohanty** for all further purposes.

**AFFIDAVIT**

By virtue of an affidavit no.285, dtd. 17.09.2025 before the Executive Magistrate, Dharakote, Dist.: Ganjam, I, Tambar Goud, Spouse of Late Balab Goud have changed my name & Date of Birth from Tambal Goud (DOB 10.03.1970) to Tambar Goud (DOB 27.01.1967). Henceforth I shall be known as **Tambar Goud and DOB 27.01.1967** for all purposes.

**AFFIDAVIT**

By virtue of an affidavit sworn before the Notary Public, Baripada, Mayurabhanj, dated 18-09-2025 I Sri Pasupati Dehuri s/o- Tarapada Dehuri, At-khaikhia, Po-Dhemanasole, Ps- Chandua, Dist-Mayurbhanj declare that the actual and correct Date of Birth(DOB) of my daughter Sonali Dehuri (Rakhi) is 10-11-2010. Which is mentioned in her Birth Certificate. But in her SLC the DOB is wrongly mentioned as 12-11-2010, Henceforth her Birth Certificate DOB will be use for all purposes. **Sd/-Pasupati Dehuri**

**AFFIDAVIT**

By virtue of an affidavit before the Executive Magistrate, Nayagarh, I, Mahendra Majhi, At/Po-Subalaya, Ps-Bhapalm, Dist-Nayagarh have changed my minor son's name from Sandipsoyansu Majhi (old name) to Sandep Swayanshu Majhi (new name). Henceforth, he shall be known as Sandep Swayanshu Majhi for all purposes.

**Sd/-Mahendra Majhi**

**AFFIDAVIT**

By virtue of an affidavit sworn before the Notary Public, Nabarangpur vide no.372 dated. 20.09.2025, I Smt. Jochhnarani Nayak @ Jochhana Rani Behera, D/o- Late Radha Krushna Nayak W/o- Susanta Kumar Behera resident of At/Po./Ps.- Papadahandi state that in my son **Baibhav Kumar Behera's** birth certificate my name has been wrongly mentioned as Jochhnarani Nayak. Hence **Jochhnarani Nayak** and **Jochhana Rani Behera** is one and same person.

Sd/- **Jochhana Rani Behera**

**AFFIDAVIT**

By virtue of an affidavit before the Executive Magistrate, Titilagarh, on dated- 24/02/2025. I, **Sri Tulasi Nag** (Applicant name), aged about 34 years, S/o- Sashi Nag, Address: At- Makripada, PO-Lebada, PS- Muribahal, Dist-Bolangir (Odisha), PIN- 767033 declare that, my daughter name is **Chutila Nag** which is mentioned in her Aadhar Card bearing No: 2568 3099 3409. That, now I have changed my daughter name from **Chutila Nag to Chunnu Nag.** Henceforth, she shall be known as **CHUNNU NAG** (new name) for all purposes.

**Sri Tulasi Nag**

# ମାଁ ଦକ୍ଷିଣକାଳୀଙ୍କ ବଏଲ ଯାତ୍ରା ଆରମ୍ଭ

କୋଲାବିରା,୨୧।୯ (ସମିସ):



ଭାରତୀୟ ଧର୍ମଧାରାରେ ଶକ୍ତି ଉପାସନାର ଯଥେଷ୍ଟ ଗୁରୁତ୍ୱ ରହିଥିବା ବେଳେ କୋଲାବିରାର ବଏଲଯାତ୍ରା ପଶ୍ଚିମ ଓଡ଼ିଶାର ପାରମ୍ପରିକ ଯାତ୍ରା ମଧ୍ୟରେ ଅନ୍ୟତମ। କୋଲାବିରାର ପ୍ରତ୍ୟକ୍ଷ ଦେବୀ ମାଁ ଦକ୍ଷିଣକାଳୀଙ୍କ ଅମାବାସ୍ୟା ବଏଲଯାତ୍ରାର ଆଦ୍ୟପର୍ବ ପାରମ୍ପରିକ ରୀତିନୀତିରେ ଆରମ୍ଭ ହୋଇଛି। ପବିତ୍ର ମହାଳୟା ଅମାବାସ୍ୟାଠାରୁ ଆରମ୍ଭ ହୋଇଥିବା ଏହିଯାତ୍ରା ପାଇଁ ରବିବାର ରାତ୍ରିରେ ସମଲେଇଘାଟରେ ପୂଜାର୍ଚ୍ଚନା କରାଯାଇଥିଲା। ରାତିରେ ପୂଜାକମିଟି ଓ ଗାଁବାସୀ ପ୍ରଥମେ କର୍ତ୍ତା ଜମିଦାର ବଂଶଜ ରୁଦ୍ର ପ୍ରତାପ ସିଂହ, ଯୋଗୀ ଯୋଗେନ୍ଦ୍ର ରାଏ ଏବଂ ରାଜ ପୁରୋହିତ ପ୍ରଦ୍ୟୁମ୍ନ ପୁରୋହିତଙ୍କୁ ନିମନ୍ତ୍ରଣ ପୂର୍ବକ ପାଛୋଟି ଆଣିଥିଲେ। ସେବାୟତମାନଙ୍କର ଉପସ୍ଥିତିରେ ରୀତିନୀତି ଅନୁସାରେ ପୂଜାର୍ଚ୍ଚନା ପରେ ଅମାବାସ୍ୟା ବଏଲଯାତ୍ରା ପର୍ବର ଆରମ୍ଭ କରାଯାଇଥିଲା।

ସେହିପରି ଜୟପୁର ଇଷ୍ଟେଟ କୋଲାବିରାର ଐତିହାସିକ ତଥା ପ୍ରସିଦ୍ଧ ବଏଲଯାତ୍ରା ପର୍ବ ମାଁ ଦକ୍ଷିଣକାଳୀ ଦେବୀଙ୍କ ପୀଠରେ ଆରମ୍ଭ ହୋଇଯାଇଛି। ୯ ଦିନିଆ ବଏଲଯାତ୍ରା ପବିତ୍ର ମହାଳୟା ଠାରୁ ଆରମ୍ଭ ହୋଇଛି। ଆଶ୍ୱିନ କୃଷ୍ଣପକ୍ଷ ପ୍ରତିପଦା ଠାରୁ ୯ ଦିନ ବ୍ୟାପି ମନ୍ଦିରରେ ଅଖଣ୍ଡଦୀପ ପ୍ରଜ୍ୱଳନ, ସପ୍ତମି ତିଥିରେ ପାଟଖଣ୍ଡା ସ୍ଥାପନ ଏବଂ ନିଶାପୂଜା, ଅଷ୍ଟମୀ ତିଥିରେ ଷୋହଳ ଖଣ୍ଡା ସ୍ଥାପନ ଏବଂ ମହାଳୟା ଅମାବାସ୍ୟା ଦିନ କାଳୀଙ୍କ ପୀଠରୁ କୋଲାବିରା ଗାଁରେ ଉଆଁସ ବଳିଯାତ୍ରା ଆୟୋଜିତ ହୋଇଯାଇଛି। ଫୁଲରି ଓଷା ଦିନ ରାତି ଅର୍ଥାତ ଗତକାଲି ରାତ୍ରିରେ ରାୟ କାଲୋ ସଂପ୍ରଦାୟର ଜଣେ ଲୋକକୁ ଦେବୀଙ୍କ ପୂଜକ ମାନେ ମୁଣ୍ଡରେ ଫୁଲର ଚୂଳବାନ୍ଧି ମୁହଁରେ ସିନ୍ଦୁର ବୋଳିଥିଲେ। ପୂଜା ଉପଚାର କରି ବରୁଆ (କାଳିସୀ) ଦେହରେ ଦେବୀ ଶକ୍ତି ସଞ୍ଚାର ପାଇଁ ମନ୍ତ୍ରତନ୍ତ୍ରର ପ୍ରୟୋଗ କରି ଦେବୀଙ୍କ ଛଡା ସିନ୍ଦୁର, ଫୁଲ, ଅରୁଆ ଚାଉଳ ଆଦି ନେଇ କପାଳରେ ଟିକା ଦେଇଥିଲେ। ପୁରୋହିତଙ୍କ ମନ୍ତ୍ରତନ୍ତ୍ର ପ୍ରଭାବେ ବରୁଆ ଆସିଥିଲା। ଏହାପରେ ଢୋଲ, ନିଶାନ, ତାସା, ମହୁରୀର ସାମୂହିକ ଶୋହଲ ଭରନିର ବାଦ୍ୟରେ ତାଳ ଦେଇ ବରୁଆ ପୀଠରୁ ବାହାରିଥିଲା। ବରୁଆ ଦେହରେ ଦୈବୀଶକ୍ତି ସଂଚାରିତ ହେବାପରେ ବରୁଆକୁ ଦେବୀଙ୍କ ସାକ୍ଷାତ ଅବତାର ବିବେଚନା କରାଯାଇଥାଏ। ପୀଠରୁ ରାତ୍ରୀରେ ବରୁଆ ବାହାରି ଗାଁ ପରିକ୍ରମା କରିଥିଲେ। ଗ୍ରାମ ପରିକ୍ରମା ସମୟରେ ଦେବୀ ବାହନ ବରୁଆଙ୍କୁ ଘରେ ଘରେ ପୂଜା ଅର୍ଚ୍ଚନା କରାଯାଇଥିଲା। ଦେବୀ ବାହନ ବରୁଆ ଗ୍ରାମ ପରିକ୍ରମା କରି ଶ୍ରଦ୍ଧାଳୁ ଭକ୍ତ ମାନଙ୍କୁ ଆର୍ଶୀବାଦ ପ୍ରଦାନ ପର୍ବ ସାରିବା ପରେ ମନ୍ଦିରକୁ ବରୁଆ ପ୍ରତ୍ୟାବର୍ତ୍ତନ କରିବା ଅବସରରେ ବରୁଆପାଟ ଯାଇଥିଲା। ଅର୍ଥାତ ବରୁଆ ଦେହରୁ ଦୈବୀଶକ୍ତି ଅପସାରିତ ହୋଇଥିଲା। ଏହି ଦୃଶ୍ୟ ଦେଖିବାକୁ ପ୍ରବଳ ଜନସମାଗମ ହୋଇଥିଲା। ଲୋକେ ଆମ୍ବ ତୋରଣ ଓ ଗୋବର ପାଣିରେ ମାଟିକୁ ଲିପି ଘରେ ଘରେ ବରୁଆଙ୍କୁ ମଡେଇ ଦେବା ସଙ୍ଗେସଙ୍ଗେ ନିଃସନ୍ତାନ, ରୋଗ ବ୍ୟାଧିଗ୍ରସ୍ତ ତଥା ଅନ୍ୟାନ୍ୟ ଜଟିଳ ସମସ୍ୟାର ସମାଧାନ କରିଥିଲେ ଚରଣକୁ ଛୁଇଁ ପ୍ରଣାମ କରିବା ଦେଖାଯାଇଥିଲା। ପାଶ୍ୱର୍ ଦେବଦେବୀ ମାନେ ତାଙ୍କୁ ଗ୍ରାମ ପରିକ୍ରମା ସମୟରେ ବାଟ ଓଗାଳୁ ଥିବାରୁ ପାରମ୍ପରିକ ଦୃଷ୍ଟିକୋଣରୁ ସେମାନଙ୍କୁ ସନ୍ତୁଷ୍ଟି ପାଇଁ ସେଠାରେ ଚାଁଚେରି ନୃତ୍ୟ ବରୁଆଙ୍କ ଦ୍ୱାରା କରାଯାଇଥିଲା। ଏହି ବଏଲଯାତ୍ରାର ମୁଖ୍ୟ ଆକର୍ଷଣ ହେଉଛି ଦହନାପତ୍ରର ଫୁଲମାଳ। ଯାତ୍ରାରମ୍ଭ ସମୟରୁ ଯାତ୍ରା ଶେଷ ପର୍ଯ୍ୟନ୍ତ ପ୍ରତ୍ୟେକ ଭକ୍ତ ଓ ଦର୍ଶକଙ୍କ ଗଳାରେ ଏହି ଦହନା ମାଳ ଦେଖିବାକୁ ମିଳିଥିଲା। ଦହନା ଫୁଲର ବାସ୍ନାରେ ମହମହ ବାସି ଉଠିଥିଲା କୋଲାବିରାର ପ୍ରତ୍ୟେକଟି ଗଳିକନ୍ଦି। ବରୁଆଙ୍କ ଗାଁ ପରିକ୍ରମା ପରେ ବାସି ଦିନ ଗୁରୁବାର ପ୍ରତ୍ୟୁଷରେ ଜମିଦାରଙ୍କ ଦାୟାଦ ବା ଉତ୍ତରାଧିକାରୀଙ୍କ ଦ୍ୱାରା ପାଟଖଣ୍ଡା ଖୋଲିବା କାର୍ଯ୍ୟ ସମାପନ ପରେ ବରୁଆଙ୍କ ପାଟ ଯାଇ ଯାତ୍ରା ଉଦ୍‌ଯାପିତ ହୋଇଥିଲା।

ଚଳିତ ବର୍ଷ ଦେବୀ ବାହନ ବରୁଆ ଭାବେ ଯୋଗୀ ଯୋଗେନ୍ଦ୍ରରାଏ କାର୍ଯ୍ୟ ତୁଲେଇ ଥିବା ବେଳେ ଜମିଦାର ବଂଶଜ ପ୍ରତାପ ସିଂହ ସପତ୍ନିକ କର୍ତ୍ତାକାର୍ଯ୍ୟ ସଂପାଦନ କରୁଛନ୍ତି। ରାଜ ପୁରୋହିତ ପ୍ରଦ୍ୟୁମ୍ନ ପୂଝାରୀ ଏବଂ ବିଜୟ ପୂଝାରୀ ପୂଜକ କାର୍ଯ୍ୟ ସଂପାଦନ କରିଥିଲେ। ସେବାୟତ ମନୋରଞ୍ଜନ ରାଏ, ସ୍ମୃତିରଞ୍ଜନ ରାଏ, ସନ୍ତୋଷ ଦଲାଇ, ଲଳିତ ସାହୁ, ରଂଜିତ ଦଲାଇ, ପ୍ରଫୁଲ୍ଲ ଖରସେଲ, ସୁଶିଲ ମଲ୍ଲିକ, ହାଡୁରଣା, ପ୍ରମୁଖ ବରୁଆଙ୍କ ଗାଁ ପରିକ୍ରମା ସମୟରେ ସେବାକାର୍ଯ୍ୟରେ ଲାଗିଥିବା ବେଳେ ବଏଲଯାତ୍ରା କମିଟିର ସମସ୍ତ ସଦସ୍ୟ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

## କୁମ୍ଭାରବନ୍ଧ ସମଲେଇ ମନ୍ଦିରରେ ୧୬ ପୂଜା



ଇବଥର୍ମାଲ,୨୧।୯ (ସମିସ): ଝାରସୁଗୁଡ଼ା ଜିଲ୍ଲା ଲଖନପୁର ବ୍ଲକ୍ କୁମ୍ଭାରବନ୍ଧ ଅଞ୍ଚଳର ଅଧିଷ୍ଠାତ୍ରୀ ଦେବୀ ମାଁ ସମଲେଶ୍ୱରୀଙ୍କ ମନ୍ଦିରେ ମହାଳୟା ପୂଜା ସହ ୧୬ ପୂଜା ଆରମ୍ଭ ହୋଇଯାଇଛି। ଶନିବାର ରାତିରେ ପାରମ୍ପରିକ ରୀତିରେ ପୂଜାର୍ଚ୍ଚନା ପରେ ଢୋଲ, ନିଶାନ୍ତ, ଘଣ୍ଟ ବାଦ୍ୟର ତାଳେ ତାଳେ ଶୋଭାଯାତ୍ରା ବାହାରି ମାଁ ସମଲେଶ୍ୱରୀଙ୍କ ମନ୍ଦିରରେ ପହଞ୍ଚିଥିଲା। ସେଠାରେ ଗୁପ୍ତ ନୀତିରେ ମହାଳୟା ହେତୁ ରାତିରେ ମାଁଙ୍କ ଧବଳମୁଖୀ ବେଶ କରାଯାଇଥିଲା। ପରେ ମାଁଙ୍କ ତନ୍ତ୍ର ପୂଜା ହେବାପରେ ବରୁଆ (କାଳିସୀ) ଉଠିଥିଲା। ବାଦ୍ୟର ତାଳେ ତାଳେ ମାଁ ମନ୍ଦିର ଗମ୍ଭୀରାରୁ ବାହାରିବା ପରେ ଭକ୍ତଙ୍କ ଦୁଃଖ ଶୁଣିଥିଲେ। ପରେ ମନ୍ଦିରରୁ ବାହାରି ଢୋଲ ଉପରେ ଚଢ଼ି ମାଁ ବାଉତୀ ପାଖକୁ ଆସିବା ପରେ ସେଠାରେ ଚାଚେରୀ ଖେଳି ପୁଣି ମନ୍ଦିରକୁ ପ୍ରତ୍ୟାବର୍ତ୍ତନ କରିଥିଲେ। ରାତି ୨ଟା ସମୟରେ ଏସମସ୍ତ ପୂଜା ଦେଖିବାକୁ ହଜାର ସଂଖ୍ୟାରେ ଭକ୍ତମାନେ ଉପସ୍ଥିତ ଥିଲେ। ମାଁଙ୍କ ପ୍ରତି ଲୋକଙ୍କ ଆସ୍ଥା ବିଶ୍ୱାସ ଥିବାରୁ ଓ ମାଁ ପ୍ରତ୍ୟକ୍ଷ ହୋଇଥିବା ବିଶ୍ୱାସ ହେତୁ ବହୁ ଭକ୍ତ ଗୁହାରି କରିଥିବା ଦେଖାଯାଇଥିଲା। ଝାଙ୍କର ଈଶ୍ୱର ଅଣା ବରୁଆ କାର୍ଯ୍ୟ କରିଥିବା ବେଳେ ନରେନ୍ଦ୍ର ନେଗୀ ପୂଜାର୍ଚ୍ଚନା କରିଥିଲେ। କମିଟିର ସ୍ଥାୟୀ ସଭାପତି ତଥା କର୍ତ୍ତା ଉମାକାନ୍ତ ପଣ୍ଡା, ନୃସିଂହନାଥ ବଗାର, ସୁଧିର ଦେହେରୀ, ହେମନ୍ତ କାଲୋ, ରାମାଧିନ ପାଣ୍ଡେ, ମୁନୁବାବୁ ଛତ୍ରିଆ, ସୌମ୍ୟରଞ୍ଜନ ପାଣ୍ଡିଆ, ପ୍ରଶାନ୍ତ ମାଝୀ, ପ୍ରେମାନନ୍ଦ ଭୋଇ, ରାଜୁ ନାଏକ, ତପନ ପାଟଯୋଷୀ ତଥା କମିଟିର ଅନ୍ୟମାନେ ସହଯୋଗ କରିଥିଲେ। ମାଁଙ୍କ ଚଣ୍ଡୀପାଠ ଓ ମୁଖ୍ୟ ପର୍ବ ବଏଲ ଯାତ୍ରା ଆସନ୍ତା ଅକ୍ଟୋବର ୫ ତାରିଖରେ ହେବାକୁ ଥିବାବେଳେ ପୂର୍ଣ୍ଣିମା ଦିନ ମାଁଙ୍କ ୧୬ ପୂଜା ସମ୍ପନ୍ନ ହେବ ବୋଲି କମିଟି ପକ୍ଷରୁ କୁହାଯାଇଛି।

## ଏମ୍‌ପିଏଫ୍ ପକ୍ଷରୁ ଡାକ୍ତରଖାନା ପରିସରରେ ଫଳ ଚାରାରୋପଣ

ଝାରସୁଗୁଡ଼ା,୨୧।୯ (ସମିସ): ବେଲପାହାଡର ସ୍ୱେଚ୍ଛାସେବୀ ଅନୁଷ୍ଠାନ ମିଶନ ପ୍ଲାଣ୍ଟେସନ ୱିଥ୍ ଫିଟ୍‌ନେସ୍ (ଏମପିଏଫ) ଦ୍ୱାରା ପ୍ରତ୍ୟେକ ରବିବାର ଓ ଛୁଟି ଦିନ ମାନଙ୍କରେ ହେବାକୁ ଥିବା ବୃକ୍ଷରୋପଣ କାର୍ଯ୍ୟକ୍ରମ ଅଧୀନରେ ଚାରା ରୋପଣ ହୋଇଯାଇଛି। ଏମପିଏଫର ହମିଦ ମହାପାତ୍ରଙ୍କ ନେତୃତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ବେଲପାହାଡ ସରକାରୀ ସ୍ୱାସ୍ଥ୍ୟକେନ୍ଦ୍ରର ଆୟୁଷ ଚିକିତ୍ସକ ଡ.ପ୍ରବିତାଞ୍ଜଳୀ ସାହୁ, ବରିଷ୍ଠ ନାଗରିକ ବିଜୟ ସ୍ୱାଇଁ, ବେଲପାହାଡ ପୌରାଞ୍ଚଳର ହୋମିଓପାଥି ଚିକିତ୍ସକ ଡ.ଦିଲ୍ଲୀପ ନାୟକ ଅତିଥି ଭାବେ ଚାରାରୋପଣ କରିଥିଲେ। ଏମପିଏଫର ସଦସ୍ୟ କିଶୋର ପଣ୍ଡା, ସୁନନ୍ତ ପଣ୍ଡା, ବୁଲୁ ବାରିକ, କଳାକାର ନାଗ, ଏମ୍‌ଡି ଶାହିଦ, ଆର୍ୟନ ମହାପାତ୍ର, ଆଦିତ୍ୟ ରାୟ, ଦର୍ଶିଲ ଠକ୍କର, ଲିପିକାନ୍ତ ସାହୁ, ମାନବ ବେରା, ରବିରୋଶନ ପ୍ରମୁଖ ଚାରାରୋପଣ କରିଥିଲେ। ବେଲପାହାଡ ସରକାରୀ ଡାକ୍ତରଖାନା ପରିସରରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପିଜୁଳି, ଆତ, ଅଁଳା, ଜାମୁ, ସଜନା, ଲେମ୍ବୁ ଇତ୍ୟାଦି ଫଳ ଚାରାରୋପଣ କରାଯାଇଥିଲା। ସମସ୍ତ ଅତିଥି ଓ ସଦସ୍ୟ ଜନସାଧାରଣଙ୍କୁ ବୃକ୍ଷରୋପଣ ଓ ତହାର ରକ୍ଷଣାବେକ୍ଷଣ ପାଇଁ ଅନୁରୋଧ କରିଥିଲେ। ଏହି ଅବସରରେ ଏମପିଏଫ ଦ୍ୱାରା ଡାକ୍ତରଖାନା ପରିସରରେ ଏକ ଔଷଧିୟ ବଗିଚା ସୃଷ୍ଟି କରିବା ପାଇଁ ନିଷ୍ପତ୍ତି ନିଆଯାଇଛି।

## ରାଜସ୍ୱ ମନ୍ତ୍ରୀଙ୍କ ଲଖନପୁର ତୃତୀୟ ଜୋନ୍ ଗସ୍ତ




ଇବଥର୍ମାଲ,୨୧।୯ (ସମିସ): ରାଜସ୍ୱ ତଥା ବିପର୍ଯ୍ୟୟ ପ୍ରଶମନ ମନ୍ତ୍ରୀ ସୁରେଶ ପୂଜାରୀ ରବିବାର ବ୍ରଜରାଜନଗର ନିର୍ବାଚନ ମଣ୍ଡଳୀ ଗସ୍ତ ବେଳେ ତୃତୀୟ ଜୋନ୍ ଗସ୍ତ କରି ବିଭିନ୍ନ କାର୍ଯ୍ୟରେ ଯୋଗ ଦେଇଛନ୍ତି। ମଧ୍ୟାହ୍ନରେ ଓପିଜିସି ଗସ୍ତରେ ଆସି ଇବ କ୍ଲବ୍ ସମ୍ମିଳନୀ କକ୍ଷରେ ପହଞ୍ଚି ସେଠାରେ ଓପିଜିସି ସିଏସ୍‌ଆର୍ ତରଫରୁ ନବନିର୍ବାଚିତ ଜନ ସମ୍ମିଳନୀ କେନ୍ଦ୍ର ଧୋବାଡେରା, ପ୍ରସନ୍ନ ପଣ୍ଡା ଉଚ୍ଚ ବିଦ୍ୟାଳୟ ବରହରପାଲିର ପୁନଃରୁଦ୍ଧାର କାର୍ଯ୍ୟ, ଅର୍ଜୁନ ଗୁପ୍ତା ବାଳିକା ଉଚ୍ଚ ବିଦ୍ୟାଳୟ ଫଟାପାଲିର ପୁନଃରୁଦ୍ଧାର କାର୍ଯ୍ୟ, ରୋଷେଇ ଘରୁ ନିର୍ମାଣ ବିନିକା ପ୍ରାଥମିକ ବିଦ୍ୟାଳୟ, ତେଲେନପାଲିରୁ ଖଡାମରାସ୍ତା ମରାମତି, ଜନ ସମ୍ମିଳନୀ କେନ୍ଦ୍ର କିଶାନ ପଡାରେଙ୍ଗାଲି, ଜନ ସମ୍ମିଳନୀ କେନ୍ଦ୍ର ମଣ୍ଡଳୀ, ଜନ ସମ୍ମିଳନୀ କେନ୍ଦ୍ର ଖରମୁଣ୍ଡାର ଡିଜିଟାଲ ଶୁଭ ଉଦ୍‌ଘାଟନ କରିଥିଲେ।

ଓପିଜିସିର ବୈଷୟିକ ଶିକ୍ଷାଦାନ ପର୍ଯ୍ୟାୟରେ କୁମ୍ଭାରବନ୍ଧ ପଞ୍ଚାୟତ, ତେଲେନପାଲି ପଞ୍ଚାୟତ, ତିଲିଆ ପଞ୍ଚାୟତ, ମଣ୍ଡା ପଞ୍ଚାୟତ ତଥା କୁଶ୍ରାଲୋଇ ପଞ୍ଚାୟତରୁ ମୋଟ ୨୯ ଜଣ ଯୁବକ ଯୁବତୀଙ୍କୁ ଓପିଜିସି ପକ୍ଷରୁ ହୀରାକୁଦ ଆଇଟିଆଇରେ ନାମ ଲେଖାଯାଇ ବୈଷୟିକ ଶିକ୍ଷା ସୁବିଧା ଦିଆଯାଉଥିବାରୁ ସେହି ପିଲା ମାନଙ୍କୁ ମନ୍ତ୍ରୀଙ୍କ ହାତରେ ସମ୍ମାନିତ କରାଯାଇଥିଲା। ଆୟୋଜିତ ସଭାରେ ଓପିଜିସି ଡାଇରେକ୍ଟର ଅପରେସନ ଅଞ୍ଜନା ରଞ୍ଜନ ଦାସ ସ୍ୱାଗତ ଭାଷଣ ଦେଇଥିବା ବେଳେ ସିଏସଆର୍ ମୁଖ୍ୟ ହିମାଂଶୁ ଭୁଷଣ ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। ଏହି ଅବସରରେ ବିଜେପି ଜିଲ୍ଲା ସଭାପତି ରଘୁନନ୍ଦନ ପଣ୍ଡା, ମନ୍ତ୍ରୀଙ୍କ ନମିନୀ ପ୍ରମୋଦ ସେନାପତି, ଓପିଜିସିର ଅଧିକାରୀ, ବିଭିନ୍ନ ପଞ୍ଚାୟତର ସରପଞ୍ଚ, ଆଇଟିଆଇ ଛାତ୍ରଛାତ୍ରୀଙ୍କ ଅବିଭାବକ, ଅଞ୍ଚଳବାସୀ ଜନସାଧାରଣ ଯୋଗ ଦେଇଥିଲେ। ଏହାପରେ ମନ୍ତ୍ରୀ ଶ୍ରୀ ପୂଜାରୀ କୁମ୍ଭାରବନ୍ଧ ଯୁକ୍ତ ୩ ପିଏ ମହାବିଦ୍ୟାଳୟ ଯାଇଥିଲେ। କଲେଜ ପ୍ରତିଷ୍ଠାତା ଗିରିଧାରୀ ପଣ୍ଡାଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିବାପରେ ବୃକ୍ଷରୋପଣ କରିଥିଲେ। ପରେ କଲେଜ ସମସ୍ୟା ସମ୍ପର୍କରେ ଅଧକ୍ଷ ରାଜକିଶୋର ବିଶ୍ୱାଳ ତଥା ଅଧାପକ କର୍ମଚାରୀ ମନ୍ତ୍ରୀଙ୍କୁ ଲିଖିତ ଭାବେ ଜଣାଇଥିଲେ। ସମସ୍ୟାର ସମାଧାନର ପାଇଁ ଶୀଘ୍ର ପଦକ୍ଷେପ ନିଆଯିବ ବୋଲି ମନ୍ତ୍ରୀ ପ୍ରତିଶ୍ରୁତି ଦେଇଥିଲେ।

## ଚକ୍ଷୁ ପରୀକ୍ଷା ଶିବିର; ୧୮ ଜଣଙ୍କ ମୋତିଆ ବିନ୍ଦୁ ଚିହ୍ନଟ




କୋଲାବିରା,୨୧।୯ (ସମିସ): କୋଲାବିରା ସମଲେଶ୍ୱରୀ ସାହିତ୍ୟ ସଂସଦ ଏବଂ ଝାରସୁଗୁଡା ତ୍ରିଲୋଚନ ନେତ୍ରାଳୟର ମିଳିତ ଉଦ୍ୟମରେ ରବିବାର କୋଲାବିରା ସରକାରୀ ପ୍ରାଥମିକ ବିଦ୍ୟାଳୟ ଠାରେ ଅତ୍ୟାଧୁନିକ ପଦ୍ଧତିରେ ମାଗଣା ଚକ୍ଷୁ ପରୀକ୍ଷା ଶିବିର ଅନୁଷ୍ଠିତ ହୋଇଯାଇଛି। ସକାଳ ୯ରୁ ଅପରାହ୍ଣ ୨ଟା ମଧ୍ୟରେ ମୋଟ ୯୦ ଜଣଙ୍କ ପଞ୍ଜୀକରଣ ହୋଇଥିଲା। ସେମାନଙ୍କ ମଧ୍ୟରୁ ୧୮ ଜଣଙ୍କର ମୋତିଆବିନ୍ଦୁ ରୋଗ ଚିହ୍ନଟ କରାଯାଇଥିଲା। ସମସ୍ତ ମୋତିଆବିନ୍ଦୁ ରୋଗୀଙ୍କ ମାଗଣା ଅପରେସନ ପାଇଁ ସ୍ୱେଚ୍ଛାସେବୀ ଅନୁଷ୍ଠାନ ନିଜସ୍ୱ ଖର୍ଚ୍ଚରେ ସମ୍ବଲପୁର ନେବେ ବୋଲି ଅନୁଷ୍ଠାନ ପକ୍ଷରୁ ସୂଚନା ରହିଛି। ଚକ୍ଷୁ ପରୀକ୍ଷା ପରେ ଅନ୍ୟ ୫୦ ଜଣଙ୍କୁ ଚାଳିଷିଆ ଚଶମା ପ୍ରଦାନ କରାଯାଇଥିଲା। ସଂସଦର ସଭାପତି ଶୋଭା ଚନ୍ଦ୍ର ନାଏକ, ମୁଖ୍ୟ ସମ୍ପାଦକ ପଣ୍ଡିତ ତ୍ରୈଲୋକ୍ୟନାଥ ମହାପାତ୍ର, ମନୋରଞ୍ଜନ କଣ୍ଟା, ରୁପାନନ୍ଦ ଜୟପୁରୀଆ, ଅଶୋକ ବେହେରା ପ୍ରମୁଖ ଅତିଥି ଭାବେ ଶିବିର ଉଦ୍‌ଘାଟନ କରିଥିଲେ। ତ୍ରିଲୋଚନ ନେତ୍ରାଳୟ ପକ୍ଷରୁ ପରିତୋଷ ବାରିକ, ସମ୍ଭବ କାମ୍ପା, ସସ୍ମିତା ପଟେଲ, ଅଙ୍କିତା ଓରାମ, ତ୍ରିସା ପଧାନ, ଅର୍ଚ୍ଚିତା ଲୁହା ପ୍ରମୁଖ ଶିବିରକୁ ଆସୁଥିବା ରୋଗୀଙ୍କ ପରୀକ୍ଷା କରି ଆବଶ୍ୟକ ପରାମର୍ଶ ଦେଇଥିଲେ। ରାଗୀଙ୍କୁ ମୋତିଆବିନ୍ଦୁ ଅପରେସନ ପାଇଁ ସମ୍ବଲପୁରକୁ ନେବାର ବ୍ୟବସ୍ଥା କରାଇଥିଲେ। ଅପରେସନ ସମୟରେ ରହିବା, ଖାଇବା, ଯିବା ଆସିବା, ଔଷଧ, ଚଷମା ଆଦି ମାଗଣାରେ ଦିଆଯିବାର ବ୍ୟବସ୍ଥା ରହିଥିବା ନେଇ ସମସ୍ତଙ୍କୁ ଅବଗତ କରାଯାଇଥିଲା। ସଂସଦର ସମ୍ପାଦକ କୀର୍ତ୍ତିର୍ ଚନ୍ଦ୍ର ବହିଦାର, ଲଳିନ୍ଦ୍ର ଗୋଖରା, ସମୀର ପଟେଲଙ୍କ ସମେତ ଅନ୍ୟମାନେ ପରିଚାଳନାରେ ସହଯୋଗ କରିଥିଲେ।

## ବାର୍ଷିକ କ୍ରୀଡ଼ା ସମାବେଶ 'ଉତ୍ସାହ ୨୦୨୫'



ଦେବଗଡ଼,୨୧।୯ (ସମିସ): ଇନ୍ଦିରା ଗାନ୍ଧୀ ଷ୍ଟାଡିୟମ ଠାରେ ଶିଶୁ ଆଶ୍ରୟ ଗୃହର ଅନ୍ତେବାସୀଙ୍କ ବାର୍ଷିକ କ୍ରୀଡା ସମାବେଶ 'ଉତ୍ସାହ' ଜିଲ୍ଲା ଶିଶୁ ସୁରକ୍ଷା ବିଭାଗ ପକ୍ଷରୁ ଆୟୋଜିତ ହୋଇଯାଇଛି। ଏଥିରେ ଶିଶୁ ଗୃହର ଅନ୍ତେବାସୀମାନେ ବିଭିନ୍ନ ପ୍ରତିଯୋଗିତାର ଅଂଶଗ୍ରହଣ କରିଥିଲେ। ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ରୋମିଓ ମହାପାତ୍ରଙ୍କ ତତ୍ତ୍ୱାବଧାନରେ ତଥା ସୁରକ୍ଷା ଅଧିକାରୀ ଚିନ୍ମୟ ସ୍ୱାଇଁଙ୍କ ପରିଚାଳନାର କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ମୁଖ୍ୟ ଅତିଥି ଭାବେ ଶିଶୁ ମଙ୍ଗଳ କମିଟି ଅଧକ୍ଷା ପିଙ୍କିରାଣୀ ନନ୍ଦ ଓ ସମ୍ମାନିତ ଅତିଥି ଭାବେ କିଶୋର ନ୍ୟାୟ ବୋର୍ଡ ସଦସ୍ୟା ଗାୟତ୍ରୀ ଦିବେଦୀ, ଡିଆଇପିଆରଓ ମନୋରଞ୍ଜନ ସୂତାର, ଜିଲ୍ଲା କ୍ରୀଡା ସଂସଦ ସମ୍ପାଦକ ଧୀରେନ୍ଦ୍ର ନାୟକ ପ୍ରମୁଖ ଯୋଗ ଦେଇଥିଲେ। ଅତିଥିମାନଙ୍କ ଦ୍ୱାରା କୃତୀ ପ୍ରତିଯୋଗୀଙ୍କୁ ପ୍ରମାଣପତ୍ର ଓ ପୁରସ୍କାର ପ୍ରଦାନ କରାଯାଇଥିଲା। କ୍ରୀଡା ସମାବେଶର ଆୟୋଜନରେ ସୁରକ୍ଷା ଅଧିକାରିଣୀ କ୍ରାନ୍ତି ମଞ୍ଜରୀ ଧାଉଁଳିଆ, ଶିଶୁ ମଙ୍ଗଳ ଅଧିକାରୀ ଶ୍ରୀଦତ୍ତ ସାହୁ, ସତ୍ୟପ୍ରିୟ ପ୍ରଧାନ, ରାମାଞ୍ଚଳ ପ୍ରଧାନ, ଅଜିତ ନାୟକ, ଗଗନ ବିଶ୍ୱାଳ, ସୁଜିତ ନାୟକ, ତପସ୍ୱିନୀ ମହାକୁଳ ପ୍ରମୁଖ ସହଯୋଗ କରିଥିଲେ। କୃତୀ ପ୍ରତିଯୋଗୀମାନେ ଆସନ୍ତା ମାସର ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ କଳିଙ୍ଗ ଷ୍ଟାଡିୟମଠାରେ ଆୟୋଜିତ ହେବାକୁ ଥିବା ରାଜ୍ୟସ୍ତରୀୟ ସମାବେଶରେ ଜିଲ୍ଲାକୁ ପ୍ରତିନିଧିତ୍ୱ କରିବେ।

## ଆନ୍ତଃଜିଲ୍ଲା ଜୁନିୟର ସ୍କୁଲ ହକି ପ୍ରତିଯୋଗିତାରେ ଝାରସୁଗୁଡ଼ା ଚାମ୍ପିଅନ୍



ଝାରସୁଗୁଡ଼ା,୨୧।୯ (ସମିସ): ସୁନ୍ଦରଗଡ ଭବାନୀପୁର ଠାରେ ରବିବାର ଠାରୁ ଆନ୍ତଃଜିଲ୍ଲା ସ୍କୁଲ ପ୍ରତିଯୋଗିତା ଆରମ୍ଭ ହୋଇଛି। ଏଥିରେ ଜୁନିୟର ବିଭାଗରେ ଝାରସୁଗୁଡ଼ା ଜିଲ୍ଲା ହକି ବାଳକ ଦଳ ଭଦ୍ରକ ଜିଲ୍ଲାକୁ ୮-୦ ଗୋଲରେ ପରାସ୍ତ କରିଛି। ଜିଲ୍ଲାର କଣ୍ଟାପାଲି ସ୍କୁଲର ବିବେକ ନାୟକ ଏକାକୀ ହାଟ୍ରିକ ସହ ୬ଟି ଗୋଲ ଦେଇଥିଲେ। ଦଳର ଦିପେଶ ଲାକ୍ରା ଓ ସୁଧୀର ଲିମ୍ବା ଗୋଟିଏ ଲେଖାଏଁ ଗୋଲ ଦେଇଥିଲେ। ବିର୍ସା ମୁଣ୍ଡା ଆନ୍ତଃଜିଲ୍ଲା ହକି ପ୍ରତିଯୋଗିତାରେ ବିବେକ ନାୟକ ମଧ ହାଟ୍ରିକ ଅର୍ଜନ କରିଥିଲେ ଓ ଝାରସୁଗୁଡ଼ା ଜିଲ୍ଲା ସ୍କୁଲ ଦଳକୁ ଜିଲ୍ଲା ଶିକ୍ଷା ଓ କ୍ରୀଡା ଅଧିକାରୀ ଶୁଭେଚ୍ଛା ଜଣାଇଛନ୍ତି।

## ଶବର ସମାଜର ଜିଲ୍ଲାସ୍ତରୀୟ ନୂଆଁଖାଇ ଭେଟ୍‌ଘାଟ୍



ଝାରସୁଗୁଡ଼ା,୨୧।୯ (ସମିସ): ଝାରସୁଗୁଡ଼ା ଜିଲ୍ଲା ବେଲପାହାଡ ପୌରପରିଷଦ କଲ୍ୟାଣ ମଣ୍ଡପରେ ଝାରସୁଗୁଡ଼ା ଶବର ସମାଜ ପକ୍ଷରୁ ଜିଲ୍ଲାସ୍ତରୀୟ ନୂଆଁଖାଇ ଭେଟ୍‌ଘାଟ୍ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଛି। ରବିବାର ଅନୁଷ୍ଠିତ କାର୍ଯ୍ୟକ୍ରମରେ ଝାରସୁଗୁଡ଼ା ସମ୍ବଲପୁର, ବଲାଙ୍ଗିର, ବରଗଡ଼, ସୁନ୍ଦରଗଡ, ବୌଦ୍ଧ, ଦେବଗଡ଼ ପରି ପ୍ରାୟ ୧୦ରୁ ଉର୍ଦ୍ଧ୍ୱ ଜିଲ୍ଲାର ସବର ସମାଜର ନେତୃ ମଣ୍ଡଳୀ ଏବଂ ଶବର ସମାଜର ଜନସାଧାରଣ ଉପସ୍ଥିତ ଥିଲେ। ଶବର ସମାଜକୁ ଉନ୍ନତ, ସଶକ୍ତ, ଶିକ୍ଷା ଯୁକ୍ତ, ମଦ ମୁକ୍ତ କରି ସମାଜ ଗଠନ କରିବା ଦିଗରେ ଅତିଥିମାନେ ଆଲୋଚନା କରିଥିଲେ। ଏହାପରେ ସମ୍ବଲପୁରୀ ନାଚ, ଗୀତ, ମନୋରଞ୍ଜନ କାର୍ଯ୍ୟକ୍ରମର ଆସର ଜମିବା ସହ ବେଶ୍ ଧୁମଧାମରେ ଭେଟ୍‌ଘାଟ ସମାବେଶ ପାଳିତ ହୋଇଥିଲା।

# ନିଶାମୁକ୍ତ ଭାରତ ଗଠନ ପାଇଁ ଗଣଦୌଡ଼

ଝାରସୁଗୁଡ଼ା,୨୧।୯ (ସମିସ):



ଯୁବ ପିଢ଼ୀ ମଧ୍ୟରେ ସେବା ମନୋଭାବ ଓ ନିଶାମୁକ୍ତ ଭାରତ ଗଠନ ଉଦ୍ଦେଶ୍ୟରେ ଝାରସୁଗୁଡ଼ାରେ ଗଣଦୌଡ଼ ଅନୁଷ୍ଠିତ ହୋଇଛି। ପୁରୁଣା ବସଷ୍ଟାଣ୍ଡ ସଂଲଗ୍ନ ଗାନ୍ଧୀ ପ୍ରତିମୂର୍ତ୍ତି ସ୍ଥଳରୁ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଅନୁଷ୍ଠିତ ମାରାଥନକୁ ଅତିରିକ୍ତ ଜିଲ୍ଲାପାଳ (ସାଧାରଣ) ବ୍ରଜବନ୍ଧୁ ଭୋଇ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ। ଜିଲ୍ଲା ପ୍ରଶାସନ ଓ ଜିଲ୍ଲା କ୍ରୀଡା କାର୍ଯ୍ୟାଳୟ ଆନୁକୂଲ୍ୟରେ ଆୟୋଜିତ ମାରାଥନରେ ଜିଲ୍ଲାର ବିଭିନ୍ନ ବିଦ୍ୟାଳୟ ଓ ମହାବିଦ୍ୟାଳୟର ଛାତ୍ରଛାତ୍ରୀ, ବିଭିନ୍ନ କ୍ରୀଡ଼ା ସଂଗଠନ, ବୁଦ୍ଧିଜୀବୀ, ସମାଜସେବୀ ଓ ଜନସାଧାରଣ ଯୋଗ ଦେଇଥିଲେ। ଜିଲ୍ଲା କ୍ରୀଡା ଅଧିକାରୀ ତୁଷାର ମିଶ୍ରଙ୍କ ପରିଚାଳନାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଜିଲ୍ଲା କ୍ରୀଡା ସଂଘ ସାଧାରଣ ସମ୍ପାଦକ ତାପସରାୟ ଚୌଧୁରୀ, ଓଡ଼ିଶା ହକିସଙ୍ଘ ଉପସଭାପତି ଜୀବନ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ଜିଲ୍ଲା ଶାରୀରିକ ଶିକ୍ଷା ଅଧିକାରୀ ବିମଳ ତାଣ୍ଡିଙ୍କ ସମେତ ବିଭିନ୍ନ ଶିକ୍ଷାନୁଷ୍ଠାନର କ୍ରୀଡା ଶିକ୍ଷକଗଣ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।

ଦେବଗଡ଼: ଉପଜିଲ୍ଲାପାଳ କାର୍ଯ୍ୟାଳୟ ପରିସରରୁ ଜିଲ୍ଲା ପ୍ରଶାସନ, କ୍ରୀଡା ଓ ଯୁବ ସେବା ବିଭାଗ ପକ୍ଷରୁ ଜନ ସାଧାରଣଙ୍କ ମଧ୍ୟରେ ନିଶା ନିବାରଣ ସଚେତନତା ସୃଷ୍ଟି ନିମନ୍ତେ ରବିବାର ଏକ ଗଣଦୌଡ଼ ଆୟୋଜିତ ହୋଇଯାଇଛି। ଏହି ଅବସରରେ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଆୟୋଜିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଜିଲ୍ଲାପାଳ କବିନ୍ଦ୍ର ସାହୁ, ବରଣ୍ୟ ଅତିଥି ଭାବେ ସାଂସଦଙ୍କ ପ୍ରତିନିଧି ଅରୁଣ ସାହୁ, ଅତିରିକ୍ତ ଜିଲ୍ଲାପାଳ ରେବେକା ବିଲୁଙ୍ଗ, ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଧିରଜ୍ ଚୋପରଦାର୍, ଉପଜିଲ୍ଲାପାଳ ପରକ୍ଷିତ ସାହୁ ପତାକା ଦେଖାଇ ମାରାଥାନର ଶୁଭାରମ୍ଭ କରିଥିଲେ। ମାରାଥାନ୍ ସହର ପରିକ୍ରମା କରି ଇଣ୍ଡୋର୍ ଷ୍ଟାଡିୟମ୍ ଠାରେ ପହଞ୍ଚିଥିଲା। ଏହି ଗଣଦୌଡ଼ରେ ଜିଲ୍ଲା କ୍ରୀଡା ଅଧିକାରୀ ତଥା ସହକାରୀ ଜିଲ୍ଲାପାଳ ତାପସ ମହନ୍ତ, ସହକାରୀ ଜିଲ୍ଲାପାଳ ଈଶ୍ୱର ଗୁରୁ, ହେମନ୍ତ ସିଂ, ତହସିଲଦାର କର୍ଣ୍ଣ ମଲିକ, ଅବକାରୀ ଅଧୀକ୍ଷକ ବାସନ୍ତୀ ପ୍ରଭା ନାୟକ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ମନୋରଞ୍ଜନ ସୁତାର, ଜିଲ୍ଲା କଷାଗାର ଅଧିକାରୀ, ଜିଲ୍ଲା ସ୍ତରୀୟ ଅଧିକାରୀ, ଦେବଗଡ଼ ମହାବିଦ୍ୟାଳୟର ଏନ୍‌ସିସି ଛାତ୍ରଛାତ୍ରୀ, ମହାବିଦ୍ୟାଳୟ ଓ ଉଚ୍ଚବିଦ୍ୟାଳୟର ଛାତ୍ରଛାତ୍ରୀ, କ୍ରୀଡାବିତ୍, କ୍ରୀଡା ଶିକ୍ଷକ ଓ ଗଣମାଧ୍ୟମ ପ୍ରତିନିଧି ଅଂଶଗ୍ରହଣ କରିଥିଲେ।

## ଚିକିତ୍ସା ଅବହେଳାରୁ ଯୁବତୀଙ୍କ ମୃତ୍ୟୁ ଅଭିଯୋଗ
# ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଉତ୍ତେଜନା



**ଭବାନୀପାଟଣା, ୨୧।୯(ସମିସ):** କଳାହାଣ୍ଡି ଜିଲ୍ଲା ଭବାନୀପାଟଣାସ୍ଥିତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଶନିବାର ମଧ୍ୟରାତ୍ରିରେ ଚିକିତ୍ସା ଅବହେଳାରୁ ଜଣେ ଯୁବତୀଙ୍କ ମୃତ୍ୟୁ ଘଟିଥିବା ଅଭିଯୋଗ ହୋଇଛି। ମୃତ ଯୁବତୀଙ୍କ ନାମ ଦମୟନ୍ତୀ ଭୋଇ (୨୨) । ସେ ଜୁନାଗଡ଼ ବ୍ଲକ ମାକରଗୋଲା ଗ୍ରାମର ବୋଲି ଜଣାପଡ଼ିଛି। ସୂଚନା ଅନୁଯାୟୀ, ଦମୟନ୍ତୀଙ୍କୁ ଗତ କିଛିଦିନ ହେଲା ଜ୍ୱର ହେଉଥିଲା। ତେବେ ଜ୍ୱର ବଢ଼ିବାରୁ ଶନିବାର ସନ୍ଧ୍ୟାରେ ପରିବାରଲୋକେ ଭବାନୀପାଟଣାସ୍ଥିତ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। ହେଲେ ଚିକିତ୍ସାରେ ଅବହେଳା ଯୋଗୁଁ ଦମୟନ୍ତୀଙ୍କ ମୃତ୍ୟୁ ଘଟିଥିବା ତାଙ୍କ ବାପା ବନମାଳୀ ଭୋଇ ଅଭିଯୋଗ କରିଛନ୍ତି। ଡାକ୍ତର ଓ ନର୍ସମାନେ ତାଙ୍କ କଥାକୁ ଶୁଣି ନ ଥିଲେ, ଯାହାଫଳରେ ଆବଶ୍ୟକ ଚିକିତ୍ସା ନ ପାଇଁ ଝିଅର ମୃତ୍ୟୁ ଘଟିଥିବା ସେ କହିଛନ୍ତି। ଏହି ଘଟଣାକୁ ନେଇ ରାତିରେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରେ ଚାପା ଉତ୍ତେଜନା ଦେଖା ଦେଇଥିଲା। ଟାଉନଥାନା ପୁଲିସ ପହଞ୍ଚି ପରିବାର ଲୋକଙ୍କୁ ବୁଝାସୁଝା କରିଥିଲା।

## ୫ରେ ମାଁ ହରଗୌରୀଙ୍କ ଛତର୍ ଯାତ୍ରା



**ବଙ୍ଗୋମୁଣ୍ଡା, ୨୧।୯(ସମିସ):** ବଲାଙ୍ଗିର ଜିଲ୍ଲା ବଙ୍ଗୋମୁଣ୍ଡା ବ୍ଲକ ଆଦିବାସୀ ଅଧ୍ୟୁଷିତ ଜୁରାବନ୍ଧ ପଞ୍ଚାୟତ ନିକଟସ୍ଥ ତାଲଚକେଲ ଗ୍ରାମରେ ଆସନ୍ତା ୫ ତାରିଖ ଦିନ ପ୍ରସିଦ୍ଧ ହରଗୌରୀ ଆଦ୍ୟାଶକ୍ତିଙ୍କ ଛତର୍ ଯାତ୍ରା ଆୟୋଜନକୁ ନେଇ ପ୍ରସ୍ତୁତି ଜୋରଦାର କରାଯାଉଛି। ଆସନ୍ତା ୨ ତାରିଖରେ ଅଧିବାସ ଓ ଲିଙ୍ଗପୂଜା, ୦୩ ତାରିଖ ରେ ଆଦିମାତା ଓ ଆଦିଶକ୍ତିଙ୍କ ଅଧିବାସ, ୪ରେ ଦେବୀଙ୍କ ଭୋଗରାଗ ଅର୍ପଣ କାର୍ଯ୍ୟକ୍ରମ ରହିଛି। ୫ ତାରିଖ ଦିନ ବିଶ୍ୱରୂପ ଦର୍ଶନ ଓ ମାଁ ହରଗୌରୀଙ୍କ ଛତରଯାତ୍ରା ଆୟୋଜନ ପାଇଁ ପ୍ରସ୍ତୁତି ଚୂଡାନ୍ତ ପର୍ଯ୍ୟାୟରେ ପହଞ୍ଚି ଯାଇଛି। ବହୁ ଶ୍ରଦ୍ଧାଳୁ ସାମିଲ ହୋଇ ମାଁଙ୍କ ଆଶୀର୍ବାଦ ପାଇବା ପାଇଁ ଆୟୋଜକ ମୁଖ୍ୟ ମଙ୍ଗଳ ସିଂ ବାବା, ଯୋଗଧାନ ପ୍ରଧାନ, କୁବେର ମାଝୀ ଓ ତାଲଚକେଲ ଗ୍ରାମବାସୀ ଅନୁରୋଧ କରିଛନ୍ତି। ୪ ତାରିଖ ରାତ୍ରିରେ ମନୋରଞ୍ଜନ କାର୍ଯ୍ୟକ୍ରମ-ଭାଗ୍ୟର ଲିଖନ କେ କରିବ ଆନ ବା ପ୍ରିୟା ପରଶେ ବନ୍ଧା ଜୀବନ କାଳ୍ପନିକ ନାଟକ ମଞ୍ଚସ୍ଥ ହେବ। ଏହି ଯାତ୍ରାରେ ସାମିଲ ହେବା ପାଇଁ ଶ୍ରଦ୍ଧାଳୁ ମାନେ ଅପେକ୍ଷା କରିଥାନ୍ତି ଓ ଏହି ଯାତ୍ରା ରେ ସାମିଲ ହୋଇ ଲୋକେ ମାଁ ଙ୍କୁ ଦର୍ଶନ କରିଥାନ୍ତି। ଯାତ୍ରା ରେ ହଜାର ହଜାର ଶ୍ରଦ୍ଧାଳୁଙ୍କ ଭିଡ଼ ଜମିଥାଏ। ଦୀର୍ଘ ବର୍ଷରୁ ଲୋକଙ୍କ ଆସ୍ଥା ଓ ବିଶ୍ୱାସ ରହିଛି। ଯେଉଁ ମାନସିକ କରିଥିଲେ ତାହା ପୂରଣ ହୋଇଥାଏ ବୋଲି ଲୋକେ କାହିଁ କେତେ ଦୂରରୁ ଏଠାକୁ ଆସିଥାନ୍ତି। ଏହି ଯାତ୍ରାରେ ବଲାଙ୍ଗୀର ଜିଲ୍ଲା ସମେତ ଛତିଶଗଡ଼ ଓ ଝାଡଖଣ୍ଡ ରାଜ୍ୟର ଶ୍ରଦ୍ଧାଳୁମାନେ ସାମିଲ ହୋଇଥାନ୍ତି। ବହୁ ବର୍ଷରୁ ଏହି ଗାଁରେ ଏହି ଯାତ୍ରା ଆୟୋଜନ କରାଯାଇଥିବାରୁ ସ୍ଥାନୀୟ ଲୋକଙ୍କ ସହ ଜନ ପ୍ରତିନିଧିମାନେ ଉପସ୍ଥିତ ରହି ସହଯୋଗ କରିଥାନ୍ତି।

## ରାଜ୍ୟପାଳ ପୁରସ୍କାରପ୍ରାପ୍ତ ଶିକ୍ଷୟିତ୍ରୀଙ୍କ ପରଲୋକ

**ଧର୍ମଗଡ଼, ୨୧।୯(ସମିସ):** ବରିଷ୍ଠ ବିଜେପି ନେତା ଲକ୍ଷ୍ମୀକାନ୍ତ ବାଗଙ୍କ ମାଆ ରାଜ୍ୟପାଳ ପୁରସ୍କାରପ୍ରାପ୍ତ ଶିକ୍ଷୟିତ୍ରୀ ବିଷ୍ଣୁ ପ୍ରିୟା ବାଗଙ୍କ ୭୭ ବର୍ଷ ବୟସରେ ପରଲୋକ ଘଟିଛି। ହଠାତ୍ ଅସୁସ୍ଥ ଅନୁଭବ କରିବାରୁ ତାଙ୍କୁ ଗତ ଶୁକ୍ରବାର ଦିନ ରାୟପୁର ସ୍ଥିତ ଏକ ଘରୋଇ ମେଡିକାଲରେ ଭର୍ତ୍ତି କରାଯାଇଥିଲା। ହୃଦ୍‌ଘାତରେ ତାଙ୍କର ମୃତ୍ୟୁ ହୋଇଯାଇଛି। ସ୍ୱର୍ଗତ ଶିକ୍ଷୟିତ୍ରୀ ଧର୍ମଗଡ଼ ସହରର କେନ୍ଦ୍ର ପ୍ରାଥମିକ ସରକାରୀ ବିଦ୍ୟାଳୟରେ ଶିକ୍ଷକତା ଆରମ୍ଭ କରି ଜଣେ ଛାତ୍ର ବତ୍ସଳ ଶିକ୍ଷୟିତ୍ରୀ ଭାବରେ ସେ ବେଶ ପରିଚିତଥିଲେ। ୯୦ ଦଶକରେ ଜିଲ୍ଲାରେ ଚାଲିଥିବା ସାକ୍ଷରତା ଅଭିଯାନ ତଥା ଅନ୍ୟାନ୍ୟ କାର୍ଯ୍ୟକ୍ରମରେ ଭାଗ ନେଇ ପ୍ରଶାସନ ପକ୍ଷରୁ ବିଭିନ୍ନ ସମୟରେସେ ସମ୍ବର୍ଦ୍ଧିତ ହୋଇଥିଲେ। ତାଙ୍କର ବିୟୋଗରେ ଧର୍ମଗଡ଼ ସହରରେ ଶୋକର ଛାୟା ଖେଳିଯାଇଛି। ଶିକ୍ଷାବିତ୍ ପ୍ରତାପ କିଶୋର ମୁଣ୍ଡ, ଅବସରପ୍ରାପ୍ତ ଶିକ୍ଷକ ଗୌରୀଶଙ୍କର ସାହୁ ସମେତ ତାଙ୍କର ବହୁ ସମସାମୟିକ ବନ୍ଧୁ ଶୋକ ପ୍ରକାଶ କରିଛନ୍ତି। ଧର୍ମଗଡ଼ଠାରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହେବବୋଲି ତାଙ୍କର ବଡ଼ପୁଅ ଲକ୍ଷ୍ମୀକାନ୍ତ ବାଗ କହିଛନ୍ତି।



## ରାଜେନ୍ଦ୍ର ଢୋଲକିଆଙ୍କ ଶୋକସଭାରେ ଯୋଗଦେଲେ ମୁଖ୍ୟମନ୍ତ୍ରୀ
# 'ଢୋଲକିଆ ରାଜନେତା ଅପେକ୍ଷା ସମାଜସେବୀ ଅଧିକ ଥିଲେ'







**ନୂଆପଡ଼ା, ୨୧।୯(ସମିସ)**

ସ୍ଥାନୀୟ ଖରିଆରରୋଡ୍ ସହରରେ ସ୍ୱର୍ଗତଃ ବିଧାୟକ ତଥା ପୂର୍ବତନ କ୍ୟାବିନେଟ ମନ୍ତ୍ରୀ ରାଜେନ୍ଦ୍ର ଢୋଲକିଆଙ୍କ ଶୋକସଭାରେ ଯୋଗ ଦେଇଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ଏଥିରେ ବିଜେଡି, ବିଜେପି, କଂଗ୍ରେସର ବହୁ ପ୍ରତିଭାଶାଳୀ ନେତା, ସାଧାରଣ ଜନତା ଯୋଗ ଦେଇଥିଲେ। ସ୍ୱର୍ଗତଃ ଢୋଲକିଆ କେବଳ ଜଣେ ରାଜନେତା ନ ଥିଲେ ବରଂ ଜଣେ ସମାଜସେବୀ ଥିଲେ। ତାଙ୍କର ଅବଦାନ ଏବଂ କାର୍ଯ୍ୟଧାରା ରାଜ୍ୟ ପାଇଁ ଏକ ଅପୂରଣୀୟ କ୍ଷତି ବୋଲି ମତ ପ୍ରକାଶ ପାଉଥିଲା। ଢୋଲକିଆଙ୍କ ପରିବାର ଏବଂ ବିଜୁ ପରିବାର ତରଫରୁ ଆୟୋଜିତ କାର୍ଯ୍ୟକ୍ରମରେ ପୂର୍ବାହ୍ନ୧୧ଟାବେଳେ ଶ୍ରଦ୍ଧାସୁମନ ଅର୍ପଣ ଆରମ୍ଭ ହୋଇଥିଲା। ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମରେ ଢୋଲକିଆଙ୍କ ଧମପତ୍ନୀ କଳ୍ପନା ଢୋଲକିଆ, ପୁଅ ଜୟ ଢୋଲକିଆ, ପୁତ୍ରବଧୂ ସୁମନ ଢୋଲକିଆ, ସନ୍ଦେଶ ଢୋଲକିଆ ପ୍ରମୁଖ ଯୋଗ ଦେଇଥିଲେ। ଏହି ଅବସରରେ ବିଜେଡି ପକ୍ଷରୁ ପୂର୍ବତନ ମନ୍ତ୍ରୀ ଦେବୀ ମିଶ୍ର, ସ୍ନେହାଙ୍ଗିନୀ ଛୁରିଆ, ସାଙ୍ଗଠନିକ ସମ୍ପାଦକ ପ୍ରଣବ ପ୍ରକାଶ ଦାସ, ବିଧାୟକ ଅଧିରାଜ ମୋହନ ପାଣିଗ୍ରାହୀ, କଂଗ୍ରେସର ଘାସିରାମ ମାଝୀ, ବିଜେପିର ବସନ୍ତ କୁମାର ପଣ୍ଡା ସ୍ୱର୍ଗୀୟ ବିଧାୟକଙ୍କ ଶ୍ରଦ୍ଧା ସୁମନ ଦେବା ସହ ତାଙ୍କ ବିୟୋଗରେ ଜିଲ୍ଲା ତଥା ରାଜ୍ୟ ଜଣେ ଦକ୍ଷ ସମାଜସେବୀ ଏବଂ ରାଜନେତାଙ୍କୁ ହରାଇଛି ବୋଲି କହିଥିଲେ। ମଧ୍ୟାହ୍ନରେ ମୁଖ୍ୟମନ୍ତ୍ରୀ ମୋହନଚରଣ ମାଝୀ ଏକ ସ୍ୱତନ୍ତ୍ର ବିମାନରେ ଆସି କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ। ଏହି ଅବସରରେ ମୁଖ୍ୟମନ୍ତ୍ରୀ ମାଝୀ ଢୋଲକିଆଙ୍କ ସହ ଦୀର୍ଘ କୋଡିଏ ବର୍ଷର ସମ୍ପର୍କକୁ ବୋହରାଇଥିଲେ। ସେ ଜଣେ ଦକ୍ଷ ରାଜନେତା ଏବଂ ସମାଜସେବୀ ଥିଲେ। ସେ ଲୋକଙ୍କ ମଣିଷ ଥିଲେ। ତାଙ୍କର ପରିବାରକୁ ସାନ୍ତ୍ୱନା ଦେବାସହ ଢୋଲକିଆଙ୍କ ସ୍ୱପ୍ନକୁ ପୂରା କରିବାରେ ସହାୟକ ହେବେ ବୋଲି କହିଥିଲେ। କାର୍ଯ୍ୟକ୍ରମରେ ବିଜେଡି ତରଫରୁ ବିଧାୟକ ପ୍ରଦୀପ ଦିଶାରୀ, ପୁଷ୍ପେନ୍ଦ୍ର ସିଂ ଦେଓ, କ୍ୟାପଟେନ ଦିବ୍ୟଶଙ୍କର ମିଶ୍ର, ପ୍ରଦୀପ ଅମାତ, ରଜନୀ କାନ୍ତ ସିଂ, ତାତୁଗାଁ ବିଧାୟକ ମନୋହର ରାନ୍ଧାରୀ, ରମେଶ ମାଝୀ, ଦୀପିକା ଦୀପ, ଇମ୍ରୋଦ ନିଆଲ, ମନୋଜ କୁମାର ମିଶ୍ର, ପ୍ରସନ୍ନ କୁମାର ପାଢ଼ୀ, ଯଦୁମଣି ପାଣିଗ୍ରାହୀ ପ୍ରମୁଖ ଯୋଗ ଦେଇଥିଲେ। ପରିଚାଳନାରେ ଜିଲ୍ଲା ବିଜେଡି ସଭାପତି ଅବନୀ ରଞ୍ଜନ ଯୋଷୀ, ରାଜେଶ କୁମାର ନିଗମ, ଧନୀ ସାହୁ, ବଣ୍ଡିତାରା, କାର୍ତ୍ତିକ ଦୀପ, ରବି ବାଗ, ପ୍ରେମ ସାହୁ, ମନମିତ ସିଂ, ଶେଖର ଜୈନ, ରମାକାନ୍ତ ଠାକୁର ପ୍ରମୁଖ ସହଯୋଗ କରିଥିଲେ। ସାଧାରଣ ଜନତା ପୁଷ୍ପ ସହ ଟଙ୍କା ଅର୍ପଣ କରି ରାଜୁ ଭାଇଙ୍କ ଫଟୋ ଚିତ୍ରରେ ଶ୍ରଦ୍ଧାଞ୍ଜଳି ଜଣାଉଥିଲେ। ଏହି ଦୃଶ୍ୟ ବେଶ ଆବେଗପୂର୍ଣ୍ଣ ଥିଲା। କୋଡିଏ ହଜାରରୁ ଉର୍ଦ୍ଧ୍ୱ ଲୋକ ଯୋଗଦେଇଥିଲେ।

ଆ ଗ । ମ ୀ

ଉପନିର୍ବାଚନ ସକାଶେ ସ୍ଥାନୀୟ ବିଜେପି ନେତାବର୍ଗଙ୍କୁ ମନ୍ତ୍ରଣା ଦେଇଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ମାଝୀ।

### ସର୍କିଟ ହାଉସରେ ବିଜେପି ନେତାଙ୍କୁ ମନ୍ତ୍ରଣା ଦେଲେ ମୁଖ୍ୟମନ୍ତ୍ରୀ

ଖରିଆରରୋଡଠାରେ ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମରେ ଯୋଗ ଦେବାପରେ ଅପରାହ୍ନ ୩ଟାବେଳେ ନୂଆପଡ଼ା ସର୍କିଟ୍‌ହାଉସକୁ ଆସି ମଧ୍ୟାହ୍ନ ଭୋଜନଗ୍ରହଣ କରିଥିଲେ। ସେଠାରେ ବିଜେପିର ଆଗଧାଡ଼ିର ନେତାମାନଙ୍କୁ ଡାକି ସ୍ୱତନ୍ତ୍ର ଭାବେ ଏକ ରୁଦ୍ଧଦ୍ୱାର ବୈଠକ କରିଥିଲେ। ଏଠାରେ ସୂଚନାଯୋଗ୍ୟ ଯେ ଉପନିର୍ବାଚନ ନିଶ୍ଚିତ ପ୍ରାୟ ହେବାପରେ ବିଶେଷ କରି ବିଜେପିରେ ଟିକଟ ଆଶାୟୀଙ୍କ ମଧ୍ୟରେ ଏକ ପ୍ରକାର ପ୍ରତିଦ୍ୱନ୍ଦିତା ଆରମ୍ଭ ହୋଇଛି। ଅନ୍ୟପଟେ ରାଜେନ୍ଦ୍ର ଢୋଲକିଆଙ୍କ ଶ୍ରଦ୍ଧାଞ୍ଜଳି କାର୍ଯ୍ୟକ୍ରମକୁ ମୁଖ୍ୟମନ୍ତ୍ରୀ ଆସିବାପରେ ନାନାଦି କଳ୍ପନା ଜଳ୍ପନା ଚାଲିଛି। ଏହି ମର୍ମରେ ଆଗାମୀ ଦିନରେ ବିଜେପି ମଧ୍ୟରେ ଶୃଙ୍ଖଳା ରକ୍ଷା କରିବାକୁ ହେବ। ଯାହାକୁ ବି ବିଜେପି ଟିକଟ ଦେବ ବ୍ୟକ୍ତି ପ୍ରତି ନୁହେଁ ବିଜେପି ଦଳ ପ୍ରତି ନିଷ୍ଠାର ସହ କାମ କରିବାକୁ ହେବବୋଲି କିଛି ବରିଷ୍ଠ ନେତୃବର୍ଗଙ୍କୁ କର୍ଣ୍ଣମନ୍ତ୍ର ଦେଇଥିବା ଏକ ନିର୍ଭର ଯୋଗ୍ୟ ସୂତ୍ରରୁ ପ୍ରକାଶ। ଅପରାହ୍ନ ୪ଟାବେଳେ ଭୁବନେଶ୍ୱର ଫେରିଯାଇଛନ୍ତି ମୁଖ୍ୟମନ୍ତ୍ରୀ।

# କପିଲାଭଟାରେ ଧାନମଣ୍ଡି ପାଇଁ ଅଞ୍ଚଳବାସୀ ତହସିଲଦାରଙ୍କ ଦ୍ୱାରସ୍ଥ

**ବଙ୍ଗୋମୁଣ୍ଡା, ୨୧।୯ (ସମିସ):** ବଲାଙ୍ଗିର ଜିଲ୍ଲା ବଙ୍ଗୋମୁଣ୍ଡା ବ୍ଲକ କପିଲାଭଟା ପଞ୍ଚାୟତ ହେଡ୍‌କ୍ୱାଟର ଠାରେ କୃଷି ସମବାୟ ସମିତି ଲିଃ କାର୍ଯ୍ୟାଳୟ (ଧାନମଣ୍ଡି) ସ୍ଥାପନ ପାଇଁ ବଙ୍ଗୋମୁଣ୍ଡା ତହସିଲଦାରଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇ ଅଞ୍ଚଳବାସୀ ଦାବି କରିଛନ୍ତି। ବିଭିନ୍ନ ସମୟରେ ବିଭାଗୀୟ ଅଧିକାରୀଙ୍କୁ ଦୃଷ୍ଟି ଆକର୍ଷଣ କରିଛନ୍ତି ହେଲେ ପ୍ରତିଶ୍ରୁତି ପାଣିର ଗାର ବୋଲି ଚାଷୀ ମାନେ ଅଭିଯୋଗ କରିଛନ୍ତି।୨୦୨୨ ମସିହାରେ ପ୍ୟାକ୍ସ ପାଇଁ କମିଟି ଗଠନ କରାଯାଇଛି ହେଲେ ଆଜି ପର୍ଯ୍ୟନ୍ତ ପାକ୍ସ ହୋଇ ନ ଥିବା ଯୋଗୁଁ ଚାଷୀମାନେ ଯୁରିଆ ସାର ପାଇଁ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ବଲାଙ୍ଗୀର ଜିଲ୍ଲାର ଶେଷ ସୀମାରେ ଥିବା କପିଲାଭଟା ପଞ୍ଚାୟତରେ ସ୍ଥାପନ



କଲେ ନିକଟସ୍ଥ ପଞ୍ଚାୟତର ବିଭିନ୍ନ ଗାଁର ଚାଷୀମାନେ ସୁବିଧାରେ ନିଜ ଉପାର୍ଜନ ଧାନକୁ ବିକ୍ରି କରି ପାରିବେ ବୋଲି ଆଶା କରିଛନ୍ତି। ଅଞ୍ଚଳର ଚାଷୀ ମାନେ ଧାନ ବିକ୍ରି କରିବା ପାଇଁ ତୁଳିଫୁଙ୍ଗା ପାକ୍ସ କୁ ଯାଇ ଖର୍ଚ୍ଚାନ୍ତ ହେବା ସହ ସେଠାରେ ଦିନ ରାତି ରହି ଚାଷୀମାନେ ବହୁ ଅସୁବିଧାର ସମ୍ମୁଖୀନ ହେଉଥିବା ଅଭିଯୋଗ ହେଉଛି। ତୁରନ୍ତ କପିଲାଭଟା ପଞ୍ଚାୟତ ହେଡ୍‌କ୍ୱାଟର ଠାରେ କୃଷି ସମବାୟ ସମିତି ଲିଃ କାର୍ଯ୍ୟାଳୟ (ଧାନମଣ୍ଡି) ସ୍ଥାପନ ପାଇଁ କପିଲାଭଟା ପଞ୍ଚାୟତର ସମିତିସଭ୍ୟ କେଦାର ଭୋଇଙ୍କ ନେତୃତ୍ୱରେ ମାଁ ସାହାଜି ଯୁବକ ସଂଘର ସମ୍ପାଦକ ହୁଲେଶ୍ୱର ହଂସ, ଯୁବନେତା ଧର୍ମେନ୍ଦ୍ର ଦାସଙ୍କ ସହ ଅଞ୍ଚଳବାସୀ ସାମିଲ ହୋଇଥିଲେ। ପ୍ରଶାସନ ତୁରନ୍ତ ଏ ଦିଗରେ ଆବଶ୍ୟକ ପଦକ୍ଷେପ ନ ନେଲେ ଆନ୍ଦୋଳନ କରିବାକୁ ଅଞ୍ଚଳବାସୀ ଚେତାବନୀ ଦେଇଛନ୍ତି।

# ମାଁ ପାଟଣେଶ୍ୱରୀ ମନ୍ଦିରରେ ଲାଗିଲା ନୂତନ ଘଣ୍ଟି



**ବଲାଙ୍ଗିର, ୨୧।୯(ସମିସ):** ପାଟଣାଗଡ଼ ଐତିହାସିକ ପୀଠ ପାଟଣା ରାଜ୍ୟର ଇଷ୍ଟଦେବୀ ମାଁ ପାଟଣେଶ୍ୱରୀ ମନ୍ଦିରର ମୁଖ୍ୟ ପୀଠରେ ରବିବାର ଦିନ ଅଶ୍ୱିନ କୃଷ୍ଣପକ୍ଷ ଅମାବାସ୍ୟା ମହାଳୟା ଦିନ ପ୍ରସିଦ୍ଧ ବଏଲ ଯାତ୍ରା ଓ ଦଶହରା ପର୍ବ ଲାଗି ପୀଠରେ ବଲାଙ୍ଗିରର ଦେବାଳୟ ଓ ଐତିହ୍ୟ ସୁରକ୍ଷା କମିଟି ବଲାଙ୍ଗିରର ମାଁ ପାଟଣେଶ୍ୱରୀ ପୀଠର ୧୫୦ ବର୍ଷ ପୂର୍ତ୍ତି ଅବସରରେ ପାଟଣାଗଡ଼ର ଦେବୋତ୍ତର ବିଭାଗ ତଥା ଉପଜିଲ୍ଲାପାଳ ସୁନିଲ କୁମାର ମେହେରଙ୍କୁ ବିରଳ ନୂତନ ଘଣ୍ଟି ହସ୍ତାନ୍ତର ପରେ ଦେବୋତ୍ତର ବିଭାଗର ମ୍ୟାନେଜର ଓ ତହସିଲଦାରଙ୍କ ଉପସ୍ଥିତିରେ ପୀଠରେ ଲାଗିଲା ନୂତନ ଘଣ୍ଟି ପୂଜାର୍ଚ୍ଚନା, ଘଣ୍ଟବାଦ୍ୟ ସହ ପାଟଣେଶ୍ୱରୀ ଦେବୀଙ୍କ ଢୋଲ, ନିଶାନ, ତାସାରେ ବାଦ୍ୟରେ ପୀଠରେ ଲଗାଗଲା ନୂତନ ଘଣ୍ଟି। ଏହି ଅବସରରେ ପୂଜକ ରାଙ୍ଗବେନ୍ଦ୍ର ସିଂହଦେଓ, ଧର୍ମରାଜ ସିଂଦେଓ, ଜଳନ୍ତ ସିଂଦେଓ, ଭଗବାନ ସିଂଦେଓ, ପୃଥ୍ୱୀରାଜ ସିଂଦେଓ ପୂଜାର୍ଚ୍ଚନା କରି ମାଁଙ୍କୁ ଗୁହାରି କରିଥିଲେ ଓ ଦେବାଳୟ ସୁରକ୍ଷା କମିଟି ସଭାପତି ଜୟକୃଷ୍ଣ ମିଶ୍ର, ଉପସଭାପତି ପ୍ରଶାନ୍ତ ମହାକୁର, ପାଟଣାଗଡ଼ର ଆଇନଜିବ ରାଣା ପ୍ରଧାନ, ଜୟରାମ ମିଶ୍ର, ଅରୁଣ କୁମାର ମିଶ୍ର, ସୁରେନ୍ଦ୍ର ନେଗୀ, ଶମ୍ଭୁ ଶତପଥୀ, ଭବାନୀ ଭୋଇ, ବିଘ୍ନରାଜ ଧଳ, ଅଚ୍ୟୁତ ସ୍ୱାଇ, ବିନୁ ଦେବ, ରୋହିତ ମେହେର ଉପସ୍ଥିତ ଥିଲେ। ପାଟଣେଶ୍ୱରୀ ସେନା ଓ ପାଟଣାଗଡ଼ର ବିଭିନ୍ନ କମିଟିର ସଦସ୍ୟ ଉପସ୍ଥିତ ଥିଲେ।

# ଜିଲ୍ଲା ପ୍ରଶାସନ ପକ୍ଷରୁ ମାରାଥନ୍ ଗଣଦୌଡ଼

**ବୌଦ୍ଧ, ୨୧।୯(ସମିସ):** ସେବାପକ୍ଷ ଉପଲକ୍ଷେ ବୌଦ୍ଧ ଜିଲ୍ଲା ପ୍ରଶାସନ ତରଫରୁ ଯୁବ ଓ କ୍ରୀଡ଼ା ବିଭାଗ ପକ୍ଷରୁ ଜିଲ୍ଲାସ୍ତରୀୟ ମାରାଥନ୍ ଗଣ ଦୌଡ଼ ଆୟୋଜିତ ହୋଇଯାଇଛି। ଏଥିରେ ୫ମ ଆଇଆରବିଏନ୍, ରିଜର୍ଭ ପୁଲିସ, ପୁଲିସ ବାହିନୀ, ଏଏନ୍‌ଏମ୍ ସେଣ୍ଟର, ବିଭିନ୍ନ ମହାବିଦ୍ୟାଳୟ, ବିଦ୍ୟାଳୟ, ସ୍ୱେଚ୍ଛାସେବୀ ସଂଗଠନ ର କର୍ମକର୍ତ୍ତା, କ୍ରୀଡ଼ା ସଂଘ ତଥା ସରକାରୀ କାର୍ଯ୍ୟାଳୟରୁ ୫୦୦ରୁ ଅଧିକ ଅଂଶଗ୍ରହଣ କରିଥିଲେ। ମୁଖ୍ୟ ଅତିଥି ଭାବେ ଜିଲ୍ଲାପାଳ ବିଭୁତି ଭୂଷଣ ନାୟକ, ସମ୍ମାନିତ ଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ଅନିରୁଦ୍ଧ ପଧାନ, ଉପଜିଲ୍ଲାପାଳ ବିନୟ କୁମାର ଭୋଇ, ଗୋଷ୍ଠୀ ଉନ୍ନୟନ ଅଧିକାରୀ ବୌଦ୍ଧ ଯୁଗଳ କିଶୋର ବିଶ୍ୱାଳ, ତହସିଲଦାର, ବୌଦ୍ଧ ଅନିତା କୁମାରୀ ସାହୁଙ୍କ ସମେତ ଜିଲ୍ଲାର ବରିଷ୍ଠ ଅଧିକାରୀ ବୃନ୍ଦ ଯୋଗ ଦେଇଥିଲେ। କନ୍ଧମାଳ ସାଂସଦ ଜିଲ୍ଲା ପ୍ରତିନିଧି ଯୁଗଳ କିଶୋର ସାମଲ ଉପସ୍ଥିତ ଥିଲେ। କ୍ରୀଡ଼ା ଅଧିକାରୀ ସୁଦାମ କୁମାର ସ୍ୱାଇଁ ଓ ସହାୟକ ଲୋକନାଥ ମେହେରଙ୍କ ପ୍ରତ୍ୟକ୍ଷ ତ୍ୱାବଧାନରେ ମାରାଥନ୍ ସମ୍ପାଦିତ ହୋଇଯାଇଛି। ଅଂଶଗ୍ରହଣକାରୀଙ୍କୁ ଟି-ସାର୍ଟ ସହ ଜଳପାନ ଯୋଗାଇ ଦିଆଯାଇଛି।




# 'ଆସ ଆମେ ସ୍କୁଲ ଯିବା' ପଦଯାତ୍ରା ଅଭିଯାନ

**ମୁରିବାହଲ, ୨୧।୯(ସମିସ):** ବଲାଙ୍ଗିର ଜିଲ୍ଲା ମୁରିବାହାଲ୍ ବ୍ଲକସ୍ତରୀୟ ଆସ ଆମେ ସ୍କୁଲ୍ ଯିବା ପଦଯାତ୍ରା ଅଭିଯାନ ଆୟୋଜିତ ହୋଇଯାଇଛି। ମୁରୀବାହଲ୍ ସଦର ପଞ୍ଚାୟତ ପଙ୍ଗନିଆ ଉଚ୍ଚ ପ୍ରାଥମିକ ବିଦ୍ୟାଳୟର କୁନିକୁନି ଛାତ୍ରଛାତ୍ରୀଙ୍କୁ ନେଇ ବିଦ୍ୟାଳୟଠାରୁ ଏକ ବିଶାଳ ଶୋଭାଯାତ୍ରା ବାହାରିଥିଲା। ଏହା ଗାଁ ଭ୍ରମଣ କରିଥିଲା। ସମସ୍ତେ ପଦଯାତ୍ରାରେ ଲୋକଙ୍କୁ ସଚେତନତ କରିଥିଲେ। ବିଦ୍ୟାଳୟ ପ୍ରାଙ୍ଗଣରେ ଏକ ସଚେତନତା ସଭା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ବିଡିଓ ବାସନ୍ତୀ ସେଠି ସଭାପତିତ୍ୱ କରିଥିଲେ। ଗୋଷ୍ଠୀ ଶିକ୍ଷା ଅଧିକାରୀ ଶାନ୍ତନୁ ପଡ଼ିହାରୀଙ୍କ ଆହ୍ୱାନରେ ପରିଚାଳିତ ହୋଇଥିଲା। ମୁରିବାହାଲ ପଞ୍ଚାୟତ ସମିତି ଅଧ୍ୟକ୍ଷ ହରିବନ୍ଧୁ ମେହେର, ଜିଲ୍ଲା ପରିଷଦ ଉପାଧକ୍ଷା ମିଥିଳା ମାଝୀ, ସରପଞ୍ଚ ବିଶ୍ୱ ବିହାରୀ ଯୋଶୀ, ଗଙ୍ଗାଧର ହେର୍ଣ୍ଣା, ସମିତିସଭ୍ୟ ଚକ୍ରଧର ହେର୍ଣ୍ଣା, ବିଦ୍ୟାଳୟ ପରିଚାଳନା ସମିତି ସଭାପତି ମନୋଜ ନାଗ, ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ କୈଳାଶ୍ ଚନ୍ଦ୍ର ଭୋଇ, ବିଦ୍ୟାଳୟର ପ୍ରଧାନ ଶିକ୍ଷକ ତରୁଣ ସିଂ ଦୀପ ପ୍ରମୁଖ ଅତିଥି ଭାବେ ମଞ୍ଚାସୀନ ଥିଲେ। ବାସୁଦେବ ସେଠିଆ ସଭାକରେ ସଂଯୋଜନା ତୁଲାଇଥିବା ବେଳେ ସିଆର୍‌ସିସି ପଦ୍ମଲୋଚନ୍ ତାଣ୍ଡି ଧନ୍ୟବାଦ ଅର୍ପଣ କରିଥିଲେ।


**ବେଲପଡ଼ା:** ସ୍ଥାନୀୟ ଦିନରଘୁ ମେହେର ଉଚ୍ଚ ବିଦ୍ୟାଳୟରେ 'ଆସ ସ୍କଲ ଯିବା' କାର୍ଯ୍ୟକ୍ରମ ସଚେତନତା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଏହି ପଦଯାତ୍ରାରେ ବିଦ୍ୟାଳୟର ସମସ୍ତ ଛାତ୍ରଛାତ୍ରୀ, ଅଧ୍ୟାପକ, ଅଭିଭାବକ, ସମାଜସେବୀ, ବିଦ୍ୟାଳୟ କମିଟିର ସଭ୍ୟସଭ୍ୟା ଯୋଗ ଦେଇଥିଲେ। ପ୍ରଧାନ ଶିକ୍ଷକ ଚିତ୍ତରଞ୍ଜନ ପଣ୍ଡା ସଭାପତିତ୍ୱ କରିଥିଲେ। ସରପଞ୍ଚ ଅମ୍ବିକା ମେହେର ମୁଖ୍ୟ ଅତିଥି ଭାବେ ଯୋଗ ଦେଇଥିଲେ। ଏକ ସଚେତନତା ସଭା ଆୟୋଜିତ ହୋଇଥିଲା। ଦୀର୍ଘ ଦିନରୁ ସ୍କଲ ବାହାରେ ଥିବା ପିଲାଙ୍କୁ ପୁଣି ଫେରିଆଣିବା ପାଇଁ ଅତିଥି ବୃନ୍ଦ ଆହ୍ୱାନ ଦେଇଥିଲେ। ରୁକୁ ଶୁନା ଆସ ସ୍କଲ ଯିବା ଗୀତ ପରିବେଷଣ କରିଥିଲେ। ଆଲୋକ ବେହେରା, ବିଦ୍ୟାଳୟ ସଭାପତି ଗୌତମ ପ୍ରସାଦ ଅଗ୍ରୱାଲ, ଶୋଭାକର ମେହେର, କୈଳାସ ମେହେର, ବସନ୍ତ ପୁଟେଲ ପ୍ରମୁଖ ଯୋଗ ଦେଇଥିଲେ। ଶିକ୍ଷୟିତ୍ରୀ ପ୍ରିୟଙ୍କା ପ୍ରଧାନ ଧନ୍ୟବାଦ ଦେଇଥିଲେ।

# ସ୍କୁଲ ଯାଉଥିବା ଛାତ୍ରଛାତ୍ରୀଙ୍କୁ ଅସଦାଚରଣ, ୨ କୋର୍ଟ ଚାଲାଣ

**ଖପ୍ରାଖୋଲ, ୨୦।୯(ସମିସ):** ବଲାଙ୍ଗିର ଜିଲ୍ଲା ଖପ୍ରାଖୋଲ ଥାନା ଅନ୍ତର୍ଗତ ମହରାପଦର ପଞ୍ଚାୟତ ଉଚ୍ଚ ବିଦ୍ୟାଳୟ ସ୍କୁଲରେ ଶନିବାର ଘଟିଥିବା ଏକ ଅତ୍ୟନ୍ତ ନିନ୍ଦନୀୟ ଘଟଣାକୁ ନେଇ ସ୍ଥାନୀୟ ମହଲରେ ଚର୍ଚ୍ଚାରେ ରହିଛି। ଅଭିଯୋଗ ଅନୁଯାୟୀ, କିଛି ବ୍ୟକ୍ତି ନିଶାଶକ୍ତ ଅବସ୍ଥାରେ କାର୍ ଓଡ଼ି୦୩ଆର୍-୬୩୫୬ରେ ଆସି ସ୍କୁଲକୁ ଆସୁଥିବା କିଛି ଛାତ୍ରୀଙ୍କ ସହ ଦୁର୍ବ୍ୟବହାର କରିଥିଲେ। ଏହାକୁ ପ୍ରତିବାଦ କରିବାକୁ ଯାଇଥିବା କିଛି ଛାତ୍ରଙ୍କୁ ମଧ ମାଡ ମାରିଥିବା ଅଭିଯୋଗ ମଧ ସାମ୍ନାକୁ ଆସିଥିଲା। ଏହି ଘଟଣାକୁ ନେଇ ପୁଲିସ ଶନିବାର ଚାରି ଜଣଙ୍କୁ ଥାନାରେ ଅଟକ ରଖି ଜେରା କରିଥିଲା। ଏ ନେଇ ଖପ୍ରାଖୋଲ ପୁଲିସ୍ ଦୁଇ ଜଣଙ୍କୁ କୋର୍ଟ ଚାଲାଣ କରି ଥିବା ବେଳେ ଅନ୍ୟ ଦୁଇଜଣଙ୍କୁ ଛାଡି ଦେଇଥିବା ଖବର ପାଇ ଆଦିବାସୀ ସଂଘ ତରଫରୁ ପ୍ରତିବାଦ କରାଯାଇଥିଲା। ତେବେ ଘଟଣାରେ ସଂଶ୍ଳିଷ୍ଟ ଚାରିଜଣଙ୍କୁ ପୁଲିସ କୋର୍ଟ ଚାଲାଣ କରିବା ପରିବର୍ତ୍ତେ ଦୁଇ ଜଣଙ୍କୁ କୋର୍ଟ ଚାଲାଣ କରାଯିବା ନେଇ ଖପ୍ରାଖୋଲ ପୁଲିସ ଉପରେ ଆଦିବାସୀ ସଂଘ ତଥା ଅଭିଭାବକ ମହଲରେ ସନ୍ଦେହ ସୃଷ୍ଟି କରିଛି। କୋର୍ଟଚାଲାଣ କରାଯାଇଥିବା ଦୁଇ ଜଣ ହେଲେ ବୈଜଳସାଗର ଗ୍ରାମର ବିକାଶ ବେଟକାର ଓ ସୁଶୀଲ ବାଗ ବୋଲି ପୁଲିସ ସୂତ୍ରରୁ ଜଣାପଡ଼ିଛି।

# ଦୁଲୁକିଲା ତହଁକ୍ କୁଟୁମ୍‌ର ନୂଆଁଖାଇ ମଞ୍ଚ

**ବଲାଙ୍ଗିର, ୨୧।୯(ସମିସ)**



ସଂସ୍କୃତି ହିଁ ଗୋଟିଏ ଅଞ୍ଚଳକୁ ପରିଚୟ ଦେଇଥାଏ। ପଶ୍ଚିମ ଓଡ଼ିଶା ଲୋକ ତିହାର୍ ନୁଆଁଖାଇ ସମସ୍ତଙ୍କୁ ଗୋଟିଏ ସୁତାରେ ବାନ୍ଧି ରଖିବାରେ ମୂଖ୍ୟ ଭୂମିକା ନେଇଥାଏ। ଏହି ବାର୍ତ୍ତା ନେଇ ପଶ୍ଚିମ ଓଡ଼ିଶାର ଅଗ୍ରଣୀ ଅନୁଷ୍ଠାନ ତହଁକ କୁଟୁମ ସ୍ଥାନୀୟ ପାଟଣାଗଡ଼ ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର ଠାରେ ନୂଆଁଖାଇ ଜୁହାର ଭେଟ୍ କାର୍ଯ୍ୟକ୍ରମ ଆୟୋଜିତ କରିଛି। ପ୍ରଥମେ ଅଧିଷ୍ଠାତ୍ରୀ ଦେବୀ ମାଁ ପାଟଣେଶ୍ୱରୀଙ୍କ ମନ୍ଦିରରେ ତହଁକ ମୁଖିଆମାନଙ୍କ ଦ୍ୱାରା ପୂଜାର୍ଚ୍ଚନା କରାଯାଇଥିଲା। ପରେ ପଶ୍ଚିମ ଓଡ଼ିଶାର ଦିବଂଗତ ସାରସ୍ୱତ ସାଧକ ମାନଙ୍କୁ ଶ୍ରଦ୍ଧାଞ୍ଜଳି ଦେଇ ତାଙ୍କ ସ୍ମୃତି ରେ ନୁଆଁଖାଇ ମଞ୍ଚ ସମର୍ପଣ କରାଯାଇଥିଲା। କୁଟୁମ୍ ଏଗାର ବର୍ଷ ପୁରଣ ହୋଇଥିବାରୁ ୧୧ ଜଣ ନାରୀ କବୟିତ୍ରୀଙ୍କ ଦ୍ୱାରା ଏଗାର ଟି ଦୀପ ପ୍ରଜ୍ୱଳନ କରି କାର୍ଯ୍ୟକ୍ରମର ଶୁଭାରମ୍ଭ କରାଯାଇଥିଲା। ପରେ ପଶ୍ଚିମ ଓଡ଼ିଶାର ପାରମ୍ପରିକ ରିତିନୀତି ଅନୁସାରେ ସମସ୍ତେ ତଲେ ବସି ସରିଆଁ ଧାନର ଚୂରାକୁଣା ଓ ଆରସା ପିଠା ଇଷ୍ଟଦେବୀଙ୍କୁ ସମର୍ପଣ କରି ସେବନ କରିଥିଲେ। ପ୍ରଥମ ଅଧିବେଶନରେ ସମାଜସେବୀ ରାଜେଶ ଶର୍ମାଙ୍କ ସଭାପତିତ୍ୱ ରେ ଅନୁଷ୍ଠିତ ସଭାରେ ମୁଖ୍ୟ ଅତିଥି ଭାବେ ସରପଞ୍ଚ ସଂଘର ସଭାପତି ସମାଜସେବୀ ସୁଶିଲ ଗୁରୁ, ସମ୍ମାନିତ ଅତିଥି ଭାବେ ଡ. ନିରଞ୍ଜନ ପଣ୍ଡା, ଆଇନଜୀବୀ ଆଶିଷ କୁମାର ଚନ୍ଦନ, ସାଂସ୍କୃତିକ ପରିଷଦ ସମ୍ପାଦକ ଦିଲ୍ଲିପ କୁମାର ମିଶ୍ର, ପ୍ରଧାନ ଆଚାର୍ଯ୍ୟ ସତ୍ୟନାରାୟଣ ଭୋକ୍ତା, କବି ନିରଞ୍ଜନ ପଣ୍ଡା ମଞ୍ଚାସୀନ ରହି କୋସଲି ଭାସାର ସରକାରୀ ମାନ୍ୟତା ଓ ନୂଆଁଖାଇ, ପୁଷପୁନି ପରି ମହାନ ପରମ୍ପରାର ସୁରକ୍ଷା ଉପରେ ଗୁରୁତ୍ୱାରୋପ କରିଥିଲେ। ତହଁକ ସମ୍ପାଦକ ରାଜେଶ ଦଣ୍ଡସେନା ତହଁକର ଏଗାର ବର୍ଷର ଯାତ୍ରା ଓ ସଂସ୍କୃତି ଉପରେ ବିଭିନ୍ନ କାର୍ଯ୍ୟକ୍ରମ କରିଥିବା ସମସ୍ତ ତଥ୍ୟ ଉପସ୍ଥାପନ କରିଥିଲେ। ମୁଖ୍ୟ ପ୍ରଭାରୀ ଶ୍ରୀୟାକାନ୍ତ ଦାସ ସ୍ୱାଗତ ଅଭିଭାଷଣ ଦେଇ ଥିବାବେଳେ ତହଁକ ମୁଖ୍ୟ ସମ୍ପାଦକ ଅର୍ଜୁନ କୁମାର ସାହୁ ସଭା ପରିଚାଳନା କରିଥିଲେ। ଯୁବ କବି ଗୋବର୍ଦ୍ଧନ ନାଏକଙ୍କ ଅନମୁନସିଆ କାବ୍ୟ ଅତିଥିଙ୍କ ଦ୍ୱାରା ଉନ୍ମୋଚିତ ହୋଇଥିଲା। କୋସଲି ଭାସା ପ୍ରଚାରପ୍ରସାରରେ ନିଜକୁ ସମର୍ପିତ କରିଥିବା କବୟତ୍ରୀ ଜ୍ୟୋତିରାଣୀ ମିଶ୍ର ଓ ପୁଷ୍ପାଞ୍ଜଳି ମେହେରଙ୍କୁ ତହଁକ ନାରୀ ପ୍ରତିଭା ସମ୍ମାନରେ ସମ୍ମାନିତ କରାଯାଇଥିଲା। ଦ୍ୱିତୀୟ ଅଧିବେସନରେ କବି ଗୋପିନାଥ ଦଣ୍ଡସେନାଙ୍କ ସଭାପତିତ୍ୱ ରେ ଅନୁଷ୍ଠିତ କୋସଲି କବିତା ଆସରରେ କବି ମଧୁସୂଦନ ଦାସ, ରାଜେନ୍ଦ୍ର ମହାନ୍ତି, ସଂଯୁକ୍ତା ପରିଚ୍ଛା, ରାଣା ପ୍ରଧାନ, ତନ୍ମୟୀ ଅଗସ୍ତି, ସୁଶାନ୍ତ ବାଗ ଅତିଥି ଭାବେ ମଞ୍ଚାସୀନ ଥିଲେ। କବି ଦିଲିପ ମିଶ୍ର ସ୍ୱାଗତ ଅଭିଭାଷଣ ଦେଇଥିବାବେଳେ ଧର୍ମେନ୍ଦ୍ର ପ୍ରଧାନ ସଭାପରିଚାଳନା କରିଥିଲେ। କବିତା ଆସରକୁ ଭରତ ମେହେର, ନିକିତା ସା, ସୁଦେଷନା ମିଶ୍ର, ପ୍ରଭାସିନୀ ଭୋଇ, ଅକୃର ବାଗ, ସାଲିନୀ ସା, ଗିରିଶ ପାତ୍ର, ବିବେକା ପ୍ରଧାନ ସଂଯୋଜନା କରିଥିଲେ।ରୋସନ ସାହୁ, କୁମରମଣୀ ସାହୁ, ଗୋପାଲ ମେହେର, ଗରିବ ମଲ୍ଲିକ, ସରସ୍ୱତୀ ମିଶ୍ର, ରାଜୀବ ଭୋଇ, ସୌକିଲାଲ ସାହୁ, ଶତ୍ରୁଘନ ସେଲମା, ଉତ୍ତମ ଖମାରୀ, ସୁଷମା ଦାସ ପ୍ରମୁଖ ସହଯୋଗ କରିଥିଲେ। ଶେଷରେ କବି ମିଲନ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ।

# ମୁରିବାହାଲ ମାଁ ମାହେଶ୍ୱରୀ ପୀଠରେ ଖଣ୍ଡା ଲେଉଟା ପୂଜା

**ମୁରିବାହାଲ, ୨୧।୯(ସମିସ):** ବଲାଙ୍ଗିର ଜିଲ୍ଲା ମୁରିବାହାଲ ବ୍ଲକ ସଦରମହକୁମା ସ୍ଥିତ ମାଁ ମାହେଶ୍ୱରୀ ପୀଠରେ ସର୍ବ ଗୁଣା ସମ୍ପୂର୍ଣ୍ଣା ମା'ମାହେଶ୍ୱରୀଙ୍କ ଷୋଡ଼ଶ ଦିନାଶକ ଖଣ୍ଡା ଲେଉଟାପୂଜା ମହାସମାରୋହରେ ଅନୁଷ୍ଠିତ ହୋଇଯାଇଛି।



ପୂଜାରେ ପୂଜକ ବୃଷଭ ମହାନ୍ତି, ଦେହୁରୀ ତ୍ରିଶୀଙ୍ଗ ବଘାର, ବରୁଆ ଭକ୍ତ ବଘାର, ଉମେଶବଘାର, ନଅ ଅମାତ ଭାବରେ ବିରଞ୍ଚି ମେରଲୀ, ସୁଦର୍ଶନ କର୍ମୀ, ମଙ୍ଗୁଲୁ ପଧାନ, ଦଶରଥ ପଧାନ, ମୁରଲି ଖମାରୀ, ପଲଟନ କର୍ମୀ, ଆରୁ ପଧାନ, ସୁବାଷ ବଘାରପ୍ରମୁଖ ମାଁ ମାହେଶ୍ୱରୀଙ୍କ ପୂଜା କାର୍ଯ୍ୟରେ ନିୟୋଜିତ ଥିଲେ। ସେହିପରି ପୂଜା ପରିଚାଳନା କମିଟି ର ସଭପତି, ପ୍ରଫୁଲ୍ଲ ବଘାର ସମ୍ପାଦକ ଶ୍ରୀମୁଖ ବଘାର, ସହ ସମ୍ପାଦକ ସୁଦାମ ବଘାର, ଉପସଭାପତି ବିକ୍ରମ ବଘାର, ରାଧେଶ୍ୟାମ ପଧାନ, କୋଷାଧକ୍ଷ ମକୁନ୍ଦ୍ ପଧାନ, ଉପଦେଷ୍ଟା ପ୍ରଭାକର ବଘାର, ହରେ କୃଷ୍ଣ ବଘାର, କବି ମହାକୁର, ସଦସ୍ୟ, ବିନୋଦ ବଘାର, ବାଲଗୋପାଲ ବଘାର, ଜୟକୃଷ୍ଣ ବଘାର, ଅଶ୍ୱିନୀ ବଘାର, କାର୍ତ୍ତିକ ବଘର, ଦୁର୍ଯ୍ୟୋଧନ ବଘାର, ଦୁଶାସନ ବଘାର, ରାଧେକୃଷ୍ଣ ବଘାର, ବାଳକୃଷ୍ଣ ବଘାର, ଭୀମ ପ୍ରଧାନ, ଅନନ୍ତ ପ୍ରଧାନ, ଅନି ପ୍ରଧାନ, ପିକୁନ ପ୍ରଧାନ, ରିକୁନ ପ୍ରଧାନ, ସୁବ୍ରତ ମହାକୁର, ଟୁନା କମ୍ପ, ଟିକେଲାଲ ବଘାର, ନିରାକାର ବଘାର, ବିକ୍ରମ କର୍ମୀ, ଶରତ ମାହାର, ଭୀମ ମହାକୁର, ପିତାମ୍ବର ବଘାର, କୁନୁ ବଘାର, ସାନ ମହାକୁର, ସାଗର ମାହାର, ପିଣ୍ଟୁ ବଘାର, ମକୁନ୍ଦ୍ ବଘାର, ରମାରଞ୍ଜନ ବଘାର, ଅଶୋକ ବଘାର, ପ୍ରଶାନ୍ତ ମାହାର, ଚଞ୍ଚଳମାହାର, ପ୍ରଦୀପ ବଘାର, ପ୍ରକାଶ ବଘାର, ସୁରେଶ ମହାକୁର, ଲିଲୁ ମୋହନ ପ୍ରଧାନ, ସନ୍ତରାମ ପ୍ରଧାନ, ଗୌର ବ ଘାର, ଗଦାଧର ପ୍ରଧାନ, ଲଳିତ ବ ଘାର, ତପନ ବଘାର, ସତ୍ୟ ନାରାୟନ ବଘାର, ନରୋତ୍ତମ ପଧାନ, ଅଦିବାସ ମାହାର, ତରଣି ବଘର, ରାଧାକାନ୍ତବଘାର, ଧନଞ୍ଜୟ ପ୍ରଧାନ, କାଳିଆ ପ୍ରଧାନ, ଜନ୍ମେଜୟ ବଘାର, ଖଗେଶ୍ୱର ପ୍ରଧାନ, ଉପେନ୍ଦ୍ର ପ୍ରଧାନ ଯୁବରାଜ ବଘାର, ବାଞ୍ଛା ପଧାନ, ପୁରୁଷୋତ୍ତମ ପ୍ରଧାନ ପ୍ରମୁଖ ଭକ୍ତ ବୃନ୍ଦ ଉପସ୍ଥିତ ଥିଲେ ସେହିପରିମୁରିବହାଲ ବ୍ଲକର ଖରାଲି, ଯମୁନା, ଜାନିପଡ଼ା, ଦନ୍ଦ୍ରା, ବାରବନ୍ଧ, କୁମ୍ଭାରି, ବାଗବାହାଲି, ଚନାବାହାଲ, କର୍ଲା ପ୍ରମୁଖ ଗ୍ରାମର ମାହେଶ୍ୱରୀ ପୀଠମାନଙ୍କରେ ଖଣ୍ଡାଲେଉଟା ପୂଜା ବହୁ ଧୁମଧାମରେ ପାଳନ ହୋଇଯାଇଅଛି।

**ନିଶାମୁକ୍ତ ଭାରତ ଅଭିଯାନ**

# ଗଣ ଦୌଡ଼ରେ ଅଂଶଗ୍ରହଣ କଲେ ମୁଖ୍ୟମନ୍ତ୍ରୀ



ଭୁବନେଶ୍ୱର,୨୧।୯(ସମିସ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଜନ୍ମଦିନ ଅବସରରେ "ନିଶାମୁକ୍ତ ଭାରତ ଅଭିଯାନ'ରେ ସ୍ଥାନୀୟ କଳିଙ୍ଗ ଷ୍ଟାଡିଅମଠାରୁ ଏକ ଗଣଦୌଡ଼ ଆୟୋଜନ କରାଯାଇଥିଲା। ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କାର୍ଯ୍ୟକ୍ରମକୁ ଉଦଘାଟନ କରିବା ସହିତ ଏହି ଗଣ ଦୌଡ଼ରେ ସାମିଲ ହୋଇଥିଲେ। କଳିଙ୍ଗ ଷ୍ଟାଡିଅମ ଠାରୁ ଜନତା ମୈଦାନ ପର୍ଯ୍ୟନ୍ତ ଆୟୋଜିତ ମାରାଥନରେ ମୁଖ୍ୟମନ୍ତ୍ରୀ ନିଜେ ସମସ୍ତ ଛାତ୍ରଛାତ୍ରୀ, ଖେଳାଳି, ଯୁବବର୍ଗ ଓ ଅନେକ ନେତୃବୃନ୍ଦଙ୍କ ସହ ସାମିଲ ହୋଇ ନିଶାମୁକ୍ତ ଭାରତର ସଚେତନତା ବାର୍ତ୍ତା ଦେଇଥିଲେ। କାର୍ଯ୍ୟକ୍ରମକୁ ଉଦଘାଟନ କରି ମୁଖ୍ୟମନ୍ତ୍ରୀ ନିଶାମୁକ୍ତି ଅଭିଯାନ ବିଷୟରେ କହିଥିଲେ। ଆଜିର ସମାଜରେ ମଦ୍ୟପାନ, ଗୁଟଖା, ଧୂମପାନ, ଗଞ୍ଜେଇ ଏବଂ ବିଭିନ୍ନ ଡ୍ରଗ୍‌ସ ପରି ବିଭିନ୍ନ ମାଦକଦ୍ରବ୍ୟର ପ୍ରଭାବ ଭୟଙ୍କର ଭାବରେ ବଢ଼ୁଛି। ନିଶା କେବଳ ଜଣେ ବ୍ୟକ୍ତିଙ୍କୁ ନଷ୍ଟ କରେନାହିଁ, ନିଶା ନିଜ ସହିତ ନିଜ ପରିବାରକୁ ଛାରଖାର କରିଦିଏ। ତେଣୁ ନିଶା ପାଇଁ ପାଠପଢ଼ାରେ ଅସଫଳତା, ସ୍ୱାସ୍ଥ୍ୟର ଅବନତି, ଅପରାଧ ପ୍ରବୃତ୍ତିରେ ବୃଦ୍ଧି, ପରିବାରରେ ଅଶାନ୍ତି ଆଣିଥାଏ। ଜଣେ ନିଶାସକ୍ତ ଯୁବକ, ତାଙ୍କର ପିତାମାତାଙ୍କ ସ୍ୱପ୍ନକୁ ଭାଙ୍ଗିଦେଇଥାଏ ବୋଲି କହିଥିଲେ।

ଉକ୍ତ କାର୍ଯ୍ୟକ୍ରମ ପରେ ମୁଖ୍ୟମନ୍ତ୍ରୀ ମେ ଫେୟାର ଛକ ଠାରେ ଥିବା ଏକ ଚା ଦୋକାନ ପାଖରେ ଚା ପିଇବା ସହିତ ସେଠାରେ ଥିବା ଜନସାଧାରଣଙ୍କ ସହିତ କଥାବାର୍ତ୍ତା ହୋଇଥିଲେ। ଏହି କାର୍ଯ୍ୟକ୍ରମରେ ମୁଖ୍ୟମନ୍ତ୍ରୀଙ୍କ ସମେତ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡ, କ୍ରୀଡା ଓ ଉଚ୍ଚଶିକ୍ଷା ମନ୍ତ୍ରୀ ସୂରଜ ସୂର୍ଯ୍ୟବଂଶୀ, ଏକାମ୍ର ଭୁବନେଶ୍ୱର ବିଧାୟକ ବାବୁ ସିଂ, ଦିଗପହଣ୍ଡି ବିଧାୟକ ସିଦ୍ଧାନ୍ତ ମହାପାତ୍ର ଓ ବରିଷ୍ଠ ନେତୃବୃନ୍ଦ ଉପସ୍ଥିତ ଥିଲେ।

# ରାଜ୍ୟରେ ବେକାରୀ ସମସ୍ୟା ଅସମ୍ଭାଳ

## ଗୃହରକ୍ଷୀ ପଦ ପାଇଁ ସ୍ନାତକ ଓ ସ୍ନାତକୋତ୍ତର ପ୍ରାର୍ଥୀଙ୍କ ଆବେଦନ

**୯୦ ହଜାର ଆବେଦନ ମଧ୍ୟରୁ ୭୦ ହଜାର ପିଲା ଉଚ୍ଚଶିକ୍ଷିତ**

ଭୁବନେଶ୍ୱର,୨୧।୯(ସମିସ): ରାଜ୍ୟରେ ଉତ୍କଟ ହୋଇଛି ବେକାରୀ ସମସ୍ୟା। ନିଜ ଯୋଗ୍ୟତା ଅନୁସାରେ ଚାକିରି ମିଳୁନାହିଁ, ଫଳରେ ଛୋଟମୋଟ ଚାକିରି ପାଇଁ ପିଲାଙ୍କ ଲମ୍ବା ଧାଡ଼ି ଲାଗୁଛି। ନିକଟରେ ହୋମଗାର୍ଡ ନିଯୁକ୍ତି ସଂକ୍ରାନ୍ତ ଆବେଦନ ଦେଖିଲେ ଏହା ସ୍ପଷ୍ଟ ହୋଇଛି। ନିକଟରେ ଓଡ଼ିଶାରେ ୨୦ ହଜାରରୁ ଅଧିକ ହୋମଗାର୍ଡ ପଦବୀ ପାଇଁ ନିଯୁକ୍ତି ବାହାରିଥିଲା ଓ ଏଥିପାଇଁ ୯୦ ହଜାରରୁ ଅଧିକ ପିଲା ଆବେଦନ କରିଥିଲେ। ହେଲେ ଆବେଦନକାରୀଙ୍କ ମଧ୍ୟରେ ୭୦ ହଜାରଥିଲେ ଉଚ୍ଚ ଶିକ୍ଷିତ । କାହାର ଯୋଗ୍ୟତା ସ୍ନାତକ ତ କାହାର ଯୋଗ୍ୟତା ସ୍ନାତକୋତ୍ତର।

କୋରାପୁଟରେ ହୋମଗାର୍ଡ ପଦବୀ ପାଇଁ ହୋଇଥିଲା ପରୀକ୍ଷା। ୧୨୫ପଦ ପାଇଁ ପରୀକ୍ଷା ଦେଇଛନ୍ତି ୭୦୮୨। ରବିବାର କୋରାପୁଟ ଡିଏଭି ସରକାରୀ ମହାବିଦ୍ୟାଳୟ ପଡ଼ିଆରେ ୧୨୫ଟି ହୋମଗାର୍ଡ ପଦବୀ ପୂରଣ ପାଇଁ ଲିଖିତ ପରୀକ୍ଷା ହୋଇଥିଲା। ଶିକ୍ଷାଗତ ଯୋଗ୍ୟତା ଥିଲା ୫ମ ପାସ୍। ଓ ବୟସ ସୀମା ଥିଲା ୨୦ରୁ ୬୦ ବର୍ଷ। ସରକାରୀ ଚାକିରି ଟିଏ ପାଇବା ପାଇଁ ଏହି ପରୀକ୍ଷାରେ ଭାଗ ନେଇଥିଲେ ୭୦୮୨ ଜଣ। ଯେଉଁଥିରେ ଅଧିକାଂଶ ଥିଲେ ଉଚ୍ଚଶିକ୍ଷିତ। ଚାକିରି ଲୋଭରେ ନିଜ ଶିକ୍ଷାଗତ ଯୋଗ୍ୟତା ଠାରୁ କମ୍ ପଦବୀ ପାଇଁ ଆବେଦନ କରିଥିଲେ ଗ୍ରାଜୁଏଟ୍ ଓ ପୋଷ୍ଟଗ୍ରାଜୁଏଟ୍ ପିଲା। ହୋମଗାର୍ଡ ହୋଇ ରାତିରେ ପହରା ଦେବା, କିମ୍ବା ଡ୍ରାଇଭର ଭାବେ ଗାଡି ଚଳାଇବା ଭଳି କାମ ପାଇଁ ସେମାନେ ନିଜକୁ ମାନସିକ ସ୍ତରରେ ପ୍ରସ୍ତୁତ କରି ସାରିଛନ୍ତି। ସେପଟେ ପଞ୍ଚମ ପାସ୍ ଶିକ୍ଷାଗତ ଯୋଗ୍ୟତା ଥିବା ଚାକିରି ପାଇଁ ଉଚ୍ଚଶିକ୍ଷିତ ଆବେଦନ କରିବା ଘଟଣାକୁ ସ୍ୱାଗତ କରିଛନ୍ତି ଏସପି। ତେବେ ହୋମଗାର୍ଡ ଚାକିରି ପାଇଁ ଗ୍ରାଜୁଏଟ୍ ପୋଷ୍ଟଗ୍ରାଜୁଏଟ୍ ସମେତ ଅନେକ ଉଚ୍ଚ ଶିକ୍ଷିତ ବେକାର ଯୁବକ ଯୁବତୀ ଆବେଦନ କରୁଥିବା ଦେଖି ବୁଦ୍ଧିଜୀବୀ ମହଲରେ ଉଠିଛି ପ୍ରଶ୍ନ। କାରଣ ନିଜ ଯୋଗ୍ୟତା ଅନୁସାରେ ଚାକିରି କରିବା ବଦଳରେ ସେମାନେ ତଳ ପଦବୀରେ ଚାକିରି କରୁଛନ୍ତି।

# କଂଗ୍ରେସର ଦସ୍ତଖତ ସଂଗ୍ରହ କାର୍ଯ୍ୟକ୍ରମ



ଭୁବନେଶ୍ୱର,୨୧।୯(ସମିସ): ଲୋକସଭା ବିରୋଧୀ ଦଳ ନେତା ରାହୁଲ ଗାନ୍ଧୀ ଉଠାଇଥିବା ଭୋଟ ଚୋର ଗାଦି ଛାଡ଼ ବିଷୟକୁ ରାଜ୍ୟର ଘରେ ଘରେ ପହଞ୍ଚାଇବା ପାଇଁ କଂଗ୍ରେସ ଦଳ ଅଣ୍ଟା ଭିଡ଼ିଛି। ଏହି କ୍ରମରେ ଓଡ଼ିଶା ପ୍ରଦେଶ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଆଜି କଂଗ୍ରେସ ଭବନ ଠାରେ ଦସ୍ତଖତ କାର୍ଯ୍ୟକ୍ରମ ଆରମ୍ଭ କରାଯାଇଛି। ଏହି ଦସ୍ତଖତ କାର୍ଯ୍ୟକ୍ରମରେ ଯୋଗଦେଇ ପିସିସି ସଭାପତି ଭକ୍ତ ଚରଣ ଦାସ ଭୋଟର ତାଲିକାରେ ଅନିୟମିତତା କରି ମୋଦୀ ସରକାର ଏବଂ ମୋହନ ସରକାର କ୍ଷମତାକୁ ଆସଛନ୍ତି ବୋଲି ମତବ୍ୟକ୍ତ କରିଥିଲେ। କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ ଉକ୍ତ କାର୍ଯ୍ୟକ୍ରମରେ ଯୋଗଦେଇ ଦେଶରେ ଏବଂ ରାଜ୍ୟରେ ଏକ ନିର୍ବାଚିତ ସରକାର ନୁହେଁ ବରଂ ବର୍ତ୍ତମାନ ଏକ ଭୋଟ ଲୁଣ୍ଠନକାରୀ ସରକାର କ୍ଷମତାରେ ଅଛି ବୋଲି କହିଥିଲେ। ଭୋଟ ଚୋରି ବିଷୟରେ ଜନସାଧାରଣଙ୍କୁ ଅବଗତ କରାଇବାପାଇଁ ପ୍ରଦେଶ ଅନୁସୂଚିତ ଜାତି ବିଭାଗ ପଞ୍ଚାୟତ ସ୍ତରକୁ ଯିବ ଏବଂ ସାଧାରଣ ଲୋକଙ୍କୁ ସଚେତନ କରାଇବ ବୋଲି ବିଭାଗ ଅଧ୍ୟକ୍ଷ ଆଇନଜୀବୀ ମାସନ କୁମାର ମଲ୍ଲିକ ମତପ୍ରକାଶ କରିଥିଲେ। ଉକ୍ତ ବିଷୟକୁ ନେଇ ଓଡ଼ିଶାର ୧୧ଟି ଜନବହୁଳ ସହରରେ ଆଗାମୀ ଦିନରେ ଏକା ସାଙ୍ଗରେ ସାମ୍ବାଦିକ ସମ୍ମିଳନୀ କରାଯିବ ବୋଲି ଆଇନଜୀବୀ ଶ୍ରୀ ମଲ୍ଲିକ ସୂଚନା ଦେଇଥିଲେ।

## ଯୁବକଙ୍କୁ ଅବହେଳା ପ୍ରସଙ୍ଗରେ ବର୍ଷିଲା ଯୁବ ବିଜେଡି

# ନିଶାମୁକ୍ତ ନାରା ଦେଇ ସରକାର ଖୋଲୁଛନ୍ତି ନୂଆ ମଦ ଦୋକାନ

ଭୁବନେଶ୍ୱର,୨୧।୯(ସମିସ): ରାଜ୍ୟରେ ବିଜେପି କ୍ଷମତାକୁ ଆସିବାର ୧୫ ମାସ ବିତି ଯାଇଥିଲେ ମଧ୍ୟ ଯୁବ ବର୍ଗର ବିକାଶ ପାଇଁ ସରକାରଙ୍କ ପାଖରେ କୌଣସି ରୋଡ୍‌ମ୍ୟାପ୍ ନାହିଁ। ଏଥିପାଇଁ ଯୁବବର୍ଗ ସଂପୂର୍ଣ୍ଣ ଅବହେଳିତ ଓ ହତାଶ ହୋଇପଡିଛନ୍ତି ବୋଲି କହିଛନ୍ତି ବିଜୁ ଯୁବ ଜନତା ଦଳର ସଭାପତି ଚିନ୍ମୟ ସାହୁ। ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ

**ରାଜଧାନୀରେ ବେକାର ଯୁବକଙ୍କ ସମ୍ମିଳନୀ କରିବ ଯୁବ ବିଜେଡି**

ସମ୍ମିଳନୀରେ ଶ୍ରୀ ସାହୁ କହିଛନ୍ତି ଯେ ରାଜ୍ୟରେ ବେକାରୀ ଆଜି ଚରମ ସୀମାରେ ପହଞ୍ଚିଛି। ରାଜ୍ୟ ସରକାରଙ୍କ କୌଣସି ଯୁବ ନୀତି ନାହିଁ କି ଯୁବବର୍ଗର ବିକାଶ ପାଇଁ ରାଜ୍ୟ ସରକାରଙ୍କ ପାଖରେ କୌଣସି ରୋଡ୍‌ମ୍ୟାପ ନାହିଁ। ଗୋଟିଏ ପଟେ ରାଜ୍ୟ ସରକାର ନିଶାମୁକ୍ତ ଭାରତ ନାରା ଦେଇ ଗଣଦୌଡ ଆୟୋଜନ କରୁଛନ୍ତି; ଅପରପକ୍ଷରେ ସରକାର ଗତକାଲି ରାଜ୍ୟରେ ବନ୍ଦ ହୋଇଥିବା ପ୍ରାୟ ୭୦ଟି ମଦ ଦୋକାନ ଖୋଲିବ ବୋଲି ସୂଚନା ଦେଇଛନ୍ତି। ଏ ଗୁଡିକ ଶିକ୍ଷାନୁଷ୍ଠାନ ଓ ଧାର୍ମିକ ଅନୁଷ୍ଠାନ ନିକଟରେ ଥିବାରୁ ବିଜେଡି ସରକାର ଏଗୁଡିକୁ ବନ୍ଦ କରିବାକୁ ନିଷ୍ପତ୍ତି ନେଇଥିଲେ। ବର୍ତ୍ତମାନର ବିଜେପି ସରକାର ଏହାକୁ ପୁଣିଥରେ ଖୋଲିବା ପାଇଁ ନିଷ୍ପତ୍ତି ନେଇଛନ୍ତି। ଏହା ସରକାରଙ୍କ




ଦୋମୁହାଁ ଚରିତ୍ରକୁ ପଦାରେ ପକାଇବା ସହିତ ନିଶାମୁକ୍ତ ଭାରତ ଗଠନର ନାରା କେବଳ ଏକ ପ୍ରହସନ ବୋଲି ଶ୍ରୀ ସାହୁ କହିଛନ୍ତି।

ସେ ଆହୁରି କହିଛନ୍ତି ଯେ ରାଜ୍ୟ ବିଜେପି ସରକାରଙ୍କ ପ୍ରତିଶ୍ରୁତି ଆଜି ପ୍ରତାରଣାରେ ପରିଣତ ହୋଇଛି। ଗତ ପନ୍ଦର ମାସରେ ରାଜ୍ୟ ସରକାର ୫୭,୦୦୦ ପଦବୀ ପୂରଣ କଲେଣି ବୋଲି ବାହାସ୍ଫୋଟ ମାରୁଛନ୍ତି। ବାସ୍ତବରେ ଏହି ନିଯୁକ୍ତି ଗୁଡିକର ନିଯୁକ୍ତି ପ୍ରକ୍ରିୟା ନବୀନ ସରକାରଙ୍କ ସମୟରେ ହୋଇଥିଲା। କେବଳ ନିଯୁକ୍ତି ପତ୍ର ବିତରଣ କରି ଏଥିରୁ ବାହାବା ନେବାକୁ ସରକାର ଅପଚେଷ୍ଟା କରୁଛନ୍ତି। ଗତ ପନ୍ଦର ମାସରେ ପନ୍ଦରଟି ପରୀକ୍ଷାରେ ମହାବିଭ୍ରାଟ ଦେଖିବାକୁ ମିଳିଛି। ରାଜ୍ୟ ସରକାର ୧୬ଲକ୍ଷ କୋଟି ଟଙ୍କାର ପୁଞ୍ଜିନିବେଶ ଆସିବ ବୋଲି ଦାବି କରିଥିଲେ। କିନ୍ତୁ ଗୋଟିଏ ବି ପ୍ରକଳ୍ପର ଗ୍ରାଉଣ୍ଡିଙ୍ଗ ହୋଇ ପାରି ନାହିଁ। ଓଲଟି ପୂର୍ବରୁ ଚୁକ୍ତିବଦ୍ଧ ଥିବା ଅନେକ କମ୍ପାନୀ ଓଡିଶା ଛାଡୁଛନ୍ତି। ନବୀନ ପଟ୍ଟନାୟକଙ୍କ ସମୟରେ ଓଡିଶା କ୍ରୀଡା କ୍ଷେତ୍ରରେ ଭିତ୍ତିଭୂମିର ବିକାଶ ସହିତ ଜାତୀୟ ଓ ଆନ୍ତର୍ଜାତୀୟ ସ୍ତରର କ୍ରୀଡା କାର୍ଯ୍ୟକ୍ରମ ଆୟୋଜନ କରି ଜାତୀୟ ଓ ଆନ୍ତର୍ଜାତୀୟସ୍ତରରେ ଖ୍ୟାତି ହାସଲ କରିଥିଲା। ଏବେ କ୍ରୀଡା କ୍ଷେତ୍ରରେଓଡିଶା ପଛକୁ ଚାଲିଯାଇଛି। ଯୁବବର୍ଗର ସ୍ୱାର୍ଥକୁ ଏଭଳି ଅଣଦେଖା କଲେ ରାଜ୍ୟର ଯୁବବର୍ଗ ରାଜରାସ୍ତାକୁ ଓହ୍ଲାଇବେ। ଏହାଛଡ଼ା ବିଜୁ ଯୁବ ଜନତା ଦଳ ତରଫରୁ ଏକ ବେକାର ଯୁବକ ମାନଙ୍କ ସମ୍ମିଳନୀ ଅତିଶୀଘ୍ର ଆୟୋଜନ କରି ସେମାନଙ୍କ ସ୍ୱାର୍ଥ ହାସଲ ପାଇଁ ସ୍ୱର ଉତ୍ତୋଳନ କରାଯିବ ବୋଲି ସେ କହିଛନ୍ତି।

# ପ୍ରଦୀପ ଜେନା ଭୁବନେଶ୍ୱର କ୍ଲବ ସଭାପତି ନିର୍ବାଚିତ


ଭୁବନେଶ୍ୱର,୨୧।୯(ସମିସ): ଭୁବନେଶ୍ୱର କ୍ଲବର ସଭାପତି ଭାବେ ନିର୍ବଚିତ ହୋଇଛନ୍ତି ପୂର୍ବତନ ମୁଖ୍ୟ ଶାସନ ସଚିବ ତଥା ଓଇଆର୍‌ସି ଅଧ୍ୟକ୍ଷ ପ୍ରଦୀପ ଜେନା। ସେ ପୂର୍ବତନ ମୁଖ୍ୟ ଶାସନ ସଚିବ ତଥା ୨ ଥରର ଭୁବନେଶ୍ୱର କ୍ଲବ ସଭାପତି ଅସିତ ତ୍ରିପାଠୀଙ୍କୁ ପରାସ୍ତ କରି ନୂତନ ସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ଶ୍ରୀ ଜେନା ୮ ୯୧ଖଣ୍ଡ ଭୋଟ ପାଇଥିବା ବେଳେ ଶ୍ରୀ ତ୍ରିପାଠୀ ୮୭୩ ଖଣ୍ଡ ଭୋଟ ମିଳିଛି। ଏକ କଡ଼ା ନିର୍ବାଚନରେ ମାତ୍ର ୧୮ ଟି ଭୋଟ୍ ବ୍ୟବଧାନରେ ଶ୍ରୀ ଜେନା ବିଜୟୀ ହୋଇଛନ୍ତି। ଅନ୍ୟପଟେ ପରାଜିତ ସଭାପତି



ପ୍ରାର୍ଥୀ ଅସିତ ତ୍ରୀପାଠୀଙ୍କ ପ୍ୟାନେଲରୁ ନିର୍ବାଚନ ଲଢୁଥିବା ପ୍ରଗତି ମହାନ୍ତି ଉପସଭାପତି ଭାବେ ନିର୍ବାଚିତ ହୋଇଛନ୍ତି। ସେ ୬୦ ଟି ଭୋଟ୍ ବ୍ୟବଧାନରେ ନିର୍ବାଚନ ଜିତିଛନ୍ତି। ସମ୍ପାଦକ ଭାବେ ଅବସରପ୍ରାପ୍ତ ଆଇପିଏସ୍ ଲଳିତ ଦାସ ବିଜୟୀ ହୋଇଥିବା ବେଳେ ଯୁଗ୍ମ ସମ୍ପାଦକ ଭାବେ ଅସିତ ତ୍ରୀପାଠୀଙ୍କ ପ୍ୟାନେଲରୁ ସମ୍ବିତ ମହାନ୍ତି ନିର୍ବାଚନ ଜିତିଛନ୍ତି। ସେ ୬୮ ଟି ଭୋଟ୍ ବ୍ୟବଧାନରେ ବିଜୟୀ ହୋଇଛନ୍ତି।

ସଭାପତି ଭାବେ ନିର୍ବାଚନ ଜିତିବା ପରେ ଶ୍ରୀ ଜେନା କହିଛନ୍ତି ଯେ ସବୁ ମେମ୍ବରଙ୍କୁ ଧନ୍ୟବାଦ ଦେବି। ପାଖାପାଖି ୧୬୦୦ ଲୋକଙ୍କୁ ବ୍ୟକ୍ତିଗତ ଭାବେ ଟେଲିଫୋନ୍ କରିଥିଲି। ମେମ୍ବର ମାନେ ଯାହା ନିଷ୍ପତ୍ତି ନେଇଛନ୍ତି ତାହାକୁ ସମ୍ମାନ ଜଣାଉଛି। ୨ ମାସ ମଧ୍ୟରେ ସାଧାରଣ ପରିଷଦ ବୈଠକ ବସିବ ଓ ସଭାପତି ଏବଂ ସମ୍ପାଦକ ଜୀବନ କାଳ ମଧ୍ୟ ୨ ଥର ହିଁ ରହିପାରିବେ ବୋଲି ନିୟମ ଅଣାଯିବ। କ୍ଲବର ଅନ୍ୟ ସମସ୍ୟା ସମାଧନ ଦିଗରେ ମଧ୍ୟ କାର୍ଯ୍ୟ କରିବେ ବୋଲି ସେ କହିଛନ୍ତି।

ରାଜ୍ୟର ସବୁଠୁ ସଂଭ୍ରାନ୍ତ କ୍ଲବ୍ ଭାବରେ ଭୁବନେଶ୍ୱର କ୍ଲବର ପରିଚୟ ରହିଛି। ୨୦ ତାରିଖଠାରୁ ସଭପତି ନିର୍ବାଚନ ପାଇଁ ଭୋଟ ଆରମ୍ଭ ହୋଇଥିବା ବେଳେ ପ୍ରଥମ ଦିନରେ କାଲି ଇ-ଭୋଟିଂରେ ୫୯୬ ଭୋଟ୍ ପଡ଼ିବା ପରେ ଆଜି କ୍ଲବ ଆସି ବାଲାଟରେ ୧୧୭୮ ଭୋଟ୍ ଦେଇଥିଲେ। ଏଥିପାଇଁ ସକାଳ ୧୦ଟା ପରେ ଭୁବନେଶ୍ୱର କ୍ଲବ ପରିସରରେ ସୃଷ୍ଟି ହୋଇଥିଲା ଖଚାଖଚ ଭିଡ଼। ନିର୍ବାଚନରେ ଭାଗ ନେବାକୁ କ୍ଲବ୍‌କୁ ଜଣକ ପରେ ନାମୀଦାମୀ ବ୍ୟକ୍ତି ବିଶେଷ ଆସି ଭୋଟ୍ ଦେଇଥିଲେ। ଏଥିପାଇଁ ଏଜି ଛକ ଟ୍ରାଫିକ୍ ପୋଷ୍ଟରୁ ଭୁବନେଶ୍ୱର କ୍ଲବ ପର୍ଯ୍ୟନ୍ତ ରାସ୍ତା ବି ଜାମ୍ ହୋଇଯାଇଥିଲା। ଏଥର ନିର୍ବାଚନରେ ପ୍ରଦୀପ ଜେନାଙ୍କ ନାରା 'ଭୋଟ୍ ଫର୍ ଚେଞ୍ଜ୍' ରହିଥିବା ବେଳେ ଅସିତ ତ୍ରିପାଠୀଙ୍କ ସ୍ଲୋଗାନ୍ 'ବିକାଶ ଏକ ଯାତ୍ରା' ରହିଥିଲା।



ମହାଳୟାରେ ମା' ସମଲେଶ୍ୱରୀଙ୍କ ଧବଳମୁଖୀ ବେଶ

# ସ୍ୱାମୀର ଠେଙ୍ଗାମାଡ଼ରେ ସ୍ତ୍ରୀ ମୃତ

ବେତନଟୀ,୨୧।୯(ସମିସ): ସ୍ୱାମୀର ଠେଙ୍ଗାମାଡ଼ରେ ସ୍ତ୍ରୀର ମୃତ୍ୟୁ ଘଟିଛି। ମୟୂରଭଞ୍ଜ ଜିଲ୍ଲା ବେତନଟୀ ଥାନା ଅଧୀନ ପୁରିନ୍ଦା ପଞ୍ଚାୟତର ସଂସା ଗାଁରେ ପାରିବାରିକ କଳହରୁ ଏଭଳି କରୁଣ ପରିସ୍ଥିତି ଘଟିଛି। ମୃତକ ହେଲେ ସତ୍ୟଭାମା ମହାନ୍ତ। ରବିବାର ଦ୍ୱିପହରରେ ସ୍ୱାମୀ ଗଣେଶ ମହାନ୍ତ ସାମାନ୍ୟ କଥାରୁ ଉତ୍‌କ୍ଷିପ୍ତ ହୋଇ ପତ୍ନୀ ସତ୍ୟଭାମାଙ୍କୁ ମାଡ଼ ମାରିଥିଲେ। ମନଦୁଃଖରେ ଖଟିଆରେ ସତ୍ୟଭାମା ଶୋଇଥିବାବେଳେ ଗଣେଶ ପୁଣି ଏକ ଠେଙ୍ଗାରେ ତାଙ୍କ ମୁଣ୍ଡକୁ ଶକ୍ତ ପ୍ରହାର କରିଥିଲେ। ଫଳରେ ଘଟଣାସ୍ଥଳରେ ସତ୍ୟଭାମାଙ୍କର ମୃତ୍ୟୁ ଘଟିଛି।

# ୨୭ରେ ପ୍ରଧାନମନ୍ତ୍ରୀଙ୍କ ଝାରସୁଗୁଡ଼ା ଗସ୍ତ

ଝାରସୁଗୁଡ଼ା,୨୧।୯(ସମିସ): ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଆସନ୍ତା ୨୭ ତାରିଖରେ ଝାରସୁଗୁଡ଼ା ଆସିବେ। ଝାରସୁଗୁଡ଼ାର ଅମଲିପାଲି ଠାରେ ଥିବା ରିଜର୍ଭ ପଡିଆରେ ଆୟୋଜିତ ହେବାକୁ ଥିବା ଯୁବ ସମାବେଶର ସାଧାରଣ ସଭାରେ ପ୍ରଧାନମନ୍ତ୍ରୀ ଭାଷଣ ଦେବେ। ଏଥିପାଇଁ ଆଜି ଆନୁଷ୍ଠାନିକ ସୂଚନା ମିଳିବା ପରେ ଅମଲିପାଲି ପଡିଆ ସହ ଅନ୍ୟ ଦୁଇଟି ରାଜସ୍ୱ ମନ୍ତ୍ରୀ ସୁରେଶ ପୂଜାରୀ ଓ ବିଧାୟକ ଟଙ୍କଧର ତ୍ରିପାଠୀଙ୍କ ସହ ଉତ୍ତରାଞ୍ଚଳ ଆଇଜି, ଜିଲ୍ଲାପାଳ ଓ ଏସପି ପଡିଆକୁ ବୁଲି ଦେଖିଛନ୍ତି। ଏହାପରେ ଅମଲିପାଲି ପଡିଆରେ ଯୁଦ୍ଧକାଳୀନ ଭିତ୍ତିରେ ସଫେଇ କାର୍ଯ୍ୟ ଆରମ୍ଭ ହୋଇଛି। ବିଜେପି ରାଜ୍ୟ ସଭାପତି ମନମୋହନ ସାମଲ ଆଜି ସନ୍ଧ୍ୟାରେ ସାମ୍ଭାବ୍ୟ କାର୍ଯ୍ୟକ୍ରମ ସକାଶେ ପ୍ରସ୍ତୁତି ଦେଖିବା ପାଇଁ ଝାରସୁଗୁଡ଼ା ପହଞ୍ଚିଛନ୍ତି। ଝାରସୁଗୁଡ଼ାରେ ଯୁବ ସମାବେଶ ଆୟୋଜନ ହେବ ଓ ରାଷ୍ଟ୍ରୀୟ ସ୍ତରରେ ଯୁବକଙ୍କ ମଙ୍ଗଳ ପାଇଁ କିଛି ଯୋଜନା ପ୍ରଧାନମନ୍ତ୍ରୀ ଘୋଷଣା କରିବେ ବୋଲି ସୂଚନା ଦେଇଛନ୍ତି। ଏହି ଅବସରରେ ରାଜ୍ୟର ସବୁ ଅଞ୍ଚଳରୁ ଲକ୍ଷାଧିକ ଯୁବକ କାର୍ଯ୍ୟକ୍ରମରେ ସାମିଲ ହେବେ ବୋଲି ସୂଚନା ରହିଛି।

# 'ନିଯୁକ୍ତି ପାଇଁ ଲାଗୁ ହେଉ ୱେଟିଂ ବ୍ୟବସ୍ଥା'

ଭୁବନେଶ୍ୱର, ୨୧।୯(ସମିସ): ନିର୍ଦ୍ଧାରିତ ପଦ ପାଇଁ ନିଯୁକ୍ତି ପ୍ରକ୍ରିୟା କରାଯାଉଥିବାବେଳେ ସମସ୍ତ ପଦ ପୂରଣ ହେଉନାହିଁ। ଚୂଡ଼ାନ୍ତ ତାଲିକାରେ ସ୍ଥାନ ପାଇଥିବା ବହୁ ପ୍ରାର୍ଥୀ ଚାକିରିରେ ଯୋଗ ଦେଉ ନ ଥିବାରୁ ବହୁ ପଦ ଖାଲି ପଡୁଛି। ଏପରିକି କାର୍ଯ୍ୟରେ ଯୋଗଦେବା ପୂର୍ବରୁ ଅନ୍ୟ ଚାକିରି ପାଇଲେ ମଧ୍ୟ ଗୋଟିଏ ପଦ ଖାଲି ରହୁଛି। ଏଣୁ ନିଯୁକ୍ତି ସମୟରେ ପୂର୍ବପରି ୱେଟିଂ ଲିଷ୍ଟ ବ୍ୟବସ୍ଥା ଲାଗୁ କରିବାକୁ ଆଶାୟୀମାନେ ଦାବି କରିଛନ୍ତି। ଏନେଇ ରାଜ୍ୟପାଳଙ୍କ ସମେତ ମୁଖ୍ୟମନ୍ତ୍ରୀ ଓ ମୁଖ୍ୟ ସଚିବଙ୍କୁ ଦାବିପତ୍ର ଦେଇଛନ୍ତି। ଓଡ଼ିଶା ଲୋକ ସେବା ଆୟୋଗ (ଏପିଏସ୍‌ସି), ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ଏବଂ ଓଡ଼ିଶା ଅଧସ୍ତନ କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ଏସ୍‌ସି)ର ନିଯୁକ୍ତି ପାଇଁ ୨୦୨୦ ପୂର୍ବରୁ ୱେଟିଂ ପ୍ରକ୍ରିୟା ଲାଗୁ ହେଉଥିଲା। ଫଳରେ ଫାଙ୍କା ରହି ଯାଉଥିବା ପଦରେ ୱେଟିଂ ତାଲିକାରେ ଥିବା ଆଶାୟୀମାନେ କ୍ରମାନ୍ୱୟରେ ନିଯୁକ୍ତି ପାଉଥିଲେ। ସମସ୍ତ ପଦ ପୂରଣ ହେବା ସହ ବହୁ ପିଲା ନିଯୁକ୍ତି ପାଉଥିଲେ। ଏହା ଉଚ୍ଛେଦ କରିବାରୁ ଅନେକ ପଦ ଖାଲି ରହୁଛି। ନିକଟରେ ବାଟାଲିଅନ୍ ଏବଂ ପୁଲିସ୍ ଡ୍ରାଇଭର୍ ପରୀକ୍ଷା ଫଳ ପ୍ରକାଶ ପାଇଛି। ବାଟାଲିଅନ୍‌ରେ ପାଇଥିବା ପ୍ରାୟ ୬୦ଜଣ ପିଲା ଡ୍ରାଇଭର୍ ମଧ୍ୟ ପାଇଥିବାରୁ କୌଣସି ଗୋଟିଏ ସ୍ଥାନରେ ଯୋଗଦେବେ। ଫଳରେ ଏ ସବୁ ପଦ ଫାଙ୍କା ରହିବ। ଏଣୁ ୱେଟିଂ ତାଲିକା ବ୍ୟବସ୍ଥା ପୁନଃ ଲାଗୁ କରିବା ପାଇଁ ଆଶାୟୀ ସୁନୀଲ କୁମାର ମିଶ୍ର, ଶୁଭ୍ରଜିତ୍ ସାହୁ, ଆଲୋକ ରଥ, ନିବାସ କୁଣ୍ଡୁ, ଶ୍ରଦ୍ଧାଞ୍ଜଳି ମିଶ୍ରଙ୍କ ସମେତ ବହୁ ଆଶୟୀ ଦାବିପତ୍ର ପ୍ରଦାନ କରିଛନ୍ତି।

## ଉପର ପଡ଼ିଆରେ ହେବନି ବାଲିଯାତ୍ରା

# ସରକାରଙ୍କ ନିଷ୍ପତ୍ତିକୁ ଭର୍ତ୍ତୃହରିଙ୍କ ସମାଲୋଚନା

କଟକ,୨୧।୯(ସମିସ): ନଭେମ୍ବର ୫ରୁ ଆରମ୍ଭ ହେବ ଐତିହାସକ କଟକ ବାଲିଯାତ୍ରା। ହେଲେ ଦୀର୍ଘବର୍ଷ ଧରି ଚାଲି ଆସୁଥିବା ଏହି ବାଣିଜ୍ୟମେଳାକୁ ନୂଆ ଢ଼ାଞ୍ଚାରେ ଆୟୋଜନ କରିବାକୁ ଉଦ୍ୟମ କରି ବିରୋଧାଭାଷର ଶିକାର ହେଉଛି କଟକ ଜିଲ୍ଲା ପ୍ରଶାସନ। ଏଥର ଉପର ପଡ଼ିଆ ତଥା କିଲ୍ଲା ପଡ଼ିଆରେ ବାଲିଯାତ୍ରାର ଷ୍ଟଲ ପଡ଼ିବ ନାହିଁ। କେବଳ ତଳ ପଡ଼ିଆରେ ଯାତ୍ରା ଆୟୋଜନ ହେବ ବୋଲି ପ୍ରଶାସନ ନିଷ୍ପତ୍ତି ନେଇଛି। ସାଂସଦ ଭର୍ତ୍ତୃହରି ମହତାବ ପ୍ରଶାସନର ନିଷ୍ପତ୍ତି ଭୁଲ୍ ବୋଲି ଖୋଲାଖୋଲି ଭାବେ କହିଛନ୍ତି। ଘଟଣା ବାବଦରେ ଗଣମାଧ୍ୟମକୁ ଅଧିକ ପ୍ରତିକ୍ରିୟା ଦେଇ ନଥିଲେ ସୁଦ୍ଧା ବାଲିଯାତ୍ରା ଉପର ପଡ଼ିଆରେ ମଧ୍ୟ ହେବା ଉଚିତ୍ ବୋଲି ଶ୍ରୀ ମହତାବ ମତ ଦେଇଛନ୍ତି।

ବାଲିଯାତ୍ରା ଆୟୋଜନର ତରିକା ବଦଳାଇବା କଟକ ଜିଲ୍ଲା ପ୍ରଶାସନ ପାଇଁ ମହଙ୍ଗା ପଡ଼ିଆରେ। ଦୁଇଟି ପଡ଼ିଆରେ ଲକ୍ଷଲକ୍ଷ ଜନସମାଗମ ହୁଏ। ମାତ୍ର ଏଥର ସମସ୍ତ ଷ୍ଟଲକୁ ଗୋଟିଏ ପଡ଼ିଆରେ ଏକଜୁଟ କରାଯିବ। ଯଦ୍ୱାରା ଭିଡ଼ ନିୟନ୍ତ୍ରଣରେ ପୁଲିସ ଓ ପ୍ରଶାସନ ପାଇଁ ଚ୍ୟାଲେଞ୍ଜ ସୃଷ୍ଟି କରିବାର ଆଶଙ୍କା ରହିଛି। ଅନ୍ୟପକ୍ଷରେ ଉପର ପଡ଼ିଆରେ ମେଳା ଆୟୋଜନ ନକରି କେବଳ ତଳ ପଡ଼ିଆରେ ୧୬୫୪ ଷ୍ଟଲ ବ୍ୟବସ୍ଥା କରିବା ପାଇଁ ପ୍ରଶାସନ ବ୍ଲୁ ପ୍ରିଣ୍ଟ ପ୍ରସ୍ତୁତ କରିଛି। ଏହା ଭିତରେ ରିଂରୋଡରୁ କିଛି ଗଛ କଟାଯିବାକୁ ଯୋଜନା ରହିଛି। ତେବେ ଗୋଟିଏ ପଡ଼ିଆରେ ବାଲିଯାତ୍ରା ଆୟୋଜନର ନିଷ୍ପତ୍ତିକୁ ନେଇ ପ୍ରଶାସନକୁ ଟାର୍ଗେଟ କରାଯାଉଛି। ଦୁଇ ଦିନ ପୂର୍ବେ ରାଜ୍ୟସଭା ସାଂସଦ ଦେବାଶିଷ ସାମନ୍ତରାୟ ଏ ନେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କୁ ଚିଠି ଲେଖି ପ୍ରଶାସନର ନିଷ୍ପତ୍ତି କଟକିଆଙ୍କ ଭାବାବେଗ ପ୍ରତି କୁଠାରଘାତ ବୋଲି କହିଥିଲେ।

**କାର୍ଯ୍ୟକାରୀ ହେଉନି ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ**

# ୪ ମାସ ପରେ ବି ମିଳିନି କମ୍ବଳ, ମଶାରୀ ଭତ୍ତା

ଭୁବନେଶ୍ୱର,୨୧।୯(ସମିସ): ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶନାମା ମାନୁ ନାହାନ୍ତି ସରକାରୀ ଅଧିକାରୀ। ମୁଖ୍ୟମନ୍ତ୍ରୀଙ୍କ ସମ୍ବଲପୁର ଜନ ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମରେ ରାଜ୍ୟ କେନ୍ଦୁପତ୍ର କର୍ମଚାରୀ ସଂଘ ମୁଖ୍ୟମନ୍ତ୍ରୀଙ୍କୁ କିଛି ଦାବି ଅବଗତ କରାଇଥିଲା। ଏହି ଦାବି ସମୂହକୁ ଅନୁଧ୍ୟାନ କରି ଶୀଘ୍ର ସମାଧାନ କରିବାକୁ ମୁଖ୍ୟମନ୍ତ୍ରୀ ବିଭାଗୀୟ ଅତିରିକ୍ତ ମୁଖ୍ୟ ଶାସନ ସଚିବଙ୍କୁ ଚିଠି କରି ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଏହି ଘଟଣାକୁ ୪ ମାସ ବିତିଯାଇଥିଲେ ମଧ୍ୟ ଏହା ପୂରଣ ହୋଇପାରି ନାହିଁ। ଏହାସହିତ ମୁଖ୍ୟମନ୍ତ୍ରୀ ଗତ ଜୁନ ୩ ତାରିଖରେ ଦେବଗଡରେ ଏକ ସମାବେଶରେ କେନ୍ଦୁପତ୍ର ତୋଳାଳି ମାନଙ୍କୁ ବିଭିନ୍ନ ସାମାଜିକ ନିରାପତ୍ତା ପାଇଁ ୪୬୦ ଓ ବନ୍ଧେଇ ଶ୍ରମିକମାନଙ୍କୁ କମ୍ବଳ ଓ ମଶାରୀ ପାଇଁ ୭୦୦ ଟଙ୍କା ସହାୟତା ଘୋଷଣା କରିଥିଲେ। ଏହି ଘୋଷଣାକୁ ୪ ମାସ ବିତିଯାଇଥିଲେ ମଧ୍ୟ ଏହା କାର୍ଯ୍ୟକାରୀ ହୋଇନାହିଁ। ଏଭଳି ଘଟଣାକୁ ନେଇ ରାଜ୍ୟ କେନ୍ଦୁପତ୍ର କର୍ମଚାରୀ ସଂଘ ଗଭୀର କ୍ଷୋଭ ପ୍ରକାଶ କରିବା ସହିତ ପିସିସିଏଫ୍‌ଙ୍କ କାର୍ଯ୍ୟାଳୟ (ଅରଣ୍ୟ ଭବନ) ଘେରଉ କରିବାକୁ ନିଷ୍ପତ୍ତି ନେଇଛି।

ଏହା ପୂର୍ବରୁ ଓଡ଼ିଶା କେନ୍ଦୁପତ୍ର କର୍ମଚାରୀ ସଂଘର ରାଜ୍ୟ ଓ ଡିଭିଜନ ସ୍ତରୀୟ କର୍ମକର୍ତ୍ତାମାନଙ୍କ ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ସଂଘର ରାଜ୍ୟ ସଭାପତି



ବିଜୟ କୁମାର ମହାନ୍ତିଙ୍କ ଅଧ୍ୟକ୍ଷତାରେ ବସିଥିବା ବେଳେ ଏଥିରେ କେନ୍ଦୁପତ୍ର କର୍ମଚାରୀଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋଚନା ହୋଇଛି। ଏଥିରେ ଉପରୋକ୍ତ ସମସ୍ୟା ସହିତ ୨୦୨୪ ମସିହା ଜୁଲାଇ ୧୮ ତାରିଖରେ ନୂତନ ସର୍ବନିମ୍ନ ମଜୁରୀ ସରକାର ଘୋଷଣା କରିଥିଲେ ମଧ୍ୟ ବର୍ଦ୍ଧିତ ହାରରେ ସିଜିନାଲ କର୍ମଚାରୀଙ୍କ ମାସିକ ମଜୁରୀ ଏକ ବର୍ଷ ୩ ମାସ ହେବାକୁ ଯାଉଥିଲେ ମଧ୍ୟ ଏହା ସଂଶୋଧନ କିମ୍ବା ବୃଦ୍ଧି ହୋଇନାହିଁ। ଏଥିଯୋଗୁଁ ୧୭/୧୮ ହଜାର ସିଜିନାଲ କର୍ମଚାରୀ କ୍ଷତିଗ୍ରସ୍ତ ହେଉଛନ୍ତି। କେନ୍ଦୁପତ୍ର ତୋଳାଳି ଓ ସିଜିନାଲ କର୍ମଚାରୀ ଏବଂ ବନ୍ଧେଇ ଶ୍ରମିକ ମାନଙ୍କ ୨ ଟି କନ୍ୟାର ବିବାହ ପାଇଁ ୨୫୦୦୦ ଟଙ୍କା ସାମାଜିକ ଆର୍ଥିକ ସହାୟତା ନେଇ ପୂର୍ବ ସରକାର ଘୋଷଣା କରିଥିଲେ। କିନ୍ତୁ ଏହାକୁ ବାତିଲ କରିଦିଆଯାଇଛି। ଏହାସହିତ ୧୦୦ କୋଟିର ବଜେଟ୍ ମଞ୍ଜୁରୀ ଅର୍ଥ ମଧ୍ୟ ୫୦ କୋଟି ଟଙ୍କା କାଟି ଦିଆଯାଇଛି।

ଏ ସବୁ ବିଷୟରେ ବାରମ୍ବାର ଦାବି, ସ୍ମାରକ ପତ୍ର, ଉଚ୍ଚସ୍ତରୀୟ ସାକ୍ଷାତ ଆଲୋଚନା ସ୍ଥଳେ ଏବଂ

**ଅରଣ୍ୟ ଭବନ ଘେରିବ କେନ୍ଦୁପତ୍ର କର୍ମଚାରୀ ସଂଘ**

ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ ସତ୍ତ୍ୱେ ବିଭାଗୀୟ କର୍ତ୍ତୃପକ୍ଷ ଏଥିରେ ଅବହେଳା କରୁଥିବା ସଂଘ କହିଛି। ତେଣୁ ଆସନ୍ତା ଅକ୍ଟୋବର ୧୪ ତାରିଖରେ ଏହି ସଂସ୍ଥାର ସର୍ବୋଚ୍ଚ ପିସିସିଏଫ୍‌ଙ୍କ କାର୍ଯ୍ୟାଳୟର ଅରଣ୍ୟ ଭବନରେ ଏକ ବିଶାଳ ସମାବେଶ ଓ ଧାରଣା ଆନ୍ଦୋଳନ ହେବ ବୋଲି ସଂଘ ନିଷ୍ପତ୍ତି ନେଇଛି। ଉକ୍ତ କର୍ମକର୍ତ୍ତା ବୈଠକରେ ଉପସଭାପତି ଗୋକୁଳ ମେହେର ରାଜ୍ୟ ସଂଗଠନ ସମ୍ପାଦକ ସଂଜିତ ମହାନ୍ତିଙ୍କ ସମେତ ବହୁ ବରିଷ୍ଠ କର୍ମକର୍ତ୍ତା ଅଂଶଗ୍ରହଣ କରିଥିଲେ।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟ ଆଗକୁ ବଢ଼ାଇବାକୁ ପ୍ରୟାସ କରିବେ। ପରିବାର ସଦସ୍ୟଙ୍କ ସହ ଉତ୍ତମ ବୁଝାମଣା ରହିବ। ଘରକୁ ଅତିଥି ଆସିବେ। ପୁରୁଣା ବନ୍ଧୁଙ୍କ ସହ ଦେଖାସାକ୍ଷାତ ହେବ। ଆର୍ଥିକ ସମସ୍ୟା ଦେଖା ଦେବ।

**ବୃଷ:** ଘରକୁ ନୂଆ ଜିନିଷ ଆଣିବେ। ଭାବିଚିନ୍ତି ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। ଗୁରୁଜନଙ୍କ ଆଶୀର୍ବାଦ ନେବେ। ଆର୍ଥିକ କାରବାରରେ ଲାଭ ମିଳିବ। ଦୀର୍ଘଦିନର ସମସ୍ୟା ସମାଧାନ ହେବ।

**ମିଥୁନ:** ଆତ୍ମବିଶ୍ୱାସର ସହ ସମସ୍ତ କାର୍ଯ୍ୟ କରିବେ। ପରିଶ୍ରମ ଅନୁସାରେ ଫଳ ମିଳିବ। ବାଦବିବାଦରୁ ଦୂରେଇ ରହିବେ। ପ୍ରତିଯୋଗିତାମୂଳକ ପରୀକ୍ଷା ପାଇଁ ପରିଶ୍ରମ କରିବେ। ଜୀବନସାଥୀଙ୍କୁ ସମୟ ଦେବେ।

**କର୍କଟ:** ମାଂସପେଶୀ ଯନ୍ତ୍ରଣା ଅନୁଭବ କରିବେ। ଇଷ୍ଟ ଦେବଙ୍କୁ ସ୍ମରଣ କରିବେ। ସୃଜନାତ୍ମକ କାର୍ଯ୍ୟରେ ସମୟ ଅତିବାହିତ କରିବେ। କାର୍ଯ୍ୟକ୍ଷେତ୍ରରେ ସଫଳ ହେବେ। ଜମି କିଣିବା ଯୋଗ ଅଛି।

**ସିଂହ:** ଦିନଟି ହସଖୁସିରେ କଟିବ। ସ୍ୱାସ୍ଥ୍ୟ ପ୍ରତି ଧ୍ୟାନ ଦେବେ। ପ୍ରେମ ମାମଲାରେ ଦିନଟି ଭଲ। ବନ୍ଧୁଙ୍କ କଥା ଆଘାତ ଦେବ। ଗରିବ ଲୋକଙ୍କୁ ସାମର୍ଥ୍ୟ ମୁତାବକ ସାହାଯ୍ୟ କରିବେ।

**କନ୍ୟା:** ଆର୍ଥିକ ସ୍ଥିତିରେ ଉନ୍ନତି ପରିଲକ୍ଷିତ ହେବ। ରୋଗମୁକ୍ତ ହେବେ। ପରିବାର ସଦସ୍ୟଙ୍କ ମନ ଜିଣିବେ। ନିଯୁକ୍ତିକୁ ନେଇ ଖୁସି ଖବର ମିଳିବ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ତୁଳା:** ବ୍ୟବସାୟରେ ଲାଭ ହେବ। ପାରିବାରିକ ବିବାଦ ଦେଖା ଦେବ। ଜୀବନସାଥୀଙ୍କ ସହ ନୂଆ ସ୍ଥାନ ବୁଲିବାକୁ ଯିବେ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ। ଯାତ୍ରା ଲାଭଦାୟକ ହେବ।

**ବିଛା:** ବ୍ୟବସାୟ ବୃଦ୍ଧି ପାଇଁ ନୂଆ ଯୋଜନା କରିବେ। ସନ୍ତାନଙ୍କ ସହ ବୁଲିବାକୁ ଯିବେ। ସ୍ୱାଦିଷ୍ଟ ଖାଦ୍ୟ ଖାଇବେ। ବନ୍ଧୁମିଳନ ଯୋଗ ଅଛି। ମାଲିମକଦ୍ଦମା ଲାଗି ସମୟ ଅନୁକୂଳ ନୁହେଁ।

**ଧନୁ:** ଯୋଜନାମୁତାବକ ସମସ୍ତ କାର୍ଯ୍ୟ କରିବେ। ଚିନ୍ତାଗ୍ରସ୍ତ ରହିବେ। ଛାତ୍ରଛାତ୍ରୀ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ। ବିରୋଧୀଙ୍କଠାରୁ ଦୂରେଇ ରହିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ତିକ୍ତତା ଦେଖା ଦେବ।

**ମକର:** ଆଣ୍ଠୁଗଣ୍ଠି ସମସ୍ୟା ଦେଖା ଦେବ। ସମୟର ସଠିକ ଉପଯୋଗ କରିବେ। ପ୍ରେମିକ ପ୍ରେମିକାଙ୍କ ପାଇଁ ଦିନଟି ଉତ୍ତମ। ଯାନବାହନ ଚଳାଇବା ବେଳେ ସତର୍କତା ଅବଲମ୍ବନ କରିବେ।

**କୁମ୍ଭ:** ଭଗବାନ ଶିବଙ୍କୁ ବେଲପତ୍ର ଅର୍ପଣ କରିବେ। ପରିବାର ସଦସ୍ୟଙ୍କ ସ୍ୱାସ୍ଥ୍ୟକୁ ନେଇ ଚିନ୍ତାରେ ରହିବେ। ଅଫିସ୍‌ରେ କାର୍ଯ୍ୟଭାର କମ୍ ହେବ। ବୈବାହିକ ଜୀବନ ମଜଭୁତ୍ ହେବ।

**ମୀନ:** ଇଞ୍ଜିନିୟରିଂ କ୍ଷେତ୍ରରେ ସଫଳତା ମିଳିବ। ବନ୍ଧୁ ମିଳନ ଯୋଗ ଅଛି। ଭାଇଭଉଣୀଙ୍କ ମଧ୍ୟରେ ଝଗଡ଼ା ହେବ। ଛାତ୍ରଛାତ୍ରୀ ମନୋରଞ୍ଜନ କାର୍ଯ୍ୟରେ ସମୟ ଅତିବାହିତ କରିବେ। ଅଧିକ ଖର୍ଚ୍ଚାନ୍ତ ହେବେ।

## ଆଜିର ଇତିହାସ

- ୧୭୯୧- ପ୍ରସିଦ୍ଧ ବୈଜ୍ଞାନିକ ମାଇକେଲ୍ ଫାରାଡେଙ୍କ ଜନ୍ମ।
- ୧୮୮୮- ନେସନ୍ୟାଲ୍ ଜିଓଗ୍ରାଫିକ୍ ପତ୍ରିକାର ପ୍ରଥମ ଅଙ୍କ ପ୍ରକାଶିତ ହୋଇଥିଲା।
- ୧୯୫୫- ବ୍ରିଟେନରେ ପ୍ରଥମ ଥର ଟିଭିରେ ବିଜ୍ଞାପନ ପ୍ରସାରିତ ହେଲା।
- ୧୯୮୦- ଇରାକ୍, ଇରାନ୍ ଉପରେ ଆକ୍ରମଣ କଲା।
- ୨୦୧୩- ପାକିସ୍ତାନର ପେଶୱାରରେ ଏକ ଚର୍ଚ୍ଚ ଉପରେ ହୋଇଥିବା ଆତ୍ମଘାତୀ ଆକ୍ରମଣରେ ଅତିକମ୍‌ରେ ୧୨୭ ଜଣଙ୍କ ମୃତ୍ୟୁ।

## 'କଲ୍‌କୀ ୨'ରୁ ବାହାରିଲେ ଦୀପିକା

ବଲିଉଡ୍ ଅଭିନେତ୍ରୀ ଦୀପିକା ପାଦୁକୋନ୍ କିଛି ଦିନ ପୂର୍ବରୁ 'ସ୍ପିରିଟ୍'ର ନିର୍ଦ୍ଦେଶକ ସନ୍ଦୀପ ରେଡ୍ଡି ଭାଙ୍ଗାଙ୍କ ସହ ବିବାଦକୁ ନେଇ ଚର୍ଚ୍ଚାରେ ରହିଥିଲେ। ଇତିମଧ୍ୟରେ ଦୀପିକାଙ୍କ ହାତରୁ ଆଉ ଏକ ବଡ଼ ପ୍ରୋଜେକ୍ଟ ମଧ୍ୟ ଚାଲି ଯାଇଛି। 'କଲ୍‌କୀ ୨୮୯୮ ଏଡି'ର ସିକ୍ୱେଲ 'କଲ୍‌କୀ ୨'ରୁ ଏବେ ଦୀପିକା ବାଦ୍ ପଡ଼ିଛନ୍ତି। ନିକଟରେ ପ୍ରଯୋଜନା ସଂସ୍ଥା ବୈଜୟନ୍ତୀ ଫିଲ୍ମସ୍ ପକ୍ଷରୁ ସାମାଜିକ ଗଣମାଧ୍ୟମରେ ଏକ ପୋଷ୍ଟ ସେୟାର୍ କରି ଏବିଷୟରେ ସୂଚନା ଦିଆଯାଇଛି। ତେବେ ଦୀପିକା 'କଲ୍‌କୀ ୨'ର ନିର୍ମାତାଙ୍କ ପାଖରେ କିଛି ସର୍ତ୍ତ ରଖିଥିଲେ। ଏହି ସର୍ତ୍ତ ପାଇଁ ତାଙ୍କୁ ଫିଲ୍ମରୁ ବାଦ୍ ଦିଆଗଲା ବୋଲି ଜଣାପଡ଼ିଛି। ଦୀପିକା ଏହାର ସିକ୍ୱେଲ ପାଇଁ ୨୫% ଅଧିକ ପାରିଶ୍ରମିକ ଦାବି କରିବା ସହ ସାତଘଣ୍ଟିଆ ସିଫ୍ଟରେ ସୁଟ୍ କରିବେ ବୋଲି କହିଥିଲେ। ତେବେ ଏହା ଏକ ଭିଏଫ୍‌ଏକ୍ସ ଫିଲ୍ମ ହୋଇଥିବାରୁ ଏତେ କମ୍ ସମୟରେ ସୁଟ୍ କରିବା ଦ୍ୱାରା ଫିଲ୍ମର ବଜେଟ୍ ବୃଦ୍ଧି ପାଇବ। ଏହାବାଦ୍ ସେ ତାଙ୍କ ସପୋର୍ଟ ଟିମ୍ ରହିବା ପାଇଁ ପଞ୍ଚ ତାରକା ହୋଟେଲ ଯୋଗାଇ ଦେବାକୁ କହିଥିଲେ। ଦିନକୁ ଦିନ ଦୀପିକାଙ୍କ ସର୍ତ୍ତ ବଢ଼ିବାରୁ ପ୍ରଡକ୍ସନ୍ ଟିମ୍ ତାଙ୍କୁ ବାଦ୍ ଦେବା ପାଇଁ ସ୍ଥିର କରିଥିବା ଚର୍ଚ୍ଚା ହେଉଛି। ଫିଲ୍ମ ନିର୍ମାତା ଏହାର କାହାଣୀରେ ପରିବର୍ତ୍ତନ କରି ଦୀପିକାଙ୍କ ଭୂମିକାକୁ ଛୋଟ କରିଦେବାରୁ ସେ ଏହି ଫିଲ୍ମ ଛାଡ଼ି ଦେଇଥିବା ମଧ୍ୟ ଚର୍ଚ୍ଚା ହେଉଛି। ଏହାପୂର୍ବରୁ 'ସ୍ପିରିଟ୍'ରୁ ମଧ୍ୟ ଦୀପିକାଙ୍କ ସର୍ତ୍ତ ପାଇଁ ତାଙ୍କୁ ବାଦ୍ ଦିଆଯାଇଥିଲା।



## ବିଶ୍ୱ ଗୋଲାପ ଦିବସ

### କର୍କଟ ରୋଗୀଙ୍କ ମନୋବଳ ବୃଦ୍ଧି ପାଇଁ ଦିନଟିଏ

ଗୋଲାପ ଫୁଲକୁ ସ୍ନେହ ଓ ପ୍ରେମର ପ୍ରତୀକ ଭାବେ ଧରାଯାଏ। କ୍ୟାନ୍ସର ପରି ଏକ ମାରାତ୍ମକ ବ୍ୟାଧି ସହ ଲଢ଼ୁଥିବା ରୋଗୀଙ୍କୁ ଗୋଲାପ ଫୁଲଟିଏ ଦେଇ ସେମାନଙ୍କ ମନୋବଳ ବୃଦ୍ଧି କରିବା ସହ ଜୀବନ ପ୍ରତି ନୂତନ ଆଶା ସଞ୍ଚାର କରିବା ଉଦ୍ଦେଶ୍ୟରେ ପ୍ରତିବର୍ଷ ସେପ୍ଟେମ୍ବର ୨୨ ତାରିଖକୁ 'ବିଶ୍ୱ ଗୋଲାପ ଦିବସ' ଭାବେ ପାଳନ କରାଯାଏ। କର୍କଟ ରୋଗ ସହ ସଂଘର୍ଷ କରୁଥିବା ଲୋକଙ୍କୁ ଜୀଇଁବା ପାଇଁ ପ୍ରେରଣା ଦେବା ତଥା ତାଙ୍କ ଜୀବନରେ ଖୁସି ଆଣିଦେବା ଏହି ଦିବସ ପାଳନର ଉଦ୍ଦେଶ୍ୟ। ଗୋଲାପ ଫୁଲକୁ ଦେଖିବା ମାତ୍ରେ ମନରେ ଏକ ସକାରାତ୍ମକ ଭାବନା ଆସିଥାଏ। ଏହି ଦିନ କର୍କଟ ରୋଗୀଙ୍କୁ ଗୋଲାପ ଫୁଲ ଦେଇ ଏହି ସନ୍ଦେଶ ଦିଆଯାଏ ଯେ, କ୍ୟାନ୍ସର ଜୀବନର ଅନ୍ତ ନୁହେଁ, ଆରମ୍ଭ। ଦୃଢ଼ ଇଚ୍ଛା ଶକ୍ତି ଦ୍ୱାରା କ୍ୟାନ୍ସର ଯୁଦ୍ଧକୁ ଜିତିହେବ। ୱାର୍ଲଡ୍ ରୋଜ୍ ଡେ' ପାଳନର ଆରମ୍ଭ ୧୯୯୪ ମସିହାରୁ ହୋଇଥିଲା। କାନାଡ଼ାର ୧୨ ବର୍ଷୀୟା କ୍ୟାନ୍ସର ପୀଡ଼ିତା ମେଲିଣ୍ଡା ରୋଜ୍‌ଙ୍କ ସ୍ମୃତିରେ ଏହି ଦିବସ ପାଳନ କରାଯାଏ। କୁନି ବୟସରୁ ମେଲିଣ୍ଡା ବ୍ଲଡ୍ କ୍ୟାନ୍ସରର ଏକ ବିରଳ ପ୍ରକାର ଆସ୍କିନ୍ସ ଟ୍ୟୁମରରେ ପୀଡ଼ିତ ଥିଲେ। ଅତି ସାହସର ସହ ସେ ଶେଷ ପର୍ଯ୍ୟନ୍ତ ଏହି ରୋଗ ସହ ଲଢ଼ିଥିଲେ। ମେଲିଣ୍ଡା କ୍ୟାନ୍ସରର ଲାଷ୍ଟ ଷ୍ଟେଜ୍‌ରେ ଥିଲେ। ସେ ଆଉ ଗୋଟିଏ କି ଦୁଇ ସପ୍ତାହ ବଞ୍ଚିବେ ବୋଲି ଡାକ୍ତର କହିଥିଲେ। ମେଲିଣ୍ଡା ତାଙ୍କର ଦୃଢ଼ ଇଚ୍ଛାଶକ୍ତି ବଳରେ ଡାକ୍ତରଙ୍କୁ ଭୁଲ୍ ସାବ୍ୟସ୍ତ କରି ଛଅମାସ ବଞ୍ଚିଥିଲେ। ଏହି ଛଅମାସ ମଧ୍ୟରେ ପ୍ରତି ମୁହୂର୍ତ୍ତକୁ ସ୍ମରଣୀୟ କରିବା ସହ ଖୁସିର ବାର୍ତ୍ତା ବାଣ୍ଟୁଥିଲେ। ସେ ଅନ୍ୟ କର୍କଟ ରୋଗୀଙ୍କ ମନୋବଳ ବଢାଇବା ପାଇଁ ସେମାନଙ୍କ ଉଦ୍ଦେଶ୍ୟରେ କବିତା, ଇମେଲ୍ ଆଦି ଲେଖୁଥିଲେ। ୧୨ ବର୍ଷର ଏହି ଝିଅ ଜଣକ କ୍ୟାନ୍ସର ରୋଗୀଙ୍କ ପାଇଁ ଏକ ଉଦାହରଣ ହୋଇଗଲେ। ସେ କର୍କଟ ରୋଗ ସହ ଲଢ଼ୁଥିବା ରୋଗୀମାନଙ୍କ ପାଇଁ ଆଶାର କିରଣ ସାଜିଥିଲେ। ମେଲିଣ୍ଡାଙ୍କର ଏହି ଆକର୍ଷଣୀୟ ବ୍ୟକ୍ତିତ୍ୱ ତଥା ତାଙ୍କ ସାହସକୁ ମନେ ପକାଇ ପ୍ରତିବର୍ଷ ସେପ୍ଟେମ୍ବର ୨୨କୁ ବିଶ୍ୱ ଗୋଲାପ ଦିବସ ବା ୱାର୍ଲଡ ରୋଜ୍ ଡେ' ଭାବେ ପାଳନ କରାଯାଏ। ଏହି ଦିନ ବିଶ୍ୱର ବିଭିନ୍ନ ପ୍ରାନ୍ତରେ ଲୋକେ କ୍ୟାନ୍ସର ରୋଗୀମାନଙ୍କୁ ଗୋଲାପ ଫୁଲ ଦେବା ସହ ସେମାନଙ୍କ ସହ ସମୟ ଅତିବାହିତ କରନ୍ତି।

## ସବୁଠୁ ଦାମୀ ଶାଢ଼ି 'ବିବାହ ପଟୁ'

ଶାଢ଼ି ଭାରତୀୟ ମହିଳାମାନଙ୍କର ଏକ ପାରମ୍ପରିକ ପରିଧାନ। ସାଧାରଣତଃ ଶାଢ଼ିର ଡିଜାଇନ୍ ଓ କପଡ଼ା ଅନୁସାରେ ଏହାର ମୂଲ୍ୟ ନିର୍ଦ୍ଧାରଣ ହୋଇଥାଏ। ଏହି କ୍ରମରେ ବିଶ୍ୱର ସବୁଠୁ ଦାମୀ ଶାଢ଼ି ଭାବେ 'ବିବାହ ପଟୁ' ଗିନିଜ୍ ବିଶ୍ୱ ରେକର୍ଡରେ ସ୍ଥାନ ପାଇଛି। ଏହା ଏକ ଚେନ୍ନାଇ ସିଲ୍‌କ ଶାଢ଼ି। ଏହାର ଦାମ୍ ୩୯.୯୩ ଲକ୍ଷ। ଏଥିରେ ସୁନା, ରୂପା, ହୀରା ଆଦି ଖଚିତ ହେବା ସହ ପ୍ରସିଦ୍ଧ ଚିତ୍ରକର ରବି ବର୍ମାଙ୍କର ୧୧ଟି ପେଣ୍ଟିଂକୁ ବୁଣାଯାଇଛି। ତନ୍ମଧ୍ୟରୁ ସ୍ୱତନ୍ତ୍ର ହେଉଛି 'ଗାଲାକ୍ସି ଅଫ୍ ମ୍ୟୁଜିସିୟାନ୍ସ'। ଏଥିରେ ବିଭିନ୍ନ ରାଜ୍ୟର ମହିଳାମାନେ ନିଜର ପାରମ୍ପରିକ ବାଦ୍ୟଯନ୍ତ୍ର ବଜାଉଥିବାର ଦେଖାଯାଇଛନ୍ତି। ଏହି ଶାଢ଼ିରେ ୫୯.୭ ଗ୍ରାମ୍ ସୁନା, ୩.୯୧୩ କ୍ୟାରେଟ୍ ହୀରା, ୧୨୦ ମିଲିଗ୍ରାମ୍ ପ୍ଲାଟିନମ୍, ୫୫ ସେଟ୍ ପନ୍ନା, ୨.୯୮୫ କ୍ୟାରେଟ୍ ରୁବି, ନବରତ୍ନ ପଥର, ମୋତି, ମୁଗା ଆଦି ଦାମୀ ରତ୍ନର ମଧ୍ୟ ବ୍ୟବହାର କରାଯାଇଛି। ୮ କିଲୋ ଓଜନର ଏହି ଶାଢ଼ିରେ ୬୪ ପ୍ରକାରର ରଙ୍ଗ ଓ ୧୦ ଟି ନିଆରା ଡିଜାଇନ୍‌ର ବ୍ୟବହାର କରାଯାଇଛି। ଏହାର ଓଜନ ଅଧିକ ଥିବା ସତ୍ତ୍ୱେ, ଏହାକୁ ସାଧାରଣ ଶାଢ଼ି ଭଳି ପିନ୍ଧାଯାଇ ପାରିବ। ଏହାକୁ ଏପର୍ଯ୍ୟନ୍ତ ଦୁଇଥର କିଣାଯାଇ ସାରିଛି। ଏହି ଶାଢ଼ି ପ୍ରଥମେ ବେଙ୍ଗାଲୁରୁର ଜଣେ ବ୍ୟବସାୟୀ ୧୦ମ ବିବାହ ବାର୍ଷିକୀ ଅବସରରେ ପତ୍ନୀଙ୍କୁ ଉପହାର ଦେବା ପାଇଁ କିଣିଥିଲେ। ଏହାପରେ କୁଏତ୍‌ର ଜଣେ ଧନୀ ବ୍ୟବସାୟୀ ବି ଏହି ଶାଢ଼ି ତିଆରି କରିବା ଲାଗି ଅନୁରୋଧ କରିଥିଲେ। ତେବେ ଏହି ଶାଢ଼ି କେବଳ ପିନ୍ଧିବା ପାଇଁ ଉଦ୍ଦିଷ୍ଟ ନୁହେଁ, ଏହା ଏକ ଅମୂଲ୍ୟ କଳାକୃତି, ଯାହା ଭାରତୀୟ ବୟନ କଳା ଗୌରବକୁ ବିଶ୍ୱରେ ଏକ ଭିନ୍ନ ପରିଚୟ ପ୍ରଦାନ କରିଛି।





## ଦୁର୍ଗା ଚାଳିଶା ପାଠର ନିୟମ

ନବରାତ୍ରୀରେ ମା' ଦୁର୍ଗା ନଅଟି ରୂପରେ ପୂଜା ପାଇଥାନ୍ତି। ଏହି ନଅଦିନ ମା' ଦୁର୍ଗା ଶୈଳପୁତ୍ରୀ, ବ୍ରହ୍ମଚାରିଣୀ, ଚନ୍ଦ୍ରଘଣ୍ଟା, କୁଷ୍ମାଣ୍ଡା, ସ୍କନ୍ଦମାତା, କାତ୍ୟାୟନୀ, କାଳରାତ୍ରୀ, ମହାଗୌରୀ ଓ ସିଦ୍ଧିଦାତ୍ରୀ ରୂପରେ ପୂଜା ପାଇଥାନ୍ତି। ଏହି ନବଦିନାତ୍ମକ ପୂଜାରେ ମା'ଙ୍କ ପୂଜାର୍ଚ୍ଚନା ସହ ଦୁର୍ଗାସପ୍ତଶତୀ ଏବଂ ଦୁର୍ଗା ଚାଳିଶା ପାଠ କରାଯାଏ। ଦୁର୍ଗା ଚାଳିଶା ପାଠ ଦ୍ୱାରା ମାନସିକ ଶାନ୍ତି ପ୍ରାପ୍ତ ହୁଏ। ଘରୁ ନକାରାତ୍ମକ ଶକ୍ତି ଦୂର ହୁଏ ଏବଂ ଆର୍ଥିକ ଲାଭ ହୁଏ। ତେବେ ଦୁର୍ଗା ଚାଳିଶା କିଭଳି ପାଠ କରିବେ, ସେ ସମ୍ପର୍କରେ ଜାଣିବା।

- ସକାଳୁ ସ୍ନାନ ସାରି ଭଲ ବସ୍ତ୍ର ପରିଧାନ କରନ୍ତୁ।
- ଏହାପରେ ଦେବୀ ମାତାଙ୍କ ପୂଜାର୍ଚ୍ଚନା କରନ୍ତୁ।
- ମା' ଦୁର୍ଗାଙ୍କୁ ଫୁଲ, ଧୂପ, ଦୀପ ଲାଗି କରିବା ସହ ପ୍ରସାଦ ଭୋଗ କରନ୍ତୁ।
- ଏହା ପରେ ଦୁର୍ଗା ଚାଳିଶା ପାଠ କରନ୍ତୁ।
- ଦୁର୍ଗା ଚାଳିଶା ପାଠ କରିସାରିବା ପରେ ମା'ଙ୍କ ଆରତୀ କରି ପ୍ରସାଦ ଗ୍ରହଣ କରନ୍ତୁ।

## ନବରାତ୍ରୀରେ ଦୀପ ପ୍ରଜ୍ୱଳନ



ନବରାତ୍ରୀର ନଅଦିନରେ ନିତିଦିନ ଦେବୀଙ୍କ ଅଲଗା ଅଲଗା ରୂପକୁ ପୂଜା କରାଯାଏ। ଏଥିରେ ଅଖଣ୍ଡ ଦୀପ ପ୍ରଜ୍ୱଳନର ପରମ୍ପରା ରହିଛି। ଶାସ୍ତ୍ରରେ ଦୀପ ପ୍ରଜ୍ୱଳନର ବିଶେଷ ମହତ୍ତ୍ୱ ରହିଛି। ଏହି ନଅ ଦିନ ଦୀପ ପ୍ରଜ୍ୱଳନ କରିବା ଦ୍ୱାରା ଜୀବନର ଅନ୍ଧକାର ଦୂର ହୁଏ। ଘରେ ସୁଖ ଓ ସମୃଦ୍ଧିର ଆଗମନ ହୁଏ। ଏହି ଅବଧି ମଧ୍ୟରେ କେଉଁ କେଉଁ ସ୍ଥାନରେ ଦୀପ ଜାଳିବା ଦରକାର, ସେ ସମ୍ପର୍କରେ ଜାଣିବା।

### ମୁଖ୍ୟଦ୍ୱାର

ଶାସ୍ତ୍ରରେ ମୁଖ୍ୟ ଦ୍ୱାରରେ ଦୀପ ଜାଳିବା ଶୁଭ। ଏହା ଦ୍ୱାରା ଘରକୁ ଦେବୀଦେବତାଙ୍କର ପ୍ରବେଶ ହୋଇଥାଏ ଏବଂ ପରିବାରରେ ସୁଖ ଶାନ୍ତି ବୃଦ୍ଧି ପାଏ।

### ପୂଜାଘର

ପ୍ରଥମ ଦୀପ ଘରର ମନ୍ଦିର ଏବଂ ପୂଜା ସ୍ଥାନରେ ଜାଳିବା ଉଚିତ। ଏହା ଦ୍ୱାରା ଘରେ ସକାରାତ୍ମକ ଶକ୍ତିର ସଞ୍ଚାର ହୁଏ।

### ରୋଷେଇ ଘର

ନବରାତ୍ରୀରେ ରୋଷେଇ ଘରେ ଦୀପ ଜାଳିବା ଦ୍ୱାରା ମା' ଲକ୍ଷ୍ମୀ ପ୍ରସନ୍ନ ହୁଅନ୍ତି। ଘରେ ଅନ୍ନର ଅଭାବ ଦେଖା ଦିଏ ନାହିଁ।

### ତୁଳସୀ ଚଉରା

ହିନ୍ଦୁ ଧର୍ମରେ ତୁଳସୀ ଗଛକୁ ଅତ୍ୟନ୍ତ ପବିତ୍ର ବୋଲି ବିବେଚନା କରାଯାଇଛି। ଏହି ନଅଦିନ ଯାକ ସନ୍ଧ୍ୟାରେ ଦୀପ ଜାଳିବା ଭଲ।

## ଆସ୍ଥା

## କନ୍ୟା ପୂଜା

ଖୁବ୍ ଶୀଘ୍ର ଆରମ୍ଭ ହେବ ଶାରଦୀୟ ନବରାତ୍ରୀ। ଆଶ୍ୱିନ ପ୍ରତିପଦାରୁ ନବରାତ୍ରୀ ପ୍ରାରମ୍ଭ ହୋଇଥାଏ ଏବଂ ଏହା ନବମୀ ତିଥି ପର୍ଯ୍ୟନ୍ତ ଚାଲେ। ନବରାତ୍ରୀ କନ୍ୟା ପୂଜାରେ ଶେଷ ହୋଇଥାଏ। ଏହା ପରେ ପାଳନ କରାଯାଏ ଦଶହରା। ତେବେ କନ୍ୟା ପୂଜା ବିନା ନବରାତ୍ରିର ନଅ ଦିନର ସାଧନାର ଫଳ ମିଳି ନ ଥାଏ। ଅଷ୍ଟମୀ ଏବଂ ନବମୀ ପୂଜା ପରେ କନ୍ୟା ପୂଜା କରାଯାଏ। ଏଥିରେ କନ୍ୟାମାନଙ୍କୁ ପୂଜା କରାଯାଇ ଭୋଜନ ଓ ଉପହାର ପ୍ରଦାନ କରାଯାଇ ଆଶୀର୍ବାଦ କାମନା କରାଯାଏ।



- ପ୍ରଥମେ କନ୍ୟାଙ୍କ ପାଦ ପ୍ରକ୍ଷ୍ୟାଳନ କରାଯାଏ।
- ଏହା ପରେ ତିଳକ କରାଯାଏ।
- ଏହାପରେ ଖାଦ୍ୟ ପ୍ରଦାନ କରାଯାଏ ଏବଂ ତା'ପରେ ଉପହାର ଦେବାର ନିୟମ ଅଛି।
- କନ୍ୟା ପୂଜା ଦ୍ୱାରା ଘରେ ମା' ଦୁର୍ଗା ବାସ କରନ୍ତି।
- କୌଣସି କନ୍ୟାଙ୍କୁ ଅପମାନିତ କିମ୍ବା ଦୁଃଖ ଦେବା ଅନୁଚିତ।
- ଉପହାରରେ କୌଣସି କଳା ରଙ୍ଗ ଜିନିଷ ପ୍ରଦାନ କରନ୍ତୁ ନାହିଁ। ଏହା ଦ୍ୱାରା ଶନି ଦୋଷ ଲାଗେ।
- ସେହିପରି କାଚ ଜିନିଷ ଦିଅନ୍ତୁ ନାହିଁ।
- ଚମଡ଼ାରୁ ତିଆରି ଜିନିଷ, ଷ୍ଟିଲ ଏବଂ ଲୁହା ଜିନିଷ ଦିଅନ୍ତୁ ନାହିଁ।
- କନ୍ୟା ସହିତ ଜଣେ ଛୋଟ ବାଳକକୁ ଆମନ୍ତ୍ରିତ କରିବା ଉଚିତ।
- ଉପହାରରେ ପୁରୁଣା ଓ ବ୍ୟବହୃତ ଜିନିଷ ପ୍ରଦାନ କରନ୍ତୁ ନାହିଁ।

## ସନ୍ଧ୍ୟା ପରେ ଝାଡୁ ଦେବା ଅନୁଚିତ

**ରାତିରେ ଝାଡୁ ନ କରିବାର ନିୟମ ପ୍ରାଚୀନ କାଳରୁ ରହି ଆସିଛି। ରାତିରେ ଝାଡୁ ନ କରିବାର ମାନ୍ୟତା ଜ୍ୟୋତିଷ ଓ ବାସ୍ତୁଶାସ୍ତ୍ର ଉପରେ ଆଧାରିତ। ରାତିରେ ଝାଡୁ କରିବା ଦ୍ୱାରା ମା' ଲକ୍ଷ୍ମୀ କୋପ କରନ୍ତି ଏବଂ ଘରେ ଦାରିଦ୍ର୍ୟତା ଦେଖା ଦିଏ ବୋଲି କୁହାଯାଏ।**

ହିନ୍ଦୁ ମାନ୍ୟତାନୁସାରେ, ଝାଡୁକୁ ଦେବୀ ଲକ୍ଷ୍ମୀଙ୍କ ପ୍ରତୀକ ବୋଲି କୁହାଯାଇଛି। ମାନ୍ୟତା ଅଛି ସନ୍ଧ୍ୟାରେ ଏବଂ ଦୀପ ଜଳିବା ପରେ ଦେବୀ ଲକ୍ଷ୍ମୀ ଘରେ ପ୍ରବେଶ କରନ୍ତି। ତେଣୁ ରାତିରେ ଝାଡୁ କରିବା ଦ୍ୱାରା ତାଙ୍କ ପ୍ରତି ଅପମାନିତ ହୁଏ। ଫଳରେ ସେ କୋପ କରି ଘର ଛାଡ଼ି ଚାଲିଯାଆନ୍ତି।

ସେହିପରି ବାସ୍ତୁଶାସ୍ତ୍ର ଅନୁସାରେ, କିଛି ଲୋକ ସନ୍ଧ୍ୟାରେ ଝାଡୁ କରି ଅଳିଆ ବାହାର କରନ୍ତି। ସୂର୍ଯ୍ୟାସ୍ତ ପରେ ଘରେ ଝାଡୁ କରିବା ଅନୁଚିତ। କୌଣସି କାରଣବଶତଃ ଝାଡୁ କରୁଥିଲେ, ଅଳିଆକୁ ଡଷ୍ଟବିନ୍‌ରେ ରଖନ୍ତୁ। ଏହାକୁ ତା'ପରଦିନ ସକାଳୁ ଫିଙ୍ଗିଦିଅନ୍ତୁ।

ତେବେ ଜ୍ୟୋତିଷ ଶାସ୍ତ୍ର ଅନୁସାରେ, ରାହୁ ଓ କେତୁଙ୍କ ପ୍ରଭାବ ରାତିରେ ଥିବାରୁ ଏହି ସମୟରେ ଝାଡୁ କରିବା ମନା। ଏହାବାଦ୍ ଏହି ସମୟ ତାମସିକ ଶକ୍ତିର। ଏହି ସମୟରେ ଝାଡୁ ଲଗାଇବା ଦ୍ୱାରା ନକାରାତ୍ମକ ଶକ୍ତି ବୃଦ୍ଧି ପାଇବା ଆଶଙ୍କା ଅଛି।



## ଏସିଆ କପ୍: ଭାରତ-ପାକିସ୍ତାନ ସୁପର-୪ ମୁକାବିଲା

# ଅଭିଷେକ ଶର୍ମାଙ୍କ ବିସ୍ଫୋରକ ବ୍ୟାଟିଂ

ଦୁବାଇ,୨୧।୯ (ଏଜେନ୍ସି)



ଯୁବ ଓପନର ସାହିବଜାଦା ଫରହାନଙ୍କ ଅର୍ଦ୍ଧଶତକ ଓ ଶେଷ ୩ ଓଭରରେ ଦ୍ରୁତ ରନ୍ ସଂଗ୍ରହ ଫଳରେ ଏଠାରେ ରବିବାର ଅନୁଷ୍ଠିତ ଭାରତ ବିପକ୍ଷ ଏସିଆ କପ୍ ମ୍ୟାଚ୍‌ରେ ପାକିସ୍ତାନ ୫ ୱିକେଟରେ ୧୭୧ ରନ୍‌ର ଲଢୁଆ ସ୍କୋର ସଂଗ୍ରହ କରିଛି। ପାକିସ୍ତାନ ପକ୍ଷରୁ ୦ ଓ ୩୨ ରନ୍‌ରେ ଦୁଇଟି ଜୀବନଦାନ ପାଇଥିବା ଫରହାନ ସର୍ବାଧିକ ୫୮ ରନ୍ କରିଥିଲେ ଓ ଦଳ ଶେଷ ୩ ଓଭରରେ ୪୨ ରନ୍ ଉଠାଇବା ଫଳରେ ଦଳ ଏପରି ଏକ ସ୍କୋର କରିଥିଲା। ଜବାବରେ ୧୭୨ ରନ୍‌ର ବିଜୟ ଲକ୍ଷ୍ୟକୁ ପିଛା କରି ଭାରତ ୯ ଓଭର ଖେଳ ଶେଷ ସୁଦ୍ଧା କୌଣସି ୱିକେଟ ନ ହରାଇ ୧୦୨ ରନ୍ ସଂଗ୍ରହ କରିନେଇଛି। ଏହି ସମୟରେ ଅଭିଷେକ ଶର୍ମା ୨୯ ବଲରେ ୫୬ ଓ ଶୁଭମନ ଗିଲ୍ ୨୦ ବଲରେ ୪୫ ରନ୍ କରିଥିଲେ। ସୁପର-୪'ର ପ୍ରଥମ ମ୍ୟାଚ୍‌ରେ ଗତକାଲି ବାଂଲାଦେଶ ୪ ୱିକେଟରେ ଶ୍ରୀଲଙ୍କାକୁ ପରାସ୍ତ କରିଥିଲା। ଆସନ୍ତାକାଲି ମ୍ୟାଚ୍‌ର ବିଶ୍ରାମ ଦିନ। ପରବର୍ତ୍ତୀ ମ୍ୟାଚ୍‌ରେ ମଙ୍ଗଳବାର ପାକିସ୍ତାନ ସହ ଶ୍ରୀଲଙ୍କା ଓ ବୁଧବାର ଭାରତ ସହ ବାଂଲାଦେଶର ମୁକାବିଲା ହେବ। ସୁପର-୪'ରେ ପ୍ରଥମ ଦୁଇଟି ସ୍ଥାନ ଅଧିକାର କରିଥିବା ଦଳ ମଧ୍ୟରେ ସେପ୍ଟେମ୍ବର ୨୮ରେ ଫାଇନାଲ ମୁକାବିଲା ହେବ।


### ଘଟଣାବହୁଳ ପାକିସ୍ତାନ ଇନିଂସ

ଟସ୍ ହାରି ପାକିସ୍ତାନ ପ୍ରଥମେ ବ୍ୟାଟିଂ କରିବା ପରେ ଭାରତର ଦୁର୍ବଳତାକୁ ପାଥେୟ କରି ତିଷ୍ଠି ଯାଇଥିଲା। ଏହି ମ୍ୟାଚ୍‌ରେ ଦଳ ତାହାର ରଣନୀତି ବଦଳାଇ ଫକର ଜମାନଙ୍କୁ ଇନିଂସ ଓପନ କରାଇଥିଲା। ପ୍ରଥମ ଓଭରରେ ସାହିବଜାଦା ଫରହାନ ୦ ଏବଂ ୩୨ରେ ଅଭିଷେକ ଶର୍ମାଙ୍କ ଦ୍ୱାରା କ୍ୟାଚ୍ ଡ୍ରପ୍ ହୋଇଥିଲେ। ଏହି ଜୀବନଦାନ ପାଇବା ପରେ ସେ ଅର୍ଦ୍ଧଶତକ ହାସଲ କରି ୪୫ ବଲ୍‌ରୁ ସର୍ବାଧିକ ୫୮ ରନ୍ କରିଥିଲେ। ୱିକେଟକିପର ସଞ୍ଜୁ ସାମସନ ନେଇଥିବା ଜମାନଙ୍କ କ୍ୟାଚ୍‌କୁ ନେଇ ବିତର୍କ ହୋଇଥିଲା। ପାକିସ୍ତାନ ପ୍ରଥମ ୧୦ ଓଭରରେ ୧ ୱିକେଟ ହରାଇ ୯୧ ରନ୍ କରିଥିଲା। କିନ୍ତୁ ଶିବମ ଦୁବେ ବୋଲିଂ କରିବାକୁ ଆସିବା ପରେ ପାକିସ୍ତାନର ରନ୍ ହାର କମିଯାଇଥିଲା। ଦଳ ଏହି ସମୟରେ ୬ ଓଭର ଖେଳି ୩ ୱିକେଟ ବିନିମୟରେ ମାତ୍ର ୩୦ ରନ୍ କରିଥିଲା। ସବୁଠାରୁ ଉଲ୍ଲେଖନୀୟ କଥା ହେଲା ଏହି ୬ ଓଭରରେ ପାକିସ୍ତାନ ଗୋଟିଏ ହେଲେ ବାଉଣ୍ଡାରୀ ମାରିବାରେ ସମର୍ଥ ହୋଇ ନ ଥିଲା। କିନ୍ତୁ ଶେଷ ୩ ବ୍ୟାଟର ଯଥା ମହମ୍ମଦ୍ ନୱାଜ ୧୯ ବଲ୍‌ରେ ୨୧, ଅଧିନାୟକ ସଲମାନ ଅଲି ଆଘା ୧୩ ବଲ୍‌ରେ ଅପରାଜିତ ୧୭ ଓ ଫହୀମ ଅଶ୍ରଫ ୮ ବଲ୍‌ରେ ଅପରାଜିତ ୨୦ ରନ୍ କରିବା ଫଳରେ ପାକିସ୍ତାନ ୫ ୱିକେଟରେ ୧୭୧ ରନ୍ କରିଥିଲା। ଦଳ ଯେପରି ଆରମ୍ଭ ପାଇଥିଲା ତାହାକୁ ବଡ଼ ସ୍କୋରରେ ପରିଣତ କରି ପାରି ନ ଥିଲା। ଭାରତ ପକ୍ଷରୁ ବରୁଣ ଚକ୍ରବର୍ତ୍ତୀ ୪ ଓଭରରେ ମାତ୍ର ୨୫ ରନ୍ ଦେଇ ଚମତ୍କାର ବୋଲି କରିଥିଲେ। ଶିବମ ଦୁବେ ୩୩ ରନ୍‌ରେ ସର୍ବାଧିକ ୨ଟି ୱିକେଟ ପାଇଥିଲେ। କୁଲଦୀପ ଯାଦବ ଓ ହାର୍ଦ୍ଦିକ ପାଣ୍ଡ୍ୟା ଜଣେ ଲେଖାଏଁ ଖେଳାଳିଙ୍କୁ ପାଭିଲିୟନ ଫେରାଇଥିଲେ। ପାକିସ୍ତାନ ବିପକ୍ଷ ଏହି ସୁପର୍-୪ ମୁକାବିଲାରେ ଭାରତୀୟ ପ୍ରମୁଖ ଦ୍ରୁତ ବୋଲର ଯଶପ୍ରୀତ୍ ବୁମ୍‌ରା ନୈରାଶ୍ୟଜନକ ପ୍ରଦର୍ଶନ କରିଥିଲେ। ପାୱାର ପ୍ଲେ'ର ୬ ଓଭର ମଧ୍ୟରେ ବୁମ୍‌ରା ୩ ଓଭର ବୋଲିଂ କରି ବେଶ୍ ମହଙ୍ଗା ସାବ୍ୟସ୍ତ ହୋଇଥିଲେ। ଏହି ୩ ଓଭରରେ ସେ କୌଣସି ୱିକେଟ ପାଇ ନ ଥିବାବେଳେ ୩୪ ରନ ବ୍ୟୟ କରିଥିଲେ। ଫଳରେ ବୁମ୍‌ରା ତାଙ୍କ ଟି-୨୦ କ୍ୟାରିୟରରେ ପାୱାର ପ୍ଲେ'ରେ ସବୁଠୁ ମହଙ୍ଗା ସାବ୍ୟସ୍ତ ହୋଇଛନ୍ତି। ଏଥିପୂର୍ବରୁ ୨୦୧୬ରେ ଏମ୍‌ସିଜି ଗ୍ରାଉଣ୍ଡରେ ଘରୋଇ ଅଷ୍ଟ୍ରେଲିଆ ବିପକ୍ଷ ଟି-୨୦ରେ ବୁମ୍‌ରା ପାୱାର ପ୍ଲେ'ରେ ୩୧ ରନ ବ୍ୟୟ କରିଥିଲେ।

### ଚହଲଙ୍କୁ ଟପିଲେ ପାଣ୍ଡ୍ୟା

ପାକିସ୍ତାନର ଫଖର ଜମାନଙ୍କୁ ଆଉଟ୍ କରି ହାର୍ଦ୍ଦିକ ପାଣ୍ଡ୍ୟା ଟି-୨୦ରେ ତାଙ୍କର ୯୭ତମ ୱିକେଟ୍ ଅକ୍ତିଆର କରିଛନ୍ତି। ଏଥିସହ ଅନ୍ତର୍ଜାତୀୟ ଟି-୨୦ରେ ଭାରତୀୟ ଭାବେ ସର୍ବାଧିକ ୱିକେଟ୍ ନେବାରେ ଯୁଜବେନ୍ଦ୍ର ଚହଲଙ୍କୁ ପଛରେ ପକାଇଛନ୍ତି ପାଣ୍ଡ୍ୟା। ଏହି ତାଲିକାରେ ଅର୍ଶଦୀପ୍ ସିଂହ ୧୦୦ ୱିକେଟ ସହ ଶୀର୍ଷରେ ରହିଛନ୍ତି। ସେହିଭଳି ୯୭ ୱିକେଟ୍ ସହ ପାଣ୍ଡ୍ୟା ଦ୍ୱିତୀୟ ଓ ୯୬ ୱିକେଟ୍ ସହ ଚହଲ ତୃତୀୟରେ ରହିଛନ୍ତି। ଯଶପ୍ରୀତ୍ ବୁମ୍‌ରା (୯୨ ୱିକେଟ) ଓ ଭୁବନେଶ୍ୱର କୁମାର (୯୦) ଯଥାକ୍ରମେ ଏହି ତାଲିକାରେ ୪ର୍ଥ ଓ ୫ମ ସ୍ଥାନ ହାସଲ କରିଛନ୍ତି।

## ବିସିସିଆଇ ସଭାପତି ହେବେ ମିଥୁନ ମାନହାସ



ନୂଆଦିଲ୍ଲୀ,୨୧।୯ (ଏଜେନ୍ସି): ଦିଲ୍ଲୀ କ୍ରିକେଟ ଦଳର ପୂର୍ବତନ ଅଧିନାୟକ ମିଥୁନ ମାନହାସ ବିସିସିଆଇ (ବୋର୍ଡ ଅଫ୍ କଣ୍ଟ୍ରୋଲ ଫର କ୍ରିକେଟ ଇନ୍ ଇଣ୍ଡିଆ)ର ସଭାପତି ପଦ ଲାଗି ପ୍ରାର୍ଥୀପତ୍ର ଦାଖଲ କରିଛନ୍ତି। ସେ ଶକ୍ତିଶାଳୀ ଜୟଦେବ ଶାହ ଗ୍ରୁପ୍‌ର ହୋଇଥିବାରୁ ପରବର୍ତ୍ତୀ ସଭାପତି ହେବା ଏକପ୍ରକାର ନିଶ୍ଚିତ ହୋଇଛି। ବର୍ତ୍ତମାନର ଭାରତୀୟ କ୍ରିକେଟ ପ୍ରଶାସନରେ ଜୟଦେବଙ୍କୁ ମୁକାବିଲା କରିବା କେବଳ କଷ୍ଟକର ନୁହେଁ, ଅସମ୍ଭବ ମଧ୍ୟ। ଏଣୁ ମାନହାସ ଯେ ପରବର୍ତ୍ତୀ ସଭାପତି ହେବେ ଏଥିରେ କୌଣସି ସନ୍ଦେହ ନାହିଁ। ପ୍ରଥମଶ୍ରେଣୀ କ୍ରିକେଟରେ ୧୫୭ଟି ମ୍ୟାଚ୍ ଖେଳିଥିବା ୪୫ ବର୍ଷୀୟ ମିଥୁନ ମାନହାସ ଜମ୍ମୁ-କାଶ୍ମୀର କ୍ରିକେଟ ପରିଚାଳନା ଲାଗି ଗଠିତ କମିଟିରେ ୨୦୨୧ରୁ ସଦସ୍ୟ ଓ ଆଇପିଏଲ୍ ଟିମ୍ ଗୁଜରାଟ ଟାଇଟନ୍ସର ସହକାରୀ କୋଚ୍ ଅଛନ୍ତି। ମାନହାସ ଜଣେ ଖେଳାଳି ହୋଇଥିବାରୁ ସେ ବୋର୍ଡର ସଭାପତି ଦାୟିତ୍ୱ ନେବାକୁ ଆମେ ମିଳିତ ଭାବେ ନିଷ୍ପତ୍ତି ନେଇଛୁ ବୋଲି ଦ୍ୱିତୀୟଥର ଉପସଭାପତି ଲାଗି ପ୍ରାର୍ଥୀପତ୍ର ଦାଖଲ କରିଥିବା ରାଜୀବ ଶୁକ୍ଳା କହିଛନ୍ତି। ଏହି ଗ୍ରୁପ୍‌ର ଅନ୍ୟମାନଙ୍କ ମଧ୍ୟରେ ଦେବଜିତ ସାଇକିଆ ସମ୍ପାଦକ, ପୂର୍ବତନ ଟେଷ୍ଟ କ୍ରିକେଟର କର୍ଣ୍ଣାଟକର ରଘୁରାମ ଭଟ୍ଟ କୋଷାଧ୍ୟକ୍ଷ, ପ୍ରଭତେଜ ସିଂହ ଭାଟିଆ ଯୁଗ୍ମ ସମ୍ପାଦକ, ଅରୁଣ ସିଂ ଧୁମାଲ ଆଇପିଏଲ୍ ଗଭର୍ଣ୍ଣିଂ କାଉନ୍ସିଲ ଚେୟାରମ୍ୟାନ୍ ଓ ଜୟଦେବ ଶାହ ଆପେକ୍ସ କାଉନ୍ସିଲ ସଦସ୍ୟ ଲାଗି ପ୍ରାର୍ଥୀପତ୍ର ଦାଖଲ କରିଛନ୍ତି। ମୁମ୍ବଇସ୍ଥିତ ବିସିସିଆଇ ମୁଖ୍ୟକାର୍ଯ୍ୟାଳୟରେ ସେପ୍ଟେମ୍ବର ୨୮ ତାରିଖରେ ଏଜିଏମ୍ ଓ ନିର୍ବାଚନ ଅନୁଷ୍ଠିତ ହେବ। ଏହି ଦିନ ମଧ୍ୟ ୟୁଏଇରେ ଚାଲିଥିବା ଏସିଆ କପ୍ ଫାଇନାଲ ଖେଳାଯିବାର କାର୍ଯ୍ୟକ୍ରମ ରହିଛି।

■ ଚାଇନା ମାଷ୍ଟର୍ସ


## ସାତ୍ୱିକ-ଚିରାଗ ପୁଣିଥରେ ଫାଇନାଲରେ ଝୁଣ୍ଟିଲେ

ବେଜିଂ, ୨୧।୯ (ଏଜେନ୍ସି): ଭାରତୀୟ ତାରକା ବ୍ୟାଡ୍‌ମିଣ୍ଟନ ଯୋଡ଼ି ସାତ୍ୱିକସାଇରାଜ ରାନକିରେଡ୍ଡୀ ଓ ଚିରାଗ ସେଟ୍ଟୀ କ୍ରମାଗତ ଦ୍ୱିତୀୟ ସପ୍ତାହରେ ଏକ ଅନ୍ତର୍ଜାତୀୟ ଟୁର୍ଣ୍ଣାମେଣ୍ଟର ଫାଇନାଲରେ ପରାଜୟବରଣ କରିଛନ୍ତି। ଗତ ସପ୍ତାହରେ ହଂକଂ ଓପନରେ ରନର୍ସଅପ୍ ହୋଇଥିବା ସାତ୍ୱିକ-ଚିରାଗ ରବିବାର ଚାଇନା ମାଷ୍ଟର୍ସରେ ମଧ୍ୟ ଫାଇନାଲରେ ଝୁଣ୍ଟିଛନ୍ତି। ଆଜି ଖେଳାଯାଇଥିବା ପୁରୁଷ ଡବଲ୍ସ ଫାଇନାଲରେ ଟପ୍ ସିଡ୍ କୋରିଆର କିମ୍ ୱନ-ହୋ ଓ ସିଓ ସିଅଙ୍ଗ-ଜାଏ ଯୋଡ଼ି ୨୧-୧୯, ୨୧-୧୫ ସିଧାସଳଖ ଗେମରେ ସାତ୍ୱିକ-ଚିରାଗ ଯୋଡ଼ିଙ୍କୁ ହରାଇ ଚାମ୍ପିଅନ ହୋଇଛନ୍ତି। ୨୦୨୩ ସଂସ୍କରଣରେ ମଧ୍ୟ ସାତ୍ୱିକ-ଚିରାଗ ଯୋଡ଼ି ଚାଇନା ମାଷ୍ଟର୍ସରେ ରନର୍ସଅପ୍ ରହିଥିଲେ।

## ଶ୍ରୀଲଙ୍କାକୁ ହରାଇଲା ବାଂଲାଦେଶ

ଦୁବାଇ,୨୧।୯ (ଏଜେନ୍ସି): ସୈଫ ହାସନ ଓ ତୋହିଦ୍ ହୃଦୟଙ୍କ ଦମ୍‌ଦାର ଅର୍ଦ୍ଧଶତକ ସତ୍ତ୍ୱେ ଏଠାରେ ଶନିବାର ଅନୁଷ୍ଠିତ ଏସିଆ କପ୍ ସୁପର-୪'ର ପ୍ରଥମ ମୁକାବିଲାରେ ବାଂଲାଦେଶ ୪ ୱିକେଟରେ ଶ୍ରୀଲଙ୍କାକୁ ପରାସ୍ତ ହରାଇ ବିପର୍ଯ୍ୟୟ ଘଟାଇଛି। ଏହା ଫଳରେ ବିଜୟୀ ବାଂଲା ଦଳକୁ ଗୁରୁତ୍ୱପୂର୍ଣ୍ଣ ୪ ପଏଣ୍ଟ ମିଳିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ଶ୍ରୀଲଙ୍କା ଦାସୁନ ସାନକାଙ୍କ ଅର୍ଦ୍ଧଶତକ ବଳରେ ନିର୍ଦ୍ଧାରିତ ୨୦ ଓଭରରେ ୭ ୱିକେଟ ହରାଇ ୧୬୮ ରନ୍ କରିଥିଲା। ସାନକା ୩୭ବଲ୍‌ର ସମ୍ମୁଖୀନ ହୋଇ ୩ ଚୌକା ଓ ୬ ଛକା ସହାୟତାରେ ଅପରାଜିତ ୬୪ ରନ୍ କରିଥିଲେ। କୁଶାଲ ମେଣ୍ଡିସ୍ ୩୪, ପାଥୁମ ନିଶାଙ୍କା ୨୨ ଓ ଅଧିନାୟକ ଚାରିତ ଆଶାଲଙ୍କା ୨୧ ରନ୍‌ର ସହାୟତା ଦେଇଥିଲେ। ବାଂଲାଦେଶ ପକ୍ଷରୁ ପେସର ମୁସ୍ତାଫିଜୁର ରହମନ ୩ଟି ଓ ମାହେଦୀ ହାସନ ୨ଟି ୱିକେଟ ପାଇଥିଲେ। ଜବାବରେ ବାଂଲାଦେଶ ଗୋଟିଏ ବଲ ବାକିଥାଇ ୬ ୱିକେଟ ବିନିମୟରେ ବିଜୟ ଲକ୍ଷ୍ୟ ହାସଲ କରିନେଇଥିଲା। ବାଂଲା ପକ୍ଷରୁ ଓପନର ସୈଫ୍ ହାସନ ୪୫ବଲ୍‌ରେ ୬୧, ତୋହିଦ ହୃଦୟ ୩୭ବଲ୍‌ରେ ୫୮ ରନ୍ କରି ଦଳକୁ ଜିତାଇଥିଲେ। ଶ୍ରୀଲଙ୍କାର ୱାନିନ୍ଦୁ ହାସରଙ୍ଗାଙ୍କୁ ୨ଟି ୱିକେଟ ମିଳିଥିଲା।

## କୋରିଆ ଓପନ୍ ଟାଇଟଲ୍ ଜିତିଲେ ସ୍ୱିଆଟେକ୍




ସିଓଲ୍, ୨୧।୯ (ଏଜେନ୍ସି): ପୋଲାଣ୍ଡ ଯୁବ ଟେନିସ ଖେଳାଳି ଇଗା ସ୍ୱିଆଟେକ୍ ଏଠାରେ ଅନୁଷ୍ଠିତ ୯ କୋଟି ୩୭ ଲକ୍ଷ ଟଙ୍କା ପୁରସ୍କାର ରାଶିବିଶିଷ୍ଟ କୋରିଆ ଓପନ୍‌ରେ ଚାମ୍ପିଅନ ହୋଇଛନ୍ତି। ରବିବାର ଖେଳାଯାଇଥିବା ମହିଳା ସିଙ୍ଗଲ୍ସ ଫାଇନାଲରେ ସ୍ୱିଆଟେକ ୧-୬, ୭-୬ (୩), ୭-୫ ସେଟ୍‌ରେ ରୁଷିଆର ଏକତେରିନା ଆଲେକ୍ସଜାଣ୍ଡ୍ରୋଭାଙ୍କୁ ପରାସ୍ତ କରିଥିଲେ। ବିଶ୍ୱ ମାନ୍ୟତାର ୩ୟ ସ୍ଥାନରେ ରହିଥିବା ସ୍ୱିଆଟେକଙ୍କ ଚଳିତ ବର୍ଷର ଏହା ୩ୟ ଟ୍ରଫି ଥିଲା। ଏଥିପୂର୍ବରୁ ସେ ୱିମ୍ବଲଡନ ଗ୍ରାଣ୍ଡସ୍ଲାମ ଟୁର୍ଣ୍ଣାମେଣ୍ଟ ଓ ସିନ୍‌ସିନ୍ନାଟି ଓପନ୍‌ରେ ଚାମ୍ପିଅନ ହୋଇଥିଲେ।

## ଅଷ୍ଟ୍ରେଲିଆକୁ ହରାଇଲା ଭାରତ

ସିଡ୍‌ନୀ,୨୧।୯ (ଏଜେନ୍ସି): ଅଭିଜ୍ଞାନ କୁଣ୍ଡୁ ଓ ବେଦାନ୍ତ ତ୍ରିବେଦୀଙ୍କ ଅର୍ଦ୍ଧଶତକ ବଳରେ ଇଆନ ହିଲି ଓଭାଲରେ ଖେଳାଯାଇଥିବା ୧୯ ବର୍ଷରୁ କମ୍ ଦିନିକିଆ ସିରିଜ୍‌ର ପ୍ରଥମ ମ୍ୟାଚ୍‌ରେ ଭାରତ ୭ ୱିକେଟରେ ଅଷ୍ଟ୍ରେଲିଆକୁ ପରାସ୍ତ କରିଛି। ଏହି ମ୍ୟାଚ୍‌ରେ ଭାରତୀୟ ବୋଲରଙ୍କ ଉନ୍ନତ ପ୍ରଦର୍ଶନ ଯୋଗୁଁ ପ୍ରଥମେ ବ୍ୟାଟିଂ କରି ଅଷ୍ଟ୍ରେଲିଆ ୯ ୱିକେଟରେ ୨୨୫ ରନ୍ କରିଥିଲା। ଜବାବରେ ଭାରତୀୟ ଯୁବ ଦଳ ୧୧୭ଟି ବଲ୍ ଓ ୭ଟି ୱିକେଟ ବାକିଥାଇ ଏହି ମ୍ୟାଚ୍‌କୁ ଜିତିନେଇଥିଲା। ଦଳ ପକ୍ଷରୁ ଅଭିଜ୍ଞାନ କୁଣ୍ଡୁ ୮୭ ଓ ବେଦାନ୍ତ ତ୍ରିବେଦୀ ୬୧ ରନ୍ କରି ଶେଷ ପର୍ଯ୍ୟନ୍ତ ଅପରାଜିତ ରହିଥିଲେ। ଏମାନଙ୍କ ଅବିଭକ୍ତ ଚତୁର୍ଥ ୱିକେଟ ଯୋଡିରୁ ୧୫୨ ରନ୍ ସଂଗୃହୀତ ହୋଇଥିଲା। ଅନ୍ୟମାନଙ୍କ ମଧ୍ୟରେ ସମସ୍ତଙ୍କ ନଜରରେ ଥିବା ବୈଭବ ସୂର୍ଯ୍ୟବଂଶୀ ୨୨ ବଲ୍‌ରୁ ୭ ଚୌକା ସହ ୩୮ ରନ୍ କରିଥିଲେ।

ନ୍ୟାସନାଲ୍ ଜିମ୍ନାଷ୍ଟିକ୍ସ

## ଜେଏମ୍ ଏକାଡେମୀକୁ ସଫଳତା



ଭୁବନେଶ୍ୱର,୨୧।୯ (ସମିସ): ମହାରାଷ୍ଟ୍ରର ଶିରିଡିଠାରେ ଅନୁଷ୍ଠିତ ହୋଇଯାଇଛି ସିବିଏସ୍‌ଇ ନ୍ୟାସନାଲ ଜିମ୍ନାଷ୍ଟିକ୍ସ। ଏହି ପ୍ରତିଯୋଗିତାରେ ଭୁବନେଶ୍ୱର ଜେଏମ୍ ସ୍ପୋର୍ଟ୍ସ ଏକାଡେମୀକୁ ୧ଟି ପଦକ ମିଳିଛି। ଏହା ମଧ୍ୟରୁ ୧୧ ବର୍ଷରୁ କମ୍ ବାଳକ ବିଭାଗରେ ବିଭାନ୍ୟାସ ପାଣିଗ୍ରାହୀ ପୋମେଲ ହର୍ଷରେ କାଂସ୍ୟ ପଦକ ବିଜୟୀ ହୋଇଛନ୍ତି। ସେହିପରି ଏହି ବର୍ଗର ବାଳିକା ବିଭାଗରେ ଦିବ୍ୟାଞ୍ଜଳି ମହନ୍ତ ୫ମ ସ୍ଥାନ ଅଧିକାର କରିଛନ୍ତି। ଜାତୀୟସ୍ତରରେ ସଫଳତା ମିଳିବା ପରେ ଜେଏମ୍ ସ୍ପୋର୍ଟ୍ସ ଏକାଡେମୀ ପ୍ରଶିକ୍ଷାର୍ଥୀ ଆହୁରି ଆଗକୁ ବଢ଼ିବେ ବୋଲି ଏହାର ଅଧକ୍ଷା ମୀରାରାଣି ଦାସ ଆଶା ପ୍ରକାଶ କରିଛନ୍ତି।

## ଟାଇଟଲ୍ ଜିତିଲେ ଜ୍ଞାନରଞ୍ଜନ



ଭୁବନେଶ୍ୱର,୨୧।୯ (ସମିସ): ଓଡ଼ିଶା ରାଜ୍ୟ ଚେସ ସଂଘ ଓ ଓମ୍ ଗୁରୁକୂଳ ପବ୍ଲିକ୍ ସ୍କୁଲ ଆନୁକୂଲ୍ୟରେ ଅନୁଷ୍ଠିତ ପ୍ରଥମ ଶାନ୍ତିବାଳା ମହାନ୍ତି ସ୍ମାରକୀ ଚେସ୍ ପ୍ରତିଯୋଗିତାରେ ଜ୍ଞାନରଞ୍ଜନ ସେଠୀ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି। ଫିଡେ ମାଷ୍ଟର ସୌମ୍ୟରଞ୍ଜନ ମିଶ୍ର ରନର୍ସ ଅପ୍ ଓ ଆଦିତ୍ୟରଞ୍ଜନ ଦାସ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ଟୁର୍ଣ୍ଣାମେଣ୍ଟ ଗୋଟିଏ ଦିନରେ ୫ ରାଉଣ୍ଡ ବିଶିଷ୍ଟ ହୋଇଥିଲା। ପୂର୍ବରୁ ଏହି ଟୁର୍ଣ୍ଣାମେଣ୍ଟକୁ ଓମ୍‌ଗୁରୁକୂଳ ପବ୍ଲିକ୍ ସ୍କୁଲର ଏମ୍‌ଡି ଲକ୍ଷ୍ମୀଧର ବେହେରା ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ପ୍ରତିଯୋଗିତା ଶେଷରେ ଜାଭିୟର ଇନଷ୍ଟିଚ୍ୟୁଟ୍ ଅଫ୍ ମ୍ୟାନେଜମେଣ୍ଟର ସହଯୋଗୀ ପ୍ରଫେସର ଡ. ଶୁଭ୍ରା ପଟ୍ଟନାୟକ, ପିପିଟିର ପୂର୍ବତନ ମୁଖ୍ୟ ଯନ୍ତ୍ରୀ ସୁନୀଲ ପଟ୍ଟନାୟକ ଓ ସ୍କୁଲର ପ୍ରିନ୍ସିପାଲ ମନୋରଞ୍ଜନ ବିଶ୍ୱାଳ ଅତିଥିଭାବେ ଯୋଗଦେଇଥିଲେ।

ୱେଷ୍ଟଇଣ୍ଡିଜ୍ ବିପକ୍ଷ ଟେଷ୍ଟ ସିରିଜ୍ ୨ରୁ

## ୨୩ କିମ୍ବା ୨୪ରେ ଭାରତୀୟ ଦଳ ଚୟନ

ନୂଆଦିଲ୍ଲୀ,୨୧।୯ (ଏଜେନ୍ସି): ଦୁଇ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍ ଖେଳିବାକୁ ୱେଷ୍ଟଇଣ୍ଡିଜ୍ ଦଳ ଚଳିତ ମାସ ୨୪ ତାରିଖରେ ଭାରତ ଆସିବାର କାର୍ଯ୍ୟକ୍ରମ ରହିଛି। ଏହି ଗସ୍ତରେ ପ୍ରଥମ ଟେଷ୍ଟ ଅକ୍ଟୋବର ୨ରୁ ଅହମ୍ମଦାବାଦ୍ ଓ ଦ୍ୱିତୀୟ ଟେଷ୍ଟ ଅକ୍ଟୋବର ୧୦ରୁ ନୂଆଦିଲ୍ଲୀରେ ଖେଳାଯିବାର କାର୍ଯ୍ୟକ୍ରମ ରହିଛି। ଏହି ସିରିଜ୍ ଲାଗି ଶୁବମନ ଗିଲ୍‌ଙ୍କ ନେତୃତ୍ୱରେ ଭାରତୀୟ ଦଳ ଚଳିତମାସ ୨୩ କିମ୍ବା ୨୪ରେ ଚୟନ କରାଯିବ ବୋଲି ବିସିସିଆଇ ସମ୍ପାଦକ ଦେବଜିତ ସାଇକିଆ କହିଛନ୍ତି। ବିସିସିଆଇ ସିନିୟର ଚୟନ କମିଟି ଅଧ୍ୟକ୍ଷ ଅଜିତ ଅଗରକର ଏବେ ଏସିଆ କପ୍ ଲାଗି ୟୁଏଇରେ ଅଛନ୍ତି। ଏଣୁ ଚୟନ ପ୍ରକ୍ରିୟା ଅନ୍‌ଲାଇନ୍‌ରେ ହେବ ବୋଲି ସାଇକିଆ ସୂଚନା ଦେଇଛନ୍ତି। ରୋଷ୍ଟୋନ ଚେଜ୍‌ଙ୍କ ନେତୃତ୍ୱରେ ଘୋଷିତ ୱେଷ୍ଟଇଣ୍ଡିଜ୍ ଦଳରେ ଶିବନାରାୟଣ ଚନ୍ଦରପଲଙ୍କ ସୁପୁତ୍ର ଟାଗେନାରିନ୍‌ଙ୍କୁ ଏହି ଦଳରେ ସାମିଲ କରାଯାଇଛି।

### ପ୍ରଜ୍ଞାନ ଓଝା ନୂଆ ଚୟନକର୍ତ୍ତା



ହାଇଦ୍ରାବାଦ୍ ପକ୍ଷରୁ ପ୍ରଥମଶ୍ରେଣୀ କ୍ରିକେଟ ଖେଳିଥିବା ପୂର୍ବତନ ଅନ୍ତର୍ଜାତୀୟ ଓଡ଼ିଆ ବାମହାତୀ ସ୍ପିନର ପ୍ରଜ୍ଞାନ ଓଝା ବିସିସିଆଇ ସିନିଅର ଚୟନ କମିଟିର ନୂଆ ସଦସ୍ୟ ହେବା ଏକ ପ୍ରକାର ନିଶ୍ଚିତ ହୋଇଛି। ଏସ୍ ଶରତଙ୍କ ସ୍ଥାନରେ ସେ ଏହି ଦାୟିତ୍ୱ ସମ୍ଭାଳିବେ। ସେହିପରି କେନ୍ଦ୍ରାଞ୍ଚଳର ରୁଦ୍ରପ୍ରତାପ ସିଂ ମଧ୍ୟ ନୂଆ ଚୟନକର୍ତ୍ତା ହେବେ ବୋଲି ସ୍ଥିର ହୋଇଛି। ସେପ୍ଟେମ୍ବର ୨୮ରେ ହେବାକୁ ଥିବା ଏଜିଏମ୍‌ରେ ଏହି ଦୁଇ ଚୟନକର୍ତ୍ତାଙ୍କ ନାମରେ ମୋହର ବାଜିବ। ଏସ୍ ଶରତ ଓ ସୁବ୍ରତ ବାନାର୍ଜୀଙ୍କ ଲାଗି ଏହା ଶେଷ ଭାରତୀୟ ଦଳ ଚୟନ ହେବ ବୋଲି ବିସିସିଆଇ ସୂତ୍ରରୁ ଜଣାଯାଇଛି।

## ଓପିଟିଏଲ୍: ସମ୍ବଲପୁରକୁ ଜିତାଇଲେ ଶୁଭ୍ରାଂଶୁ

କଟକ, ୨୧।୯ (ସମିସ): ସ୍ଥାନୀୟ ବାରବାଟୀ ଷ୍ଟାଡିୟମରେ ଚାଲିଥିବା ଓଡ଼ିଶା ପ୍ରୋ ଟି୨୦ ଲିଗ୍ (ଓପିଟିଏଲ୍)ରେ ଗତକାଲି ରାତିରେ ଅନୁଷ୍ଠିତ ବର୍ଷା ବାଧାପ୍ରାପ୍ତ ମ୍ୟାଚରେ ସମ୍ବଲପୁର ୱାରିୟର୍ସ ବିଜୟୀ ହୋଇଛି। ଏହି ମ୍ୟାଚରେ ସମ୍ବଲପୁର ୭ ୱିକେଟ୍‌ରେ ପୁରୀ ଟାଇଟାନ୍ସକୁ ପରାସ୍ତ କରିଛି। ବର୍ଷା ଯୋଗୁ ଏହି ମ୍ୟାଚକୁ ୫ ଓଭରବିଶିଷ୍ଟ କରାଯାଇଥିଲା। ଏଥିରେ ଟସ୍ ହାରି ବ୍ୟାଟିଂ ଆମନ୍ତ୍ରଣ ପାଇଥିବା ପୁରୀ ଟାଇଟାନ୍ସ ୫ ୱିକେଟ୍‌ରେ ୪୮ ରନ କରିଥିଲା। ଦଳ ପକ୍ଷରୁ ଅଧିନାୟକ ସନ୍ଦୀପ ପଟ୍ଟନାୟକ ୧୭, ସାରାଂଶ କୁମାର ୧୧ ରନ କରିଥିଲେ। ପ୍ରତିପକ୍ଷ ସମ୍ବଲପୁରର ବିମଳ କୁମାର ୨ ୱିକେଟ୍ ଅକ୍ତିଆର କରିଥିଲେ। ଜବାବରେ ଅଧିନାୟକ ଶୁଭ୍ରାଂଶୁ ସେନାପତିଙ୍କ ଦ୍ରୁତ ଅପରାଜିତ ୩୫ ରନ ବଳରେ ସମ୍ବଲପୁର ୪.୧ ଓଭରରେ ୩ ୱିକେଟ୍ ହରାଇ ସହଜ ବିଜୟ ହାସଲ କରିଥିଲା। ଶୁଭ୍ରାଂଶୁ ୧୭ଟି ବଲ ଖେଳି ୩ ଚୌକା ଓ ୨ ଛକା ମାରିଥିଲେ। ପୁରୀର ଅଭିଜ୍ଞ ଦ୍ରୁତ ବୋଲର ରାଜେଶ ମହାନ୍ତିଙ୍କୁ ୩ଟି ଯାକ ୱିକେଟ୍ ମିଳିଥିଲା। ରବିବାର ଅପରାହ୍ଣରେ ସମ୍ବଲପୁର ଓ ଭୁବନେଶ୍ୱର ଟାଇଗର୍ସ ମଧ୍ୟରେ ଖେଳାଯିବାକୁ ଥିବା ଏକ ମ୍ୟାଚ୍ ବର୍ଷା ଲାଗି ବାତିଲ ହୋଇଯାଇଛି।

# ସ୍ୱର୍ଣ୍ଣ ବିଜୟ ସହ ଫେରିଲେ ପ୍ରମୋଦ

ଭୁବନେଶ୍ୱର,୨୧।୯ (ସମିସ)




ପୁଣିଥରେ ସଫଳତାର ସହ ବ୍ୟାଡମିଣ୍ଟନ ଜଗତକୁ ଫେରିଛନ୍ତି ପାରାଅଲିମ୍ପିକ୍ ସ୍ୱର୍ଣ୍ଣପଦକ ବିଜେତା ପ୍ରମୋଦ ଭଗତ। ଏବେ ଅନୁଷ୍ଠିତ ଚୀନ୍ ମାଷ୍ଟର୍ସ ପାରା ବ୍ୟାଡ୍‌ମିଣ୍ଟନର ଏସଏଲ-୩ରେ ପ୍ରମୋଦ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି। ଏହା ଫଳରେ ସେ ଦୀର୍ଘ ୧୮ ମାସର ବ୍ୟବଧାନ ପରେ ବ୍ୟାଡ୍‌ମିଣ୍ଟନ ଜଗତକୁ ସଫଳ ପ୍ରତ୍ୟାବର୍ତ୍ତନ କରିଛନ୍ତି। ଟପ୍ ଆଥ୍‌ଲେଟ ଯେଉଁଆଡେ ରହିଲେ ମଧ୍ୟ ସେମାନେ ନାଡା ଓ ସେମାନଙ୍କ ସଂଗଠନକୁ ଜଣାଇବା ଜରୁରୀ। କିନ୍ତୁ ପ୍ରମୋଦ ତାହା ଏକାଧିକ ଥର କରି ନ ଥିବାରୁ ହ୍ୱେୟାର ଆବାଉଟ୍ କ୍ଲଜ୍ ଅନୁଯାୟୀ ବାସନ୍ଦ ହୋଇଥିଲେ। ଯାହାଫଳରେ ପ୍ୟାରିସ ପାରା ଅଲିମ୍ପିକ୍ସରେ ସେ ଭାଗନେଇ ପାରି ନ ଥିଲେ। ସାମାନ୍ୟ ତ୍ରୁଟି ଯୋଗୁଁ ଅଲିମ୍ପିକ୍ସ ଭଳି କ୍ରୀଡ଼ା ପ୍ରତିଯୋଗିତାରେ ଭାଗ ନେଇ ନ ପାରିବା କେବଳ ପ୍ରମୋଦ ନୁହେଁ ବରଂ ସମଗ୍ର ଓଡ଼ିଶାର କ୍ରୀଡ଼ାବିତ୍‌ଙ୍କୁ କଷ୍ଟ ଦେଇଥିଲା। ସେ ଯାହା ହେଉ ଏବେ ସେ ପୁଣିଥରେ ବ୍ୟାଡ୍‌ମିଣ୍ଟନ ମୁଖ୍ୟ ଦୌଡ଼କୁ ଫେରିବା ପରେ ସବୁକିଛି ଠିକ୍ ହୋଇଯିବ ବୋଲି ଆଶା କରାଯାଉଛି।

ଚୀନ୍ ମାଷ୍ଟର୍ସ ପାରା ବ୍ୟାଡ୍‌ମିଣ୍ଟନର ଏସ୍‌ଏଲ-୩ ଫାଇନାଲରେ ଇଣ୍ଡୋନେସିଆର ମୁହ ଅଲ ଇମ୍ରାନଙ୍କୁ ୨୧-୧୯, ୨୧-୧୬ରେ ପରାସ୍ତ କରିଥିଲେ। ସେହିପରି ପୁରୁଷ ଡବଲ୍ସରେ ସୁକାନ୍ତ କଦମଙ୍କୁ ପାର୍ଟନର କରି ସେ କାଂସ୍ୟ ପଦକ ବିଜୟୀ ହୋଇଥିଲେ।

ଜାପାନରୁ ଆରମ୍ଭ ଓ ଶେଷ

## ଅବସର ନେଲେ ଧାବିକା ସେଲୀ




ଟୋକିଓ, ୨୧।୯ (ଏଜେନ୍ସି): ଜାମାଇକାର ମହାନ ଧାବିକା ସେଲୀ-ଆନ୍ନ ଫ୍ରେଜର-ପ୍ରେସି ୧୮ ବର୍ଷର କ୍ୟାରିୟରର ଅନ୍ତ ଘଟାଇ ରବିବାର ଅବସର ନେଇଛନ୍ତି। ସବୁଠୁ ଉଲ୍ଲେଖନୀୟ କଥା ହେଉଛି ୩୮ ବର୍ଷୀୟା ସେଲୀ ଯେଉଁଠୁ କ୍ୟାରିୟର ଆରମ୍ଭ କରିଥିଲେ ସେହି ଦେଶରେ ବିଦାୟୀ ରେସରେ ମଧ୍ୟ ଦୌଡ଼ିଛନ୍ତି। ୧୮ ବର୍ଷ ତଳେ ୨୦୦୭ରେ ଜାପାନର ଓସାକା ବିଶ୍ୱ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍ ଜରିଆରେ ସେଲୀ ଅନ୍ତର୍ଜାତୀୟ ଦୌଡ଼କୁଦରେ ପାଦ ଥାପିଥିଲେ। ରବିବାର ସେହି ଜାପାନର ଟୋକିଓରେ ଅନୁଷ୍ଠିତ ବିଶ୍ୱ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍‌ରେ ସେଲୀ ନିଜର ବିଦାୟୀ ରେସରେ ଦୌଡ଼ିଛନ୍ତି। ରବିବାର ଅନୁଷ୍ଠିତ ମହିଳା ୪ ଗୁଣା ୧୦୦ ମିଟର ରେସରେ ଜାମାଇକା ଦଳ ରୌପ୍ୟ ପଦକ ଜିତିଥିଲା। ଏହି ଦଳରେ ସଦସ୍ୟା ଥିବା ସେଲୀ ରୌପ୍ୟ ପଦକ ସହ ତାଙ୍କ ଜାଜ୍ୱଲ୍ୟମୟ କ୍ୟାରିୟରର ଅନ୍ତ ଘଟାଇଛନ୍ତି। ନିକଟରେ ସେଲୀ ଘୋଷଣା କରିଥିଲେ ଯେ, ବିଶ୍ୱ ଆଥ୍‌ଲେଟିକ୍ସ ଚାମ୍ପିଅନସିପ୍ ପରେ ସେ ଅବସର ନେବେ। ସେଲୀ ତାଙ୍କ କ୍ୟାରିୟରରେ ୩ଥର ଅଲିମ୍ପିକ ଓ ୧୦ଥର ବିଶ୍ୱ ଚାମ୍ପିଅନସିପ୍‌ରେ ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ଅଲିମ୍ପିକ୍ସ ଓ ବିଶ୍ୱ ଚାମ୍ପିଅନସିପ୍‌ରେ ସେ ମୋଟ୍ ଉପରେ ୨୫ ପଦକ ଜିତି ବିଶ୍ୱ ଆଥ୍‌ଲେଟିକ୍ସରେ ନିଜର ସ୍ୱତନ୍ତ୍ର ଛାପ ଛାଡ଼ିଯାଇଛନ୍ତି।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, DENGSARGI, BAREIPALI-768006, DIST: SAMBALPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS